

**ଶ୍ରଦ୍ଧା ସ୍ମରଣିକାଙ୍କୁ ସ୍କୁଲ୍ ଚେସ୍ ଟାଇଟଲ୍**

▶ପୃଷ୍ଠା ୧୨ ଦେଖନ୍ତୁ...


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI


◆VOLUME- 43 ◆ISSUE-27 ◆MONDAY ◆21 JULY 2025 ◆PAGE-12 ◆₹ 6.00 | SAMBALPUR | ◆ବର୍ଷ-୪୩ ◆ସଂଖ୍ୟା-୨୭ ◆ସୋମବାର ◆୨୧ ଜୁଲାଇ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ସିରିଆରେ ସାମ୍ପ୍ରଦାୟିକ ଦଙ୍ଗା; ୧୦୦୦ ମୃତ



■ **ଦାମାସକସ୍, ୨୦।୭ (ଏଜେନ୍ସି):** ମଧ୍ୟପ୍ରାଚ୍ୟ ଦେଶ ସିରିଆର ଦ୍ରୁଜ ବହୁଳ କ୍ଷେତ୍ର ସ୍ୱେଦାରେ ସାମ୍ପ୍ରଦାୟିକ ଦଙ୍ଗା ଉଗ୍ରରୂପ ଧାରଣ କରିଛି । ଗତ ଏକ ସପ୍ତାହ ମଧ୍ୟରେ ହୋଇଥିବା ହିଂସା କାଣ୍ଡରେ ଏପର୍ଯ୍ୟନ୍ତ ୧୦୦୦ଜଣ ମୃତ୍ୟୁବରଣ କରିଛନ୍ତି ବୋଲି ବ୍ରିଟେନ ସ୍ଥିତ ସିରିଆର ଆବଜରଭେଟରୀ ଫର ହ୍ୟୁମାନ ରାଇଟ୍ସ କହିଛି । ଏହି ଅଞ୍ଚଳରେ ମେସିନଗନ ଓ ମୋର୍ଟାର ଗୁଳିଗୋଳାର ଶବ୍ଦ ଶୁଣିବାକୁ ମିଳିଛି । ଏହି କ୍ଷେତ୍ରରେ ଅସ୍ତ୍ରବିରତି ଲାଗୁ କରିବାରେ ସରକାର ବିଫଳ ହୋଇଛନ୍ତି । ଦ୍ରୁଜ ସମ୍ପ୍ରଦାୟ ଓ ବେଦୁଇନ୍ ଜନଜାତି ସମ୍ପ୍ରଦାୟ ମଧ୍ୟରେ ସଂଘର୍ଷ ଆରମ୍ଭ ହୋଇଥିଲା । ସିରିଆର ଦକ୍ଷିଣ ଭାଗରେ ସୁରକ୍ଷାବାହିନୀ ନିୟୋଜିତ କରାଯାଇଥିଲେ ମଧ୍ୟ ହିଂସା ରୋକିବାରେ ସଫଳ ହୋଇନାହାନ୍ତି । ସ୍ଥିତିକୁ ନିୟନ୍ତ୍ରଣ କରିବାକୁ ସରକାର ସୈନ୍ୟ ପଠାଇଥିଲେ । ତେବେ ଦ୍ରୁଜ୍ ଯୋଦ୍ଧାମାନେଙ୍କ ସହିତ ସେନାର ସଂଘର୍ଷ ହୋଇଥିଲା । ଶନିବାର ଦ୍ରୁଜ୍ ଓ ବେଦୁଇନ୍ ପୁଣି ମୁହାଁମୁହିଁ ହୋଇଥିଲେ । ତେବେ ସ୍ଥିତି ନିୟନ୍ତ୍ରଣାଧୀନ ରହିଛି ବୋଲି ସିରିଆ ସରକାର କହିଛନ୍ତି ।

## ବିଧାନସଭାରେ ଗେମ୍ ଖେଳିଲେ ମହାରାଷ୍ଟ୍ର କୃଷିମନ୍ତ୍ରୀ



### ଦିନକୁ ରାଜ୍ୟରେ ୮ ଚାଷୀ କରୁଛନ୍ତି ଆତ୍ମହତ୍ୟା: ବିରୋଧୀ

### ତିନି ମାସରେ ୭୫୦ ଚାଷୀଙ୍କ ଆତ୍ମହତ୍ୟା; ସରକାର ଶୋଇଛନ୍ତି

■ **ମୁମ୍ବାଇ, ୨୦।୭ (ଏଜେନ୍ସି):** ମହାରାଷ୍ଟ୍ର ବିଧାନସଭାରେ ବସି କୃଷିମନ୍ତ୍ରୀ ମାଣିକରାଓ କୋକାଟେ ଗେମ୍ ଖେଳୁଥିବାର ଦେଖାଯାଉଛି । ଏହାର ଭିଡିଓ ଖୁବ୍ ଭାଇରାଲ ହେବାରେ ଲାଗିଛି । ଏହାକୁ ନେଇ ବିରୋଧୀ ମନ୍ତ୍ରୀଙ୍କୁ ତୀବ୍ର ସମାଲୋଚନା କରିଛନ୍ତି । ରାଜ୍ୟରେ ଦିନକୁ ୮ ଚାଷୀ ଆତ୍ମହତ୍ୟା କରୁଥିବାବେଳେ କୃଷିମନ୍ତ୍ରୀ ବେସ୍ ଗେମ୍ ଖେଳିବା ଲଜ୍ଜାଜନକ ବୋଲି କହିଛନ୍ତି । ବିରୋଧୀ କୃଷିମନ୍ତ୍ରୀଙ୍କ ଇସ୍ତଫା ଦାବି କରିଛନ୍ତି । ରବିବାର ସଂସଦ ଭବନରେ ଅନୁଷ୍ଠିତ ସର୍ବଦଳୀୟ ବୈଠକ ପରେ ଏନ୍‌ସିପି (ଏସ୍‌ପି) ସାଂସଦ ସୁପ୍ରିୟା ସୁଲେ କହିଥିଲେ ଯେ କୃଷିମନ୍ତ୍ରୀ ତୁରନ୍ତ ପଦରୁ ଇସ୍ତଫା ଦେବା ଉଚିତ । ସେ ଇସ୍ତଫା ନ ଦେଲେ ମୁଖ୍ୟମନ୍ତ୍ରୀ ତାଙ୍କୁ ବାହାର କରିବା ଆବଶ୍ୟକ । ରାଜ୍ୟରେ ଗତ ତିନି ମାସରେ ପ୍ରାୟ ୭୫୦ ଚାଷୀ ଆତ୍ମହତ୍ୟା କଲେଣି । ଏଭଳି ଜରୁରୀ ସମୟରେ ଚାଷୀଙ୍କ ପାଇଁ ସ୍ୱର ଉତ୍ତୋଳନ କରିବା ପରିବର୍ତ୍ତେ କୃଷିମନ୍ତ୍ରୀ ବିଧାନସଭାରେ ▶ପୃଷ୍ଠା-୭

# ମରଣ ସହ ଯୁଝୁଛନ୍ତି ବଳଙ୍ଗା ପୀଡ଼ିତା

## ୭୫% ଦଗ୍ଧ; ସ୍ଥିତି ସଙ୍କଟାପନ୍ନ: ଦିଲ୍ଲୀ ଏମ୍ସ

## ସ୍ୱତନ୍ତ୍ର ଏୟାର ଆମ୍ବୁଲାନ୍ସ ଯୋଗେ ନିଆଗଲା

## ଆଇସିୟୁରେ ଅକ୍ସିଜେନ୍ ସପୋର୍ଟରେ ପୀଡ଼ିତା



■ **ଭୁବନେଶ୍ୱର, ୨୦।୭ (ସମିସ):** ଦୁର୍ବୃତ୍ତଙ୍କ ପାଶବିକ ଅତ୍ୟାଚାରର ଶିକାର ହୋଇ ଜଳି ଯାଇଥିବା ବଳଙ୍ଗା ଥାନା ଅଞ୍ଚଳର ୧୫ବର୍ଷୀୟା ପୀଡ଼ିତାଙ୍କୁ ଆଜି ଏୟାରଲିଫ୍ଟ କରାଯାଇଛି । ଉନ୍ନତ ଚିକିତ୍ସା ପାଇଁ ତାଙ୍କୁ ଭୁବନେଶ୍ୱର ଏମ୍ସରୁ ଦିଲ୍ଲୀ ଏମ୍ସକୁ ସ୍ଥାନାନ୍ତର କରାଯାଇଛି ।

ପୀଡ଼ିତାଙ୍କୁ ଗତକାଲି ଗୁରୁତର ଅବସ୍ଥାରେ ଭୁବନେଶ୍ୱର ଏମ୍ସରେ ଭର୍ତ୍ତି କରାଯାଇଥିଲା । ଆଜି ତାଙ୍କ ସ୍ୱାସ୍ଥ୍ୟାବସ୍ଥାରେ ସୁଧାର ଆସିଥିଲା । ହେଲେ ଉନ୍ନତ ଚିକିତ୍ସା ପାଇଁ ତାଙ୍କ ପରିବାର ସହ ଆଲୋଚନା ପରେ ଦିଲ୍ଲୀ ଏମ୍ସକୁ ସ୍ଥାନାନ୍ତର କରାଯାଇଛି । ପୀଡ଼ିତାଙ୍କୁ ସ୍ଥାନାନ୍ତର ପାଇଁ କମିସନରେଟ ପୁଲିସ ପକ୍ଷରୁ ଭୁବନେଶ୍ୱର ଏମ୍ସରୁ ବିଜୁ ପଟ୍ଟନାୟକ ବିମାନବନ୍ଦର ପର୍ଯ୍ୟନ୍ତ ଗ୍ରୀନ କରିଡର୍‌ର ବ୍ୟବସ୍ଥା କରିଥିଲା । ଗୋଟିଏ ପାଖ ରାସ୍ତାକୁ ସମ୍ପୂର୍ଣ୍ଣ ବନ୍ଦ କରାଯାଇଥିଲା । ଏମ୍ସରୁ ଆମ୍ବୁଲାନ୍ସ ବାହାରିବା ପରେ ଖଣ୍ଡଗିରି, ଫାୟାରଷ୍ଟେସନ୍, ଓୟୁଏଟି, ଗଙ୍ଗାନଗର, ସୁର୍ କମ୍ପାନୀ ଛକ ଦେଇ ଏୟାରପୋର୍ଟ ନିଆଯାଇଥିଲା । ଦିନ ପ୍ରାୟ ସାଢ଼େ ୧୨ଟାରେ ବାହାରିଥିବା ଏସ୍କର୍ଟ ୧୨ଟା ୪୧ରେ ଏୟାରପୋର୍ଟରେ ପହଞ୍ଚିଥିଲା । ପୀଡ଼ିତାଙ୍କୁ ମାତ୍ର ୧୧ ମିନିଟରେ ବିମାନବନ୍ଦରର ପହଞ୍ଚା ଯାଇଥିଲା । ତାଙ୍କୁ ଚିକିତ୍ସା କରୁଥିବା ବର୍ଣ୍ଣ ଓ ପ୍ଲାଷ୍ଟିକ ସର୍ଜରୀ ବିଭାଗର ଅତିରିକ୍ତ ପ୍ରଫେସର ଡାକ୍ତର ସଞ୍ଜୟ ଗିରିଙ୍କ ସମେତ ଏକ ଡାକ୍ତରୀ ଟିମ୍ ପୀଡ଼ିତାଙ୍କ ସହ ଏମ୍ସରୁ ବିମାନବନ୍ଦର ପର୍ଯ୍ୟନ୍ତ ଯାଇଥିଲେ । ସେଠାରୁ ଦିଲ୍ଲୀ ଇନ୍ଦ୍ରପ୍ରସ୍ଥ ଆପୋଲୋର ସ୍ୱତନ୍ତ୍ର ଏୟାର ଆମ୍ବୁଲାନ୍ସ ଯୋଗେ ଦିଲ୍ଲୀ ଏମ୍ସକୁ ସ୍ଥାନାନ୍ତର କରାଯାଇଥିଲା । ପୀଡ଼ିତାଙ୍କ ସହ ତାଙ୍କ ପରିବାରର ସଦସ୍ୟ ମଧ୍ୟ ଦିଲ୍ଲୀ ଯାଇଛନ୍ତି ।

ସୂଚନାଯୋଗ୍ୟ, ଗ୍ରୀନ କରିଡର ଓ ଟ୍ରାଫିକ ପରିଚାଳନା ପାଇଁ କମିସନରେଟ୍ ପୁଲିସ୍ ପକ୍ଷରୁ ୭୯ ଟ୍ରାଫିକ୍ କନେଷ୍ଟବଲ, ୨ ପ୍ଲାଟୁନ୍ ପୁଲିସ ଫୋର୍ସ ଓ ଏସ୍କର୍ଟ ପାର୍ଟି ମୁତୟନ ହୋଇଥିଲେ ।

ସେପଟେ, ପୀଡ଼ିତା ଦିଲ୍ଲୀ ଏମ୍ସରେ ପହଞ୍ଚିବା ପରେ ଡାକ୍ତରଖାନା ପକ୍ଷରୁ ଆଜି ସଂଧ୍ୟାରେ ତାଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ନେଇ ବୁଲେଟିନ୍ ଜାରି ହୋଇଛି । ରବିବାର ଅପରାହ୍ଣ ୪ଟା ୨୦ରେ ଦିଲ୍ଲୀ ଏମ୍ସରେ ପହଞ୍ଚିଛନ୍ତି । ତାଙ୍କୁ ବର୍ଣ୍ଣ ଓ ପ୍ଲାଷ୍ଟିକ ସର୍ଜରୀ ବ୍ଲକ୍‌ର ବର୍ଣ୍ଣ ଆଇସିୟୁରେ ଭର୍ତ୍ତି କରାଯାଇଛି । ତାଙ୍କ ଶରୀରର ୭୫ପ୍ରତିଶତ ଜଳିଯାଇଥିବା ବେଳେ ସେ ଆଇସିୟୁରେ ଅକ୍ସିଜେନ୍ ସପୋର୍ଟରେ ରହିଛନ୍ତି ବୋଲି ଡାକ୍ତରଖାନା ପକ୍ଷରୁ କୁହାଯାଇଛି । ପୀଡ଼ିତା ବିପିଏସ୍ ୫ ଆଇସିୟୁ ବେଡ୍ ନଂ-୧୨ରେ ଚିକିତ୍ସିତ ହେଉଥିବା ବେଳେ ସ୍ୱତନ୍ତ୍ର ଡାକ୍ତରୀ ଟିମ୍ ତାଙ୍କର ଚିକିତ୍ସା ତଦାରଖ କରୁଛନ୍ତି ।

## ଆଜିଠୁ ସଂସଦର ମୌସୁମୀ ଅଧିବେଶନ

# ଓଡ଼ିଶା, ବିହାର, ପହଲଗାମ ପ୍ରସଙ୍ଗରେ ତାତିବ ଗୃହ



### ଜଷ୍ଟିସ ବର୍ମାଙ୍କ ବିରୋଧରେ ଆସିବ ମହାଭିଯୋଗ ପ୍ରସ୍ତାବ

### ସମସ୍ତ ଆଲୋଚନା ପାଇଁ ପ୍ରସ୍ତୁତ: ମନ୍ତ୍ରୀ

■ **ନୂଆଦିଲ୍ଲୀ, ୨୦।୭ (ଏଜେନ୍ସି):** ଆସନ୍ତାକାଲି ଠାରୁ ଆରମ୍ଭ ହେବାକୁ ଯାଉଥିବା ସଂସଦର ମୌସୁମୀ ଅଧିବେଶନ ବିହାର, ପହଲଗାମ ଏବଂ ଅପରେସନ ସିନ୍ଦୂର ପ୍ରସଙ୍ଗରେ ସରଗରମ ହେବାର ସମ୍ଭାବନା ରହିଛି । ଆଜି ଅନୁଷ୍ଠିତ ସର୍ବଦଳୀୟ ବୈଠକରୁ ଏଭଳି ଆଭାସ ମିଳିଛି । ସରକାର ଏହିସବୁ ପ୍ରସଙ୍ଗ ଉପରେ ଆଲୋଚନା କରିବାକୁ ପ୍ରସ୍ତୁତ ଥିବା ସଂସଦୀୟ ବ୍ୟାପାର ମନ୍ତ୍ରୀ କହିଛନ୍ତି । ଏହି ଅଧିବେଶନରେ ଆହ୍ଲାବାଦ ହାଇକୋର୍ଟର ବିଚାରପତି ଜଷ୍ଟିସ ବର୍ମାଙ୍କୁ ବହିଷ୍କାର କରିବା ଲାଗି ତାଙ୍କ ବିରୋଧରେ ମହାଭିଯୋଗ ପ୍ରସ୍ତାବ ମଧ୍ୟ ଆଗତ କରାଯିବ ।

ସଂସଦର ବର୍ଷାକାଳୀନ ଅଧିବେଶନ ଅବ୍ୟବହିତ ପୂର୍ବରୁ ଆଜି ସରକାରଙ୍କ ପକ୍ଷରୁ ସର୍ବଦଳୀୟ ବୈଠକ ଡକାଯାଇଥିଲା । ବୈଠକରେ ବିରୋଧୀ ଦଳମାନେ ଅନ୍ୟାନ୍ୟ ପ୍ରସଙ୍ଗ ସମେତ ପହଲଗାମରେ ଆତଙ୍କବାଦୀ ଆକ୍ରମଣ ଏବଂ ଏଥିରେ ସରକାରୀ ଗୁଇନ୍ଦାର ବିଫଳତା, ଅପରେସନ ସିନ୍ଦୂର ବେଳେ ଭାରତ ଓ ପାକିସ୍ତାନ ମଧ୍ୟରେ ଯୁଦ୍ଧବିରତି କରାଇଥିବା ନେଇ ଆମେରିକାର ରାଷ୍ଟ୍ରପତି ଟ୍ରମ୍ପଙ୍କ ଦାବି ତଥା ବିହାରରେ ଚାଲିଥିବା ଭୋଟର ତାଲିକା ସଂଶୋଧନ ବିବାଦ କଥା ଉଠାଇଥିଲେ । ଓଡ଼ିଶାରେ ନାରୀ ନିର୍ଯାତନା କଥା ବି ଉଠିଥିଲା । ବିଜେଡି ସାଂସଦ ସସ୍ମିତ ପାତ୍ର କହିଥିଲେ ଯେ ଓଡ଼ିଶାରେ ଆଇନ ଶୃଙ୍ଖଳା ବିପର୍ଯ୍ୟସ୍ତ ହୋଇପଡ଼ିଛି । ରାଜ୍ୟର ଏଭଳି ପରିସ୍ଥିତି ପାଇଁ କେନ୍ଦ୍ର ନିଜ ଉପରୁ ଦାୟିତ୍ୱ ଖସାଇପାରିବ ନାହିଁ । ▶ପୃଷ୍ଠା-୭

# ଡିଏଫ୍‌ଓ ନା ଜମିଦାର୍ !

## ପତ୍ନୀ, ପୁଅଝିଅ ଓ ନିଜ ନାମରେ ୧୧୫ ପ୍ଲଟ୍



### ତାରକା ହୋଟେଲ ପରି ବହୁତଳ କୋଠା ବି ରହିଛି

### ଜଙ୍ଗଲୀ ବାବୁଙ୍କ ଘରେ ମିନି ଅସ୍ତ୍ରାଗାର

■ **ଭୁବନେଶ୍ୱର/କେନ୍ଦୁଝର/ଓଡ଼ଗାଁ, ୨୦।୭ (ସମିସ):** ଜମିଦାର ଡିଏଫ୍‌ଓଙ୍କ ଅଚଳାଚଳ ସମ୍ପତ୍ତି ଦେଖି ଆଶ୍ଚର୍ଯ୍ୟ ହୋଇଛନ୍ତି ଭିଜିଲାନ୍ସ ଟିମ୍ । ଏପରିକି ବାବୁଙ୍କ ସମ୍ପତ୍ତିକୁ ଆକଳନ କରିବା ଭିଜିଲାନ୍ସ ପକ୍ଷେ କଷ୍ଟକର ହୋଇପଡ଼ିଛି । ଆୟ ବହିର୍ଭୂତ ସମ୍ପତ୍ତି ଠୁଳ ଅଭିଯୋଗରେ କେନ୍ଦୁଝର କେନ୍ଦୁପତ୍ର ଡିଭିଜନ୍ ଡିଏଫ୍‌ଓ ନିତ୍ୟାନନ୍ଦ ନାୟକଙ୍କ ଘରେ ଆଜି ଭିଜିଲାନ୍ସ ଟିମ୍ ଚଢଉ କରିବା ପରେ ଏଭଳି ସମ୍ପତ୍ତି ଠାବ ହୋଇଛି । ବାବୁଙ୍କ ପରିବାର ଏବଂ ତାଙ୍କ ନାମରେ ୧୧୫ଟି ପ୍ଲଟ୍ ରହିଛି । ଯାହାକି ଭିଜିଲାନ୍ସ ଇତିହାସରେ ସରକାରୀ ବାବୁଙ୍କ ସର୍ବାଧିକ ପ୍ଲଟ୍ । ଭିଜିଲାନ୍ସ ଜାଲରେ ପଡ଼ିଥିବା କୌଣସି ସରକାରୀ କର୍ମଚାରୀଙ୍କ ନାମରେ ଏତେ ସଂଖ୍ୟକ ପ୍ଲଟ କେବେ ଠାବ କରାଯାଇ ନାହିଁ ବୋଲି କୁହାଯାଉଛି ।

ଆଜି ଡିଏଫ୍‌ଓ ନିତ୍ୟାନନ୍ଦଙ୍କ ପୈତୃକ ବାସଭବନ ସମେତ ୭ଟି ସ୍ଥାନରେ ଭିଜିଲାନ୍ସ ପକ୍ଷରୁ ଚଢଉ କରାଯାଇଥିଲା । ବନ୍ତଲ ଥାନା ମଦନମୋହନ ପାଟଣାରେ ଗାଁ ଘର, ଜଗନ୍ନାଥ ପୁରରେ ଶଶୁର ଘର, କେଉଁଝରର ଡିଏଫ୍‌ଙ୍କ ଅଫିସ୍, କେଉଁଝରେ ସରକାରୀ କ୍ୱାର୍ଟର୍ସ, ନୟାଗଡ଼ରେ କୋମଣ୍ଡା ସ୍ଥିତ ତାଙ୍କ ପୁଅଙ୍କ ଆବାସିକ ଘର ଓ କୋମଣ୍ଡା ସ୍ଥିତ ପିଏଚସିରେ ଥିବା ତାଙ୍କ ପୁଅଙ୍କ ଚ୍ୟାମ୍ବରରେ ଭିଜିଲାନ୍ସ ପକ୍ଷରୁ ଚଢଉ କରାଯାଇଥିଲା । ଚଢଉରେ ୩ଜଣ ଡିଏସ୍‌ପି, ୧୦ ଇନ୍ସପେକ୍ଟର ଏବଂ ଅନ୍ୟ କର୍ମଚାରୀ ସାମିଲ ଥିଲେ । ନିତ୍ୟାନନ୍ଦଙ୍କ ନାମରେ କଳାଧନ ଅର୍ଜନର ଅଭିଯୋଗ ଆସିବା ପରେ ▶ପୃଷ୍ଠା-୭

## ଆସୁଛି ବଡ଼ ବର୍ଷା

■ **ଭୁବନେଶ୍ୱର, ୨୦।୭ (ସମିସ):** ଆସନ୍ତା ୨୪ ବେଳକୁ ଉତ୍ତର ବଙ୍ଗୋପସାଗରରେ ଏକ ଲଘୁଚାପ ସୃଷ୍ଟି ହେବ । ଏହା ପରବର୍ତ୍ତୀ ସମୟରେ ସଦୃଶ ଲଘୁଚାପ ଓ ପରେ ଅଧିକ ଘନୀଭୂତ ହୋଇ ଅବପାତର ରୂପ ନେବାର ସମ୍ଭାବନା ରହିଛି । ସମ୍ଭାବ୍ୟ ଲଘୁଚାପ ଯୋଗୁଁ ରାଜ୍ୟର ଅଧିକାଂଶ ସ୍ଥାନରେ ଆସନ୍ତା ୨୩-୨୬ ପର୍ଯ୍ୟନ୍ତ ବର୍ଷା ହେବ । ଏହି ସମୟରେ ଓଡ଼ିଶାର ଅନେକ ସ୍ଥାନରେ ପ୍ରବଳରୁ ଅତି ପ୍ରବଳ ବର୍ଷା ହେବା ନେଇ ପାଣିପାଗ କେନ୍ଦ୍ର ଆକଳନ କରିଛି । ଏମିତି କି ଉତ୍ତର ଓଡ଼ିଶାର କିଛି କିଛି ଜିଲ୍ଲାରେ ଅତ୍ୟନ୍ତ ପ୍ରବଳ (୨୦ସେମି.ରୁ ଅଧିକ) ବର୍ଷା ହୋଇପାରେ ।

ବର୍ତ୍ତମାନ ଓଡ଼ିଶା ଉପରେ କୌଣସି ପାଣିପାଗ ନିୟାମକ ନାହିଁ । ଏଥିପାଇଁ ରାଜ୍ୟରେ ଏବେ ମୁଖ୍ୟତଃ ଖରାଟିଆ ପାଗ ରହୁଛି । ବାୟୁମଣ୍ଡଳରେ ଜଳୀୟବାଷ୍ପ ଅଧିକ ରହୁଥିବାରୁ କିଛି କିଛି ସ୍ଥାନରେ ବିଜୁଳି ଘଡ଼ଘଡ଼ି ଜନିତ ବର୍ଷା ମଧ୍ୟ ହେଉଛି । ମାତ୍ର ୨୪ ତାରିଖରେ ଲଘୁଚାପ ଯୋଗୁଁ ୨୨ରୁ ପାଗରେ ପରିବର୍ତ୍ତନ ଆସିବ ଓ ୨୩ରୁ ବର୍ଷା ବଢ଼ିବ । ▶ପୃଷ୍ଠା-୭

## ପ୍ରଶ୍ନପତ୍ର ଲିକ୍: ରାତିଅଧିଆ ଓଟିଇଟି ପରୀକ୍ଷା ବାତିଲ୍

# ୭୫ହଜାର ପରୀକ୍ଷାର୍ଥୀ ହଟହଟା

### ୧୪୦୦ ଫି' ସତ୍ତ୍ୱେ ସୁରକ୍ଷିତ ପରୀକ୍ଷା କରିବାରେ ବିଫଳ

### ବୋର୍ଡ କର୍ତ୍ତୃପକ୍ଷଙ୍କ ପ୍ରତ୍ୟକ୍ଷ ସମ୍ପୃକ୍ତି ଥିବା ଅଭିଯୋଗ

■ **ଭୁବନେଶ୍ୱର, ୨୦।୭ (ସମିସ):** ଭାଇରାଲ୍ ହେଲା ପ୍ରଶ୍ନପତ୍ର । ତେଣୁ, ରାତିଅଧିଆ ବାତିଲ୍ ହେଲା ସ୍ୱତନ୍ତ୍ର ଶିକ୍ଷକ ଯୋଗ୍ୟତା ପରୀକ୍ଷା (ଓଟିଇଟି) । ପରୀକ୍ଷା ଦେବାକୁ କିଛି ପରୀକ୍ଷାର୍ଥୀ ପୂର୍ବଦିନ ଏବଂ ଆଉ କିଛି ଭୋର୍ ସକାଳୁ ବାହାରିଥିଲେ । କିନ୍ତୁ ପରୀକ୍ଷା କେନ୍ଦ୍ରରେ ପହଞ୍ଚିବା ପରେ ପରୀକ୍ଷା ବାତିଲ୍ ହୋଇଥିବା ଜାଣିବାକୁ ପାଇଲେ । ଫଳରେ ରାଜ୍ୟବ୍ୟାପୀ ପ୍ରାୟ ୭୫ ହଜାର ପରୀକ୍ଷାର୍ଥୀ ଆଜି ହଟହଟା ହୋଇଛନ୍ତି । କିଛି ପରୀକ୍ଷା କେନ୍ଦ୍ରରୁ ଫେରିଥିବା ବେଳେ ଆଉ କିଛି ଅଧା ବାଟରୁ ଫେରିଛନ୍ତି । ତେବେ, ମାଧ୍ୟମିକ ଶିକ୍ଷା ପରିଷଦ (ବିଏସ୍ଇ) ପରିଚାଳିତ ଏହି ପରୀକ୍ଷାର ପ୍ରଶ୍ନପତ୍ର କିପରି ଭାଇରାଲ୍ ହେଲା, ତାହା ଏବେ ସବୁଠୁ ବଡ଼ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି ।

ରବିବାର ସକାଳ ୯ରୁ ସ୍ୱତନ୍ତ୍ର ଓଟିଇଟି ପରୀକ୍ଷା ଆରମ୍ଭ ହେବାର ଥିଲା । ଏହାର ଘଣ୍ଟାଏ ପୂର୍ବରୁ ଅର୍ଥାତ୍ ୮ଟାରେ ପରୀକ୍ଷାକେନ୍ଦ୍ରକୁ ପ୍ରବେଶ କରିଥା'ନ୍ତେ ପରୀକ୍ଷାର୍ଥୀ । ପରୀକ୍ଷା ଆରମ୍ଭର ୧୫ମିନିଟ୍ ପୂର୍ବରୁ ପ୍ରଶ୍ନପତ୍ର ସିଲ୍ ଖୋଲିବା କଥା । ହେଲେ ଶନିବାର ଅପରାହ୍ନରୁ ଭାଇରାଲ୍ ହେଉଛି ପ୍ରଶ୍ନପତ୍ର । ହ୍ୱାଟସ୍‌ଆପ୍‌ରେ ଭାଇରାଲ୍ ହେଉଥିବା ପ୍ରଶ୍ନପତ୍ର ଫେସ୍‌ବୁକ୍‌ରେ ଭାଇରାଲ୍ ହେବା ପରେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ନିଦ ହଜିଥିଲା । ମୂଳ ପ୍ରଶ୍ନପତ୍ର ସହ ଭାଇରାଲ୍ ହେଉଥିବା ପ୍ରଶ୍ନପତ୍ରର ସାମଞ୍ଜସ୍ୟ ଥିବାରୁ ରାତି ଅଧରେ ପରୀକ୍ଷାକୁ ପରବର୍ତ୍ତୀ ନିର୍ଦ୍ଦେଶ ପର୍ଯ୍ୟନ୍ତ ବାତିଲ କରାଯାଇଛି । ହେଲେ ପ୍ରଶ୍ନପତ୍ର ଭାଇରାଲ୍ କିପରି ହେଲା, ତାହା ସବୁଠୁ ବଡ଼ ପ୍ରଶ୍ନବାଚୀ ସୃଷ୍ଟି କରିଛି । ସିଲ୍ ହୋଇଥିବା ପ୍ରଶ୍ନପତ୍ର ପରୀକ୍ଷା କେନ୍ଦ୍ରକୁ ପଠାଯାଇଥିବା ବେଳେ କେଉଁଠି ସିଲ୍ ଖୋଲାଯାଇଛି ନା ପ୍ରଶ୍ନପତ୍ର ପ୍ରସ୍ତୁତି ବେଳେ ଏହାର ନକଲ କରାଯାଇଛି? ପରୀକ୍ଷା କେନ୍ଦ୍ରରେ ପ୍ରଶ୍ନପତ୍ର ଖୋଲା ହୋଇନଥିବାରୁ ସେଠାରୁ ଭାଇରାଲ୍ ହେବାର ଆଶଙ୍କା ନାହିଁ । ଏପରି ସ୍ଥିତିରେ ବୋର୍ଡ ▶ପୃଷ୍ଠା-୭

# ଦୁଇ କାର୍ ମୁହାଁମୁହିଁ ଧକ୍କା, ୩ ମୃତ



■ **ସୁନାବେଡ଼ା, ୨୦।୭ (ସମିସ):** ଶନିବାର ବିଳମ୍ବିତ ରାତିରେ ୨୬ ନମ୍ବର ଜାତୀୟ ରାଜପଥର ସୁନାବେଡ଼ା ଟିଟିଏସ୍ ଫାଟକ ସମ୍ମୁଖରେ ଦୁଇଟି କାର୍ ମଧ୍ୟରେ ମୁହାଁମୁହିଁ ଧକ୍କା ହେବାରୁ ୩ ଜଣଙ୍କ ମୃତ୍ୟୁ ହୋଇଛି । ଅନ୍ୟ ଦୁଇଜଣ ଗୁରୁତର ହୋଇ ବିଶାଖାପାଟଣାରେ ଚିକିତ୍ସିତ ହେଉଛନ୍ତି । ମୃତକମାନେ ହେଲେ, ସୁନାବେଡ଼ା ଏଇଏଫ୍ କଲୋନୀର ଆଶୁତୋଷ ରଣା (୨୪), ସୁନାବେଡ଼ା ଡିପି କ୍ୟାମ୍ପର ଦିବ୍ୟରଞ୍ଜନ ପାତ୍ର (୨୪) ଏବଂ ଗଞ୍ଜାମ କଲୋନୀର ବିକାଶ କୁମାର ପାତ୍ର (୨୫) ।

ସୂଚନାନୁସାରେ, ଶନିବାର ରାତିରେ ଏକ ଧଳା ରଙ୍ଗର ଟାଟା ସଫାରୀ କାର୍ କୋରାପୁଟରୁ ଦାମନଯୋଡ଼ି ଯାଉଥିବା ବେଳେ ସୁନାବେଡ଼ା ଟିଟିଏସ ମୁଖ୍ୟଗେଟ୍ ନିକଟରେ ବିପରୀତ ଦିଗରୁ ଆସୁଥିବା ଏକ ନୀଳ ରଙ୍ଗର କାର୍ ସହ ମୁହାଁମୁହିଁ ଧକ୍କା ହୋଇଥିଲା । ଏଥିରେ ଆଶୁତୋଷଙ୍କ ଘଟଣାସ୍ଥଳରେ ମୃତ୍ୟୁ ହୋଇଥିଲା । ସୁନାବେଡ଼ା ପୁଲିସ୍ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଜବତ କରିବା ସହ ଗୁରୁତର ୫ଜଣଙ୍କୁ କୋରାପୁଟ ସହିଦ ଲକ୍ଷ୍ମଣ ନାୟକ ମେଡ଼ିକାଲ କଲେଜ ଓ ହସ୍ପିଟାଲକୁ ପଠାଇଥିଲେ । ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ଦିବ୍ୟରଞ୍ଜନ ଓ ବିକାଶଙ୍କର ମୃତ୍ୟୁ ହୋଇଥିଲା । ଗୁରୁତର ଆହତ ଗଞ୍ଜାମ କଲୋନୀର ମୋହନ ହରିଜନଙ୍କ ପୁଅ କୈଳାସ ହରିଜନ (୩୦) ଏବଂ ଅନ୍ୟ ଜଣକୁ ବିଶାଖାପାଟଣା ସ୍ଥାନାନ୍ତର କରାଯାଇଛି । ଉଭୟେ ଆପୋଲୋ ହସ୍ପିଟାଲରେ ଚିକିତ୍ସିତ ହେଉଥିବା ଜଣାପଡ଼ିଛି । ସବ୍-ଇନ୍ସପେକ୍ଟର୍ ଚରଣ ସିଂ ମାଝୀ ଘଟଣାର ତଦନ୍ତ କରୁଛନ୍ତି । ବ୍ୟବଚ୍ଛେଦ ପରେ ମୃତଦେହଗୁଡ଼ିକୁ ସେମାନଙ୍କ ପରିବାରଲୋକଙ୍କୁ ହସ୍ତାନ୍ତର କରାଯିବ ବୋଲି ସୁନାବେଡ଼ା ଥାନା ଅଧିକାରୀ ସୁଷମା କହଁର ସୂଚନା ଦେଇଛନ୍ତି ।

# ୫ କିଲୋ ଚାଉଳ ପାଇଁ ଗାଡ଼ିଭଡ଼ା ୧୦୦



■ **ଲାଞ୍ଜିଗଡ଼, ୨୦।୭ (ସମିସ):** ଉଭୟ କେନ୍ଦ୍ର ଓ ରାଜ୍ୟ ସରକାର ଗରିବ ଲୋକଙ୍କ ପାଇଁ ଅନେକ ଯୋଜନା କରୁଛନ୍ତି; ହେଲେ କଳାହାଣ୍ଡି ଜିଲ୍ଲା ଲାଞ୍ଜିଗଡ଼ ବ୍ଲକ୍‌ର ଏଭଳି ୧୧ଟି ଗାଁ ଅଛି ଯେଉଁଠି ସ୍ୱାଧୀନତାର ବହୁ ବର୍ଷ ପରେ ମଧ୍ୟ ଗାଁ ଲୋକଙ୍କ ପାଇଁ ସରକାରୀ ସୁବିଧା ସୁଯୋଗ ସାତ ସପନ ହୋଇ ରହିଛି । ବର୍ଷ ବର୍ଷ ଧରି ଏହି ଆଦିବାସୀ ଗ୍ରାମଗୁଡ଼ିକର ୨୧୫ ପରିବାର ପାହାଡ଼ ଘେରା ଅପହଞ୍ଚ ଅଞ୍ଚଳରେ ବହୁ କଷ୍ଟରେ ଜୀବନ କାଟୁଛନ୍ତି । ଏମାନେ ନିଜର ବିଭିନ୍ନ ସମସ୍ୟା ନେଇ ବାରମ୍ବାର ପ୍ରଶାସନିକ ଅଧିକାରୀଙ୍କଠାରୁ ଆରମ୍ଭ କରି ରାଜନେତାଙ୍କ ପର୍ଯ୍ୟନ୍ତ ଗୁହାରୀ ଜଣାଇଥିଲେ ମଧ୍ୟ ପ୍ରତିଶ୍ରୁତି ଛଡ଼ା କୌଣସି ସୁଫଳ ମିଳି ନଥିବା କହିଛନ୍ତି । ସବୁଠୁ ସାଙ୍ଘାତିକ ବିଷୟ ହେଉଛି ମାଗଣା ଚାଉଳ ଆଣିବା ପାଇଁ ଏମାନଙ୍କୁ ୧୦୦ ଟଙ୍କା ଖର୍ଚ୍ଚ କରିବାକୁ ପଡୁଛି ।

କଳାହାଣ୍ଡି ଜିଲ୍ଲା ଲାଞ୍ଜିଗଡ଼ ବ୍ଲକ୍ ଗୁଣ୍ଡୁରୀ ପଞ୍ଚାୟତର ଏହି ୧୧ଟି ଗାଁ ହେଉଛି ହାତୀମୁଣ୍ଡା, କାରକଟା, କୋଟେଜୋର, ଅଦଲାଡୁ, ତରଙ୍ଗଲ, ମାଡିବନ୍ଧା, ଗମପେନୁ, ବିଜେପୁର, ସାଡାଙ୍ଗପଦର, ଡମେର ଓ ଦାରବେଙ୍ଗ । ବ୍ଲକ ମୁଖ୍ୟାଳୟଠାରୁ ଏସବୁ ଗାଁର ଦୂରତା ୬୦କିଲୋମିଟର । ଗୁଣ୍ଡୁରୀ ପଞ୍ଚାୟତ କାର୍ଯ୍ୟାଳୟଠାରୁ ପ୍ରାୟ ୩୦ରୁ ୩୫ କିଲୋମିଟର । ପୂର୍ବରୁ ପଞ୍ଚାୟତ କାର୍ଯ୍ୟାଳୟକୁ ଏହି ଗାଁଗୁଡ଼ିକଠାରୁ ୧୦/୧୫ କିମି ପଡୁଥିଲା; ହେଲେ ରେଳ ପ୍ରକଳ୍ପ ଲାଗି ଏମାନେ ବିସ୍ଥାପିତ ହେବା ପରେ ଦୂରତା ବଢ଼ିଗଲା । ୧୯୮୪ରେ ରେଳ ପ୍ରକଳ୍ପ ପାଇଁ ସର୍ଭେ ହୋଇଥିଲା । ୧୯୯୪ରେ ରେଳ ପ୍ରକଳ୍ପ ନିର୍ମାଣ ପାଇଁ ଅନୁମତି ମିଳିଲା । ୨୦୦୬ରେ କ୍ଷୟକ୍ଷତି ବାଦଦକୁ ଟଙ୍କା ପ୍ରଦାନ କରାଯାଇଥିଲା । ଏହାପରେ ପ୍ରକଳ୍ପ କାର୍ଯ୍ୟ ଆରମ୍ଭ ହୋଇଥିଲା । ଫଳରେ ଅଧିକାଂଶ ଗାଁକୁ ବିସ୍ଥାପିତ କରାଯାଇଥିଲା । ୨୦୧୭ ମସିହାରେ ପ୍ରକଳ୍ପ କାମ ଶେଷ ହୋଇଥିଲା; ହେଲେ ପ୍ରକଳ୍ପରେ ପାଣି ରହିବା ଫଳରେ ସମସ୍ୟା ବଢି ଯାଇଛି । ପାହାଡ଼, ନାଳ, ଝରଣା, ଘଞ୍ଚ ଜଙ୍ଗଲ ଓ ଘାଟିର ପାଦଚଲା ରାସ୍ତା ଦେଇ ଲୋକଙ୍କୁ ୩୦ରୁ ୩୫ କିଲୋମିଟର ଯିବାକୁ ପଡୁଛି । ଫଳରେ ବୃଦ୍ଧବୃଦ୍ଧା ଓ ଭିନ୍ନକ୍ଷମ ଲୋକଙ୍କ ପାଇଁ ପଞ୍ଚାୟତ କାର୍ଯ୍ୟାଳୟକୁ ଆସିବା ସମ୍ଭବ ହୋଇ ନ ଥାଏ । ଏହି ଗାଁଗୁଡ଼ିକୁ ଆମ୍ବୁଲାନ୍ସ ଯିବା ପାଇଁ ମଧ୍ୟ ରାସ୍ତା ନାହିଁ । ଫଳରେ ଗର୍ଭବତୀ, ପ୍ରସୂତି ▶ପୃଷ୍ଠା-୭


## ପତ୍ନୀଙ୍କୁ ଭୁଲିଗଲେ ଶିବରାଜ

**ନୂଆଦିଲ୍ଲୀ,୨୦।୭ (ଏଜେନ୍ସି):** ମଧ୍ୟପ୍ରଦେଶ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା କେନ୍ଦ୍ରକୃଷି ମନ୍ତ୍ରୀ ଶିବରାଜ ସିଂଙ୍କୁ ନେଇ ଏକ ମଜାଦାର ଘଟଣା ସାମ୍ନାକୁ ଆସିଛି। ବିମାନ ଧରିବାକୁ ଯାଇ ତରବରରେ ସେ ପତ୍ନୀ



ସାଧନା ସିଂଙ୍କୁ ସାଥିରେ ନେବାକୁ ଭୁଲିଯାଇଥିଲେ। ସେ ସାଧନାଙ୍କୁ ଛାଡି ୨୨ଟି ଗାଡିର କାରକେଡ ସହ ଜୁନାଗଡରୁ ରାଜକୋଟ ଅଭିମୁଖେ ଚାଲିଯାଇଥିଲେ। ପିନଟ (ବାଦାମ) ରିସର୍ଚ୍ଚ ସେଣ୍ଟରରେ ଏକ କାର୍ଯ୍ୟକ୍ରମରେ ଯୋଗଦେଇ ସେ ରାଜକୋଟ୍ ବାହାରି ଥିଲେ। କିନ୍ତୁ ଏକ କିମି ଯିବା ପରେ ସାଧନାଙ୍କୁ ସାଥିରେ ଆଣି ନ ଥିବା କଥା ସେ ହୃଦୟଙ୍ଗମ କରିଥିଲେ। ଏହାପରେ ସେ ତୁରନ୍ତ ୟୁଟର୍ଣ୍ଣ ନେଇଥିଲେ ଓ ୱେଟିଂ ରୁମ୍‌ରେ ବସିଥିବା ପତ୍ନୀଙ୍କୁ ସାଥିରେ ଆଣି ପୁଣି ରାଜକୋଟ ଅଭିମୁଖେ ଯାତ୍ରା କରିଥିଲେ। ଶିବରାଜଙ୍କ ଏହି ଭୁଲାପଣକୁ ନେଇ ରାଜନୈତିକ ମହଲରେ ଚର୍ଚ୍ଚା ଚାଲିଛି।

## 'ଡନ୍'ର ନିର୍ଦ୍ଦେଶକ ଚନ୍ଦ୍ରବାରୋଟ୍‌ଙ୍କ ପରଲୋକ



**ନୂଆଦିଲ୍ଲୀ,୨୦।୭ (ଏଜେନ୍ସି):** ବର୍ଷୀୟାନ ଫିଲ୍ମ ନିର୍ମାତା ତଥା ନିର୍ଦ୍ଦେଶକ ଚନ୍ଦ୍ର ବାରୋଟ ରବିବାର ପରଲୋକ ଗମନ କରିଛନ୍ତି। ମୃତ୍ୟୁ ବେଳକୁ ତାଙ୍କୁ ୮୬ ବର୍ଷ ହୋଇଥିଲା। ସେ ମିଲେନିୟମ ଷ୍ଟାର ଅମିତାଭ ବଚନଙ୍କ ଅନ୍ୟତମ ସୁପର ହିଟ୍ ସିନେମା 'ଡନ୍' ସିନେମାର ନିର୍ଦ୍ଦେଶନା ଦେଇଥିଲେ। ଡନ୍ ୧୯୭୮ରେ ମୁକ୍ତିଲାଭ କରିଥିଲା ଓ ବକ୍ସ ଅଫିସ୍‌ରେ ଭଲ ବ୍ୟବସାୟ କରିଥିଲା। ମୃତ୍ୟୁବେଳକୁ ତାଙ୍କ ପାଖରେ ପତ୍ନୀ ଦୀପା ବାରୋଟ ଉପସ୍ଥିତ ଥିଲେ। ଜଣାଶୁଣା ନିର୍ଦ୍ଦେଶକ ଫରହାନ ଅଖତାର ଏହି ସିନେମାକୁ ଦ୍ୱିତୀୟଥର ପାଇଁ ଶାହରୁଖ ଖାନ୍‌ଙ୍କୁ ନେଇ ବନାଇଥିଲେ ଓ ଏହା ମଧ୍ୟ ହିଟ୍ ହୋଇଥିଲା। ସେ ବେଙ୍ଗଲି ସିନେମା ଆଶ୍ରିତ (୧୯୮୯), ପ୍ୟାର ଭରା ଦିଲ୍ (୧୯୯୧) ଭଳି ସିନେମାର ନିର୍ଦ୍ଦେଶନା ଦେଇଥିଲେ। ଫରାହାନ ଅଖତାର ଏବେ ଡନ୍ ସିନେମାର ତୃତୀୟ ସିକ୍ୱେଲ ବନାଇବାକୁ ଯାଉଛନ୍ତି। ଏଥିରେ ସେ ରଣବୀର ସିଂ ଓ କିର୍ତ୍ତୀ ସାନନଙ୍କୁ ମୁଖ୍ୟ ଚରିତ୍ରରେ ନେଇଛନ୍ତି।


## ସେନାକୁ ମିଳିବ ଆପାଚେ ହେଲିକପ୍ଟର



**ନୂଆଦିଲ୍ଲୀ,୨୦।୭ (ଏଜେନ୍ସି):** ପନ୍ଦର ମାସ ବିଳମ୍ବ ପରେ ଭାରତୀୟ ବାୟୁସେନାକୁ ମିଳିବାକୁ ଯାଉଛି ଏଏଚ୍-୬୪ଇ ଆଟାକ ଆପେଚେ ଚପ୍ପର ତଥା ହେଲିକପ୍ଟର। ଏହା ମଙ୍ଗଳବାର ଭାରତୀୟ ସେନାରେ ଆନୁଷ୍ଠାନିକ ଭାବେ ସାମିଲ ହେବ। ଅପରେସନ ସିନ୍ଦୂରକୁ ଦୃଷ୍ଟିରେ ରଖି ଭାରତୀୟ ସେନା ଏଥିସହ ପଶ୍ଚିମ ସୀମାରେ ନିଜର ସ୍ଥିତିକୁ ଆହୁରି ମଜଭୁତ କରିବ। ୨୦୨୦ରେ ଭାରତ ୬ଟି ଆପାଚେ ଆଟାକ ହେଲିକପ୍ଟର ପାଇଁ ୬୦୦ ମିଲିଅନ ଆମରେକୀୟ ଡଲାର ତଥା ୫, ୧୭୨ କୋଟି ଟଙ୍କାରେ ଆମେରିକା ସହ ଚୁକ୍ତି କରିଥିଲା। ୨୦୨୪ ଜୁନ୍‌ରେ ଏହି ହେଲିକପ୍ଟର ଭାରତକୁ ମିଳିବାର ଥିଲା। କିନ୍ତୁ ଯୋଗାଣ ଶୃଙ୍ଖଳାରେ ବାଧା ଓ କେତୋଟି ବୈଷୟିକ ତ୍ରୁଟି କାରଣରୁ ଏହା ମିଳିବାରେ ବିଳମ୍ବ ହୋଇଥିଲା। ଦୁଇଟି ପର୍ଯ୍ୟାୟରେ ୩ଟି ଲେଖାଏ ହେଲିକପ୍ଟର ଭାରତ ଆସିବ। ଦ୍ୱିତୀୟ ପର୍ଯ୍ୟାୟରେ ବାକି ୩ଟି ହେଲିକପ୍ଟର ଚଳିତବର୍ଷ ଶେଷ ଆଡକୁ ଭାରତ ଆସିବ।

## ସାଉଦି ଆରବର ସ୍ଲିପିଙ୍ଗ ପ୍ରିନ୍ସଙ୍କ ପରଲୋକ

**ରିୟାଦ,୨୦।୭ (ଏଜେନ୍ସି):** ସାଉଦି ଆରବ ରାଜକୁମାର ଅଲ ବଲିଦ୍ ବିନ ଖାଲିଦ୍ ବିନ ତଲାଲ ଅଲ ସାଉଦଙ୍କ ପରଲୋକ ହୋଇଛି। ଗତ ୨୦ ବର୍ଷ ହେବ ସେ କୋମାରେ ରହିଥିଲେ। ସେ ସ୍ଲିପିଙ୍ଗ ପ୍ରିନ୍ସ ଅର୍ଥାତ ଶୋଇଥିବା ରାଜକୁମାର ରୂପେ ଜଣାଶୁଣା ଥିଲେ। ସେ ସାଉଦି ଆରବ ରାଜ



**୨୦ ବର୍ଷ ହେବ କୋମାରେ ଥିଲେ**

ପରିବାରର ବରିଷ୍ଠ ସଦସ୍ୟ ପ୍ରିନ୍ସ ଖଲିଦ ବିନ ତଲାଲଙ୍କ ପୁଅ ଓ ଆରବପତି ପ୍ରିନ୍ସ ଅଲ ବଲିଦ ବିନ ତଲାଲଙ୍କ ଭଣଜା ଥିଲେ। ସେ ୧୯୯୦ରେ ଜନ୍ମଗ୍ରହଣ କରିଥିଲେ। କିନ୍ତୁ ୨୦୦୫ରେ ଲଣ୍ଡନରେ ଏକ ମିଲିଟାରୀ ଟ୍ରେନିଂ ଅବସରରେ ସେ ଭୟଙ୍କର ସଡକ ଦୁର୍ଘଟଣା ସମ୍ମୁଖୀନ ହୋଇଥିଲେ। ଏଥିରେ ସେ ମସ୍ତିଷ୍କ ଆଘାତର ସମ୍ମୁଖୀନ ହୋଇଥିଲେ ଓ ଇଣ୍ଟରନାଲ ବ୍ଲିଡିଂ ହେବାରୁ ସେ କୋମାକୁ ଚାଲିଯାଇଥିଲେ। କିନ୍ତୁ ତାଙ୍କ ପରିବାର ହାର ମାନି ନ ଥିଲେ ଓ ତାଙ୍କ ଚିକିତ୍ସା ଜାରି ରଖିଥିଲେ। ଆମେରିକା ଓ ସ୍ପେନର ଡାକ୍ତରମାନେ ତାଙ୍କୁ ଚିକିତ୍ସା କରୁଥିଲେ। ଶେଷରେ ତାଙ୍କୁ ଡାକ୍ତର ଅଚେତ ଘୋଷଣା କରିଥିଲେ।

## ଇଏମ୍‌ଆଇ ପାଇଁ ପରିବାରର ୫ ସଦସ୍ୟଙ୍କ ଆତ୍ମହତ୍ୟା

**ଅହମଦାବାଦ୍,୨୦।୭ (ଏଜେନ୍ସି):** ଗୁଜରାଟ ଅହମଦାବାଦ୍ ଜିଲ୍ଲାର ବଗୋଦରା ଗାଁରୁ ଶନିବାର ବିଚଳିତ କଲା ଭଳି ଏକ ଘଟଣା ସମ୍ନାକୁ ଆସିଛି। ଋଣଭାର ଏବଂ ଇଏମଆଇ ନ ଦେଇ ପାରି ଗୋଟିଏ ପରିବାର ୫ ଜଣ ସଦସ୍ୟ ଆତ୍ମହତ୍ୟା କରିଛନ୍ତି। ପତି, ପତ୍ନୀଙ୍କ ସମେତ ୩ ଜଣ ପିଲା ବିଷ ପିଇ ଜୀବନ ହାରିଛନ୍ତି। ବିପୁଲ ବାଘେଲା (୩୨) ଓ ପତ୍ନୀ ସୋନଲ (୨୬)ଙ୍କ ସମେତ ବଡ଼ ଝିଅ ସିମରନ (୧୧), ପୁଅ ମୟୂର (୮) ଓ ସାନ ଝିଅ ପ୍ରିନ୍ସ (୫) ରାତିରେ ବିଷ ପିଇଥିଲେ। ସକାଳୁ କେହି ଘର ବାହାରକୁ ଆସି ନ ଥିଲେ। ଫଳରେ ପଡ଼ୋଶୀଙ୍କ ସନ୍ଦେହ ହୋଇଥିଲା। ଯାଞ୍ଚ ପରେ ସମସ୍ତେ ମୃତ ବୋଲି ଜଣାପଡିଥିଲା। ବିପୁଲ ଅଟୋ ଚଳାଉଥିଲେ। ସୂଚନା ମିଳିବା ପରେ ଘଟଣାସ୍ଥଳକୁ ପୁଲିସ ଆସିଥିଲା।

## ଜାହାଜରେ ନିଆଁ; ସମୁଦ୍ରକୁ ଡେଇଁ ୫ ମୃତ, ୧୩୦ ନିଖୋଜ

**ଜାକାର୍ତ୍ତା,୨୦।୭ (ଏଜେନ୍ସି):** ଇଣ୍ଡୋନେସିଆର ଉତ୍ତର ସୁଲାବେସୀ ପ୍ରାନ୍ତରେ ରବିବାର ଦ୍ୱିପହରରେ ଏକ ଯାତ୍ରୀବାହି ଜାହଜରେ ନିଆଁ ଲାଗି ଯାଇଛି। ଏହା ଦେଖିବା ପରେ ଜୀବନ ବିକଳରେ ସମୁଦ୍ରକୁ ଡେଇଁ ୫ ଜଣ ପ୍ରାମ ହରାଇଛନ୍ତି। ଜାହାଜରେ ୨୮୦ ଯାତ୍ରୀ ଥିଲେ। ୧୫୦ ଯାତ୍ରୀଙ୍କୁ ଉଦ୍ଧାର କରାଯାଇଛି। ଏହି ଦୁର୍ଘଟଣାର ଭିଡିଓ ଭାଇରାଲ ହୋଇଛି। ଜୀବନ ବଞ୍ଚାଇବାକୁ ଯାତ୍ରୀ ଜାହାଜରୁ ସମୁଦ୍ରକୁ ଡେଇଁବାକୁ ପଛାଇ ନ ଥିଲେ। ଆହୁରି ୧୩୦ ଜଣ ଯାତ୍ରୀଙ୍କୁ ଖୋଜା ଚାଲିଛି। କେଏମ ବାର୍ସିଲୋନା ୫ ନାମକ ଏହି ଜାହାଜ ତାଲୋଦ ଦୀପରୁ ମନାଡୋ ବନ୍ଦରକୁ ଯାଉଥିଲା। କିନ୍ତୁ ଅପରାହ୍ଣ ୧.୩୦ରେ ଜାହଜାର ନିଆଁ ଲାଗିଥିଲା ଓ ଚାହୁଁ ଚାହୁଁ ନିଆଁ ସାରା ଜାହଜକୁ ବ୍ୟାପୀ ଯାଇଥିଲା। ନିଆଁ ଲାଗିବାର କାରଣ ସମ୍ପର୍କରେ ଏପର୍ଯ୍ୟନ୍ତ କିଛି ଜଣାପଡିନାହିଁ ଓ ଏ ନେଇ ଯାଞ୍ଚ ଆରମ୍ଭ କରାଯାଇଛି। ୫ଜଣଙ୍କ ମୃତଦେଡ ଉଦ୍ଧାର କରାଯାଇଛି। ଏଥିରେ ଜଣେ ଗର୍ଭବତୀ ମହିଳା ସାମିଲ ରହିଛନ୍ତି।

## ୨୦ ଟଙ୍କା ପାଇଁ ମା'କୁ ମାରିଦେଲା ପୁଅ

**ନୁହ,୨୦।୭ (ଏଜେନ୍ସି):** ମାତ୍ର ୨୦ ଟଙ୍କା ପାଇଁ ଜଣେ ପୁଅ ତା'ର ମାଆକୁ ହତ୍ୟା କରିଛି। ହରିୟାଣା ନୂହରେ ଏଭଳି ଘଟଣା ଘଟିଛି। ଜଣେ ନିଶାଶକ୍ତ ଯୁବକ ଏହି କାଣ୍ଡ ଘଟାଇଛି। ଶନିବାର ରାତିରେ ସେ ମାଙ୍କୁ ୨୦ ଟଙ୍କା ମାଗିଥିଲା। କିନ୍ତୁ ସକାଳେ ଦେବେ ବୋଲି ମା କହିଥିଲେ। କିନ୍ତୁ ମହିଳା ଜଣକ ସକାଳେ ଟଙ୍କା ଦେଇ ନ ଦେଇ ପରେ ଦେବେ ବୋଲି କହିଥିଲେ। ଫଳରେ କ୍ରୋଧରେ ଜାମସେଦ ତାଙ୍କୁ ତଳେ ପକାଇ ଏକ କୁରାଢୀରେ ହାଣିବା ସହ ବେକ କାଟି ଦେଇଥିଲା। ଅତ୍ୟଧିକ ରକ୍ତସ୍ରାବ ଯୋଗୁ ଘଟଣାସ୍ଥଳରେ ହିଁ ମହିଳାଙ୍କ ମୃତ୍ୟୁ ହୋଇଥିଲା। ଏହାପରେ ଅଭିଯୁକ୍ତ ଫେରାର ହୋଇଯାଇଥିଲା। ମୃତ ମହିଳା ହେଉଛନ୍ତି ଜୟସିଂହପୁରର ରେଜିଆ। ବଡ଼ ପୁଅ ଘଟଣା ସମ୍ପର୍କରେ ପୁଲିସକୁ ସୂଚନା ଦେଇଥିଲେ। ଅଭିଯୁକ୍ତକୁ ଧରିବା ପାଇଁ ପୁଲିସ ଅଭିଯାନ ଆରମ୍ଭ କରିଛି। ଅଭିଯୁକ୍ତ ୩ ଭାଇଙ୍କ ମଧ୍ୟରୁ ସବୁଠାରୁ ସାନ। ଜାମସେଦ ବିବାହ କରିଥିଲା। ତା ପତ୍ନୀ ୫ ବର୍ଷ ହେବ ବାପଘରେ ରହୁଥିଲେ। ଦୁହିଁଙ୍କ ମଧ୍ୟରେ ସମ୍ପର୍କ ଭଲ ନଥିବାରୁ ସେ ନିଶା ସେବନ କରୁଥିଲା।

# 'ହିଟ୍ ଆଣ୍ଡ ରନ୍'ର ଦେଶ ପାଲଟିଛି ଭାରତ

## ବର୍ଷକୁ ଯାଉଛି ୨୨ ହଜାରରୁ ଅଧିକ ଜୀବନ

**ନୂଆଦିଲ୍ଲୀ, ୨୦।୭ (ଏଜେନ୍ସି):**

ସଡ଼କ ଦୁର୍ଘଟଣା ଭାରତୀୟ ଅର୍ଥବ୍ୟବସ୍ଥାର ମେରୁଦଣ୍ଡକୁ ଭାଙ୍ଗି ଦେଉଛି। ଅନେକ ପରିବାରକୁ ସର୍ବସ୍ୱାନ୍ତ କରିଦେଉଛି। ପିଲାଙ୍କୁ ଅନାଥ ହେବାକୁ ଛାଡ଼ି ଦେଉଛି। ଦେଶରେ ସଡ଼କ ଦୁର୍ଘଟଣା କମିବା ପରିବର୍ତ୍ତେ ଦିନକୁ ଦିନ ବଢ଼ି ଚାଲିଛି। ଏହି କ୍ଷେତ୍ରରେ ଭାରତ ବିଶ୍ୱରେ ଅପକୀର୍ତ୍ତି ଅର୍ଜନ କରିଛି। ସଡ଼କ ଦୁର୍ଘଟଣାରେ ଭାରତରେ ସର୍ବାଧିକ ଜୀବନ ଯାଉଛି। ଏହାକୁ ରୋକିବାକୁ ଆଇନ ଅଛି, କିନ୍ତୁ ଲାଭ ମିଳୁନି। ଯେଉଁ ଉଦ୍ଦେଶ୍ୟ ନେଇ ନୂଆ ଟ୍ରାଫିକ ନିୟମ ଅଣାଯାଇଥିଲା ତାହା ମଧ୍ୟ ଫଳବତୀ ହୋଇପାରିଲା ନାହିଁ। କିଛି ରାଜ୍ୟ ସରକାର ଏହାକୁ ଲାଗୁ ମଧ୍ୟ କରିନାହାନ୍ତି। ଆଉ ଯିଏ କାର୍ଯ୍ୟକାରୀ କରିଛନ୍ତି ସିଏ ଜୋରିମାନା ରାଶିକୁ କମାଇ ଆଇନକୁ ଦୁର୍ବଳ କରିଦେଇଛନ୍ତି। ଦେଶରେ ସଡ଼କ ଦୁର୍ଘଟଣାର ଅଧିକାଂଶ ମାମଲା ହିଟ୍ ଆଣ୍ଡ ରନ୍‌ର ରହିଛି। ଡ୍ରାଇଭର ଲୋକଙ୍କୁ ଧକ୍କା ଦେଇ ଘଟଣାସ୍ଥଳରୁ ଫେରାର ହୋଇଯାଉଛି। ପୀଡ଼ିତ ବଞ୍ଚିଛି କି ମରିଛି ତାହା ମଧ୍ୟ ଦେଖୁନାହାନ୍ତି। ଉଚିତ ସମୟରେ ଚିକିତ୍ସା ନ ପାଇ ଅନେକ ଲୋକଙ୍କ ଜୀବନ ଚାଲି ଯାଉଛି। ଯେତେ ଆଇନ ଆସିଲେ ବି ସବୁ ବିଫଳ ହେଇ ଯାଉଛି। ନୂଆ ଟ୍ରାଫିକ ନିୟମରେ ଡ୍ରାଇଭର ଦୁର୍ଘଟଣା ଘଟାଇ ଫେରିଗଲେ କଡ଼ା ଦଣ୍ଡର ବ୍ୟବସ୍ଥା ଥିବାବେଳେ ଏହାକୁ ଏ ପର୍ଯ୍ୟନ୍ତ କାର୍ଯ୍ୟକାରୀ କରାଯାଇ ନାହିଁ। ବର୍ଷକୁ ଏଭଳି ଦୁର୍ଘଟଣାରେ ୨୨ ହଜାର ଜୀବନ ଯାଉଥିବାବେଳେ ସଡ଼କ ସୁରକ୍ଷାକୁ ନେଇ ସରକାର କେତେ ସମ୍ବେଦନଶୀଳ ତାହା ଏଥିରୁ ଜଣାପଡୁଛି।

**୨୦୨୨ରେ ଯାଇଥିଲା ୩୦, ୪୦୦ ଜୀବନ**

**ଦୋଷୀଙ୍କୁ ମିଳୁନି ଦଣ୍ଡ; ପୁଲିସ ବେଫିକର୍**

**ନ୍ୟାୟରୁ ବଞ୍ଚିତ ହେଉଛନ୍ତି ପୀଡ଼ିତ ପରିବାର**



ନ୍ୟାସନାଲ କ୍ରାଇମ ରେକର୍ଡ ବ୍ୟୁରୋ ଅନୁଯାୟୀ ୨୦୨୨ରେ ହିଟ୍ ଆଣ୍ଡ ରନ୍ ମାମଲାରେ ୩୦, ୪୦୦ ଲୋକ ଜୀବନ ହରାଇଛନ୍ତି। ଏହା ୨୦୨୧ ତୁଳନାରେ ୧୭ ପ୍ରତିଶତ ଅଧିକ। ୨୦୨୨ରେ ଦେଶରେ ସଡ଼କ ଦୁର୍ଘଟଣାରେ ୧.୬୮ ଲକ୍ଷ ଲୋକଙ୍କ ଜୀବନ ଯାଇଥିଲା। ତେବେ ଦୁଃଖର ବିଷୟ ଏହି କି ଯେ ହିଟ୍ ଆଣ୍ଡ ରନ୍ ମାମଲାର ତଦନ୍ତ ବି ଠିକ୍‌ରେ ହେଉନାହିଁ। ପୁଲିସ ଏହାକୁ ଗୁରୁତର ସହ ନେଉନାହିଁ। ଫଳରେ ହିଟ୍ ଆଣ୍ଡ ରନ୍ ମାମଲା ପଛରେ ଥିବା ଉଦ୍ଦେଶ୍ୟ ବି ଜଣାପଡୁ ନାହିଁ। ଅପରାଧି ଖସି ପୁଣି ଆଉ କୋଉଠି ଦୁର୍ଘଟଣା ଘଟାଇ ମୁକ୍ତ ହୋଇ ବୁଲୁଛି। ପୀଡ଼ିତଙ୍କୁ ନ୍ୟାୟ ମିଳୁନି। ସତେ ଯେମିତି ଏମାନଙ୍କୁ ନ୍ୟାୟ ଦେବାରେ ଆଇନ ଅନ୍ଧ ପାଲଟି ଯାଇଛି। କିଛି ଦିନ ତଳେ ବିଶ୍ୱର ସବୁଠୁ ବୟସ୍କ ମାରାଥନର ଫୌଜା ସିଂହ ମଧ୍ୟ ସଡ଼କ ଦୁର୍ଘଟଣାରେ ପ୍ରାଣ ହରାଇ ଥିଲେ। କିନ୍ତୁ ଚାପ ଯୋଗୁଁ ପୁଲିସ ଏହି ହିଟ୍ ଆଣ୍ଡ ରନ୍ ଘଟଣାର ତଦନ୍ତ କରି ଅଭିଯୁକ୍ତକୁ ଗିରଫ କରିଥିଲା। ତେବେ ୨୦୦୯ ମେ' ୫ରେ ଏପରି ଏକ ଘଟଣା ଘଟିଥିଲା ଉତ୍ତର ପ୍ରଦେଶ ବିଜନୌରରେ। ବରଯାତ୍ରୀରେ ଯାଉଥିବା ଅକ୍ଷୟ କୁମାର ସିଂହଙ୍କୁ ଏକ ଟ୍ରକ୍ ଧକ୍କା ଦେଇ ପଳାଇ ଥିଲା। ଏଥିରେ ତାଙ୍କର ଏବଂ ଅନ୍ୟ ଜଣେ ବରଯାତ୍ରୀଙ୍କ ମୃତ୍ୟୁ ହୋଇଥିଲା। ଡ୍ରାଇଭର କିଛି ନ ଦେଖି ଘଟଣାସ୍ଥଳରୁ ଫେରାର ହୋଇ ଯାଇଥିଲା। ଅକ୍ଷୟଙ୍କ ମୁହଁ ଚାପି ହୋଇ ଯାଇଥିଲା। ପୁଅ ପିନ୍ଧିଥିବା ସାର୍ଟରୁ ବାପା ରାକେଶ ସିଂହ ତାଙ୍କୁ ଚିହ୍ନଟ କରିଥିଲେ। ସବୁ ଘଟଣା ପରି ଏଥିରେ ମଧ୍ୟ ପୁଲିସ ଏତଲା ରୁଜୁ କରି ବସି ଯାଇଥିଲା। ନ୍ୟାୟ ପାଇଁ ସଂଘର୍ଷ କରିଥିଲେ ବି ନ୍ୟାୟ ମିଳି ନ ଥିଲା। ପୁଲିସର ନିଷ୍କ୍ରିୟତା ଦେଖିବା ପରେ ପିଏସ୍‌ୟୁରେ କାମ କରୁଥିବା ରାକେଶ ନିଜେ ଦୋଷୀକୁ ଧରିବା ପାଇଁ ବାହାରି ପଡ଼ିଲେ। ଏଥିରେ ସେ ସଫଳ ହୋଇଥିଲେ ମଧ୍ୟ ନ୍ୟାୟ ବ୍ୟବସ୍ଥା ତାଙ୍କୁ ବିଫଳ କରିଦେଲା। ସେ ପ୍ରଥମେ ଉକ୍ତ ଟ୍ରକରେ ବେଆଇନ ଭାବେ ଖଣି ଖନନ କରି ସାମଗ୍ରୀକୁ ଓଭରଲୋଡ କରି ନିଆଯାଉଥିବା ଜାଣିବାକୁ ପାଇଥିଲେ। ପରେ ୧୫ ଦିନ ଭିତରେ ଡ୍ରାଇଭରକୁ ଧରିଥିଲେ। ସେ ସେହି ଟ୍ରକର ମାଲିକ ଥିଲା। ରାକେଶ ସବୁ ପ୍ରମାଣ ପୁଲିସକୁ ଦେଇଥିଲେ। ମାତ୍ର ଅଭିଯୁକ୍ତ ଜାମିନ ପାଇ ଯାଇଥିଲା ଏବଂ ୨୦୧୨ରେ ସେହି ଡ୍ରାଇଭର ମଦି ପିଇ ମରିଯିବା ପରେ ମାମଲାକୁ ବନ୍ଦ କରିଦିଆଯାଇଥିଲା। ପରେ ଶ୍ରୀ ସିଂହ ନିଜ ଚାକିରି ଛାଡ଼ି ଜଣେ ସାମାଜିକ କର୍ମୀ ଭାବେ ସଡ଼କ ସୁରକ୍ଷା ପାଇଁ କାର୍ଯ୍ୟ କରୁଛନ୍ତି। ଏବେ ତାଙ୍କୁ ୬୨ ବର୍ଷ।

■ ମହାରାଷ୍ଟ୍ର ରାଜନୀତି ସରଗରମ

## ଫଡ୍‌ନାଭୀସଙ୍କୁ ଭେଟିଲେ ଆଦିତ୍ୟ ଠାକରେ

**ମୁମ୍ବାଇ, ୨୦।୭ (ଏଜେନ୍ସି):** ଉଦ୍ଧବ ଗୋଷ୍ଠୀର ଶିବସେନାକୁ ନେଇ ମହାରାଷ୍ଟ୍ର ରାଜନୀତି ସରଗରମ ହୋଇ ଉଠିଛି। ଏହି ଗୋଷ୍ଠୀ ପୁଣିଥରେ ବିଜେପି ମେଣ୍ଟରେ ସାମିଲ ହେବ ବୋଲି ଚର୍ଚ୍ଚା ହେଉଛି। ମୁଖ୍ୟମନ୍ତ୍ରୀଙ୍କ ଅଫର ପାଇବାର ଦିନକ ପରେ ଉଦ୍ଧବ ଠାକରେ ଏବଂ ତାଙ୍କ ପୁଅ ଆଦିତ୍ୟ ଠାକରେ ତାଙ୍କୁ ଭେଟିବାକୁ ଯାଇଥିଲେ। ବିଧାନ ପରିଷଦ ବାଚସ୍ପତିଙ୍କ ପ୍ରକୋଷ୍ଠରେ ଉଭୟେ ୨୦ ମିନିଟ ପର୍ଯ୍ୟନ୍ତ ଆଲୋଚନା କରିଥିଲେ। ଏହାର ଦିନକ ପରେ ଶନିବାର ସନ୍ଧ୍ୟାରେ ଉଦ୍ଧବଙ୍କ ପୁଅ ଆଦିତ୍ୟ ପୁଣି ଫଡନାଭୀସଙ୍କୁ ଭେଟିଛନ୍ତି। ମୁମ୍ବାଇର ସୋଫିଟେଲ ହୋଟେଲରେ ଉଭୟେ ପ୍ରାୟ ଘଣ୍ଟାଏ ପର୍ଯ୍ୟନ୍ତ ଆଲୋଚନା କରିଥିବା ରିପୋର୍ଟ ଆସିଛି। ଅଲଗା ଅଲଗା କାର୍ଯ୍ୟକ୍ରମ ପାଇଁ ଦୁହେଁ ଏହି ହୋଟେଲକୁ ଯାଇଥିଲେ ବୋଲି କୁହାଯାଉଛି। ମାତ୍ର ଏହି ସାକ୍ଷାତ ଆଲୋଚନା ବିଜେପି-ଶିବେସନା ମଧ୍ୟରେ ମେଣ୍ଟ ଚର୍ଚ୍ଚାକୁ ଅଧିକ ଖୋରାକ ଯୋଗାଉଛି। ମରାଠୀକୁ ନେଇ ରାଜ୍ୟ ରାଜନୀତି ଜୋର ଧରିଥିବାବେଳେ ଦୁଇ ପୁରୁଣା ବନ୍ଧୁ ଦଳ ଫାଟକୁ ଭୁଲି ପୁଣି ଏକାଠି ହେବେ ବୋଲି କୁହାଯାଉଛି। ତେବେ ଉଭୟ ନେତା କୌଣସି ବୈଠକ ହୋଇ ନ ଥିବା କହିଛନ୍ତି।



ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ କୁହାଯାଇଛି ଯେ ଏକ କାର୍ଯ୍ୟକ୍ରମ ପାଇଁ ମୁଖ୍ୟମନ୍ତ୍ରୀ ହୋଟେଲରେ ଥିଲେ, କିନ୍ତୁ ଆଦିତ୍ୟଙ୍କୁ ସେ ଭେଟି ନ ଥିଲେ। ଏହି ସମୟରେ ଆଦିତ୍ୟ ତାଙ୍କ ବନ୍ଧୁମାନଙ୍କ ସହ ହୋଟେଲରେ ଉପସ୍ଥିତ ଥିଲେ। ଏହା ପୂର୍ବରୁ ୧୬ ତାରିଖରେ ଫଡନାଭିସ ପୁରୁଣା ସହଯୋଗୀ ଉଦ୍ଧବଙ୍କୁ ତାଙ୍କ ସାମିଲ ହେବା ପାଇଁ ଆମନ୍ତ୍ରଣ କରିଥିଲେ। ମୁଖ୍ୟମନ୍ତ୍ରୀ କହିଥିଲେ ଯେ ବିଜେପି ତାଙ୍କ ସହ ବିରୋଧୀ ଦଳରେ ସାମିଲ ହେବାର ସମ୍ଭାବନା ନାହିଁ, କିନ୍ତୁ ସେ କ୍ଷମତାସୀନ ପକ୍ଷକୁ ଆସିପାରିବେ। ସୂଚନାଯୋଗ୍ୟ ଯେ ଦିଶା ସାଲିଆନଙ୍କ ମୃତ୍ୟୁକୁ ନେଇ ତାଙ୍କ ପିତା ସିଧାସଳଖ ଆଦିତ୍ୟ ଠାକରେଙ୍କୁ ଦୋଷ ଦେଇଛନ୍ତି। ଝିଅକୁ ଦୁଷ୍କର୍ମ କରି ହତ୍ୟା କରାଯାଇଥିବା ଅଭିଯୋଗ କରିଛନ୍ତି। ଏହାକୁ ନେଇ ସେ ହାଇକୋର୍ଟରେ ମାମଲା ଦାଏର କରିଥିବାବେଳେ କ୍ଷମତାସୀନ ମେଣ୍ଟ ସହ ଉଦ୍ଧବ ଗୋଷ୍ଠୀ ଶିବସେନାର ଘନିଷ୍ଠତା ବଢ଼ିବ ଭିନ୍ନ କିଛି ଦିଗକୁ ଇଙ୍ଗିତ କରୁଛି।

**ଆମେରିକାରେ ଭାରତୀୟ ବଂଶୋଦ୍ଭବ ଡାକ୍ତରଙ୍କ କଳା ସାମ୍ରାଜ୍ୟ**

## ଔଷଧ ବଦଳରେ ସେକ୍ସ!

**ୱାଶିଂଟନ, ୨୦।୭ (ଏଜେନ୍ସି):** ଆମେରିକା ନ୍ୟୁଜର୍ସିରୁ ଚାଞ୍ଚଲ୍ୟକର ମାମଲା ସାମ୍‌ନାକୁ ଆସିଛି। ଏହାକୁ ନେଇ ସାରା ଦେଶରେ ଆଲୋଡ଼ନ ସୃଷ୍ଟି ହୋଇଛି। ଜଣେ ଡାକ୍ତର ଚିକିତ୍ସା କରିବା ବାହାନାରେ କଳା ସାମ୍ରାଜ୍ୟ ଚଳାଇ ଥିଲେ। ଶକ୍ତିଶାଳୀ ପେନ୍ କିଲର ବଦଳରେ ଶାରୀରିକ ସମ୍ପର୍କ ରଖୁଥିଲେ। କ୍ଲିନିକକୁ ଔଷଧ କେନ୍ଦ୍ର କରି ରଖିଥିଲେ। ଏହି ଡାକ୍ତରଙ୍କ ଠିକଣାରୁ ୩୧ ହଜାର ଜାଲ୍ ପ୍ରେସକ୍ରିପସନ୍ ଜବତ କରାଯାଇଛି। ଆମେରିକାର ଫେଡାରାଲ ପ୍ରୋସିକ୍ୟୁଟର ଏଭଳି ବେଆଇନ କାର୍ଯ୍ୟ କରୁଥିବା ଭାରତୀୟ ବଂଶୋଦ୍ଭବ ଡାକ୍ତର ରିତେଶ କାଲରାଙ୍କ ବିରୋଧରେ ମାମଲା ଚାଲିଛି। ସେ ଦେଶର ସ୍ୱାସ୍ଥ୍ୟସେବା ବ୍ୟବସ୍ଥାକୁ ଠକିଥିବା ଅଭିଯୋଗ ହୋଇଛି। ସିକାସସ୍ ସହରର ଏହି ଚିକିତ୍ସକ ଫେୟାର ଲନ୍‌ରେ ପ୍ରାକ୍ଟିସ କରୁଥିଲେ। ସେ ନିଜ ମେଡିକାଲ ଅଫିସକୁ ଔଷଧ କେନ୍ଦ୍ର ଭାବେ ପରିଣତ କରି ବିନା ଆବଶ୍ୟକତାରେ ହଜାର ହଜାର ହାଇ-ଡୋଜ୍ ଓପିଓଡିସ, ଅକ୍ସିକୋଡନ ଏବଂ ପ୍ରୋମେଥାଜାଇନ ଭଳି ଔଷଧ ଲେଖୁଥିଲେ। ଆମେରିକା ଆଟର୍ଣ୍ଣି ଏଲିନା ହବା କହିଛନ୍ତି ଯେ ଏହି ଡାକ୍ତର ନିଜ ପେଶାକୁ ବ୍ୟବହାର କରି ନ୍ୟୁଜର୍ସିର ସ୍ୱାସ୍ଥ୍ୟସେବା ବ୍ୟବସ୍ଥାକୁ ଠକୁଥିଲେ। ନିଜ ପଦବୀକୁ ନିଶାସକ୍ତ କରିବାକୁ ଏବଂ ଦୁର୍ବଳ ରୋଗୀଙ୍କୁ ଯୌନ ସମ୍ପର୍କ ରଖିବା ପାଇଁ ଉତ୍ପୀଡ଼ନ ଦେଉଥିଲେ।



**୩୧ ହଜାର ଜାଲ୍ ପ୍ରେସକ୍ରିପ୍ସନ**

୨୦୧୯ ଜାନୁଆରୀରୁ ୨୦୨୫ ଫେବୃଆରୀ ମଧ୍ୟରେ ସେ ପ୍ରାୟ ୩୧ ହଜାର ଅକ୍ସିକୋଡନ ପ୍ରେସ୍‌କ୍ରିପ୍‌ସନ ଲେଖିଥିଲେ। ସେ ବେଳେବେଳେ ଦିନକୁ ୫୦ରୁ ଅଧିକ ଏଭଳି ପ୍ରେସ୍‌କ୍ରିପ୍‌ସନ ଲେଖିଥିଲେ। ବେଆଇନ ଔଷଧ ଲେଖିବା ସହିତ ସେ ପରାମର୍ଶ ଦେବା ଏବଂ କାଉନସେଲିଂ ପାଇଁ ଅଧିକ ଦେୟ ନେଉଥିଲେ। ଏହି ମାମଲାରେ କାଲରାଙ୍କୁ ଗିରଫ କରାଯାଇଥିଲା। ତେବେ ଲକ୍ଷେ ଡଲାରର ବଣ୍ଡରେ ନ୍ୟୁୱାର୍କ ମାଜିଷ୍ଟ୍ରେଟ ଜଜ୍ ତାଙ୍କୁ ମୁକ୍ତ କରିଛନ୍ତି। ତାଙ୍କୁ ମେଡିକାଲ ପ୍ରାକ୍ଟିସ ନ କରିବାକୁ କୁହାଯାଇଛି। ଅନ୍ୟପଟେ କାଲରାଙ୍କ ଓକିଲ ସମସ୍ତ ଅଭିଯୋଗକୁ ଖାରଜ କରିଦେଇଛନ୍ତି। ସରକାରଙ୍କ ପ୍ରେସ୍ ବିଜ୍ଞପ୍ତି 'ସୁପରମାର୍କେଟ ଟାବଲୋଏଡ' ଭଳି ବୋଲି କହିଛନ୍ତି।

# ନିଶା ର୍‌ୟାକେଟ ଚଳାଉଥିଲେ ଡାକ୍ତର, ଜିମ୍ ଟ୍ରେନର୍

**ଭୋପାଳ, ୨୦।୭ (ଏଜେନ୍ସି):**

ମଧ୍ୟପ୍ରଦେଶ ଭୋପାଳରୁ ଏକ ବଡ଼ ଡ୍ରଗ୍ ର୍‌ୟାକେଟର ପର୍ଦ୍ଦାଫାସ ହୋଇଛି। ଏହି କାରବାର ଜିମ୍ କ୍ଲିନିକ ଏବଂ ମହାବିଦ୍ୟାଳୟ ପରିସରରେ ଚାଲିଥିଲା। ଏହି ମାମଲାରେ ଦୁଇ ପ୍ରମୁଖ ନିଶା ଚାଲାଣକାରୀ ସୈଫୁଦିନ ଏବଂ ଆସୁ ଓରଫ ଶାହରୁଖକୁ କ୍ରାଇମବ୍ରାଞ୍ଚ ଗିରଫ କରିଛି। ଜଣେ ଡାକ୍ତର ଏବଂ ଜଣେ ଜିମ୍ ଟ୍ରେନର ଏହି କାରବାରର ମୁଖ୍ୟ କାର୍ଫଟଦାର ଥିଲେ। ମାନସିକ ସ୍ୱାସ୍ଥ୍ୟର ଚିକିତ୍ସା ପାଇଁ ଏହି ଡାକ୍ତର ମେଫାଡ୍ରୋନ (ଏମଡି) ଡ୍ରଗ ଲେଖୁଥିଲେ। ସେହିପରି ଜିମ୍ ଟ୍ରେନର ମେଦ ହ୍ରାସ ପାଇଁ ମେଫାଡ୍ରୋନ ନେବାକୁ କହୁଥିଲେ। ଏହି କାରବାରରେ ଯୁବତୀ ଏବଂ ମହିଳାଙ୍କୁ ଢାଲ କରାଯାଉଥିଲା। ସେମାନେ ଡ୍ରଗ ନେଇ ସ୍ଲିମ ହୋଇଥିବା ଏବଂ ମନୋବଳ ବୃଦ୍ଧି କରୁଥିବା କହୁଥିଲେ। ଦୁଇ ଅଭିଯୁକ୍ତ କେବଳ ଡ୍ରଗ୍ ବିକୁ ନ ଥିଲେ, ଏଥିପାଇଁ ଏକ ବ୍ୟବସ୍ଥା ମଧ୍ୟ ଗଢ଼ିଥିଲେ।

ପୁଲିସ ସୂଚନା ଅନୁଯାୟୀ ନିଶା କାରବାର ବୃଦ୍ଧି କରିବା ପାଇଁ ଉଭୟ ଅଭିଯୁକ୍ତ ଡାକ୍ତର, ଜିମ ଟ୍ରେନର ଏବଂ ପାର୍ଟି ପ୍ରମୋଟରଙ୍କ ସହାୟତା ନେଇ ଯୁବଗୋଷ୍ଠୀଙ୍କୁ ଏହି ଅନ୍ଧକାର ମଧ୍ୟକୁ ଠେଲି ଦେଉଥିଲେ। ଏଥିପାଇଁ ଫିଟ୍‌ନେସ ଏବଂ ମାନସିକ ସ୍ୱାସ୍ଥ୍ୟକୁ ଦ୍ୱାହି ଦେଉଥିଲେ। ଆଉ ଏହି ଡ୍ରଗ ଥରେ ନେବା ପରେ ସେମାନେ ଏହି ଯନ୍ତାରୁ ବାହାରି ପାରୁ ନ ଥିଲେ। ଦୁଇ ଅଭିଯୁକ୍ତଙ୍କ ନିକଟରୁ ପୁଲିସ ୧୫.୧୪ ଗ୍ରାମ ଏମଡି ଗୁଣ୍ଡ, ଗୋଟିଏ ସ୍କୁଟି

**ଓଜନ ହ୍ରାସ, ମାନସିକ ଚିକିତ୍ସା ଆଳରେ ବିକୁଥିଲେ ଡ୍ରଗ୍ସ**

**ଗଢ଼ିଥିଲେ ଏକ ସ୍ୱତନ୍ତ୍ର ବ୍ୟବସ୍ଥା**

ଏବଂ ଫୋନ ଜବତ କରିଛି। ତେବେ ଆଶ୍ଚର୍ଯ୍ୟର ବିଷୟ ଏହି କି ଯେ ଏପରି ଏକ ବ୍ୟବସ୍ଥା ତିଆରି କରାଯାଇଥିଲା ଯେଉଁଥିରେ ଓଜନ ହ୍ରାସ, ଶକ୍ତି ବୃଦ୍ଧି, ମାନସିକ ସ୍ଥିତିକୁ ଭଲ ରଖିବାକୁ ନିଶା ଦିଆଯାଉଥିଲା। ଏଥିପାଇଁ ପ୍ରେସକ୍ରିପସନ୍ ମଧ୍ୟ ଲେଖା ଯାଉଥିଲା। ନିଜ ଚେହେରାକୁ ନେଇ ଚିନ୍ତିତ ଥିବା ଯୁବ ଗୋଷ୍ଠୀଙ୍କୁ ଏହି ନିଶା କାରବାରୀ ନିଶାଣ କରୁଥିଲେ। ଜିମ୍ ମାଧ୍ୟମରେ ନିଶା ଦ୍ରବ୍ୟ ବିକୁଥିଲେ। ଠକ ଡାକ୍ତରଙ୍କୁ ଏହି ର୍‌ୟାକେଟରେ ସାମିଲ କରି ଅବସାଦଗ୍ରସ୍ତ ଏବଂ ଚିଡ଼ଚିଡା ରୋଗରେ ପୀଡ଼ିତଙ୍କ ପାଇଁ ପ୍ରେସକ୍ରିପସନ୍ ଲେଖାଉ ଥିଲେ। ପରେ ନିଶା ଦେଇ ଯୁବତୀଙ୍କୁ ଯୌନ ଉତ୍ପୀଡ଼ନ ଦିଆଯାଉଥିଲା ଏବଂ ଅପରାଧ ମଧ୍ୟକୁ ଠେଲି ଦିଆଯାଉଥିଲା ବୋଲି ଜଣେ ପୁଲିସ ଅଧିକାରୀ କହିଛନ୍ତି।

ଅଭିଯୁକ୍ତମାନେ ଭୋପାଳର ବଡ଼ ପାର୍ଟିକୁ ମଧ୍ୟ ଡ୍ରଗ୍ସ ଯୋଗାଉ ଥିଲେ। ଝିଅଙ୍କୁ ବ୍ୟବହାର କରି ହନିଟ୍ରାପ କରୁଥିଲେ। ଏଭଳି ଝିଅଙ୍କୁ ମାଗଣାରେ ଡ୍ରଗ୍ସ ଦେଇ ଅନ୍ୟମାନଙ୍କୁ ସାମିଲ କରାଇବାକୁ କହୁଥିଲେ। ନୂଆ ଝିଅ ସାମିଲ ହେବା ପରେ ମାଗଣାରେ ଡ୍ରଗ୍ସ ଦେଉଥିଲେ। ଚେନ୍ ମାର୍କେଟିଂ ମାଧ୍ୟମରେ ଯୁବ ପିଢିକୁ ସାମିଲ କରୁଥିଲେ। ଏହି ବ୍ୟବସ୍ଥାରେ ଜିମ୍, ଥେରାପି କ୍ଲିନିକ, ସୋସିଆଲ ମିଡିଆ ଇନଫ୍ଲୁଏନ୍ସର ଏବଂ ନାଇଟ କ୍ଲବ ଗୁଡିକୁ ସାମିଲ କରିଥିଲେ। ଏମାନେ ମଧ୍ୟବିତ୍ତ ପରିବାରର ପିଲା, କଲେଜ ଛାତ୍ରଛାତ୍ରୀଙ୍କୁ ପ୍ରଭାବିତ କରୁଥିଲେ। ନିର୍ଦ୍ଦିଷ୍ଟ ସୂଚନା ଆଧାରରେ ଗୋବିନ୍ଦପୁରାର ସବ୍‌ଜି ମଣ୍ଡି ଟିନ୍ ସିଡ ଅଞ୍ଚଳରୁ ଏହି ଦୁଇ ଅଭିଯୁକ୍ତଙ୍କୁ ଗିରଫ କରାଯାଇଥିଲା।

## ଟ୍ରେଲର-ବାଇକ୍ ଧକ୍କା; ୨ ମୃତ



ତୁରୁମୁଙ୍ଗା/କରଞ୍ଜିଆ, ୨୦।୭(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ଥାନା ଅନ୍ତର୍ଗତ ୨୨୦ ନମ୍ବର ଜାତୀୟ ରାଜପଥର ସାହାରପଡ଼ା ଇଣ୍ଡିଆନ ପେଟ୍ରୋଲ ପମ୍ପ ନିକଟରେ ଆଜି ଏକ ମର୍ମନ୍ତୁଦ ଦୁର୍ଘଟଣାରେ ୨ଜଣ ପ୍ରାଣ ହରାଇଛନ୍ତି। ମୃତକଦ୍ୱୟ ହେଲେ, ପାଟଣା ଥାନା ଜଗାନାଳି ଗ୍ରାମର ଅଣ୍ଡ ମୁଣ୍ଡା ଓ ସରୋଜ ମହାନ୍ତ। ଏକ ବାଇକ୍‌କୁ ଟ୍ରେଲର୍ ମୁହାଁମୁହିଁ ଧକ୍କା ଦେବାରୁ ଏହି ଅଘଟଣ ଘଟିଛି। ସୂଚନାନୁଯାୟୀ, ଅଣ୍ଡ ଓ ସରୋଜ ଏକ ବାଇକ୍‌ରେ କୌଣସି କାମରେ ଯାଉଥିବା ବେଳେ ସାହାରାପଡ଼ା ପେଟ୍ରୋଲ ପମ୍ପ ନିକଟରେ ସେମାନଙ୍କୁ ଟ୍ରେଲର୍‌ଟି ଧକ୍କା ଦେଇଥିଲା। ଘଟଣାସ୍ଥଳରେ ଅଣ୍ଡଙ୍କ ମୃତ୍ୟୁ ଘଟିଥିବା ବେଳେ ସରୋଜଙ୍କୁ ଗୁରୁତର ଅବସ୍ଥାରେ ଅଗ୍ନିଶମ ବାହିନୀ କରଞ୍ଜିଆ ମେଡିକାଲରେ ଭର୍ତ୍ତି କରାଇଥିଲା। କିନ୍ତୁ ଅବସ୍ଥା ସଂକଟାପନ୍ନ ହେବାରୁ ଡାକ୍ତରଙ୍କ ପରାମର୍ଶକ୍ରମେ ତାଙ୍କୁ କେନ୍ଦୁଝର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଥିଲା। କିନ୍ତୁ ବାଟରେ ତାଙ୍କର ମୃତ୍ୟୁ ଘଟିଥିଲା। ସାହାରପଡ଼ା ଫାଣ୍ଡି ପୁଲିସ୍ ଦୁର୍ଘଟଣାଗ୍ରସ୍ତ ଗାଡ଼ିଦ୍ୱୟକୁ ଅଟକ ରଖି ତଦନ୍ତ ଚଳାଇଛି।

## ଟୋଲ୍‌ଗେଟ୍ ଉପରକୁ ମାଡ଼ିଗଲା କାର୍

### ପ୍ରାକ୍ତନ ଅଧ୍ୟାପକଙ୍କ ମୃତ୍ୟୁ

ବୈଶିଙ୍ଗା/ବେତନଟୀ, ୨୦।୭ (ସମିସ): ବୈଶିଙ୍ଗା ଥାନା ଅଧୀନ ୧୮ ନଂ ଜାତୀୟ ରାଜପଥର ପଦ୍ମନାଭପୁର ଟୋଲ ଗେଟ୍‌ରେ ରବିବାର ଭୋର୍‌ରେ ଏକ ବଡ଼ ଅଘଟଣ ଘଟିଛି। ଏକ ଦ୍ରୁତଗାମୀ କାର୍ ଭାରସାମ୍ୟ ହରାଇ ଟୋଲ୍ ଗେଟ୍‌ର ୩ ନମ୍ବର ବୁଥ୍ ଉପରକୁ ମାଡ଼ିଯିବାରୁ ଜଣଙ୍କର ମୃତ୍ୟୁ ଘଟିଛି। ଅନ୍ୟ ଜଣେ





ଗୁରୁତର ଆହତ ହୋଇଛନ୍ତି। ମୃତକ ହେଲେ, ବାରିପଦା ଶ୍ରୀମା' ମହାବିଦ୍ୟାଳୟର ପ୍ରାକ୍ତନ ଅଧ୍ୟାପକ ରାଜଦୀପ ପଟ୍ଟନାୟକ। ସେ ବିଜେଡି ନେତ୍ରୀ ଛବି ମାହାଲିଙ୍କ ସ୍ୱାମୀ। ସେହିପରି, ଆହତ ଜଣଙ୍କ ହେଲେ ଅଜୟ ନାଏକ। ଉଭୟ ଏକ କାର୍ (ଓଡି -୧୧ଏମ -୬୭୧୬)ରେ ବାରିପଦା ଆସୁଥିବା ବେଳେ ଏହି ଅଘଟଣ ଘଟିଥିଲା। ଦୁର୍ଘଟଣା ପରେ ଟୋଲଗେଟ୍ କର୍ମଚାରୀ ସେମାନଙ୍କୁ ୧୦୮ ଆମ୍ବୁଲାନ୍ସରେ ପ୍ରଥମେ ବେତନଟୀ ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। କିନ୍ତୁ ଅବସ୍ଥା ସଂକଟାପନ୍ନ ହେବାରୁ ସେଠାରୁ ବାରିପଦା ମୁଖ୍ୟ ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ରାଜଦୀପଙ୍କର ଚିକିତ୍ସାଧୀନ ଅବସ୍ଥାରେ ମୃତ୍ୟୁ ଘଟିଥିଲା।

ବୈଶିଙ୍ଗା ପୁଲିସ ଘଟଣାସ୍ଥଳରେ ପହଞ୍ଚି କ୍ରେନ୍ ସହାୟତାରେ ଦୁର୍ଘଟଣାଗ୍ରସ୍ତ କାର୍‌କୁ ଜବତ କରି ମାମଲା ରୁଜୁ କରିଛି। ରାଜଦୀପଙ୍କ ମୃତଦେହ ବ୍ୟବଚ୍ଛେଦ ପରେ ପରିବାରବର୍ଗଙ୍କୁ ହସ୍ତାନ୍ତର କରାଯାଇଛି। ବହୁ ମାନ୍ୟଗଣ୍ୟ ବ୍ୟକ୍ତି ତାଙ୍କର ଶେଷ ଦର୍ଶନ କରିବା ସହ ଶୋକସନ୍ତପ୍ତ ପରିବାରକୁ ସମବେଦନା ଜଣାଇଛନ୍ତି। ପରେ ଶୋଭାଯାତ୍ରାରେ ମରଶରୀରକୁ ନିଆଯାଇ ଶେଷକୃତ୍ୟ ସମ୍ପନ୍ନ କରାଯାଇଛି।

# ଆଉ କେତେ ଅଘଟଣ ପରେ ଚେତିବେ ସରକାର

- ବଢ଼ିଚାଲିଛି ଦୁଷ୍କର୍ମ, ହତ୍ୟା, ଲୁଟ୍‌ପାଟ୍
- ପୁଲିସ ଏବଂ ପ୍ରଶାସନକୁ ଅପରାଧୀଙ୍କ ଭୟନାହିଁ
- ପୁଲିସ ଉପରୁ ଲୋକଙ୍କ ଭରସା ବି ତୁଟିଗଲାଣି

ଭୁବନେଶ୍ୱର, ୨୦।୭ (ସମିସ): ରାଜ୍ୟରେ ଏବେ ମହିଳା ଅସୁରକ୍ଷିତ ହୋଇପଡ଼ିଛନ୍ତି। ଅପରାଧୀଙ୍କ ନା ପୁଲିସକୁ ଭୟ ଅଛି ନା ପ୍ରଶାସନକୁ। ମନଇଚ୍ଛା ଯାହା ଚାହୁଁଛନ୍ତି, ସେୟା କରୁଛନ୍ତି। କାହାକୁ ହତ୍ୟା କରୁଛନ୍ତି ତ ଆଉ କାହାକୁ ଜୀବନ୍ତ ପୋଡ଼ି ଦେଉଛନ୍ତି। ବିନା ଭୟରେ ଦୁଷ୍କର୍ମ କରିବାକୁ ବି ପଛାଉ ନାହାନ୍ତି। ଗୁରୁତ୍ୱପୂର୍ଣ୍ଣ କଥା ହେଲା, ଏଭଳି ଜଘନ୍ୟ କାଣ୍ଡ ଘଟାଇବା ପରେ ସେମାନେ ଅତି ସହଜରେ ଚମ୍ପଟ ମାରୁଛନ୍ତି। ଅଧିକାଂଶ ମାମଲାରେ ନା ପୁଲିସ ସେମାନଙ୍କୁ ଗିରଫ କରିପାରୁଛି ନା ପୀଡ଼ିତଙ୍କୁ ନ୍ୟାୟ ଦେଇପାରୁଛି। ପ୍ରଶାସନ କେବଳ ମୃତବ୍ୟକ୍ତିଙ୍କୁ କ୍ଷତିପୂରଣ ଦେଇ ବସିପଡୁଛି। ଫଳରେ ରାଜ୍ୟରେ ପୁଣି ସମଧରଣର ଆଉ ଏକ ଘଟଣା ଘଟୁଛି। ଗତ କିଛି ମାସ ହେବ, ରାଜ୍ୟରେ ଘଟୁଥିବା କେତେକ ଅପରାଧ ଉପରେ ନଜର ପକାଇଲେ, ଏହା ସ୍ପଷ୍ଟ ହେଉଛି।

ଗୋପାଳପୁର ଗଣଦୁଷ୍କର୍ମ ଘଟଣାଠାରୁ ଆରମ୍ଭ କରି ବାଲେଶ୍ୱର ଫକୀରମୋହନ କଲେଜ ଛାତ୍ରୀଙ୍କ ଆତ୍ମାହୁତି ଏବଂ ଗତକାଲିର 'ବଳଙ୍ଗା' ଘଟଣାକୁ ନେଇ ସାରା ରାଜ୍ୟରେ ଅସନ୍ତୋଷର ନିଆଁ ଜଳୁଛି। ରାଜ୍ୟରେ ଘଟୁଥିବା ଏକାଧିକ ଘଟଣା ଜାତୀୟ ମାନବିକ ଅଧିକାର ଆୟୋଗ, ମହିଳା ଆୟୋଗଙ୍କୁ ବିବ୍ରତ କରିପକାଇଲାଣି। ବିଭିନ୍ନ ରାଜନୈତିକ ଦଳ ଓ ସଂଗଠନ ବି କ୍ଷୁବ୍ଧ। ରାଜ୍ୟବାସୀ ବି ଅଣନିଃଶ୍ୱାସୀ ହୋଇପଡ଼ିଲେଣି। ହେଲେ, ପ୍ରଶାସନ ପକ୍ଷରୁ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ହେଉନାହିଁ। ଆଉ ଏଭଳି କେତେ ଅଘଟଣ ଘଟିଲେ, ସରକାର ଚେତିବେ ବୋଲି ଏବେ ପ୍ରଶ୍ନ ଉଠିଲାଣି।

ଗତ ଜୁନ୍ ୧୬ ତାରିଖରେ ଗୋପାଳପୁର ବେଳାଭୂମିରେ ଜଣେ ଛାତ୍ରୀଙ୍କ ଗଣଦୁଷ୍କର୍ମ କରାଯାଇଥିଲା। ଗଣଦୁଷ୍କର୍ମ ଘଟଣାରେ ପୁଲିସ ମୋଟ ୧୦ ଜଣଙ୍କୁ ଗିରଫ କରିଛି। ୧୦ଜଣଙ୍କ ମଧ୍ୟରେ ୬ଜଣ ନାବାଳକେ ଅଛନ୍ତି। ସେହିପରି ରାୟଗଡ଼ା ଜିଲ୍ଲାରେ ଜୁଲାଇ ୧୨ତାରିଖରେ ପ୍ରେମୀଯୁଗଳଙ୍କୁ ଲଙ୍ଗଳ ପକାଇ ହଳ ବୁଲାଇଥିଲେ। ଜୁଲାଇ ୧୩ ତାରିଖରେ କୋରାପୁଟରେ କଙ୍ଗାରୁ କୋର୍ଟ ଦେଖିବାକୁ ମିଳିଥିଲା। ପ୍ରେମ କରିବାରୁ ଗାଁ ଦାଣ୍ଡରେ ବଳଦ କରି ହଳ ବୁଲାଇଲେ ଗ୍ରାମବାସୀ। ପ୍ରେମୀଯୁଗଳଙ୍କ ବେକରେ ଜୁଆଳି ପଡ଼ିଥିବା ଦେଖିବାକୁ ମିଳିଥିଲା। ଜୁନ୍ ୨୩ରେ ଗଞ୍ଜାମ ଧରାକୋଟ ଖାରିଗୁମ୍ମା ଗାଁରେ ଗୋ-ତସ୍କରୀ ଅଭିଯୋଗ ଆଣି ଟଙ୍କା ଲୋଭରେ ଦୁଇ ଦଳିତଙ୍କୁ ପିଟିଲେ ଲୋକେ। ଗାଁ ଦାଣ୍ଡରେ ଲଣ୍ଡା କରି ପାଟିରେ ଘାସ ଦେଇ ଆଣ୍ଠେଇଲେ ଏପରିକି, ନର୍ଦ୍ଦମା ପାଣି ବି ପିଇବାକୁ ବାଧ କଲେ। ସେହିପରି, ଜୁନ୍ ୩୦ ତାରିଖରେ ବିଏମ୍‌ସି ଅତିରିକ୍ତ କମିସନରଙ୍କୁ ବିଜେପି କର୍ପୋରେଟର୍ ଏବଂ ଅନ୍ୟ ସହଯୋଗୀମାନେ ଆକ୍ରମଣ କରିଥିଲେ। ଗତ ଶନିବାରରେ ଏଫଏମ୍ କଲେଜ ଛାତ୍ରୀ ସୌମ୍ୟାଶ୍ରୀ ବିଶି ନ୍ୟାୟ ନପାଇବାରୁ ନିଜ ଦେହରେ ପେଟ୍ରୋଲ ଢାଳି ଆତ୍ମାହୁତି ଦେଇଥିଲେ। ଗତକାଲି ପୁଣି ବଳଙ୍ଗା ଥାନା ଅଞ୍ଚଳରେ ଜଣେ ଯୁକ୍ତ ଦୁଇ ଛାତ୍ରୀଙ୍କୁ ଦୁର୍ବୃତ୍ତ ଅପହରଣ କରିନେଇ କିରାସିନି ଢାଳି ନିଆଁ ଲଗାଇ ଦେଇଥିଲେ। ବାରମ୍ବାର ଏଭଳି ଘଟଣା ଘଟୁଥିବାରୁ ପୁଲିସ ପ୍ରତି ଅପରାଧୀଙ୍କ ଭୟ ନଥିବା ସ୍ପଷ୍ଟ ରୂପେ ବାରି ହୋଇପଡୁଛି।

### ପରକୀୟା ପ୍ରୀତି ସନ୍ଦେହ ନେଲା ଜୀବନ

## ସ୍ତ୍ରୀକୁ ହତ୍ୟା କରି ନଦୀରେ ଫିଙ୍ଗିଦେଲା

ବଣାଇଁ/ରାଉରକେଲା,୨୦।୭(ସମିସ): ବୁଲାଇବା ବାହାନାରେ ସ୍ତ୍ରୀକୁ ସାଥିରେ ନେଲା। ସେଠାରେ ହତ୍ୟା କରିବା ପରେ ଅଖାରେ ବାନ୍ଧି ଶବକୁ ନଦୀରେ ଫିଙ୍ଗିଦେଲା। ସୁନ୍ଦରଗଡ଼ ଜିଲ୍ଲା ବଣାଇଁ ଉପଖଣ୍ଡ ଗୁରୁଣ୍ଡିଆ ଥାନା ପଙ୍କଡିହି ତଥା ଜଡ଼ା ଗ୍ରାମରେ ଏପରି ଏକ ଆପରାଧିକ ଘଟଣା ଘଟିଛି। ହତ୍ୟାର ଶିକାର ମହିଳାଜଣଙ୍କ ହେଲେ, ଜୟନ୍ତୀ କୁଜୁର। ଆଜି ସଂଧ୍ୟାରେ ରାଜଗାଙ୍ଗପୁର ନିକଟସ୍ଥ କାନ୍ସବାହାଲ ନିକଟରୁ ଏକ ଅଖାବସ୍ତା ଭିତରୁ ଜୟନ୍ତୀଙ୍କ ଶବକୁ ପୁଲିସ୍ ଜବତ କରିବା ପରେ ବ୍ୟବଚ୍ଛେଦ ପାଇଁ ପଠାଇଛି। ଜୟନ୍ତୀଙ୍କୁ ଗତକାଲି ହତ୍ୟା କରିବା ପରେ ସ୍ୱାମୀ ଲକ୍ଷ୍ମଣ ଓରାମ ଆଜି ଥାନାରେ ଆତ୍ମସମର୍ପଣ କରିଥିଲା। ପୁଲିସ୍ ତାକୁ ଥାନାରେ ଅଟକ ରଖି ପଚରାଉଚରା କରୁଛି। ପରପୁରୁଷ ସହ ସ୍ତ୍ରୀର ଅନୈତିକ ସଂପର୍କ ଥିବା ସନ୍ଦେହ କରି ଲକ୍ଷ୍ମଣ ଏପରି ନାରକୀୟ କାଣ୍ଡ ଘଟାଇଥିବା ପୁଲିସ୍ ଆଗରେ ସ୍ୱୀକାର କରିଛି।

ସୂଚନାନୁଯାୟୀ, ଜୟନ୍ତୀ ଜଣେ ଅଙ୍ଗନବାଡ଼ି କର୍ମୀ। ସେ ପଙ୍କଡ଼ିହି ପଞ୍ଚାୟତ ଅଧୀନ ଜଡା ଅଙ୍ଗନବାଡ଼ିରେ କାର୍ଯ୍ୟରତ। ଗତକାଲି ଅଙ୍ଗନବାଡ଼ିରୁ ଜୟନ୍ତୀ କେଉଁଆଡ଼େ ନିଖୋଜ ହୋଇଯାଇଥିଲେ। ଏହାକୁ ନେଇ ନାନା ଚର୍ଚ୍ଚା ହୋଇଥିଲା। ହେଲେ ଆଜି ଲକ୍ଷ୍ମଣ ଗୁରୁଣ୍ଡିଆ ଥାନାରେ ଆତ୍ମସମର୍ପଣ କରି ସତ ଓଗାଳିଥିଲା। ଜୟନ୍ତୀଙ୍କୁ ହତ୍ୟା କରି ବ୍ରାହ୍ମଣୀ ନଦୀରେ ଫୋପାଡ଼ି ଦେଇଥିବା ନେଇ ଥାନାରେ ସ୍ୱୀକାର କରିଥିଲା। ହେଲେ,



କେଉଁଠାରେ ମୃତଦେହ ଫୋପାଡ଼ିଥିଲା; ସେନେଇ ଭିନ୍ନଭିନ୍ନ କଥା କହିବା ଯୋଗୁଁ ଆଜି ଦିନତମାମ ପୁଲିସ୍ ନାକେଦମ ହୋଇଥିଲା। ଶେଷରେ ଆଜି ସନ୍ଧ୍ୟାରେ ରାଜଗାଙ୍ଗପୁର ନିକଟସ୍ଥ କାନ୍ସବାହାଲ ନିକଟରୁ ଏକ ଅଖା ଭିତରୁ ଜୟନ୍ତୀଙ୍କ ଶବ ଜବତ କରିଥିଲା। ଅଭିଯୁକ୍ତ ଲକ୍ଷ୍ମଣ ବାରମ୍ବାର ବିଭ୍ରାନ୍ତିକର ତଥ୍ୟ ଦେବାରୁ ପୁଲିସ ବିଭିନ୍ନ ସ୍ଥାନରେ ଖୋଜାଖୋଜି କରି ହଇରାଣ ହୋଇଥିଲା।

୨୦୧୯ ମସିହାରେ ଜଡ଼ା ଗ୍ରାମର ଲକ୍ଷ୍ମଣଙ୍କୁ ସୁନ୍ଦରଗଡ଼ କିଞ୍ଜିରିକେଲା ଗ୍ରାମର ଜୟନ୍ତୀ ବିବାହ କରିଥିଲେ। ଜୟନ୍ତୀଙ୍କ ଅନ୍ୟ ଜଣେ ପୁରୁଷ ବନ୍ଧୁ ରହିଥିବା ଜାଣିବା ପରେ ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଦୀର୍ଘ ଦିନ ଧରି କଳହ ଲାଗି ରହିଥିଲା। ଏପରିକି, ଉଭୟଙ୍କ ମଧ୍ୟରେ ଝଗଡ଼ା କାରଣରୁ ଜୟନ୍ତୀ ନିଜ ବାପା ଘରକୁ ମଧ୍ୟ ଚାଲିଯାଇଥିଲେ। ପରେ ଲକ୍ଷ୍ମଣ ବୁଝାସୁଝା କରି ପୁଣି ଜୟନ୍ତୀଙ୍କୁ ଡାକି ଆଣିବା ପରେ ହତ୍ୟା ଷଡ଼ଯନ୍ତ୍ର ରଚିଥିବା ପୁଲିସ ନିକଟରେ କହିଛି। ଗତକାଲି ସେ ଜୟନ୍ତୀଙ୍କୁ ବୁଲାଇବା ବାହାନାରେ ନେଇ ଯାଇଥିଲା। ସେଠାରେ ହତ୍ୟା କରିବା ପରେ ଏକ ଅଖାରେ ମୃତଦେହକୁ ପୂରାଇ ଏକ ସ୍କୁଟିରେ ନେଇ ବ୍ରାହ୍ମଣୀରେ ଫୋପାଡ଼ି ଦେଇ ଚାଲି ଆସିଥିଲା। ଅଭିଯୁକ୍ତକୁ ସାଥିରେ ନେଇ ପୁଲିସ ଏବେ ଶବ ଉଦ୍ଧାର କରିଥିଲା। ଆସନ୍ତାକାଲି ମୃତା ମହିଳାଙ୍କ ଶବ ପରିବାରଙ୍କ ଉପସ୍ଥିତିରେ ବ୍ୟବଚ୍ଛେଦ ହେବା ସହ ଅଭିଯୁକ୍ତକୁ କୋର୍ଟ ଚାଲାଣ କରାଯିବ ବୋଲି ପୁଲିସ ସୂଚନା ଦେଇଛି।

### ଅସହ୍ୟ ହେଲା ସ୍ୱାମୀଙ୍କ ପରକୀୟା ପ୍ରୀତି

## ଜୀବନ ହାରିଲେ ସ୍ତ୍ରୀ

ଭବାନୀପାଟଣା,୨୦।୭(ସମିସ): ବାହାଘର ବେଳେ ଖୋଲା ଆଖିରେ କେତେ କ'ଣ ଅସୁମାରି ସ୍ୱପ୍ନ ଦେଖିଥିଲେ। ଭଲରେ କେମିତି ସଂସାର ଗାଡ଼ି ଚାଲିବ, ସେଥିପାଇଁ ମନେମନେ ଠାକୁରଙ୍କୁ କୋଟି ଗୁହାରି କରିଥିଲେ। ନୂଆବୋହୂ ହୋଇ ପାଦ ଥାପିବା ପରେ ସ୍ୱାମୀ ଓ ଶ୍ୱଶୁରଘରର ଲୋକଙ୍କ ମନ ନେଇ ଚଳିବାକୁ ବି ଖୁବ୍ ଚେଷ୍ଟା କରିଥିଲେ। କିନ୍ତୁ ବାହାଘରର କିଛି ମାସ ପରେ ପରଯୁବତୀ ସହ ସ୍ୱାମୀର ସଂପର୍କ ଥିବା ଜାଣିବା ପରେ ତାଙ୍କର ସବୁ ସ୍ୱପ୍ନ ତାଙ୍କର ଚୂରମାର୍ ହୋଇଗଲା। ତଥାପି ସଂପର୍କ ସୁଧାରିବାକୁ ବହୁ ଚେଷ୍ଟା

### ସୁଇସାଇଡ୍ ନୋଟ୍‌ରେ ସ୍ୱାମୀ ଓ ପ୍ରେମିକାକୁ ଦାୟୀ କଲେ



କଲେ, କିନ୍ତୁ ପାରିଲେନି। ସ୍ୱାମୀ ତ ଯାହା ନିର୍ଯାତନା ଦେଉଥିଲେ, ଶେଷରେ ତାଙ୍କ ପ୍ରେମିକା ବି ଛାଡ଼ିଲାନି। ନିର୍ଯାତନା ସହ ଗାଳିଗୁଲଜ ଦେଲା। ଏଥିରେ ଅତିଷ୍ଠ ହୋଇ ବେକରେ ଶାଢ଼ି ଲଗାଇ ଝୁଲିପଡ଼ିଲେ। କଳାହାଣ୍ଡି ଜିଲ୍ଲା ଭବାନୀପାଟଣା ଟାଉନ୍ ଥାନା ଅଧୀନ ଧୋବାପଡ଼ାରେ ଏଭଳି ଏକ ଅଭାବନୀୟ ଘଟଣା ଘଟିଛି। ସ୍ୱାମୀ ଓ ପ୍ରେମିକାଙ୍କ ନିର୍ଯାତନାରେ ଅତିଷ୍ଠ ହୋଇ ଜଣେ ମହିଳା ଆତ୍ମହତ୍ୟା କରିଛନ୍ତି। ମୃତ ମହିଳା ହେଲେ, ଭବାନୀପାଟଣା ଧୋବାପଡ଼ାର ଜିତେନ୍ଦ୍ର ସେଠୀଙ୍କ ଝିଅ ସ୍ନେହଲତା ସେଠୀ। ପୁଲିସ୍ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏକ ମାମଲା ରୁଜୁ କରି ତଦନ୍ତ ଚଳାଇଛି। ଏହାସହ ପୁଲିସ୍ ଶବ ପାଖରୁ ଏକ ସୁଇସାଇଡ୍ ନୋଟ୍ ଜବତ କରିଛି। ସେଥିରେ ସେ ତାଙ୍କ ମୃତ୍ୟୁ ପାଇଁ ସ୍ୱାମୀ ଓ ପ୍ରେମିକାକୁ ଦାୟୀ କରିଛନ୍ତି।

ସୂଚନାନୁଯାୟୀ, ସ୍ନେହଲତା ୨୦୨୩ ମସିହାରେ କନ୍ଧମାଳ ବାଲିଗୁଡ଼ା ଥାନା ଅଞ୍ଚଳର ଶ୍ୟାମକୁମାର ବେହେରାଙ୍କୁ ବିବାହ କରିଥିଲେ। ତେବେ ଶ୍ୟାମକୁମାରଙ୍କ ଅନ୍ୟ ଝିଅ ସହ ସମ୍ପର୍କ ଥିବା ଜାଣିବା ପରେ ସ୍ନେହଲତା ବାପଘର ଭବାନୀପାଟଣାକୁ ପଳାଇ ଆସିଥିଲେ। ଶନିବାର ଶ୍ୟାମ କୁମାରଙ୍କ ପ୍ରେମିକା ମୋନାଲିସା ଆଚାର୍ଯ୍ୟ ଫୋନ୍‌ରେ ସ୍ନେହଲତାଙ୍କୁ ଗାଳିଗୁଲଜ କରିଥିଲେ। ପରେ ସ୍ନେହଲତା ବେକରେ ଶାଢ଼ି ଦେଇ ଆତ୍ମହତ୍ୟା କରିଥିବା ପରିବାର ପକ୍ଷରୁ ଭବାନୀପାଟଣା ଟାଉନ ଥାନାରେ ଅଭିଯୋଗ ହୋଇଛି।

- ପ୍ରେମିକାକୁ ଖୁସି କରାଇବାକୁ ମହିଳାଙ୍କୁ ଚୂନ ମାରୁଥିଲା

## ଗିରଫ ହେଲା ଝାଡ଼ଖଣ୍ଡୀ ଧୂର୍ତ୍ତ

ବାରିପଦା, ୨୦।୭ (ସମିସ): ପ୍ରେମିକାକୁ ଖୁସି କରିବା ପାଇଁ ବିବାହିତ ମହିଳାଙ୍କୁ ପ୍ରେମଜାଲରେ ଫସାଇ ଠକୁଥିବା ଝାଡ଼ଖଣ୍ଡର ଜଣେ ଧୂର୍ତ୍ତକୁ ଭଞ୍ଜପୁର ପୁଲିସ ଗିରଫ କରିଛି। ସେ ହେଲା, ଝାଡ଼ଖଣ୍ଡର ବାହଡ଼ାଗୋଡ଼ା ଥାନା ଅଧୀନ ମୌଦା ଗ୍ରାମର ଶମ୍ଭୁନାଥ ବେରା ଓରଫ ସିମରନ(୨୭)। ଭଞ୍ଜପୁର

- ବିବାହିତ ମହିଳାଙ୍କୁ ପ୍ରେମ ଜାଲରେ ଫସାଇ ଠକୁଥିଲା ଟଙ୍କା, ଅଲଙ୍କାର
- କାର୍, ବାଇକ୍, ମୋବାଇଲ ସହ ୧୦୭ ଗ୍ରାମ ସୁନା ଜବତ

ଥାନା ଅଞ୍ଚଳର ଜଣେ ବିବାହିତ ମହିଳାଙ୍କ ସହ ସିମରନ ଇନଷ୍ଟାଗ୍ରାମରେ ବନ୍ଧୁତା ସୃଷ୍ଟି କରିଥିଲା। ପରେ ତାଙ୍କ ହ୍ୱାଟ୍ସଆପ ନମ୍ବର ନେଇ ଚାଟିଂ କରି ପ୍ରେମ ଜାଲରେ ଫସାଇଥିଲେ। କିଛି ଦିନର ସମ୍ପର୍କ ପରେ ବିଭିନ୍ନ ବାହାନାରେ ପର୍ଯ୍ୟାୟକ୍ରମେ ଟଙ୍କା ମାଗୁଥିଲା। ମହିଳାଜଣଙ୍କ ଟଙ୍କା ଦେଉଥିବାରୁ ସିମରନ୍‌ର ଲୋଭ ବଢ଼ିଥିଲା। ତେଣୁ ବଡ଼ ହାତ ମାରିବାକୁ ସେ ନୂଆ ଫନ୍ଦି ବାହାର କରିଥିଲା। ମାଆଙ୍କ ସ୍ୱାସ୍ଥ୍ୟବସ୍ଥା ଗୁରୁତର ଥିବା କହି ଚିକିତ୍ସା ପାଇଁ ୧୦ଲକ୍ଷ ଟଙ୍କା ମାଗିଥିଲା। କିନ୍ତୁ ମହିଳାଙ୍କ ପାଖରେ ଏତେ ଟଙ୍କା ନଥିବାରୁ ସେ ତାକୁ ୧୫ଲକ୍ଷ ଟଙ୍କାରୁ ଊର୍ଦ୍ଧ୍ୱ ସୁନାଗହଣା



ଦେଇ ଦେଇଥିଲେ। କିନ୍ତୁ ଏହା ପରଠାରୁ ସିମରନ୍ ଆଉ ଧରାଛୁଆଁ ଦେଇନଥିଲା। ମହିଳାଜଣଙ୍କ ବାରମ୍ବାର ଟଙ୍କା ମାଗିବାରୁ ସେ ତାଙ୍କୁ ବ୍ଲାକମେଲ କରିବା ଆରମ୍ଭ କରିଥିଲା। ବାରମ୍ବାର ତାଙ୍କୁ ଯୌନ ନିର୍ଯାତନା ଦେବା ସହ ଏନେଇ କାହାକୁ ଜଣାଇଲେ ପରିବାରଲୋକଙ୍କୁ ଜୀବନରୁ ମାରିଦେବାକୁ ଧମକ ଦେଇଥିଲେ। ଶେଷରେ ମହିଳାଜଣଙ୍କ ସାହସ ଜୁଟାଇ ପୁଲିସର ଦ୍ୱାରସ୍ଥ ହୋଇଥିଲେ।

ପୁଲିସ୍ ସୂଚନାନୁଯାୟୀ, ମହିଳାଙ୍କ ପାଖରୁ ନେଇଥିବା ସମସ୍ତ ଗହଣାକୁ ସିମରନ୍ ନିଜ ପ୍ରେମିକା (ବାଙ୍ଗିରିପୋଷିର ଜଣେ ଯୁବତୀ)ଙ୍କୁ ଦେଇଥିଲା। ଉକ୍ତ ଯୁବତୀଙ୍କର ଏକ ବିୟୁଟିପାର୍ଲର୍ ଅଛି। କିଛି ଦିନ ପରେ ଦୁହେଁ ବିବାହ କରିଥା'ନ୍ତେ। ତେବେ, ଯୁବତୀଜଣଙ୍କ ଏହି ଗହଣାକୁ ବଦଳାଇବାକୁ ସୁନା ଦୋକାନକୁ ଯାଇଥିବା ବେଳେ ପୁଲିସ ଖବର ପାଇଥିଲା। ତଦନ୍ତ ପରେ ସବୁ ଘଟଣା ସାମ୍ନାକୁ ଆସିଥିଲା। ତାଙ୍କଠାରୁ ୧୦୭ ଗ୍ରାମ୍ ସୁନା, ୨ଟି ଦାମୀ ସ୍ମାର୍ଟଫୋନ୍, କାର୍, ବାଇକ୍ ଜବତ ହୋଇଛି। ଘଟଣାର ଭଞ୍ଜପୁର ଥାନା ଅଧିକାରୀ ଅଜୟ କୁମାର ଜେନାଙ୍କ ତତ୍ତ୍ୱାବଧାନରେ ଅଧିକ ତଦନ୍ତ ଜାରି ରହିଛି।

## ବନ୍ୟାପାଣିରେ ଭାସି ବୋଲବମ୍ ଭକ୍ତ ମୃତ



ରାଜକନିକା,୨୦।୭(ସମିସ): ରାଜକନିକା ଥାନା ଅନ୍ତର୍ଗତ ବରାଡ଼ିଆ ପଞ୍ଚାୟତର ମଧୁପଡ଼ା ଗ୍ରାମରେ ଏକ ଦୁଃଖଦ ଘଟଣା ଘଟିଛି। ମହାଦେବଙ୍କୁ ଜଳାଭିଷେକ ପାଇଁ ପାଣି ଉଠାଉଥିବା ବେଳେ ଜଣେ ବୋଲବମ୍ ଭକ୍ତ ବନ୍ୟାଜଳରେ ଭାସି ପ୍ରାଣ ହରାଇଛନ୍ତି। ସେ ହେଲେ, ମଧୁପଡ଼ା ଗ୍ରାମର ସୁଦର୍ଶନ ମଲିକଙ୍କ ପୁଅ ଆଲୋକ ମଲିକ (୧୬)। ରବିବାର ଗାଁ ପିଲାଙ୍କ ସହ ମିଶି ସେ ଆଖଣ୍ଡଳମଣିଙ୍କୁ ଜଳାଭିଷେକ କରିବାକୁ ବାହାରିଥିଲେ। ମଧ୍ୟାହ୍ନରେ ସେ ମନ୍ତପଡ଼ା ପୋଲ ନିକଟରେ ବିଧିପୂର୍ବକ ପୂଜାପାଠ କରି ପାଣି ଉଠାଇବାକୁ ବୈତରଣୀ କୂଳ ନାଳ ଭିତରକୁ ପଶିଥିଲେ। ନଦୀରେ ବନ୍ୟା କାରଣରୁ ପାଣିର ପ୍ରଖର ସୁଅରେ ଆଲୋକ ଭାସି ଯାଇଥିଲେ। ନିକଟରେ ଥିବା ଅନ୍ୟ ବୋଲବମ୍ ସାଥୀ ତାଙ୍କୁ ଉଦ୍ଧାର କରି ରାଜକନିକା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ରାଜକନିକା ପୁଲିସ ପହଞ୍ଚି ମୃତଦେହକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଚଳାଇଛି।






### 'ବଳଙ୍ଗା' ଘଟଣାକୁ ନେଇ ତେଜିଲା ରାଜନୀତି

## ଉପମୁଖ୍ୟମନ୍ତ୍ରୀଙ୍କୁ ବିଜେପି ମୁଖପାତ୍ରଙ୍କ ନିଶାଣ

ପୁରୀ,୨୦।୭(ସମିସ): ରାଜ୍ୟରେ ଅରାଜକତାକୁ ନେଇ ଓଡ଼ିଶାବାସୀ ଅତିଷ୍ଠ। କେବଳ ରାଜ୍ୟବାସୀ ନୁହନ୍ତି, ରାଜ୍ୟର ଆଇନଶୃଙ୍ଖଳା ସ୍ଥିତିକୁ ନେଇ ଲୋକଙ୍କ ସମାଲୋଚନା ଓ ଆକ୍ଷେପର ଶିକାର ବିଜେପି ନେତାମାନେ ମଧ୍ୟ ଅତିଷ୍ଠ । ବାଲେଶ୍ୱର ଏଫ୍‌ଏମ୍ ସ୍ୱୟଂଶାସିତ ମହାବିଦ୍ୟାଳୟ ଛାତ୍ରୀ ଆତ୍ମଦାହ ଘଟଣାରେ ବିଜେପିର ଛାତ୍ର ସଙ୍ଗଠନ ଏବିଭିପି ରାଜ୍ୟ ଉଚ୍ଚଶିକ୍ଷାମନ୍ତ୍ରୀଙ୍କ ଇସ୍ତଫା ଦାବି କରିଥିବାବେଳେ ଦଳର ମୁଖପାତ୍ର ବଳଙ୍ଗା ଛାତ୍ରୀ ପୋଡ଼ି ଘଟଣାରେ ଉପମୁଖ୍ୟମନ୍ତ୍ରୀଙ୍କୁ ନିଶାଣ କରିଛନ୍ତି । ଆମେ (?) କ୍ଷମତାରେ ଥିଲେ ଏପରି ଘଟଣା କେବେ ଘଟି ନ ଥା।ନ୍ତା ବୋଲି ପୂର୍ବତନ ମନ୍ତ୍ରୀ ତଥା ବିଜେପି ମୁଖପାତ୍ର ସମୀର ଦାଶ ଉଲ୍ଲେଖ କରି ଖୋଦ୍ ଉପମୁଖ୍ୟମନ୍ତ୍ରୀ ତଥା ମହିଳା ଓ ଶିଶୁକଲ୍ୟାଣ ବିଭାଗ ମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କୁ ନିଶାଣ କରିଛନ୍ତି । ଯାହାକୁ ନେଇ ସ୍ଥାନୀୟ ରାଜନୀତି ସରଗରମ ହୋଇଛି ଓ ରାଜ୍ୟ ବିଜେପିରେ କମ୍ପନ ସୃଷ୍ଟି କରିଛି ।

ନିମାପଡ଼ା ନିର୍ବାଚନମଣ୍ଡଳୀ ଅଞ୍ଚଳରେ ଜଣେ ନାବାଳିକାଙ୍କୁ ସ୍ପଷ୍ଟ ଦିବାଲୋକରେ ଜୀଅନ୍ତା ଜାଳିଦେବାକୁ ଉଦ୍ୟମ ହୋଇଛି। ୩ ଜଣ ଦୁର୍ବୃତ୍ତ ନାବାଳିକାଙ୍କ ଦେହରେ ନିଆଁ ଲଗାଇ ଦେଇଥିବାବେଳେ ସୌଭାଗ୍ୟବଶତଃ ସେ ଜୀବନ ବଞ୍ଚାଇ ପାରିଥିଲେ ହେଁ ଏବେ ବି ତାଙ୍କ ସ୍ୱାସ୍ଥ୍ୟବସ୍ଥା ସଙ୍କଟାପନ୍ନ ରହିଛି। ତାଙ୍କ ଶରୀରର ୭୦ରୁ ୭୫ ପ୍ରତିଶତ ପୋଡ଼ି ଯାଇଛି। ଗଞ୍ଜାମ ଗୋପାଳପୁରରେ ଜଣେ ଯୁବତୀଙ୍କୁ ଗଣଦୁଷ୍କର୍ମ, ବାଲେଶ୍ୱର ଏଫ୍‌ଏମ୍ କଲେଜ ଛାତ୍ରୀ ସୌମ୍ୟାଶ୍ରୀ ବିଶି ନ୍ୟାୟ ମାଗି ଶେଷରେ ଜୀବନ ହାରିବା ଘଟଣା ଥମି ନ ଥିବାବେଳେ ଏବେ ପୁରୀ ଜିଲ୍ଲା

### ଆମେ ଥିଲେ ଏପରି ଘଟଣା ଘଟି ନ ଥାନ୍ତା: ସମୀର

ନିମାପଡ଼ା ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ବଳଙ୍ଗା ଅଞ୍ଚଳରେ ଏହି ଲଜ୍ଜାଜନକ ଘଟଣାକୁ ନେଇ ରାଜ୍ୟ ରାଜନୀତି ସରଗରମ ହୋଇଛି ଓ ଆଇନଶୃଙ୍ଖଳା ବ୍ୟବସ୍ଥା ଉପରେ ପ୍ରଶ୍ନଚିହ୍ନ ଆଙ୍କିଛି। ଖୋଦ୍ ଉପମୁଖ୍ୟମନ୍ତ୍ରୀଙ୍କ ଅଞ୍ଚଳରେ ଯଦି ନାବାଳିକାଙ୍କୁ ଜିଅନ୍ତା ଜାଳିଦେବାକୁ ଦୁର୍ବୃତ୍ତ ଭୟ କରୁନାହାନ୍ତି ତେବେ ଆଇନ ଶୃଙ୍ଖଳାର ସ୍ଥିତି କ'ଣ ତାହା ଜଳଜଳ ଦିଶୁଛି ବୋଲି ବିରୋଧୀ ଅଭିଯୋଗ କରିଛନ୍ତି । ତେବେ ଏଭଳି ସ୍ଥିତିରେ ବିଜେପି ମୁଖପାତ୍ର ତଥା ପୂର୍ବତନ ମନ୍ତ୍ରୀ ସମୀର ଦାଶ ପୁଣି ଉପମୁଖ୍ୟମନ୍ତ୍ରୀଙ୍କୁ ନିଶାଣ କରିଛନ୍ତି ।

ସେ କହିଛନ୍ତି ଯେ ଆମ ଅଞ୍ଚଳରେ ଏମିତି ଅପରାଧ ହୁଏନି। ବଳଙ୍ଗାରେ ଯାହା ଘଟିଲା ସେଥିପାଇଁ ମୋ ମନ କାନ୍ଦୁଛି। ଆମେ ଥିଲେ ଏହିଭଳି ଘଟଣା ଘଟି ନ ଥାନ୍ତା, ଏହି କଥା ବାରମ୍ବାର ମୋ ମନକୁ ଆଘାତ କରୁଛି। ଏ ଅଞ୍ଚଳରେ ଏଭଳି ଘଟଣା କେହି କେବେ ଚିନ୍ତା କରି ନ ଥିବାବେଳେ ଆଜି ତାହା ଘଟିଗଲା। ମୁଁ ୨୦୦୯ ମସିହାରେ ବିଧାୟକ ହେଲି। ଏହା ପୂର୍ବରୁ ଏପରି କେବେ ଘଟଣା ଘଟି ନ ଥିଲା କି ମୋ ସମୟରେ ଏପରି ଘଟଣା ଘଟି ନାହିଁ ବୋଲି ସମୀର ବୁଲେଇବଙ୍କେଇ ଉପମୁଖ୍ୟମନ୍ତ୍ରୀ ତଥା ନିମାପଡ଼ା ବିଧାୟିକା ପ୍ରଭାତୀ ପରିଡ଼ାଙ୍କୁ କଟାକ୍ଷ କରିଛନ୍ତି । ସମୀର କେବଳ ନିମାପଡ଼ାର ଟାଣୁଆ ନେତା ନୁହନ୍ତି, ରାଜ୍ୟ ବିଜେପିର ମୁଖପାତ୍ର ମଧ୍ୟ । ତେଣୁ ପ୍ରଭାତୀ ପରିଡ଼ାଙ୍କ ପାରିବା ପଣିଆ ଉପରେସେ ଉଠାଇଥିବା ପ୍ରଶ୍ନକୁ ସ୍ଥାନୀୟ ରାଜନୈତିକ ବିବାଦର ପରିଣତି ବୋଲି କୁହାଯାଇ ଏଡ଼ାଇ ଦିଆଯାଇ ପାରିବ ନାହିଁ । ପୂର୍ବରୁ ତାଙ୍କ ବିଧାୟକ ସମୟରେ ଦିଆଯାଇଥିବା ଅନୁଦାନରେ ନିର୍ମିତ ପ୍ରକଳ୍ପଗୁଡ଼ିକର ଉଦ୍‌ଘାଟନ ସମୟରେ ସମୀରଙ୍କୁ ଡ଼କା ନ ଯିବା ବିବାଦ ସୃଷ୍ଟି କରିଥିଲା, ଏବେ ବଳଙ୍ଗା ଘଟଣା ଏହି ବିବାଦକୁ ପୂର୍ବତନ ମନ୍ତ୍ରୀଙ୍କର ଏଭଳି ବୟାନ ନିମାପଡ଼ା ଅଞ୍ଚଳରେ ପୁଣି ସମୀର-ପ୍ରଭାତୀ ବିବାଦକୁ ତାଜା କରିଛି।

### ଗଞ୍ଜେଇ ଚାଲାଣର ପେଣ୍ଠସ୍ଥଳୀ ବଲାଙ୍ଗିର

# ଛତିଶଗଡ଼ ଓ ପଶ୍ଚିମବଙ୍ଗକୁ ହେଉଛି ଚାଲାଣ

**ବଲାଙ୍ଗିର, ୨୦।୭ (ସମିସ)**

ଗଞ୍ଜେଇ ଚାଲାଣର ମୁଖ୍ୟ ପେଣ୍ଠ ସାଜିଛି ବଲାଙ୍ଗିର। କିଛି ଦିନ ତଳେ ସୋନପୁର ପୁଲିସ ପ୍ରାୟ ପାଞ୍ଚକୋଟି ଟଙ୍କାର ଗଞ୍ଜେଇ ବଲାଙ୍ଗିର - ସୋନପୁର ଜିଲ୍ଲା ସୀମାରୁ ଜବତ କରିଥିବାବେଳେ ସେହିଭଳି କିଛି ବଡ଼ ଧରଣର ଚଢ଼ଉ କିମ୍ବା ଗଞ୍ଜେଇ ଜବତ ଘଟଣା ଗତ ପ୍ରାୟ ବର୍ଷକ ଭିତରେ ବଲାଙ୍ଗିର ଜିଲ୍ଲାରୁ ସାମ୍ନାକୁ ଆସିନାହିଁ। ବଡ଼ ମାଛ ଛାଡି କେରାଣ୍ଡି ଗୋଟାଇବା ଭଳି ଉଭୟ ପୁଲିସ ଓ ଅବକାରୀ ବିଭାଗ ଛୋଟିଆ ଗଞ୍ଜେଇ ବେପାରୀମାନଙ୍କୁ ଧରି ଗିରଫ କରୁଥିବାବେଳେ ବଲାଙ୍ଗିର ଦେଇ ଚାଲାଣ କରୁଥିବା ବଡ଼ ମାଛ କେବେ ଧରାପଡ଼ିବେ ତାହା ବଡ଼ ପ୍ରଶ୍ନ ହୋଇରହିଛି। ବୌଦ୍ଧ, ମାଲକାନଗିରି, ନବରଙ୍ଗପୁର, ରାୟଗଡ଼ା ଅଞ୍ଚଳରୁ ଅବାଧରେ ବଲାଙ୍ଗିରକୁ ଗଞ୍ଜେଇ ଆସି ପୁଣି ବଲାଙ୍ଗିରରୁ ଅନ୍ୟତ୍ର ବେଆଇନ ଭାବେ ଚାଲାଣ ହେଉଥିବା ଜଣାପଡ଼ିଛି।

ଅବାଧ ଗଞ୍ଜେଇ ଚାଲାଣର ମୁଖ୍ୟ କରିଡର ପାଲଟିଛି ବଲାଙ୍ଗିର। ନିୟମିତ ଟ୍ରକ, ଚାରିଚକିଆ, ବାଇକ୍‌ରେ ଗଞ୍ଜେଇ ଚାଲାଣ ହେଉଥିବା ବେଳେ ସବୁ ଜାଣି ଅଜଣା ସାଜିଛି ବଲାଙ୍ଗିର ପୁଲିସ। ବଲାଙ୍ଗିର ସହର ଦେଇ ଏହି ଗଞ୍ଜେଇ ଚାଲାଣ ହେଉଥିବାବେଳେ ପୁଲିସ ଏବିଷୟରେ ଟେର ପାଉନି। ଦୁଇଦିନ ତଳେ ସୋନପୁର ପୁଲିସ ଏକ ବଡ଼ ଧରଣର



ଜାଣି ଅଜଣା ଅବକାରୀ ବିଭାଗ

ବର୍ଷକ ଭିତରେ ପୁଲିସ କରିନି ବଡ଼ ଚଢ଼ଉ

ଗଞ୍ଜେଇ ଚାଲାଣ ସମୟରେ ଚଢ଼ଉ କରିଥିଲା। ଉକ୍ତ ଗଞ୍ଜେଇ ବଲାଙ୍ଗିର ଜିଲ୍ଲା ପୁଇଁନ୍ତଲା ଥାନା ଦେଇ ଚାଲାଣ ହୋଇଥିବା ଚର୍ଚ୍ଚା ହେଉଛି। ଏହିଭଳି ନିୟମିତ ଭାବେ ଏହି ରାସ୍ତାରେ ପୁଇଁନ୍ତଲା ଥାନା ଅଞ୍ଚଳ ଦେଇ ଗଞ୍ଜେଇ ଚାଲାଣ ହେଉଥିବା ବେଳେ ପୁଲିସ ସତରେ ଅଜଣା ନା ଜାଣିଶୁଣି ଅଜଣା ହେବାର ଅଭିନୟ କରୁଛି ତାହା ସବୁଠାରୁ ବଡ଼ ପ୍ରଶ୍ନ।

ମିଳିଥିବା ସୂଚନା ଅନୁସାରେ ଗଞ୍ଜେଇ ବିଶେଷ କରି ମାଲକାନଗିରି, କୋରାପୁର, ବୌଦ୍ଧ ଅଞ୍ଚଳରୁ ବଲାଙ୍ଗିର ଦେଇ ଚାଲାଣ ହେଉଥିବା ଜଣାପଡ଼ିଛି। ପ୍ରଥମେ ଏହି ଅଞ୍ଚଳରୁ ଗଞ୍ଜେଇ ବଲାଙ୍ଗିରକୁ ଆସୁଥିବା ବେଳେ କିଛି ବେପାରୀ ବେଶ ଚାଲାକିର ସହ ଅନ୍ୟତ୍ର ଏହାକୁ ଲୁଚାଇ ରଖୁଛନ୍ତି। ପରେ ଛୋଟଛୋଟ ପରିମାଣରେ ଏହାକୁ ଭାଗକରି ରାୟପୁର, କ ଲି କ ତ । କୁ ଚାଲାଣ ହେଉଥିବା ସୂଚନା ମିଳିଛି। ତେବେ ଚାଲାଣ ପାଇଁ ସବୁଧରଣର ଗାଡ଼ି ବ୍ୟବହାର କରାଯାଉଥିବା ଜଣାପଡ଼ିଛି। ବାଇକ୍‌ଠାରୁ ଅରମ୍ଭ କରି ଟ୍ରକ୍ ପର୍ଯ୍ୟନ୍ତ ଚାଲାଣରେ ବ୍ୟବହାର ହେଉଥିବାବେଳେ ଅନେକ ସମୟରେ ଟ୍ରେନ୍‌ରେ ମଧ୍ୟ ଏହି ଚାଲାଣ କରାଯାଉଥିବା ଜଣାପଡ଼ିଛି। ଗଞ୍ଜେଇ ବ୍ୟବସାୟରେ ମହିଳାମାନଙ୍କ ସମ୍ପୃକ୍ତି ମଧ୍ୟ ସାମ୍ନାକୁ ଆସିଛି। ଲୁଚାଛପାରେ ଯେଉଁଭଳି ଢଙ୍ଗରେ ଗଞ୍ଜେଇ ଚାଲାଣ ହୋଇପାରିବ ସବୁ କୌଶଳ ଗଞ୍ଜେଇ ବ୍ୟବସାୟୀମାନେ ଆପଣେଇ ନେଇଥିବା ବେଳେ ଏହାକୁ ରୋକିବା ପାଇଁ ବଲାଙ୍ଗିର ପୁଲିସ ଓ ଅବକାରୀ ବିଭାଗ ସମ୍ପୂର୍ଣ୍ଣ ଭାବେ ଫେଲ ମାରିଛି। ବିଶେଷକରି ତୁଷୁରା ଥାନା, ପୁଇଁନ୍ତଲା ଥାନା, ସଦର ଥାନା, ଦେଓଗାଁ ଥାନା, ପାଟଣାଗଡ଼ ଥାନା, ଖପ୍ରାଖୋଲ ଥାନା ଦେଇ ଏହି ଚାଲାଣ ହେଉଥିବାବେଳେ ପୁଲିସ ଏହି ଚାଲାଣ ଉପରେ କେବେ ନଜର ପକାଇବ ତାହା ଦେଖିବା କଥା। ଅନ୍ୟପକ୍ଷରେ ଗତ ପ୍ରାୟ ବର୍ଷକ ଭିତରେ ବଲାଙ୍ଗିର ଜିଲ୍ଲାରେ ଗଞ୍ଜେଇ ଚାଲାଣ ଉପରେ ସେହିଭଳି କିଛି ବଡ଼ ଧରଣର ଚଢାଉ ହୋଇନଥିବା ଜଣାପଡ଼ିଛି। ଗଞ୍ଜେଇ ମାମଲାରେ ଅବକାରୀ ବିଭାଗ ପ୍ରାୟତଃ ସୁପ୍ତ ହୋଇରହିଥିବା ବେଳେ ଅବଶ୍ୟ ପୁଲିସ ଓ ଆରପିଏଫ ମିଶି କିଛି ଗଞ୍ଜେଇ ଚଢ଼ଉ କରିଛନ୍ତି। ଗଞ୍ଜେଇ ଚାଲାଣକୁ ରୋକିବା ପାଇଁ ଜିଲ୍ଲା ପୁଲିସ ପକ୍ଷରୁ ସ୍ୱତନ୍ତ୍ର ଭାବେ ଅଭିଯାନ କରି ଚଢ଼ଉ ଜୋରଦାର କରିବାକୁ ଦାବି ହୋଇଛି।

## ଢାବାରେ ଚାଲୁଛି ମଦ କାରବାର; ଚେଇଁ ଶୋଇଛି ପୁଲିସ



**ପାଟଣାଗଡ଼, ୨୦।୭ (ସମିସ):** ପାଟଣାଗଡ଼ରୁ ବଲାଙ୍ଗିର ଯାଇଥିବା ମୁଖ୍ୟ ରାସ୍ତା ତଥା ଜାତୀୟ ରାଜପଥ କଡ଼ରେ ଥିବା ଏକ ଢାବାରେ ଖୋଲାଖୋଲି ବେଆଇନ ମଦ ବିକ୍ରି ହେଉଛି। ଅବକାରୀ ବିଭାଗ ଓ ପୁଲିସ ଜାଣିଶୁଣି ଚୁପ୍ ରହିଛି।ପ୍ରକାଶ ଯେ ପାଟଣାଗଡ଼ ଥାନା ଠାରୁ ତିନି କିମି ଦୂର ରାମପୁର ପେଟ୍ରୋଲ ପମ୍ପ ନିକଟସ୍ଥ ଏକ ଢ଼ାବାରେ ଚାଲୁଛି ବେଆଇନ ମଦ କାରବାର। ଏହି ଢାବାକୁ ରାତିରେ ପାଟ୍ରୋଲିଂ ପାଇଁ ପୁଲିସ ଗାଡି ଯାଉଛି ସତ କିନ୍ତୁ ଖାଲି ହାତରେ ଫେରିଆସୁଛି। ଏହି ଢାବାର ପଛପଟେ ଲୋକଙ୍କ ପାଇଁ ବସିବାସହ ମଦ୍ୟପାନ ପାଇଁ ସ୍ୱତନ୍ତ୍ର କୋଠରିମାନ ତିଆରି କରାଯାଇଛି। କୋଠରି ସମ୍ମୁଖରେ ଏକ ପରଦା ମଧ୍ୟ ଦିଆଯାଇଛି ଯେଉଁଭଳି ବାହାର ଲୋକଙ୍କୁ ଦେଖାଯିବନାହିଁ। ଅନ୍ୟପଟେ ଏହି ଢାବାରେ ଅସାମାଜିକ ବ୍ୟକ୍ତିଙ୍କ ଆଡ୍ଡାସ୍ଥଳୀ ପାଲଟିବାସହ ଏଠାରେ ମଦ୍ୟପାନ କରି ନିଶାସକ୍ତ ଅବସ୍ଥାରେ ଅପରାଧୀ ବିଳମ୍ବିତ ରାତ୍ରିରେ ଚୋରି, ଡକାୟତି ଭଳି ଘଟଣାମାନ ଘଟାଉଥିବା ଅଭିଯୋଗ ହେଉଛି। ତେବେ ବିଳମ୍ବିତ ରାତ୍ରି ପର୍ଯ୍ୟନ୍ତ ଏହି ଢ଼ାବା ଖୋଲୁଥିଲେ ମଧ୍ୟ ସେହି ରାସ୍ତାଦେଇ ପାଟ୍ରୋଲିଂ ପାଇଁ ଯାଉଥିବା ପୁଲିସ ମଧ୍ୟ ନିରବଦ୍ରଷ୍ଟା ସାଜିଛି। ଏ ବିଷୟରେ ପାଟଣାଗଡ଼ ଅବକାରୀ ଅଧିକାରୀ ରାଜ କୁମାର ବେହେରାଙ୍କୁ ପଚାରିବାରୁ 'ମୁଁ ଉକ୍ତ ଢାବାରେ ଦୁଇଥର ଚଢ଼ଉ କଲିଣି', ବେଆଇନ ମଦ ଜବତ ହୋଇ କୋର୍ଟ ଚାଲାଣ ମଧ୍ୟ କରାଯାଇଛି। ଯଦି ସେଭଳି ପୁଣି ଚାଲିଛି ଖୁବଶୀଘ୍ର ପଦକ୍ଷେପ ନିଆଯିବ ବୋଲି କହିଥିଲେ।

## ନଳକୂପ ଚାରିପଟେ କୀଟନାଶକ ପକାଇଦେଲେ ଦୁର୍ବୃତ୍ତ

**ଖପ୍ରାଖୋଲ, ୨୦।୭ (ସମିସ):** ବଲାଙ୍ଗିର ଜିଲ୍ଲା ଲାଠୋର ଥାନା ଅଧୀନ ଘୁନସର ପଞ୍ଚାୟତର ପୁଟକେଲଚୁଆଁ ଗ୍ରାମର ତଳିପଡ଼ା ଓ ମଝି ପଡ଼ା ଠାରେ ଥିବା ଦୁଇଟି ନଳକୂପ ରେ କେହି ଦୃର୍ବୃତ୍ତ କୀଟନାଶକ ଔଷଧ ବିଞ୍ଚି ଦେଇଥିବାରୁ ଦୁଇ ପଡ଼ାବାସୀ ଆଜି ପାଣି ପାଇଁ ହଇରାଣ ହୋଇଛନ୍ତି। ପୁଟକେଲଚୁଆଁ ଗ୍ରାମର ତଳିପଡ଼ା ଓ ମଝିପଡ଼ାର ଦୁଇଟି ନଳକୂପ ରେ ଗତ ରାତିରେ କେହି ଦୃର୍ବୃତ୍ତ କୀଟନାଶକ ଔଷଧ ବିଞ୍ଚି ଦେଉଥିବା ବେଳେ ସକାଳୁ ଗାଁ ଲୋକେ ଦେଖି ଆର୍ ଡବ୍ଲୁ ଏସ ଏସ ଯନ୍ତ୍ରୀ ଶ୍ୟାମ କୁମାରଙ୍କୁ ଖବର ଦେଇଥିଲେ। ଏନେଇ ଯନ୍ତ୍ରୀ ପଡ଼ାଲୋକଙ୍କୁ ନାଳକୁପର ପାଣି ବ୍ୟବହାର ପାଇଁ ବାରଣ କରିବା ସହ ସନ୍ଦେହରେ ପାଣିକୁ ପରୀକ୍ଷଣ ପାଇଁ ପଠାଯାଇଥିବା ସୂଚନା ଦେଇଛନ୍ତି।

## ବାଇକ୍ ଧକ୍କାରେ ଜଣେ ମୃତ

**କଣ୍ଟାବାଞ୍ଜି/ମୁରିବାହାଲ, ୨୦।୭ (ସମିସ):** ବଲାଙ୍ଗିର ଜିଲ୍ଲା ବଙ୍ଗୋମୁଣ୍ଡା-ଟିଟିଲାଗଡ଼ ରାସ୍ତାର ଗୁରଣ୍ଡା ଗ୍ରାମ ନିକଟରେ ବାଇକ୍ ଧକ୍କାରେ ଜଣେ ଯୁବକଙ୍କ ମୃତ୍ୟୁ ଘଟିଛି। ମୃତ ଯୁବକ ଜଣକ ମୁରିବାହାଲ ଥାନା ଅଧୀନ ଗୁରୁଣ୍ଡା ଗ୍ରାମର ତୋଫାନ କୈବର୍ତ୍ତ ବୋଲି ଜଣାପଡ଼ିଛି। ସେ ଗାଁ ରାସ୍ତା କଡ଼ରେ ଛିଡା ହୋଇଥିବା ବେଳେ ଗରେଇ ଗାଁର ଜଣେ ଯୁବକ ତାଙ୍କୁ ବାଇକ୍‌ରେ ଧକ୍କାଦେଇ ଫେରାର ମାରିଥିବା ଜଣାପଡ଼ିଛି। ଏନେଇ ମୁରିବାହାଲ ପୁଲିସ ଅଧିକ ତଦନ୍ତ ଆରମ୍ଭ କରିଥିବା ଜଣାପଡ଼ିଛି।

■ କଣ୍ଟାବାଞ୍ଜି ପୂର୍ତ୍ତବିଭାଗ ରାସ୍ତା

## ରାସ୍ତା ହେଲା; ଡ୍ରେନ୍ କାମ ସମ୍ପୂର୍ଣ୍ଣ ହେଲାନି



**କଣ୍ଟାବାଞ୍ଜି, ୨୦।୭ (ସମିସ):** ସରକାର ଜନସାଧାରଣଙ୍କ ଗମନାଗମନ ସଂଯୋଗ ପାଇଁ କୋଟିକୋଟି ଟଙ୍କା ଖର୍ଚ୍ଚକରି ରାସ୍ତା ଉନ୍ନତୀକରଣ କରୁଥିବାବେଳେ ଠିକା ସଂସ୍ଥାର ମନୋମୁଖି କାର୍ଯ୍ୟ ବନ୍ଦ ହେଉନଥିବା ଅଭିଯୋଗ ହେଉଛି। ବଲାଙ୍ଗିର ଜିଲ୍ଲା କଣ୍ଟାବାଞ୍ଜି ପୂର୍ତ୍ତ ବିଭାଗ ଅଧୀନରେ ଥିବା ବଙ୍ଗୋମୁଣ୍ଡା ଠାରୁ କୁର୍ଲି ପର୍ଯ୍ୟନ୍ତ ନୂତନ ଭାବରେ ରାସ୍ତା ନିର୍ମାଣ କରାଯାଇଥିଲା। ଠିକାଦାର ଜଣକ ରାସ୍ତା ନିର୍ମାଣ କାମ ସମ୍ପୂର୍ଣ୍ଣ କରିଥିବା ବେଳେ ଡ୍ରେନ୍ ନିର୍ମାଣ କାମ ସମ୍ପୂର୍ଣ୍ଣ କଲେ ନାହିଁ। ଡ୍ରେନ୍ ନିର୍ମାଣ ପାଇଁ ଟଟୁଅନକା ଗାଁ ନିକଟରେ ଅନେକ ବଡ଼ ବଡ଼ ଗଛ କଟା ଯାଇଥିବା ବେଳେ ଆଜିଯାଏ ଗୋଟିଏ ପଟେ ଅଧାପନ୍ତରିଆ ଡ୍ରେନ୍ କାମ ହୋଇଥିବା ବେଳେ ଅନ୍ୟପଟେ ଡ୍ରେନ୍ କାମ ହେଉନି। କଣ୍ଟାବାଞ୍ଜି ସହରରେ ମଧ୍ୟ ଡ୍ରେନ୍ କାମ ଅଧାପନ୍ତରିଆ ହୋଇ ପଡ଼ିଥିବାରୁ ଲୋକେ ଦୁର୍ଘଟଣାଗ୍ରସ୍ତ ହେଉଛନ୍ତି। ଏନେଇ ବିଭାଗୀୟ କର୍ତ୍ତୃପକ୍ଷ ନଜର ଦେଉ ନ ଥିବା ଯୋଗୁଁ ଜନ ସାଧାରଣ ଅସନ୍ତୋଷ ପ୍ରକାଶ କରିଛନ୍ତି। ସେପଟେ କଣ୍ଟାବାଞ୍ଜିରୁ ଚାଉଳଶୁଖା ଯାଏ ନିର୍ମାଣ ହୋଇଥିବା ରାସ୍ତା କାମରେ ମଧ୍ୟ ଅନେକ ଅନିୟମିତା ହୋଇଥିବା ଅଭିଯୋଗ ହେଉଛି।

## ଭାରତୀୟ ଶିକ୍ଷଣ ମଣ୍ଡଳର ଗୁରୁପୂଜନ ଉତ୍ସବ



**ବଲାଙ୍ଗିର, ୨୦।୭ (ସମିସ):** ସ୍ଥାନୀୟ ଟାଉନ ବାଳିକା ଉଚ୍ଚ ବିଦ୍ୟାଳୟଠାରେ ଭାରତୀୟଶିକ୍ଷଣ ମଣ୍ଡଳ, ବଲାଙ୍ଗିର ଶାଖା ତରଫରୁ ଗୁରୁ ପୂଜନ ଉତ୍ସବ ସଭାପତି ପ୍ରଫେସର ତରୁଣ କୁମାର ମିଶ୍ରଙ୍କ ସଭାପତିତ୍ୱରେ ପାଳିତ ହୋଇଯାଇଛି। ଉକ୍ତ ଉତ୍ସବରେ କସ୍ତୁରୀ ରଥ ସଂଯୋଜନା ଓ ସମ୍ପାଦକ ଦିବାକର ହୋତା ଅତିଥି ପରିଚୟ କରିଥିଲେ। ମୁଖ୍ୟଅତିଥି ପ୍ରଫେସର ସତ୍ୟବନ୍ତ ବେଦବାକ ଓ ମୁଖ୍ୟବକ୍ତା ଭାବରେ ସନାତନ ଠାକୁର ମଞ୍ଚାସିନ ଥିଲେ। ଅତିଥିମାନେ ମହର୍ଷି ବ୍ୟାସଦେବଙ୍କ ଫଟୋଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ କରି ଓଡ଼ିଶା ପଶ୍ଚିମ ପ୍ରାନ୍ତ କୋଷାଧକ୍ଷ ସତ୍ୟନାରାୟଣ ପ୍ରଦାନ ଧ୍ୟେୟ ଶ୍ଳୋକ ପାଠ କରିଥିଲେ। ଏହି ଅବସରରେ ଭାରତୀୟ ଶିକ୍ଷଣ ମଣ୍ଡଳ, ବଲାଙ୍ଗିରର ପୂର୍ବତନ ସଭାପତି ନାଟ୍ୟଭୂଷଣ ଜଗଦାନନ୍ଦ ଛୁରିଆ ଏବଂ ପୂର୍ବତନ ରାଜ୍ୟ ସମ୍ପାଦକ ଧର୍ମବ୍ରତ ରଥଙ୍କୁ ସମ୍ମାନିତ କରାଯାଇଥିଲା। ମୁଖ୍ୟଅତିଥି ଭାରତୀୟ ସମାଜରେ ଗୁରୁ ପରମ୍ପରାର ମହନୀୟତା ବର୍ଣ୍ଣନା କରିବା ସହ ବ୍ୟାସଦେବଙ୍କ ଜୀବନି ଉପରେ ଆଲୋକପାତ କରିଥିଲେ। ଉକ୍ତ ସଭାରେ ଗିରିଜା ଶଙ୍କର ରଥ, ପ୍ରଶନ୍ନ ମିଶ୍ର, ଗୋପାଳ ପ୍ରଧାନ, ବିରଞ୍ଚି ତ୍ରୀପାଠି, ଅରୁଣ ଖୁଆସ, ବିରଞ୍ଚି ନାରାୟଣ ଦାଶ, ମାଳତି ଉଦ୍‌ଗାତା, ନିହାରିକା ମିଶ୍ର, ସଂଯୁକ୍ତା ପରିଚ୍ଛା, ବଳିଷ୍ଠ ପ୍ରଧାନ, ମଧୁସୁଦନ ନାୟକ, ନରେନ୍ଦ୍ର ମିଶ୍ର, ନବକୃଷ୍ଣ ପଟେଲ, ଯଯାତି କେଶରୀ ପ୍ରଧାନ, ଦେବଦତ୍ତ ମିଶ୍ର, ରାମଶଙ୍କର ଶତପଥୀ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଉପଲକ୍ଷେ ସତ୍ୟାନନ୍ଦ ବିଶ୍ୱାଳ ସ୍କୁଲ ଛାତ୍ରୀଙ୍କ ମଧ୍ୟରେ ଏକ କୁଇଜ ପ୍ରତିଯୋଗିତା ସଞ୍ଚାଳନ କରିଥିଲେ। ଶେଷରେ ସୁଶ୍ରୀ ସବିତା ଭୋଇ ଧନ୍ୟବାଦ ଅର୍ପଣ କରିଥିଲେ।

## ପୋଷଣ କିଟ୍ ଶୁଭାରମ୍ଭ କଲେ ଉପମୁଖ୍ୟମନ୍ତ୍ରୀ



**ବେଲପଡ଼ା, ୨୦।୭ (ସମିସ):** ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ସଂକଳ୍ପ କୁପୋଷଣ ମୁକ୍ତ ଭାରତ ଯୋଜନା ଓଡ଼ିଶା ରେ ପ୍ରଥମ ଥର କରି ଶୁଭାରମ୍ଭ ହୋଇଛି। ପାଟଣାଗଡ଼ ସୁଭଦ୍ରା ଭବନଠାରେ ଏହାକୁ ଉପମୁଖ୍ୟମନ୍ତ୍ରୀ ତଥା ପାଟଣାଗଡ଼ ବିଧାୟକ କନକ ବର୍ଦ୍ଧନ ସିଂ ଦେଓ ଶୁଭାରମ୍ଭ କରିଛନ୍ତି। ପରେ ବେଲପଡ଼ାଠାରେ ଏହାର ଶୁଭାରମ୍ଭ କରିଛନ୍ତି। ଦେଶରୁକୁ ପୋଷଣ କୁ ଦୂର କରିବା ପାଇଁ ଏହି ଯୋଜନା ହାତ କୁ ନେଇଥିବା ବେଳେ ଏଥିରେ ଗର୍ଭବତୀ, ପ୍ରସୂତି ଏବଂ ୬ ବର୍ଷ ରୁ କାମ ଥିବା ଶିଶୁ ମାନଙ୍କୁ ସାମିଲ କରାଯାଇଛି। ପାଟଣାଗଡ଼ ବ୍ଲକରେ ମୋଟ ୨୦୦ ଟି 'ପୋଷଣ କିଟ୍' ବଣ୍ଟନ କରାଯାଇଥିଲା। ପୋଷଣ କିଟ୍‌ରେ ଚୂଡ଼ା, ସୋୟାବିନ ବରୀ, ଭୁନା ଚଣା, ଚିନାବାଦାମ, ଖଜୁର ଆଦି ବିଭିନ୍ନ ପୁଷ୍ଟକର ଖାଦ୍ୟ ରହିଛି। ଏନି କେୟାର ପାଉଣ୍ଡେସନ ଦ୍ୱାରା ପୋଷଣ କିଟ୍ ବିତରଣ କରାଯାଉ ଥିବାବେଳେ ଏହାଦ୍ୱାରା ମହିଳା ଶିଶୁ ମାନେ ପୁଷ୍ଟିକର ଖାଦ୍ୟ ଖାଇ ଶରୀର କୁ ଫିଟ୍ ରଖିପାରିବେ। ୧୭ ହଜାର ମହିଳା ଓ ଶିଶୁକୁ ଏହି ପୋଷଣ କିଟ୍ ବଣ୍ଟନ କରାଯିବା ନେଇ ଉପ ମୁଖ୍ୟମନ୍ତ୍ରୀ ସୂଚନା ଦେଇଛନ୍ତି। ଏଥିରେ ଉପ ମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂ ଦେଓ -ଅଭିନେଶ ତ୍ରିପାଠୀ ବରିଷ୍ଠ ପରାମର୍ଶଦାତା, ଖଣି ମନ୍ତ୍ରାଳୟ, ଉପ ଜିଲ୍ଲାପାଳ ସୁନିଲ ମେହେର, ବିଡିଓ ରାଜେଶ ମେହେର, ତହସିଲଦାର ଅଭିଷେକ କିଷାନ, ୨୪ ଓ ୨୬ ନମ୍ବର ଜୋନ ଜିଲ୍ଲା ପରିଷଦ, ବେଲପଡ଼ା ଶିଶୁ ପ୍ରକଳ୍ପ ଅଧିକାରୀ ବିଦ୍ୟୁତ ପ୍ରଭା ନାଗଙ୍କ ସହ ଅନ୍ୟମାନେ ଉପସ୍ଥିତ ଥିଲେ।

## ସାମ୍ବାଦିକ ସଂଘ ତରଫରୁ ଚାରାରୋପଣ




**ସଇଁତଳା, ୨୦।୭ (ସମିସ):** ସଇଁତଳା ବ୍ଲକସ୍ଥିତ ସାମ୍ବାଦିକ ସଂଘ ତରଫରୁ ଜାମପଦର ପୁଲିସ କଲୋନୀ ପରିସରରେ ଚାରାରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଉକ୍ତ ଉତ୍ସବରେ ଓଡ଼ିଶା ସାମ୍ବାଦିକ ସଂଘର ରାଜ୍ୟ ସମ୍ପାଦକ ପ୍ରମୋଦ କୁମାର ସେଲମାଙ୍କ ଅଧକ୍ଷତା ଅନୁଷ୍ଠିତ ସଭାରେ ମୁଖ୍ୟଅତିଥି ଭାବରେ ପୂର୍ବତନ ମନ୍ତ୍ରୀ ସୁରେନ୍ଦ୍ର ସିଂ ଭୋଇ ଯୋଗଦାନ କରି କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ଅନ୍ୟତମ ସମ୍ମାନିତ ଅତିଥି ଭାବରେ ବ୍ଲକ ଉପାଧ୍ୟକ୍ଷ ଗୁଣସାଗର ମାଝୀ, ବିଶିଷ୍ଟ ସମାଜସେବୀ ମଦନଲାଲ ଅଗ୍ରୱାଲ, ରେଞ୍ଜର ସାଗରରାଜ ନାୟକ, ଥାନା ଅଧିକାରୀ ସୁଶାନ୍ତ ବଡ଼େଇ ପ୍ରମୁଖ ଯୋଗଦାନ କିରଥିଲେ। ଏହି ପରିପେକ୍ଷୀରେ ଯୁବ ସାମ୍ବାଦିକ ତଥା ସଂଘ ସମ୍ପାଦକ ସୁଶାନ୍ତ ମେହେର, ରାଖାଲ ଶତପଥୀ, ଚନ୍ଦ୍ରଭାନୁ ପ୍ରଧାନ, ରଞ୍ଜନ ବାଗ, ଲକ୍ଷ୍ମୀକାନ୍ତ ସାହୁ, ଅଶ୍ୱନୀ ସାହୁ ଓ କାଗଜ ବିତରକ ଅନି ରାଓଙ୍କୁ ସଂଘ ତରଫରୁ ସମ୍ମାନିତ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ବଉଳ ଗଛ ସାଙ୍ଗକୁ ଅନ୍ୟାନ୍ୟ ଚାରାରୋପଣ କରାଯାଇଥିଲା। ଏସଆଇ ଗୋଇଣ୍ଡି ଖାଁ, ଏଏସ୍‌ଆଇ ଥବିର ମହାରଣା, ତ୍ରିଲୋଚନ ଭୂୟା, ମାଦ୍ରୀ ଛୁରା ଓ ଫରେଷ୍ଟର ସମୀର ରଞ୍ଜନ ମହାପାତ୍ର, ରେବତୀ ଭାଟି, ଛୁମି ସାହୁ ଓ ଜଙ୍ଗଲ ବିଭାଗ, ପୁଲିସ ବିଭାଗ କର୍ମଚାରୀ ଓ ସାମ୍ବାଦିକ ବନ୍ଧୁମାନେ ଉପସ୍ଥିତ ଥିଲେ। ସଂଘ ସଭାପତି ନାରାୟଣ ସାହୁ ଧନ୍ୟବାଦ ପ୍ରଦାନ କରିଥିଲେ।

## କାନ୍ଥପଡ଼ି ମହିଳା ଗୁରୁତର

**କଣ୍ଟାବାଞ୍ଜି, ୨୦।୭ (ସମିସ) :** ଲଗାଣ ବର୍ଷାରେ ଘରକାନ୍ଥ ଭାଙ୍ଗି ପଡ଼ି ଯିବାରୁ ଗର୍ଭବତୀ ମହିଳା ଗୁରୁତର ହୋଇଛନ୍ତି। ଏହି ଭଳି ଘଟଣା ଦେଖିବାକୁ ମିଳିଛି ବଲାଙ୍ଗିର ଜିଲ୍ଲା କଣ୍ଟାବାଞ୍ଜି ଥାନା ଅଧୀନ ବାନ୍ଧନପାଲି ଗାଁରେ। ଏହି ଗାଁର ସୁଶୀଳା ବନଛୋର ନାମକ ଜଣେ ଗର୍ଭବତୀ ମହିଳା ରବିବାର ସକାଳେ ଘରେ



ରୋଷେଇ କରୁଥିବା ସମୟରେ ଲଗାଣ ବର୍ଷା ଯୋଗୁଁ ଘରକାନ୍ଥ ଭାଙ୍ଗି ପଡ଼ି ଯିବାରୁ ସେ ଚାପି ହୋଇ ଯାଇଥିଲେ। ଗୁରୁତର ଅବସ୍ଥାରେ ପରିବାର ଲୋକେ ଉଦ୍ଧାର କରି କଣ୍ଟାବାଞ୍ଜି ଡାକ୍ତରଖାନାରେ ପ୍ରାଥମିକ ଚିକିତ୍ସା କରିବା ସାରିବା ପରେ ବଲାଙ୍ଗିର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ସ୍ଥାନାନ୍ତର କରିଥିଲେ।

## ଅବ୍ୟବସ୍ଥାରେ ଦେଓଗାଁ ଥାନା, ଟଙ୍କା ନଦେଲେ ହଲୁନି ଫାଇଲ୍

**ଦେଓଗାଁ, ୨୦।୭ (ସମିସ):** ବଲାଙ୍ଗିର ଜିଲ୍ଲା ଦେଓଗାଁ ଥାନା ଏବେ ନାନା ଅବ୍ୟବସ୍ଥାଦେଇ ଗତିକରୁଥିବା ଅଭିଯୋଗ ହେଉଛି। ଅଧିକାରୀଙ୍କ ଲାଭଖୋର ନୀତି ଯୋଗୁଁ ସାଧାରଣ ଜନତା ନ୍ୟାୟ ପାଇଁ ହନ୍ତସନ୍ତ ହେଉଥିବା ନଜରକୁ ଆସିଛି। କୌଣସି ଘଟଣାର ଅଭିଯୋଗ କରିବାପାଇଁ ଲୋକେ ଥାନାକୁ ଯିବାପୂର୍ବରୁ ଟଙ୍କାକାରବାର ନେଇ ଚିନ୍ତିତ ରହୁଥିବା ଅଭିଯୋଗ ହେଉଛି। ଗାଡ଼ି ଧରପଗଡ଼ ଠୁ ଆରମ୍ଭ କରି ମାମଲାର ଚାର୍ଜସିଟ ପଠାଇବା ପ୍ରାୟ ସମସ୍ତ କେସ୍‌ରେ ଅଧିକାରୀଙ୍କୁ ଟଙ୍କା ନ ଦେଲେ ପଦକ୍ଷେପ ନେଉନଥିବା ଓ ମାସ ମାସ ଧରି ଦିନଗଡ଼ାଉଥିବା ବାରମ୍ବାର ଅଭିଯୋଗ ହେଉଛି। ଏଭଳି ଏକ ଉଦାହରଣ କିଛିଦିନ ତଳେ ନଜରକୁ ଆସିଥିବା ବେଳେ ପୁଲିସ ଭୟରେ ଉକ୍ତ ବ୍ୟକ୍ତି ଉପରିସ୍ଥ ଅଧିକାରୀଙ୍କୁ ଅଭିଯୋଗ କରିନଥିବା ସାଧାରଣରେ ଚର୍ଚ୍ଚାର ବିଷୟ ହୋଇଛି। ସେହିପରି ଅନେକ ମାମଲାରେ ହାତଗୁଞ୍ଜା ନ ଦେଲେ ଫାଇଲ ହଲୁ ନ ଥିବା ଅଭିଯୋଗ ହେଉଛି। ଅନ୍ୟପଟେ ବନ୍ଧପଡ଼ା ଫାଣ୍ଡି ଅଧୀନ ଖଲିଆପାଲିରେ ଜଣେ ବ୍ୟକ୍ତିଙ୍କ ନାବାଳିକା ଝିଅ ନିଖୋଜ ଅଭିଯୋଗରେ ଝିଅକୁ ଖୋଜିଦେବା ପାଇଁ କୁଆଡ଼େ ପୁଲିସ ୪୦ହଜାର ଟଙ୍କା ମାଗିଥିବା ନେଇ ସାମାଜିକ ଗଣମାଧ୍ୟମରେ ଭିଡିଓ ପ୍ରଚାରିତ ହେଇଥିବାନେଇ ନିର୍ଦ୍ଦିଷ୍ଟ ଗଣମାଧ୍ୟମରେ ଖବର ପ୍ରକାଶିତ ହେବାପରେ ସାଧାରଣରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ଏ ଭଳି ଲାଗି ରହିଲେ ଆଗକୁ ଏନେଇ ଆରକ୍ଷୀ ଅଧିକ୍ଷକଙ୍କ ଦୃଷ୍ଟି ଆକର୍ଷଣ କରାଯିବ ବୋଲି ଦେଓଗାଁ ଗ୍ରାମ୍ୟ ଉନ୍ନୟନ କମିଟି ସୂଚନା ଦେଇଛି। ଏ ଦିଗରେ ଜିଲ୍ଲା ପ୍ରଶାସନ ସ୍ୱତନ୍ତ୍ରଭାବେ ଦୃଷ୍ଟିଦେବାକୁ ସାଧାରଣରେ ଦାବି ହେଉଛି।

### କିଲଟାରୀ ଭବନରୁ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ

# ରାଜୁଡ଼ା ଅମଳ କୋଠାରେ ଚାଲିଛି ଜିଲ୍ଲା ମୁଖିଆଙ୍କ ଅଫିସ୍

**ବଲାଙ୍ଗିର, ୨୦।୭ (ସମିସ)**

ଜିଲ୍ଲାପାଳଙ୍କ ପରେ ଜିଲ୍ଲାପାଳ ବଦଳୁଛନ୍ତି କିନ୍ତୁ ଜିଲ୍ଲାପାଳ ଅଫିସ ଆଜି ବି ରାଜୁଡା ଅମଳରେ ଥିବା କୋଠାରେ ହିଁ ଚାଲିଛି। ନୂତନ ଅତ୍ୟାଧୁନିକ ସୁବିଧା ଥିବା ଜିଲ୍ଲାପାଳ ଅଫିସ ନିର୍ମାଣ କରିବା ପାଇଁ ପ୍ରସ୍ତାବ ରହିଛି କିନ୍ତୁ ଆଶ୍ଚର୍ଯ୍ୟ ଜିଲ୍ଲାର ଅନ୍ୟ କାର୍ଯ୍ୟାଳୟ ଓ ପ୍ରକଳ୍ପ ପାଇଁ ଜିଲ୍ଲାପାଳ ନିଜେ ଜମି ବ୍ୟବସ୍ଥା କରୁଛନ୍ତି ହେଲେ ନିଜ କାର୍ଯ୍ୟାଳୟ ପାଇଁ ଜମି ବ୍ୟବସ୍ଥା କରି ନ ପାରିବା ସମସ୍ତଙ୍କୁ ଚକିତ କରିଛି। ପୁରୁଣା କୋଠା ହୋଇଥିବାରୁ ଜିଲ୍ଲାସ୍ତରୀୟ ସମୀକ୍ଷା ବୈଠକ ଭଳି ଅନ୍ୟସବୁ ବୈଠକ ପାଇଁ ପ୍ରଶାସନ କୁ ବାରଦୁଆର ହେବାକୁ ପଡୁଥିବା ଅଭିଯୋଗ ହୋଇଛି। କେତେବେଳେ ବନ ବିଭାଗ କାର୍ଯ୍ୟାଳୟତ ଆଉ କେତେବେଳେ ଭୀମଭୋଇ ମେଡିକାଲ କଲେଜ ଅଡିଟୋରିୟମ ଉପରେ ନିର୍ଭର କରୁଥିବା ଦେଖିବାକୁ ମିଳିଛି। ସ୍ୱତନ୍ତ୍ର ଜିଲ୍ଲା ମାନ୍ୟତା ପାଇବା ପରଠାରୁ ଜିଲ୍ଲା ମୁଖିଆଙ୍କ କାର୍ଯ୍ୟାଳୟ ପାଟଣା ଶାସନ ସମୟରେ ରହିଥିବା କିଲଟାରୀ ଭବନଠାରୁ ହିଁ ପରିଚାଳିତ ହୋଇଆସୁଛି। ପୁରୁଣା କୋଠାକୁ ବାରମ୍ବାର ପୁନରୁଦ୍ଧାର କରି କାମ କରାଯାଉଥିବା ଦେଖିବାକୁ ମିଳିଛି। ଏହି କୋଠାଟି ଅତ୍ୟନ୍ତ ପୁରୁଣା ହୋଇଥିବାରୁ ଅନେକ ସମସ୍ୟା ଦେଖାଦେଉଥିବା ଅଭିଯୋଗ ହୋଇଛି। କିଛି ବର୍ଷ ତଳେ ଅତିରିକ୍ତ ଜିଲ୍ଲାପାଳ କାର୍ଯ୍ୟାଳୟର ସିଲିଂ ଖସି ପଡ଼ିଥିଲା। ପ୍ରତ୍ୟହ ବିଭିନ୍ନ

**ନୂତନକୋଠା ପାଇଁ ଉଦ୍ୟମ ପରେ ଶୀଥିଳତା**

**କାର୍ଯ୍ୟାଳୟକୁ ମିଳୁନି ଜମି**




କାମ ନେଇ ଲୋକେ ଏହି ସ୍ଥାନକୁ ଆସୁଥିବା ବେଳେ କାର୍ଯ୍ୟାଳୟର ସେହିଭଳି କୌଣସି ସ୍ୱତନ୍ତ୍ର ପାର୍କିଂ ବ୍ୟବସ୍ଥା ମଧ୍ୟ ନାହିଁ। ଜିଲ୍ଲାସ୍ତରୀୟ ବୈଠକ ଏହି କାର୍ଯ୍ୟାଳୟ ପରିସରରେ ହେବା କଥା କିନ୍ତୁ ଏହି କୋଠାରେ ଥିବା ସମ୍ମିଳନୀ କକ୍ଷ ଛୋଟଥିବାରୁ ଜିଲ୍ଲାପାଳ କାର୍ଯ୍ୟାଳୟରେ ହେବା ବୈଠକ ପ୍ରାୟତଃ ଅନ୍ୟତ୍ର ହେଉଥିବା ଦେଖିବାକୁ ମିଳିଛି। ବନବିଭାଗ କାର୍ଯ୍ୟାଳୟ, ଜିଲ୍ଲାପରିଷଦ କାର୍ଯ୍ୟାଳୟ କିମ୍ବା ଭୀମଭୋଇ ମେଡିକାଲ କଲେଜର ଅଡଟୋରିୟମ ଉପରେ ହିଁ ନିର୍ଭର କରିବାକୁ ପଡୁଥିବା ଦେଖିବାକୁ ମିଳିଛି। ଆଜିର ଦିନରେ ରାଜ୍ୟର ପ୍ରାୟ ସମସ୍ତ ଜିଲ୍ଲାପାଳ କାର୍ଯ୍ୟାଳୟ ବେଶ ଉନ୍ନତ ଓ ଅତ୍ୟାଧୁନିକ ହୋଇଥିବା ବେଳେ ବଲାଙ୍ଗିର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ କଥା ନକହିବା ଭଲ। ନୂତନ ଜିଲ୍ଲାପାଳ କାର୍ଯ୍ୟାଳୟ ପାଇଁ ବିଗତ କିଛିବର୍ଷ ହେଲା ପ୍ରସ୍ତାବ ରହିଛି। ପୂର୍ବତନ ବଲାଙ୍ଗିର ଜିଲ୍ଲାପାଳ ଚଞ୍ଚଳ ରାଣାଙ୍କ ସମୟରେ ସେ ଉଦ୍ୟମ ମଧ୍ୟ କରିଥିଲେ। ଏଥିପାଇଁ ଜମି ଚିହ୍ନଟ ହୋଇଥିବା ବେଳେ ସରକାରୀ ଜମି ରୁ ଜବରଦଖଲ ଉଚ୍ଛେଦ କରିବା ପାଇଁ ନୋଟିସ ମଧ୍ୟ ଲଗାଇଥିଲେ। କାର୍ଯ୍ୟାଳୟ ପାଇଁ ଇନ୍ଦିରାନଗରରେ ଜମି ଚିହ୍ନଟ ହୋଇଥିବା ବେଳେ ତାହା ରାଜନୈତିକ ହସ୍ତକ୍ଷେପ ଯୋଗୁଁ ତାହା ସଫଳ ହୋଇ ନ ଥିଲା। ଉକ୍ତ ସ୍ଥାନରେ ଜିଲ୍ଲା କୋର୍ଟ ଓ ଜିଲ୍ଲାପାଳ ଅଫିସ ନିର୍ମାଣ ପ୍ରସ୍ତାବ ରହିଥିଲା। ଇନ୍ଦିରାନଗରର ଜମି ବିବାଦ ଭିତରେ ରହିବା ପରେ ପରବର୍ତ୍ତୀ ସମୟରେ କୋର୍ଟ ପାଇଁ ଅନ୍ୟତ୍ର ଜମି ପ୍ରଦାନ କରାଯାଇଛି ସତ କିନ୍ତୁ ଜିଲ୍ଲାପାଳ ଅଫିସ ପାଇଁ ଆଜିପର୍ଯ୍ୟନ୍ତ ଜମି ବ୍ୟବସ୍ଥା ହୋଇ ନ ଥିବା ଜଣାପଡ଼ିଛି। ଚଞ୍ଚଳ ରାଣାଙ୍କ ପରେ ଗୌରୱଶିବାଜୀ ଇସାଲୱର ବର୍ତ୍ତମାନ ଜିଲ୍ଲାପାଳ ରହିଛନ୍ତି। ତାଙ୍କ ପକ୍ଷରୁ ମଧ୍ୟ ଏଥିପାଇଁ ସେହିଭଳି କିଛି ତତ୍ପରତା ଦେଖିବାକୁ ମିଳୁନାହିଁ। ଫଳରେ କେବେ ନୂତନ କୋଠା ନିର୍ମାଣ ହେବ ଓ ଜିଲ୍ଲାପାଳ ଅଫିସ ସ୍ଥାନାନ୍ତର ହେବ ତାହା ବଡ଼ ପ୍ରଶ୍ନ। ପୁରୁଣା କୋଠା ଯୋଗୁଁ ହଇରାଣ ହେଉଥିବା ଜିଲ୍ଲାବାସୀ, କର୍ମଚାରୀ ଓ ପ୍ରଶାସନିକ ଅଧିକାରୀ ଅଉ କେତେ ବର୍ଷ ଅପେକ୍ଷା କରିବାକୁ ପଡ଼ିବ ତାହା ଦେଖିବାକୁ ବାକି ରହିଲା।

■ ସାହାଜଟ ସେବାଶ୍ରମ ଛାତ୍ର ମୃତ୍ୟୁ ଘଟଣା

# ହତ୍ୟା ଅଭିଯୋଗ ଆଣିଲେ ପରିବାର ଲୋକ

**ନୂଆପଡ଼ା/କୋମନା, ୨୦।୭(ସମିସ):** ନୂଆପଡ଼ା ଜିଲ୍ଲା କୋମନା ଥାନା ସାହାଜଟ ସେବାଶ୍ରମ ବିଦ୍ୟାଳୟ ହଷ୍ଟେଲ କ୍ୟାମ୍ପସରେ ଅଶ୍ୱିନୀ ବନଛୋର ନାମକ ଜଣେ ଅଷ୍ଟମ ଶ୍ରେଣୀ ଛାତ୍ରଙ୍କ ମୃତ୍ୟୁ ନେଇ ତୁମ୍ବି ତୋଫାନ ଚାଲିଛି। ବର୍ତ୍ତମାନ ଏହା ଭିନ୍ନ ମୋଡ଼ ନେଇଛି। ଛାତ୍ରଙ୍କ ମୃତ୍ୟୁ ଦିନ ପରିବାର ତରଫରୁ ଛାତ୍ରଙ୍କୁ ଜ୍ୱର ହେଉଥିବା ଅଭିଯୋଗ କରାଯାଇଥିଲା। ରବିବାର ପୁଣିଥରେ ଏହା ଏକ ଯୋଜନା ବଦ୍ଧ ହତ୍ୟାକାଣ୍ଡ ବୋଲି ମୃତ ଛାତ୍ରଙ୍କ ବାପା ଅଭିଯୋଗ କରିଛନ୍ତି। ଖଡ଼ିଆଳ ଥାନା ବଡ଼ ମହେଶ୍ୱର ଗାଁର ତୁଳସୀ ଦାଶ ବନଛୋରଙ୍କ ପୁଅ ଅଶ୍ୱିନୀ ୩ ବର୍ଷ ହେବ ସାହାଜଟ ସେବାଶ୍ରମରେ ରହି ପାଠ ପଢୁଥିଲେ। ଗତ ଗୁରୁବାର ବିଳମ୍ବିତ ରାତିରେ ତାଙ୍କ ମୃତଦେହ ଏକ ମହୁଲ ଗଛରେ ଝୁଲନ୍ତା ଅବସ୍ଥାରେ ଦେଖିବାକୁ ମିଳିଥିଲା। ତାଙ୍କୁ କୁଆଡେ ଛାତ୍ର ଏବଂ କର୍ମଚାରୀମାନେ ବିନା ପୁଲିସ ଏବଂ ପରିବାର ଲୋକଙ୍କୁ ସୂଚନା ଦେଇ ଗଛରୁ ଓହ୍ଲାଇ କୋମନା ହସ୍ପିଟାଲ ନେଇଥିଲେ। ସେତେବେଳକୁ ତାଙ୍କର ଜୀବନ ଚାଲିଯାଇଥିଲା। ସେଠାରେ କୁଆଡେ ପୁଲିସର ନିର୍ଦ୍ଦେଶ ମୁତାବକ ଛାତ୍ରଙ୍କ ପରିବାର ତରଫରୁ ମିଥ୍ୟା ଅଭିଯୋଗ ଲେଖାଇଥିଲେ ବୋଲି ମୃତକଙ୍କ ପିତା ଅଭିଯୋଗ ଆଣିଛନ୍ତି। ତେବେ ଏହାକୁ ନେଇ ପୁଣିଥରେ ରବିବାର ତୁଳସୀ ଦାଶ କୋମନା ଥାନାରେ ହତ୍ୟା ମାମଲା ରୁଜୁ କରିବାକୁ ଜଣାଇଛନ୍ତି। ଅଭିଯୋଗକାରୀଙ୍କ ସହ ଦଳିତ ଅଧିକାର ମଞ୍ଚ ସଭାପତି କମଳ ଚରଣ ତାଣ୍ଡି, ଜିଲ୍ଲା ଯୁବ କଂଗ୍ରେସର ପାଷା ମହାନନ୍ଦ, ଶାହରୁଖ ଖାନ ପ୍ରମୁଖ ଥାନାକୁ ଯାଇ ଥାନା ଧିକାରୀଙ୍କୁ ଲିଖିତ ଭାବେ ଜଣାଇଛନ୍ତି। ହତ୍ୟା ମାମଲା ରୁଜୁ କରିବା ସହ ଅଭିଯୁକ୍ତଙ୍କୁ ଗିରଫ କରିବାକୁ ଦାବି କରାଯାଇଛି। ନ ହେଲେ ଆନ୍ଦୋଳନା କରିବେ ବୋଲି ଚେତାବନୀ ଦେଇଛନ୍ତି।



# ଚାଷୀଙ୍କୁ ଲୁଟୁଛନ୍ତି ଖଳିଆକାନୀ ତାରିଣୀ ଟ୍ରେଡର୍ସ ସାର ମାଲିକ

**ଧର୍ମଗଡ଼, ୨୦।୭(ସମିସ)**

ଚାଷୀଙ୍କ ଚିନ୍ତା ବଢ଼ାଉଛି ସାର। ଏବର୍ଷ ରାଜ୍ୟର ବିଭିନ୍ନ ସ୍ଥାନରେ ଭଲ ବର୍ଷା ହୋଇଛି। ଭଲ ଚାଷ ହେବା ଖୁସିରେ ଚାଷୀ ବିଲରେ ଧାନ ଏବଂ କପା ରୋଇଥିଲେ। ବର୍ଷା ପରେ ଜମିରେ ଭଲ ଚାଷ ପାଇଁ ଚାଷୀ ଅଣ୍ଟା ଭିଡିଛନ୍ତି; ହେଲେ ଏବେଭଲ ଚାଷ ହେବା ସ୍ୱପ୍ନ ହୋଇ ରହିଯିବାକୁ ବସିଛି। ଏହାର କାରଣ ୟୁରିଆ ଓ ଡିଏପି ସାରର ଅଭାବ ଚାଷୀଙ୍କୁ ଏବେ ଅଡୁଆରେ ପକାଇଛି। ସବୁଠାରୁ ବଡକଥା ହେଉଛି ଚାଷୀଙ୍କୁ ୟୁରିଆ ଓ ଡିଏପି ମିଳୁନି; ହେଲେ ଜଣେ ସାର ଡିଲର ୟୁରିଆ ସାରର କଳାବଜାରୀ କରୁଛନ୍ତି। କଳାହାଣ୍ଡି ଜିଲ୍ଲା ଗୋଲାମୁଣ୍ଡା ବ୍ଲକ ଖଳିଆକାନୀରେ ଥିବା ସରକାରଙ୍କ ଲାଇସେନ୍ସପ୍ରାପ୍ତ ମାଁ ତାରିଣୀ ଟ୍ରେଡର୍ସର ମାଳିକ ଘନଶ୍ୟାମ ମେହେରଙ୍କ ନାଁରେ ଏଭଳି ଏକ ଅଭିଯୋଗ ଆସିଛି। କଳାହାଣ୍ଡି ଜିଲ୍ଲା ଗୋଲାମୁଣ୍ଡା ବ୍ଲକ ଗୋଲାମୁଣ୍ଡା ବ୍ଲକରେ କପା ଏବଂ ଧାନ ଚାଷ ପାଇଁ ୟୁରିଆ ଓ ଡିଏପି ସାରର ବ୍ୟବହାର ଥିବାବେଳେ ନିଜ ଗୋଦାମରେ ୟୁରିଆ ଓ ଡିଏପି ସାରର ମହଜୁଦ୍ ରଖି ଚାଷୀଙ୍କୁ ନାହିଁ ବୋଲି ସରକାରୀ ନିୟମନୁସାରେ ଧାର୍ଯ୍ୟ ଦରରୁ ଅଧିକ ଟଙ୍କାରେ ବିକ୍ରି କରୁଛନ୍ତି। ଏନେଇ ଚାଷୀଙ୍କ ମନରେ ଅସନ୍ତୋଷ ପ୍ରକାଶ ପାଇଛି। ଅନ୍ୟପଟେ ସରକାର ସାର କ୍ରୟରେ ଟ୍ୟାଗ୍ ବ୍ୟବସ୍ଥା ବନ୍ଦ କରିଛନ୍ତି; ହେଲେ ତାରିଣୀ ଟ୍ରେଡ଼ର୍ସ ସାର ଡିଲର ଗୋଲାମୁଣ୍ଡା ବ୍ଲକର ଅନେକ ଗାଁରେ ଥିବା ଖୁଚୁରା ବିକ୍ରେତାଙ୍କୁ ଟ୍ୟାଗକୁ ବାଧ୍ୟତାମୂଳକ କରି ବିଭିନ୍ନ ପ୍ରକାରର ରାସାୟନିକ ଭିଟାମିନ ଜୋରଜବରଦସ୍ତ ବିକ୍ରି କରିବା ପାଇଁ ଦେଉଛନ୍ତି। ସେହିପରି ସମ୍ପୃକ୍ତ ଡିଲର ଦୁଇଟି ବିଲ୍ ଭାଉଚର ବ୍ୟବହାର କରୁଛନ୍ତି।

**ଟ୍ୟାଗ୍ ନାଁରେ ଜୋରଜବରଦସ୍ତ ଟଙ୍କା ଲୁଟୁଛନ୍ତି**
**ସାର ସାଙ୍ଗକୁ ଭିଟାମିନ ବାଧ୍ୟତାମୂଳକ**
**ଘଟଣାକୁ ସ୍ୱୀକାର କଲେ ବ୍ଲକ କୃଷି ଅଧିକାରୀ**

ଗୋଟିଏ ବିଲରେ ଜିଏସଟି ଥିବା ବେଳେ ଅନ୍ୟ ବିଲରେ ଜିଏସଟି ରହୁନାହିଁ। ପ୍ରଶାସନିକ ଅଧିକାରୀଙ୍କ ଅଚାନକ ଚଢ଼ଉର ଡରରେ ଜିଏସଟି ବିଲ୍‌ରେ ଟ୍ୟାଗ୍ ହୋଇ ନ ଥିବା ଦର୍ଶାଯାଇଥିବା ବିଲ୍‌କୁ ସାଇତି ରଖିଛନ୍ତି। ଖୁଚୁରା ବିକ୍ରେତାଙ୍କୁ ଦିଆଯାଇଥିବା ବିଲ୍‌ରେ କିନ୍ତୁ ଟ୍ୟାଗ୍ ହୋଇଥିବା ଜଣାପଡ଼ିଛି। ଏନେଇ ଜଣେ ଖୁଚୁରା ବିକ୍ରେତା ଜଣକ ନିଜର ପରିଚୟ ଗୋପନ ରଖି କହିଛନ୍ତି ଯେ ଜୋରଜବରଦସ୍ତ ଟ୍ୟାଗ୍ କରିବା ସହ ବିଭିନ୍ନ ରାସାୟନିକ ମେଡ଼ିସିନ ଦେଉଛନ୍ତି। ଏଣୁ ଆମେ ମଧ ବାଧହୋଇ ଚାଷୀଙ୍କୁ ସାର ସାଙ୍ଗକୁ ଭିଟାମିନ ଦେବା ପାଇଁ ବାଧ ହେଉଛୁ। ତେବେ ଏନେଇ ବ୍ଲକ କୃଷି ଅଧିକାରୀ ନୌକେଶ୍ୱର ନାଗଙ୍କୁ ପଚାରିବାରୁ ସେ ଘଟଣାକୁ ସ୍ୱୀକାର କରିଛନ୍ତି। ଡିଲରମାନେ ସରକାର କିମ୍ବା ସମ୍ପୃକ୍ତ କମ୍ପାନୀମାନଙ୍କ ଦୃଷ୍ଟି ଆକର୍ଷଣ କରି ଏହି ଟ୍ୟାଗ୍ ବା ସାର ସାଙ୍ଗକୁ ଭିଟାମିନ ଦେବା ବନ୍ଦ କରିପାରିବେ ବୋଲି ମତ ପ୍ରକାଶ କରିଛନ୍ତି।

ଏନେଇ ମା ତାରିଣୀ ଟ୍ରେଡ଼ର୍ସର ପରିଚାଳକ ତେଜରାଜ ମେହେରଙ୍କୁ ପଚାରିବାରୁ ଓଲଟା ଖୁଚୁରା ବିକ୍ରେତାଙ୍କ ଉପରେ ଦୋଷ ଲଦିଦେଇଥିଲେ।

ପଞ୍ଚାୟତ କର୍ତ୍ତୃପକ୍ଷଙ୍କ ବିଚିତ୍ର ନୀତି

# ସରକାରୀ ଘରେ ବେସରକାରୀ ସ୍କୁଲକୁ ଅନୁମତି




**କୋକସରା, ୨୦।୭(ସମିସ):** କଳାହାଣ୍ଡି ଜିଲ୍ଲା କୋକସରା ବ୍ଲକ ଡହଗାଁ ପଞ୍ଚାୟତର ଭାରତ ନିର୍ମାଣ ରାଜୀବ ଗାନ୍ଧୀ ସେବା କେନ୍ଦ୍ରରେ ଅନେକ ଦିନ ହେଲା ଏକ ଘରୋଇ ସ୍କୁଲ ଚାଲିଛି। ବ୍ଲକ ପ୍ରଶାସନ ପାଖରେ କିନ୍ତୁ ଏହାର ଖବର ନାହିଁ। ଡହଗାଁ ପଞ୍ଚାୟତ ମୁଖ୍ୟାଳୟଠାରେ ମନରେଗା ଯୋଜନାରେ ଶ୍ରମିକମାନଙ୍କ ସୁବିଧା ସକାଶେ ପଞ୍ଚାୟତ ପକ୍ଷରୁ ରାଜୀବ ଗାନ୍ଧୀ ସେବା କେନ୍ଦ୍ର ନିର୍ମାଣ ହୋଇଛି; ହେଲେ ତାହା ଶ୍ରମିକଙ୍କ ଉଦ୍ଦେଶ୍ୟରେ କାମ ଆସୁନି। ଅନେକ ଦିନ ହେବ ଜ୍ଞାନୋଦୟ ବିଦ୍ୟା ନିକେତନ ନାମକ ଏକ ଘରୋଇ ସ୍କୁଲ ଏଠାରେ ଚାଲିଛି। ଶ୍ରମିକମାନଙ୍କ ଉଦ୍ଦେଶ୍ୟରେ ହୋଇଥିବା ରାଜୀବ ଗାନ୍ଧୀ ସେବା କେନ୍ଦ୍ରକୁ କେଉଁ ପରିସ୍ଥିତିରେ ଘରୋଇ ସ୍କୁଲ ପାଇଁ ଦିଆଗଲା, ଯେଉଁ ସ୍କୁଲ ଚାଲିଛି ତାକୁ କେଉଁ ହିସାବରେ ଅନୁମତି ଦିଆଯାଇଛି, କୌଣସି ଆନୁସଙ୍ଗିକ ବ୍ୟବସ୍ଥା ନ ଥିବା ବେଳେ କେଉଁ ପରିସ୍ଥିତିରେ ଶିକ୍ଷା ବିଭାଗ ଏହି ସ୍କୁଲ ପାଇଁ ଅନୁମତି ହେଇଛି, ସରକାରୀ ଗୃହକୁ ଘରୋଇ ସ୍କୁଲ ପାଇଁ ପଞ୍ଚାୟତ କର୍ତ୍ତୃପକ୍ଷ କିଭଳି ଟେକି ଦେଇଛନ୍ତି ବୋଲି ପ୍ରଶ୍ନ ସୃଷ୍ଟି ହୋଇଛି। ତେବେ ଏ ସମ୍ପର୍କରେ ଡହଗାଁ ପଞ୍ଚାୟତ କାର୍ଯ୍ୟ ନିର୍ବାହୀ ଅଧିକାରୀ ବିରଞ୍ଚି ଖର୍ସେଲଙ୍କୁ ପଚାରିବାରୁ ଅନେକ ଦିନରୁ ମନା କରାଯାଇଛି। କାହିଁକି ଦିଆଯାଇଛି ସରପଞ୍ଚ ଜାଣିଥିବେ ବୋଲି କହିଛନ୍ତି। ସେହିପରି କୋକସରା ବିଡିଓ ହିମାଞ୍ଚଳ ମାଝୀଙ୍କୁ ପଚାରିବାରୁ ସେ ବିଷୟରେ ଖବର ନ ଥିବା କହିଥିବା ବେଳେ ତଦନ୍ତ କରିବା ପାଇଁ କହିଛନ୍ତି।

# ୭ ମାସ ହେଲା ମଣ୍ଡି ଶ୍ରମିକ ପାରିଶ୍ରମିକ ପାଉନାହାନ୍ତି

## ଅଭିଯୋଗ କଲେ ଶୁଣୁନି ପ୍ରଶାସନ, ଚିନ୍ତାରେ ଦିନ ଗଣୁଛନ୍ତି ଶ୍ରମିକ



**ସିନାପାଲି, ୨୦।୭ (ସମିସ):** ନୂଆପଡ଼ା ଜିଲ୍ଲାକୁ ସମ୍ପୂର୍ଣ୍ଣ ଭାବରେ ପ୍ରବାସୀ ଶ୍ରମିକମୁକ୍ତ କରାଯିବାକୁ ପ୍ରଶାସନ ଅଣ୍ଟା ଭିଡିଛି। ନୂଆପଡ଼ା ଜିଲ୍ଲା ଗସ୍ତରେ ଆସିଥିବା ମନ୍ତ୍ରୀ ନିଜର ଅଭିଭାଷଣରେ ମଧ ଏହା କହିଛନ୍ତି; ହେଲେ ମାସ ମାସ ଧରି ଶ୍ରମିକ ପାରିଶ୍ରମିକ ନ ପାଇ ଚିନ୍ତାରେ ରହୁଛନ୍ତି। ଏଣୁ କିଭଳି ଭାବେ ପ୍ରବାସୀ ଶ୍ରମିକମୁକ୍ତ ଜିଲ୍ଲା ଗଠନ ହେବ ତାକୁ ନେଇ ପ୍ରଶ୍ନ ସୃଷ୍ଟି ହେଉଛି।

ସିନାପାଲି ବ୍ଲକର ବ୍ରାହ୍ମଣୀଗୁଡା ଧାନମଣ୍ଡି ପରିଚାଳନା ଓ ଧାନ କ୍ରୟ କରିବା ପାଇଁ ସ୍ଥାନୀୟ ମା ବୈଷ୍ଣୋଦେବୀ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀକୁ ପ୍ରଶାସନ ଦାୟିତ୍ୱ ଦେଇଥିଲା। ଏହି ଧାନମଣ୍ଡିରେ ଶ୍ରମିକ ଭାବରେ ବ୍ରାହ୍ମଣୀଗୁଡା ଗ୍ରାମର ୮ ଜଣ ଶ୍ରମିକ ଧାନ ଓଜନ କରିବା ସହ ଟ୍ରକରେ ଲୋଡ୍ କରିବା କାର୍ଯ୍ୟରେ ନିୟୋଜିତ ରହିଥିଲେ। ଏମାନେ ବଂଶଲ ରାଇସ ମିଲ୍, ଏମବିବି, ଗୌର ତୁଳସୀ, ଗାୟତ୍ରୀ ରାଇସ୍ ମିଲର୍ସକୁ ଧାନ ଓଜନ ଓ ବୋହିବା କାର୍ଯ୍ୟ କରିଥିଲେ; ହେଲେ ଏହି ପାରିଶ୍ରମିକ ୩ ମାସ ପରେ ଦେବାକୁ ସମ୍ପୃକ୍ତ ସ୍ୱୟଂ ସହାୟକ ଗୋଷ୍ଠୀ ଦେବାକୁ କହିଥିଲେ। ୭ ମାସ ବିତିଲା ପରେ ମଧ ଶ୍ରମିକ ପାଉଣା ପାଇବାରୁ ବଞ୍ଚିତ ରହିଛନ୍ତି। ବାରମ୍ବାର କହିବା ସତ୍ତ୍ୱେ କର୍ଣ୍ଣପାତ କରି ନ ଥିବାରୁ ଶେଷରେ ଗତ ୯ ତାରିଖ ଦିନ ସିନାପାଲି ବିଡ଼ିଓ କାର୍ମୀ ଓରାମଙ୍କୁ ଲିଖିତ ଅଭିଯୋଗ କରିଥିଲେ; ହେଲେ ଅଦ୍ୟାବଧି ପାଉଣା ପ୍ରଦାନ ଦିଗରେ ପ୍ରଶାସନ କିମ୍ବା ସ୍ୱୟଂ ସହାୟକ ଗୋଷ୍ଠୀ ଆନ୍ତରିକତା ଦେଖାଉ ନାହାନ୍ତି ବୋଲି କାମ କରିଥିବା ଶ୍ରମିକ କୁସଧ୍ୱଜ ରଣା, ନିରଞ୍ଜନ ରଣା, ହିରାଧର ରଣା, ସେବକ ରଣା, ଧନଞ୍ଜୟ ରଣା, ରୁସ୍ତମ୍ ମାଝି, ପରମେଶ୍ୱର ରଣା ପ୍ରମୁଖ ପ୍ରକାଶ କରିଛନ୍ତି। ଏ ଦିଗରେ ପ୍ରଶାସନ ପକ୍ଷରୁ କୌଣସି ପଦକ୍ଷେପ ନ ନେଲେ ଆନ୍ଦୋଳନ କରିବାକୁ ଚେତାବନୀ ଦେଇଛନ୍ତି। ଏ ସମ୍ପର୍କରେ ଦାୟିତ୍ୱ ନିର୍ବାହ କରିଥିବା ସ୍ୱୟଂ ସହାୟକ ଗୋଷ୍ଠୀକୁ ପଚାରିବାରୁ ସରକାରୀ ଧାର୍ଯ୍ୟ ମୂଲ୍ୟ ମାଗୁଥିବାରୁ ବିଳମ୍ବ ହେଉଛି। ଆମକୁ ସରକାରୀ ଟଙ୍କା ଦିଆଯାଇ ନାହିଁ ବୋଲି କହିଥିଲେ। ଯୋଗାଣ ଅଧିକାରୀ ଦେବେନ୍ଦ୍ର ସେଠୀଆଙ୍କୁ ପଚାରିବାରୁ ସ୍ୱୟଂ ସହାୟକ ଗୋଷ୍ଠୀ ଏତେ ବିଳମ୍ବ କରିବା କଥା ନୁହଁ। ବାରମ୍ବାର ସ୍ୱୟଂ ସହାୟକ ଗୋଷ୍ଠୀକୁ ଏ ନେଇ କୁହାଯାଇଛି ବୋଲି ପ୍ରକାଶ କରିଥିଲେ।

# ଦୁର୍ଘଟଣାରେ ଦୁଇ ବାଇକ୍ ଆରୋହୀ ଗୁରୁତର

**ଧର୍ମଗଡ଼/ଗୋଲାମୁଣ୍ଡା, ୨୦।୭(ସମିସ):** କଳାହାଣ୍ଡି ଜିଲ୍ଲା ଗୋଲାମୁଣ୍ଡା ଥାନା ଖଳିଆକାନୀ ପେଟ୍ରୋଲ ପମ୍ପ ନିକଟରେ ଦୁର୍ଘଟଣାରେ ୨ ଜଣ ଗୁରୁତର ହୋଇଛନ୍ତି। ଗୁରୁତର ୨ ଜଣ ହେଲେ ମହାଲିଙ୍ଗ ଗ୍ରାମର ନାର୍ଣ୍ଣ କେତକୀ ଓ ତରୁଣ ମାଝୀ। ସେମାନେ ଖଳିଆକାନୀ ପଟୁ ବାଇକ୍‌ରେ ଗୋଲାମୁଣ୍ଡା ପଟେ ଆସୁଥିବା ବେଳେ ଖଳିଆକାନୀ ପେଟ୍ରୋଲ ପମ୍ପ ନିକଟରେ ଏକ ଗାଡି ତାଙ୍କୁ ଧକ୍କା ଦେଇଥିଲା। ସ୍ଥାନୀୟ ଲୋକେ ସେମାନଙ୍କୁ ଉଦ୍ଧାର କରି ଗୋଲାମୁଣ୍ଡା ଅଗ୍ନିଶମ ବାହିନୀ ଗାଡ଼ିରେ ଗୋଲାମୁଣ୍ଡା ଡାକ୍ତରଖାନା ନେଇଥିଲେ। ପରେ ଭବାନୀପାଟଣା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପଠାଯାଇଛି।

# ସତ୍ୟର ସ୍ୱର ପରିବାର ପକ୍ଷରୁ ରୋଗୀଙ୍କୁ ଫଳ ବଣ୍ଟନ

**କେସିଙ୍ଗା, ୨୦।୭(ସମିସ):** ସାମାଜିକ ଗଣମାଧ୍ୟମ 'ସତ୍ୟର ସ୍ୱର' ପରିବାର ପକ୍ଷରୁ କେସିଙ୍ଗା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଚିକିତ୍ସିତ ହେଉଥିବା ରୋଗୀଙ୍କୁ ଫଳ ବଣ୍ଟନ କରାଯାଇଛି। ଅଂଶୁମାନ ଦେଓ ଏବଂ ସତ୍ୟର ସ୍ୱର ପରିବାରର ସଦସ୍ୟ ଟିକେରାମ ତାଣ୍ଡିଙ୍କ ଜନ୍ମ ଦିବସ ଉପଲକ୍ଷେ ଏହି କାର୍ଯ୍ୟକ୍ରମ ହାତକୁ ନିଆଯାଇଥିଲା। ଜ୍ୟୋତି ବାବୁ ମହାରଣା, ମହେଶ୍ୱର ମାଝୀ ଓ ପରମା କରୁଆଁ ପ୍ରମୁଖ ଉପସ୍ଥିତ ଥିଲେ।

# ନର୍ଲା ବ୍ଲକ୍ ଯାଦବ ସମିତି ପୁନଃଗଠିତ

**ଭବାନୀପାଟଣା, ୨୦।୭(ସମିସ):** ସ୍ଥାନୀୟ ଯାଦବ ଭବନରେ ନର୍ଲା ବ୍ଲକ ଯାଦବ ସମିତି ପୁନଃଗଠନ ନେଇ ଏକ ସାଧାରଣ ସଭା ଅନୁଷ୍ଠିତ ହୋଇଯାଇଛି। ସଭାପତି ଯୁଧିଷ୍ଠିର ଗଉଡ ଏଥିରେ ଅଧ୍ୟକ୍ଷତା କରିଥିଲେ। କଳାହାଣ୍ଡି ଜିଲ୍ଲା ଯାଦବ ମହାସଭା ଅଭ୍ୟର୍ଥନା କମିଟି ସଭାପତି ଗିରିଧାରୀ ଗଉଡ ସଂଯୋଜନା କରିଥିଲେ। ସାଧାରଣ ସମ୍ପାଦକ ତ୍ରିପୁରା ଗଉଡ, ପର୍ଯ୍ୟବେକ୍ଷକ ଭାବେ ଜିଲ୍ଲା ଅଭ୍ୟର୍ଥନା କମିଟିର ମାଧବ ଲହଜଲ ଓ ଅରକ୍ଷିତ ଭଇଁସାଲ ଯୋଗ ଦେଇଥିଲେ। ମୁଖ୍ୟ ଅତିଥି ଭାବେ କଳାହାଣ୍ଡି ଜିଲ୍ଲା ଯାଦବ ମହାସଭା ସଭାପତି ନୃପରାଜ ଯାଦବ, ସମ୍ମାନିତ ଅତିଥି ଭାବେ ଭବାନୀପାଟଣା ଯାଦବ ସମିତିର ସତ୍ୟ ନାରାୟଣ ବିଶି ଓ ନଳିନୀକାନ୍ତ ରାଉତ, କେସିଙ୍ଗା ବ୍ଲକ ଯାଦବ ସମିତିର ଜଗନ୍ନାଥ ବାଗ ଓ ମହିପାଳ ନାଏକ, ଧର୍ମଗଡ଼ ଏନଏସି ଯାଦବ ସମିତିର ଅନିରୁଦ୍ଧ ଲହଜାଲ, ଶିକ୍ଷାବିତ ପ୍ରଶୁନ୍ନ ଜାଲ, କଳାହାଣ୍ଡି ଜିଲ୍ଲା ଯାଦବ ମହାସଭାର ଉପ ସଭାପତି ଦୁର୍ଲ୍ଲଭ ମାହାର, ବରିଷ୍ଠ ଯାଦବ ନେତା ହୃଷିକେଶ ଭୋଇ ପ୍ରମୁଖ ଉପସ୍ଥିତ ଥିଲେ। ଭାଗବତିଆ କବି ମଧୁସୂଦନ ରାଉତ ମଞ୍ଚ ପରିଚାଳନା କରିଥିଲେ। ନୂତନ ସଭାପତି ଭାବେ ଲିଙ୍ଗରାଜ କରୁଆଁ, ଉପସଭାପତି ଭାବରେ ଦୁର୍ଲ୍ଲଭ ମାହାର, ସୁନୀଲ ଧଙ୍ଗଡ଼ାମାଝୀ ଓ ମାର୍କଣ୍ଡ ଜାଲ, ସାଧାରଣ ସମ୍ପାଦକ ଭାବେ ମଧୁସୂଦନ ରାଉତ, ଯୁଗ୍ମ ସମ୍ପାଦକ ଭାବରେ ଅଜିତ କରୁଆଁ, କୋଷାଧ୍ୟକ୍ଷ ଭାବେ ଗିରିଧାରୀ ଗଉଡ, ବ୍ଲକ ଯୁବ ଯାଦବ ସଭାପତି ଭାବେ ପ୍ରଶୁନ୍ନ ଜାଲ ନିର୍ବାଚିତ ହୋଇଛନ୍ତି।

## କଳାହାଣ୍ଡି ଜିଲ୍ଲାସ୍ତରୀୟ ଯୁବ ଆଲୋଚନା ଚକ୍ର

**ମ. ରାମପୁର, ୨୦।୭(ସମିସ):** ଅଗଷ୍ଟ ୧୦ରୁ ୧୨ ତାରିଖ ପର୍ଯ୍ୟନ୍ତ ଓଡ଼ିଶା ଯୁବ ସମ୍ମିଳନୀ ଅନୁଷ୍ଠିତ ହେବ। ଏଥିପାଇଁ ଜିଲ୍ଲାର ୧୨୦ରୁ ଅଧିକ ଯୁବକ ଯୁବତୀଙ୍କୁ ନେଇ ସେବା ଜଗତ ଆନୁକୂଲ୍ୟରେ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। କର୍ଲାମୁଣ୍ଡା ବ୍ଲକ ଜିଲ୍ଲା ପରିଷଦ ସଦସ୍ୟ ସୁରେଶ ଚୌଧୁରୀ, ମ.ରାମପୁର ବିଦ୍ୟାନୀତ କଲେଜର ମୋନାଲିସା ସାହୁ, ଅର୍ଜୁନ ଜେନା, ସୁପ୍ରିୟା ମାଝୀ, ପ୍ରଦୀପ ମହାନ୍ତି ପ୍ରିୟବ୍ରତ ପାଢ଼ୀ ଏବଂ ସେବା ଜଗତ ସମ୍ପାଦକ ସତ୍ୟନାରାୟଣ ପଟ୍ଟନାୟକ ଉପସ୍ଥିତ ଥିଲେ।

# ଉତ୍ତେଇ ବହୁମୁଖୀ ଜଳସେଚନ ପ୍ରକଳ୍ପ ପାଇଁ ସ୍ମାରକପତ୍ର



**ଭବାନୀପାଟଣା, ୨୦।୭ (ସମିସ):** କଳାହାଣ୍ଡି ଜିଲ୍ଲା ମଦନପୁର ରାମପୁର ବ୍ଲକର ଗୌଡ଼ କର୍ଲାଖୁଣ୍ଟାରେ ପ୍ରସ୍ତାବିତ ଉତ୍ତେଇ ଜଳସେଚନ ପ୍ରକଳ୍ପ କେନ୍ଦ୍ରୀୟ ଜଳସେଚନ, କେନ୍ଦ୍ରୀୟ ଜଳ ଆୟୋଗର ମଞ୍ଜୁରୀ ଅପେକ୍ଷାରେ ରହିଛି। ଏହି ପ୍ରକଳ୍ପ କାର୍ଯ୍ୟକାରୀ ହେଲେ କେସିଙ୍ଗା ବ୍ଲକରେ ୮୫୬୪ ହେକ୍ଟର ଜମି ଓ ୩୮ ଗାଁ, ନର୍ଲା ବ୍ଲକରେ ୨୦୬୧୪ ହେକ୍ଟର ଜମି ଓ ୯୬ଗାଁ, କର୍ଲାମୁଣ୍ଡା ବ୍ଲକର ୧୮୫୪ ହେକ୍ଟର ଜମି ଓ ୯ଟି ଗାଁ, ଏମ. ରାମପୁର ବ୍ଲକର ୧୧୯୪୭ ହେକ୍ଟର ଜମି ଓ ୬୩ ଗାଁ ଉପକୃତ ହେବ। ମୋଟ ୪୩ହଜାର ହେକ୍ଟର ଜମି ଜଳସେଚିତ ହେବ। ୨୦୬ଟି ଗାଁ ଲାଭାନ୍ୱିତ ହେବ। ଏହାସହ ଖରିଫ ଚାଷରେ ୪୮ହଜାର ହେକ୍ଟର ଏବଂ ରବି ଚାଷରେ ୯ ହଜାର ହେକ୍ଟର ଜମିରେ ଜଳ ସୁନିଶ୍ଚିତ ହେବ। ଜିଲ୍ଲାପାଳ କଳାହାଣ୍ଡି ପାୱାର ସଚିନ ପ୍ରକାଶଙ୍କୁ ରବିବାର ଏ ନେଇ ବିକଶିତ କଳାହାଣ୍ଡି-ନୂଆପଡ଼ାର ଅଧ୍ୟକ୍ଷ ଭବାନୀ ଶଙ୍କର ନିଆଲ ଏକ ସ୍ମାରକ ପତ୍ର ଦେଇଛନ୍ତି। ଏ ସମ୍ପର୍କରେ ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିବା ସହ ଜଳସେଚନ ପ୍ରକଳ୍ପ ପାଇଁ ଅଧିକ ଅର୍ଥ ବ୍ୟବସ୍ଥା କରିବା, ଜମି ଅଧିଗ୍ରହଣ ପ୍ରକ୍ରିୟାକୁ ସରଳ କରିବା, ଆଧୁନିକ ଜଳସେଚନ ପ୍ରଯୁକ୍ତିବିଦ୍ୟାକୁ ଉତ୍ସାହିତ କରିବା, ଜଳସେଚନ ପରିଚାଳନା ବ୍ୟବସ୍ଥାକୁ ଉନ୍ନତ କରିବା ପାଇଁ ଶ୍ରୀ ନିଆଲ ଜିଲ୍ଲାପାଳଙ୍କୁ ଅନୁରୋଧ କରିଛନ୍ତି।

# ବେନଗାଁରେ ନୂତନ ବ୍ଲକ୍ ସ୍ଥାପନ ପାଇଁ ମନ୍ତ୍ରୀଙ୍କୁ ଦାବିପତ୍ର



**ଲାଞ୍ଜିଗଡ଼, ୨୦।୭(ସମିସ):** କଳାହାଣ୍ଡି ଜିଲ୍ଲା ଲାଞ୍ଜିଗଡ଼ ବ୍ଲକ ବେନଗାଁରେ ନୂତନ ବ୍ଲକ ସ୍ଥାପନ ପାଇଁ ବେନଗାଁ ଅଞ୍ଚଳବାସୀ ପଞ୍ଚାୟତିରାଜ ମନ୍ତ୍ରୀ ରବିନାରାୟଣ ନାଏକଙ୍କୁ ଏକ ସ୍ମାରକ ପତ୍ର ପ୍ରଦାନ କରିଛନ୍ତି। ଲାଞ୍ଜିଗଡ଼ ବ୍ଲକ ୨୬ଟି ପଞ୍ଚାୟତକୁ ନେଇ ଗଠିତ। ଏହି ୨୬ଟି ପଞ୍ଚାୟତକୁ ନେଇ ଜିଲ୍ଲା ପରିଷଦ ଜୋନ୍-୧ ଏବଂ ଜୋନ୍-୨ରେ ବିଭାଜିତ। ଜୋନ୍-୨ରେ ରହିଥିବା ୧୩ଟି ପଞ୍ଚାୟତ ମଧ୍ୟରୁ ଅଧିକାଂଶ ପଞ୍ଚାୟତର ଗାଁଗୁଡିକୁ ବ୍ଲକ ମୁଖ୍ୟାଳୟ ବିଶ୍ୱନାଥପୁର ଯିବାପାଇଁ ୫୫ କିଲୋମିଟର ପଡୁଛି। ଏଣୁ ଅଞ୍ଚଳବାସୀଙ୍କୁ ବ୍ଲକ କାର୍ଯ୍ୟାଳୟ ଯିବା ପାଇଁ ବହୁ ଅସୁବିଧାର ସମ୍ମୁଖୀନ ହେବାକୁ ପଡୁଛି। ଏଣୁ ବେନଗାଁରେ ନୂତନ ବ୍ଲକ ସ୍ଥାପନ କରିବା ପାଇଁ ବିଜେପୁର, ମାଳିଯୁବାଙ୍ଗ, ପାହାଡ ପଦର, ଲାଖବାହାଲି, ବେନଗାଁ, ଲାଞ୍ଜି, କାନକୁଟୁ, ଭଟାଙ୍ଗପଦର, ଗୁଣ୍ଡରୀ, ଜଗନ୍ନାଥପୁର, ତ୍ରିଲୋଚନପୁର, କୁମଖାଳ, ବନ୍ଦପାରି ପଞ୍ଚାୟତବାସୀ ଏକତ୍ରିତ ହୋଇଛନ୍ତି। ପୂର୍ବରୁ କଳାହାଣ୍ଡି ଜିଲ୍ଲାପାଳଙ୍କ ଜରିଆରେ ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ, ସାଂସଦ ମାଳବିକା ଦେବି, ରାଜ୍ୟସଭା ସାଂସଦ ସୁଜିତ କୁମାର ସେଟଙ୍କୁ ଆଗରୁ ଏକ ସ୍ମାରକ ପତ୍ର ପ୍ରଦାନ କରାଯାଇଛି। ପୁଣି ଥରେ ପଞ୍ଚାୟତିରାଜମନ୍ତ୍ରୀଙ୍କୁ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଛି।

■ ବିଦ୍ୟାଳୟ ଛାତ୍ରଛାତ୍ରୀଙ୍କ ପୋଷାକ ତିଆରିରେ ତଞ୍ଚକତା

# ତାଲିମପ୍ରାପ୍ତ ଗୋଷ୍ଠୀ କାମ ନ ପାଇ ହତାଶ

**ସିନାପାଲି, ୨୦।୭(ସମିସ)**



ପୂର୍ବ ସରକାର ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ମହିଳାଙ୍କୁ ସଶକ୍ତିକରଣ ସାଙ୍ଗକୁ ଆର୍ଥିକ ସ୍ଥିତିର ପରିବର୍ତ୍ତନ ଆଣି ସ୍ୱାବଲମ୍ବୀ ହେବା ଲକ୍ଷ୍ୟ ନେଇ ମିଶନ ଶକ୍ତି କାର୍ଯ୍ୟକ୍ରମ ହାତକୁ ନେଇଥିଲେ; ହେଲେ ସରକାର ପରିବର୍ତ୍ତନ ହେବା ପରେ ଏଥିରେ ବ୍ୟତିକ୍ରମ ଦେଖାଦେଇଛି। ତାଲିମପ୍ରାପ୍ତ ସ୍ୱୟଂ ସହାୟକ ଗୋଷ୍ଠୀ (ସିଲେଇ)ସଦସ୍ୟାଙ୍କୁ ଏହି କାର୍ଯ୍ୟ ନ ଦେଇ ଅଣ ତାଲିମପ୍ରାପ୍ତ ଗୋଷ୍ଠୀକୁ ଦିଆଯାଉଛି। ସିନାପାଲି ବ୍ଲକରେ ବିଦ୍ୟାଳୟ ଛାତ୍ରଛାତ୍ରୀ ଓ ଅଙ୍ଗନବାଡ଼ି ଶିଶୁଙ୍କୁ ସରକାରଙ୍କ ତରଫରୁ ମାଗଣା ପୋଷାକ ବଣ୍ଟନରେ ଏହି ଅଭିଯୋଗ ଆସିଛି। ଏଥିରେ ତାଲିମପ୍ରାପ୍ତ ଟେଲରିଂ ୟୁନିଟ୍‌କୁ ନେଇ ଟେଣ୍ଡର ଆହ୍ୱାନ ପରିବର୍ତ୍ତେ ମିଶନ ଶକ୍ତି ଅଧିକାରୀମାନେ ତଞ୍ଚକତା କରିଛନ୍ତି। ଅଣ ତାଲିମପ୍ରାପ୍ତ କିଛି ଗୋଷ୍ଠୀ ନାମରେ ଭିତିରିଆ ସଲାସୁତୁରା କରିଛନ୍ତି। ଏହି ଗୋଷ୍ଠୀର ସଦସ୍ୟମାନେ ମିଶନ ଶକ୍ତି ଅଧିକାରୀମାନଙ୍କ ସହ ମିଶି ଖୋଲା ବଜାରରୁ ନିମ୍ନମାନର ଡ୍ରେସ୍ ଆଣି ବଣ୍ଟନ କରିଛନ୍ତି। ଡ୍ରେସ ପିଛା ଅଧିକାରୀ, ଅଣ ତାଲିମପ୍ରାପ୍ତ ଗୋଷ୍ଠୀ ଓ ଏଥିରେ ସମ୍ପୃକ୍ତ ଅନ୍ୟ କର୍ମଚାରୀଙ୍କ ମଧ ପିସି ମିଳିଯାଉଛି। ନିୟମ ଅନୁସାରେ ଯାହା ନାମରେ ଏହି ଟେଣ୍ଡର ହୋଇଥାଏ ସେ ବଜାରର ୩ଟି ଦୋକାନରୁ କୋଟେଶନ ନେବା କଥା। ଯେଉଁ ଦୋକାନର କପଡ଼ା ଠିକ୍ ଥିବ ତାକୁ ନେଇ ଟେଲରିଂ ୟୁନିଟ୍ ସିଲାଇ କରି ବିଦ୍ୟାଳୟକୁ ପ୍ରଦାନ କରାଯିବାର ନିୟମ ରହିଛି; ହେଲେ ଏଥିରେ ବ୍ୟତିକ୍ରମ ଦେଖା ଦେବା ସହ ସିଧାସଳଖ ବଜାରରୁ ନିମ୍ନମାନର ଡ୍ରେସ୍ କିଣି ପ୍ରଦାନ କରାଯାଉଛି। ଏହାଫଳରେ ତାଲିମ ନେଇଥିବା ଗୋଷ୍ଠୀ ରୋଜଗାର କରିବାରୁ ବଞ୍ଚିତ ହେଉଛନ୍ତି। ସିନାପାଲି ବ୍ଲକର ନିଲଜି ଗ୍ରାମରେ ୨୫ ଜଣ ମହିଳାଙ୍କୁ ନେଇ ଜ୍ୟୋତି ପ୍ରଦ୍ୟୁସର୍ ଟେଲରିଂ ଗ୍ରୁପ ଗଠନ ହୋଇଛି। ନାବାର୍ଡ ସହଯୋଗରେ ସେମାନେ ସିଲେଇ ତାଲିମ ଗ୍ରହଣ କରିଛନ୍ତି; ହେଲେ ଏମାନଙ୍କୁ ଡ୍ରେସ୍ ସିଲେଇ କାର୍ଯ୍ୟ ନ ଦେଇ ବଜାରରୁ ତଞ୍ଚକତା କରି ବାହାରୁ ନିମ୍ନମାନର ଡ୍ରେସ୍ ଦେଇ ଦୁର୍ନୀତି କରାଯାଉଥିବା ଜ୍ୟୋତି ପ୍ରଦ୍ୟୁସର ଗୋଷ୍ଠୀର ସଭାପତି ବୈଜନ୍ତି ପ୍ରଧାନ ଓ ସମ୍ପାଦିକା ପ୍ରମିଳା ନିଆଲ ସମେତ ଅନେକ ଅଭିଯୋଗ କରିଛନ୍ତି। ସିନାପାଲି ବ୍ଲକର ଅନେକ ତାଲିମପ୍ରାପ୍ତ ଟେଲରିଂ ୟୁନିଟ୍ ରହିଛି; ହେଲେ କୌଣସି ୟୁନିଟ୍‌କୁ ଏହି କାର୍ଯ୍ୟରେ ସାମିଲ ନ କରିବାର ଅସଲ ଉଦ୍ଦେଶ୍ୟ କ'ଣ ହୋଇଥାଇପାରେ ବୋଲି ବୁଦ୍ଧିଜୀବୀ ମହଲରେ ପ୍ରଶ୍ନ ସୃଷ୍ଟି କରୁଛି। ସିନାପାଲି ବ୍ଲକରେ ଏହିଭଳି ତଞ୍ଚକତା ଚାଲି ଆସୁଥିବା ବେଳେ ଅସାଧୁ କର୍ମଚାରୀଙ୍କ ବେପରୁଆ ମନୋଭାବ ଯୋଗୁଁ ତାଲିମପ୍ରାପ୍ତ ଗୋଷ୍ଠୀ କାମ ନ ପାଇ ନିରାଶରେ ଭାଙ୍ଗି ପଡ଼ିଛନ୍ତି। ତେବେ ଏ ଦିଗରେ ପ୍ରଶାସନିକ ଉଚ୍ଚ କର୍ତ୍ତୃପକ୍ଷ ଦୃଷ୍ଟି ଦେବାକୁ ସେମାନେ ଦାବି କରିଛନ୍ତି। ଏ ବିଷୟରେ ବିପିସି ରାଜେଶ ସାହୁଙ୍କୁ ପଚାରିବାରୁ ଚଳିତ ବର୍ଷ ପାଇଁ ଟେଣ୍ଡର ପ୍ରକ୍ରିୟା ଆରମ୍ଭ ହେବ। ଏଥିପ୍ରତି ଦୃଷ୍ଟି ଦିଆଯିବ ବୋଲି ପ୍ରକାଶ କରିଛନ୍ତି।

**ବଜାରରୁ କିଣି ନିମ୍ନମାନର ବଣ୍ଟନ**

# ଚାରାରୋପଣ ଲାଗି ବ୍ୟାପକ ସଚେତନତା ଆବଶ୍ୟକ



**କଳମପୁର, ୨୦।୭(ସମିସ):** ଜଙ୍ଗଲ ସୁରକ୍ଷା ଓ ପରିବେଶ ତଥା ଶ୍ରମ ମନ୍ତ୍ରୀ ଗଣେଶ ରାମ ସିଂ ଖୁଣ୍ଟିଆ ଦୁଇ ଦିନିଆ କଳାହାଣ୍ଡି ଜିଲ୍ଲାକୁ ଗସ୍ତରେ ଆସିଛନ୍ତି। ରବିବାର ଦ୍ୱିତୀୟ ଦିବସରେ ଭବାନୀପାଟଣାସ୍ଥିତ କୃଷି ବିଜ୍ଞାନ କେନ୍ଦ୍ର ନିକଟରେ ଜଙ୍ଗଲ ବିଭାଗ ପକ୍ଷରୁ ଚାରା ରୋପଣ କାର୍ଯ୍ୟକ୍ରମରେ ସେ ଯୋଗ ଦେଇଥିଲେ। ସେହିଭଳି ଜୁନାଗଡ଼ ବ୍ଲକ କୋଏଲ ଗାଁରେ ୩୨ ହଜାର ଗଛ ଲଗାଯାଇ ଜଙ୍ଗଲ ସୃଷ୍ଟି କରାଯାଇଥିବା ଅଞ୍ଚଳ ପରିଦର୍ଶନ କରିଥିଲେ। କଳମପୁର ବ୍ଲକ ଅଞ୍ଚଳ ଗସ୍ତ କରି ନିର୍ମାଲ୍ୟକ୍ଷେତ୍ର ପରିସର ଏବଂ କଳମପୁର ମଣ୍ଡି ପରିସରରେ ଦକ୍ଷିଣ ବନଖଣ୍ଡ ପକ୍ଷରୁ ଅୟୋଜିତ ମା'ଙ୍କ ନାମରେ ଗଛଟିଏ-୨.୦ କାର୍ଯ୍ୟକ୍ରମରେ ଯୋଗ ଦେଇ ଚାରାରୋପଣ କରିଥିଲେ। ଜଳବାୟୁ ପରିବର୍ତ୍ତନ ଓ ପରିବେଶ ସନ୍ତୁଳନ ପାଇଁ ମାଙ୍କ ନାମରେ ଗଛଟିଏ ଲଗାଇବା ଏକ ଯୁଗାନ୍ତକାରୀ ପଦକ୍ଷେପ। ଓଡ଼ିଶାରେ ଗତ ବର୍ଷ ୬ କୋଟି ୬୫ ଲକ୍ଷ ଗଛ ଲଗାଯାଇଛି। ଚଳିତ ବର୍ଷ ୭.୫ କୋଟି ଗଛ ଲଗାଇବା ପାଇଁ ଲକ୍ଷ୍ୟ ରଖାଯାଇଛି ବୋଲି ସେ ପ୍ରକାଶ କରିଥିଲେ। ତେବେ ବ୍ୟାପକ ଚାରା ରୋପଣ ପାଇଁ ଜନ ସଚେତନତା ଆବଶ୍ୟକ ବୋଲି ମନ୍ତ୍ରୀ କହିଥିଲେ। କଳାହାଣ୍ଡିରେ ସବୁଜ ପରିବେଶ ରହିଛି। ଚଳିତ ବର୍ଷ କଳାହାଣ୍ଡି ଜିଲ୍ଲାରେ ୯ ଲକ୍ଷ ଗଛ ଲଗାଯିବ ବୋଲି ସେ କହିଥିଲେ। ଏହି ପରିପ୍ରେକ୍ଷୀରେ କଳମପୁର-ଥୁଆମୂଳ ରାମପୁର ସିଙ୍ଗାରି ଘାଟି ରାସ୍ତା ସମ୍ପର୍କରେ ପଚାରିବାରୁ ଏ ସମ୍ପର୍କରେ ଆଲୋଚନା କରାଯାଇଛି। ଶୀଘ୍ର କାମ ଆରମ୍ଭ ହେବାପାଇଁ ପ୍ରଚେଷ୍ଟା ଚାଲିଛି ବୋଲି ମନ୍ତ୍ରୀ କହିଥିଲେ। ମନ୍ତ୍ରୀଙ୍କ ସହ ବିଭିନ୍ନ କାର୍ଯ୍ୟକ୍ରମରେ ଧର୍ମଗଡ଼ ବିଧାୟକ ସୁଧୀର ରଞ୍ଜନ ପଟ୍ଟଯୋଶୀ, କଳାହାଣ୍ଡି ଆଞ୍ଚଳିକ ମୁଖ୍ୟ ବନ ସଂରକ୍ଷକ ସନ୍ତୋଷ ଯୋଶୀ, ଉତ୍ତର ବନ ଖଣ୍ଡ ଅଧିକାରୀ ରମେଶ କୁମାର, ଦକ୍ଷିଣ ବନଖଣ୍ଡ ଅଧିକାରୀ ଆର କଲାଇଭାନନ୍ ପ୍ରମୁଖ ଯୋଗ ଦେଇଥିଲେ।

ସକାଳ
THE SAKALA

# ସମ୍ପାଦକୀୟ



ଈଶ୍ୱର ଆରାଧନା ଅପେକ୍ଷା ସ୍ୱଧର୍ମ ନିୟମ ଅନୁପାଳନ କରିବା ଶ୍ରେୟସ୍କର।
-ଗୌତମ ବୁଦ୍ଧ

## ନାରକୀୟ ଧାରା

ବାଲେଶ୍ୱର ଏଫ୍‌ଏମ୍ କଲେଜ୍ ଛାତ୍ରୀ ସୌମ୍ୟାଶ୍ରୀଙ୍କ ଆତ୍ମଦାହ ଓ ମୃତ୍ୟୁ ନିଆଁ ପ୍ରଶମିତ ହୋଇ ନଥିବା ବେଳେ ବଲଙ୍ଗୀରେ ଜଣେ ନାବାଳିକାଙ୍କୁ ଦୁର୍ବୃତ୍ତମାନେ ଜିଅନ୍ତା ଜାଳି ହତ୍ୟା ଉଦ୍ୟମ କରିଛନ୍ତି। ପୀଡ଼ିତା ସଙ୍କଟାପନ୍ନ ଅବସ୍ଥାରେ ଭୁବନେଶ୍ୱର ଏମ୍ସରେ ଚିକିତ୍ସାଧୀନ ଅଛନ୍ତି। ଘଟଣାର ତଦନ୍ତ ଆରମ୍ଭ ହୋଇଛି। କେତେ ଦିନ ପରେ ଅଭିଯୁକ୍ତ ଧରାପଡ଼ିବେ, କେବେ ଦୋଷୀ ସାବ୍ୟସ୍ତ ହେବେ, କି ଦଣ୍ଡବିଧାନ ହେବ, ରାଜ୍ୟ ରାଜନୀତି କେଉଁ ମୋଡ଼ ନେବ, ତାହା ଭିନ୍ନ କଥା। କିନ୍ତୁ ଲଗାତାର ନିଆଁ ଓ ଜୀବନ-ମୃତ୍ୟୁ ଭିତରେ ଆରମ୍ଭ ହୋଇଥିବା ଏହି ଅଭୂତପୂର୍ବ ନାରକୀୟ ଖେଳ ଶାନ୍ତିପ୍ରିୟ ଓଡ଼ିଶାକୁ ଯେ ଜାତୀୟସ୍ତରରେ ନିନ୍ଦିତ କରିଛି ଏହା ଲଜ୍ଜାର ସହିତ ସ୍ୱୀକାର କରିବାକୁ ପଡ଼ିବ। ଦୁର୍ଯୋଗବଶତଃ ଦୁଇଟିଯାକ ଘଟଣା ଶନିବାର ଦିନ ହିଁ ଘଟିଛି।

ଉପରୋକ୍ତ ଘଟଣାକୁ ରାଜନୀତି ବିଶାରଦମାନେ କେଉଁ ଦୃଷ୍ଟିରୁ ବିଶ୍ଳେଷଣ କରିବେ, କେଉଁ ନିଷ୍କର୍ଷରେ ପହଞ୍ଚିବେ ତାହା ଅନ୍ବେବହୁତ ବୁଝାପଡ଼ୁଛି। କିନ୍ତୁ ସମାଜବିଜ୍ଞାନୀଙ୍କ ମତରେ ଗୋପାଳପୁର ଗଣଦୁଷ୍କର୍ମ ଅଘଟଣରୁ ସଦ୍ୟତମ ବଲଙ୍ଗୀ ପର୍ଯ୍ୟନ୍ତ ଗତ ପ୍ରାୟ ଏକମାସର ଘଟଣାବଳୀକୁ ତର୍ଜମା କଲେ ରାଜ୍ୟରେ ସାମାଜିକ ମୂଲ୍ୟବୋଧର ଗୁରୁତର ଅବକ୍ଷୟ ଘଟିଚାଲିଛି। ଏହିସବୁ ଘଟଣାବଳୀକୁ ତର୍ଜମା କଲେ ଲାଗୁଛି ମଣିଷ ମାନବିକତା ହରାଇଛି ଏବଂ ଆଇନ, ବିଚାର, ଦଣ୍ଡବିଧାନ ପ୍ରତି ଭୟ ତା' ମନରୁ ଦୂରେଇ ଯାଇଛି। ଯଦି ଏହି ନାରକୀୟ ଧାରା ଜାରି ରହେ ତେବେ ଓଡ଼ିଶା ଖୁବ୍ ଶୀଘ୍ର ବିହାରର ଜଙ୍ଗଲୀରାଜ କିମ୍ବା ମଣିପୁର ହେବାକୁ ବେଶୀ ବିଳମ୍ବ ହେବ ନାହିଁ। ଯେତେବେଳେ ଜନତାଙ୍କ ମନରୁ ଆଇନ ଶୃଙ୍ଖଳାର ଭୟ ଦୂରେଇ ଯାଏ ସେତେବେଳେ ରାଜ୍ୟ କିମ୍ବା ଦେଶ ଅରାଜକତା ଦିଗକୁ ଯାଉଛି ବୋଲି ବୁଝାଯାଏ। ଓଡ଼ିଶା ପରିପ୍ରେକ୍ଷୀରେ ଏତେଶୀଘ୍ର କୌଣସି ନିଷ୍କର୍ଷରେ ପହଞ୍ଚିବା ଉଚିତ ନ ହେଲେ ମଧ୍ୟ ଅବଚେତନ ମନରେ ଏହି ଧାରଣାଟିଏ କ୍ରମଶଃ ଦୃଢ଼ୀଭୂତ ହେଉଛି।

ଅପରାଧର ଆୟୁଧ ଛୁରୀ, ଭୁଜାଲି, ଖଣ୍ଡା ଆଦିରୁ ବିଗତ ଶତାବ୍ଦୀର ଶେଷ ଦଶକରେ ଗୁଳିଗୋଳାର ରୂପ ନେଇ ଚଳିତ ଶତାବ୍ଦୀ ଆରମ୍ଭ ବେଳକୁ ଏସିଡ୍ ଆକ୍ରମଣରେ ପହଞ୍ଚିଥିଲା। ଏବେ କିନ୍ତୁ ବାଲେଶ୍ୱରରୁ ବଲଙ୍ଗୀ ପର୍ଯ୍ୟନ୍ତ ଘଟଣାକ୍ରମକୁ ଅନୁଶୀଳନ କଲେ ପେଟ୍ରୋଲ୍, କିରାସିନି ଆଦି ଦହନଶୀଳ ପଦାର୍ଥ ଅପରାଧର ନୂଆ ଆୟୁଧ ହୋଇଛି। ବୋଧହୁଏ ଅପରାଧୀ ଚାହୁଁଛି ତା' ଆଖିରେ ଶତ୍ରୁ ସାଜିଥିବା ବ୍ୟକ୍ତିଟିକୁ ସେ କେବଳ ହତ୍ୟା କରିବ ନାହିଁ, ବରଂ କଲବଲ କରି ହତ୍ୟା କରିବ। ହଠାତ୍ ଏ ପୈଶାଚିକ ମାନସିକତା ଜନ୍ମ ନେଲା କେଉଁଠୁ ଏବଂ କିପରି? ବୁଦ୍ଧିଜୀବୀ ମହଲରେ ପ୍ରଶ୍ନ ଉଠିବା ସ୍ୱାଭାବିକ ଯେ ଏହାର ନିରାକରଣ ହେବ କେମିତି ଏବଂ କରିବ କିଏ? କେତେକ ମହଲର ମତ ଯେ ଏଭଳି ମାନସିକତାଧାରୀ ଦୁର୍ବୃତ୍ତଙ୍କୁ ଆଇନ ଅନୁଯାୟୀ ଦଣ୍ଡ ଅପେକ୍ଷା ଏନ୍‌କାଉଣ୍ଟର ହତ୍ୟା ବା ଯେସାକୁ ତେସା ଭଳି ଦଣ୍ଡବିଧାନ ସର୍ବାଦୌ ଉଚିତ ବିକଳ୍ପ। ପୀଡ଼ିତ/ପୀଡ଼ିତାଙ୍କ ମଧ୍ୟ ସ୍ୱଚ୍ଛନ୍ଦରେ ସ୍ୱାଧୀନ ଭାବରେ ବଞ୍ଚିବାର ଅଧିକାର ଅଛି। ସେହି ଅଧିକାରର ଯିଏ ଯେଭଳି ହନନ କରୁଛି ତା'କୁ ସେଭଳି ଦଣ୍ଡିତ ନ କରିବା ପର୍ଯ୍ୟନ୍ତ ସମାଜର କଳୁଷିତ ମାନସିକତାରେ ସୁଧାର ଆସିବ ନାହିଁ। କିନ୍ତୁ ଏ ଦିଗରେ ପ୍ରତିବନ୍ଧକ ସାଜିଥିବା ବିଭିନ୍ନ ତଥାକଥିତ ସଂସ୍ଥାମାନେ ଏହା ହୃଦୟଙ୍ଗମ କରିବା ଦରକାର।

ବସ୍ତୁତଃ ଆଜି ଝିଅଟିଏ କିମ୍ବା ଯୁବତୀଟିଏ ଘରେ, ବାହାରେ, କାର୍ଯ୍ୟାଳୟରେ କେଉଁଠାରେ ମଧ୍ୟ ସୁରକ୍ଷିତ ନୁହେଁ। ଘରେ ପାରିବାରିକ ହିଂସା ବଢ଼ି ଚାଲୁଥିବା ବେଳେ କର୍ମକ୍ଷେତ୍ରରେ ଯୌନ ଓ ମାନସିକ ନିର୍ଯାତନା ଆଜିକାଲି ଏକ ସାଧାରଣ କଥା ହୋଇଗଲାଣି। ସବୁଠାରୁ ଉଦ୍‌ବେଗଜନକ ହୋଇଛି ମଣିଷ ଜୀବନରେ ଶିକ୍ଷା ଓ ଚାରିତ୍ରିକ ସଂସ୍କାରର ଭିତ୍ତି ଗଢୁଥିବା ପବିତ୍ର ଶିକ୍ଷାନୁଷ୍ଠାନମାନଙ୍କୁ ମଧ୍ୟ ଯୌନପିପାସା ସଂଚରି ଚାଲିଛି। ବାଲେଶ୍ୱର ଏଫ୍‌ଏମ୍ କଲେଜରେ ବିଭାଗୀୟ ମୁଖ୍ୟଙ୍କ ପରେ ସମ୍ବଲପୁର ଜିଏମ୍ କଲେଜ୍‌ର ଆଉ ଜଣେ ଅଧ୍ୟାପକଙ୍କ କଳାକାରନାମା ସାମ୍ନାକୁ ଆସିଛି। ସନ୍ଧ୍ୟା ୫.୩୦ ପରେ ଶିକ୍ଷାନୁଷ୍ଠାନ ପରିସରରେ କୌଣସି ମହିଳା ଅଧ୍ୟାପକ, ମହିଳା କର୍ମଚାରୀ କିମ୍ବା ଛାତ୍ରୀ ରହିପାରିବେ ନାହିଁ ବୋଲି ରାଜ୍ୟର ସ୍ୱନାମଧନ୍ୟ ରେଭେନ୍ସା ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷ ନିର୍ଦ୍ଦେଶନାମା ଜାରି(ବିରୋଧ ପରେ ପ୍ରତ୍ୟାହୃତ ହୋଇଛି) ପରେ ଶିକ୍ଷାନୁଷ୍ଠାନମାନଙ୍କରେ ଯେ ମହିଳା କିମ୍ବା ଛାତ୍ରୀ ସୁରକ୍ଷିତ ନୁହନ୍ତି ତାହା ଉପରେ ମୋହର ଲାଗିଛି। ଶିକ୍ଷାନୁଷ୍ଠାନଗୁଡ଼ିକରେ ଏଭଳି ଘଟଣାମାନ ନିୟମିତ ଘଟିଚାଲିଛି, ଯାହା ଭିତରୁ କାଁ ଭାଁ ଗଣମାଧ୍ୟମରେ ପ୍ରକାଶ ପାଉଛି। ଏପରିକି ଅଧ୍ୟାପକ/ପ୍ରଧ୍ୟାପକମାନଙ୍କ ମାନସିକ ନିର୍ଯାତନାକୁ ସହି ନ ପାରି ଏବଂ ସେମାନଙ୍କ ଯୌନଲାଳସାକୁ ଚରିତାର୍ଥ ନ କରିପାରି ଅନେକ ମେଧାବୀ ଛାତ୍ରୀ ଅଧାରୁ ପାଠ ପଢ଼ା ଓ ଗବେଷଣାରୁ ଓହରି ଯିବାକୁ ବାଧ ହୋଇଥିବାର ଉଦାହରଣ ମଧ୍ୟ ବହୁଳ। ଚାରିକାନ୍ଥ ଭିତରେ ଯେଉଁଠି ଝିଅଟିଏ ସୁରକ୍ଷିତ ନୁହେଁ, ରାସ୍ତାଘାଟରେ ସୁରକ୍ଷା ବିଷୟ ଉଠୁଛି କେଉଁଠୁ? ତେବେ କ'ଣ ସମାଜ ପୁଣି ସେହି ମଧ୍ୟଯୁଗୀୟ ସମୟକୁ ଫେରିଯିବାକୁ ବାଧ ହେବ ଯେଉଁଠାରେ ମହିଳାମାନଙ୍କୁ ଲୌହପରଦା ଆଢୁଆଳରେ ରହିବାକୁ ପଡୁଥିଲା?

ଏଫ୍‌ଏମ୍ କଲେଜ୍ ଓ ଜିଏମ୍ କଲେଜରେ ଯୌନ ନିର୍ଯାତନା ଘଟଣା ପଦାକୁ ଆସିବା ପରେ ଯାଇ ବୋଧହୁଏ ସରକାର ଚେତିଛନ୍ତି। ରାଜ୍ୟ ଉଚ୍ଚଶିକ୍ଷା ବିଭାଗ ଛାତ୍ରୀଙ୍କ ନିରାପତ୍ତା ଲାଗି 'ଶକ୍ତିଶ୍ରୀ' ନାମରେ ଏକ ଯୋଜନା ଘୋଷଣା କରିଛି। ଏହି ଯୋଜନା କେବଳ ଦନ୍ତହୀନ ବ୍ୟାଘ୍ର ହୋଇ ରହିଯିବ କି ପ୍ରଭାବଶାଳୀ ହେବ ତାହା ରୂପାୟନ ଓ ଅଭିଯୋଗ ପରବର୍ତ୍ତୀ ତତ୍କାଳ କଠୋର କାର୍ଯ୍ୟାନୁଷ୍ଠାନ ଉପରେ ନିର୍ଭର କରୁଛି। ଶିକ୍ଷାନୁଷ୍ଠାନ କର୍ତ୍ତୃପକ୍ଷଙ୍କ ଉଦାସୀନତା ଓ ସରକାରଙ୍କ ନିଷ୍ଠାର ଅଭାବ ଯୋଗୁଁ କଙ୍ଗି ଭଳି ଅମାନୁଷିକ କଳୁଷିତ ପରମ୍ପରା ଅନେକ କଠୋର କଟକଣା ସତ୍ତ୍ୱେ ପ୍ରାୟ ସବୁ ଶିକ୍ଷାନୁଷ୍ଠାନରେ ଜାରିରହିଛି। ତେଣୁ ଯୋଜନା ଅପେକ୍ଷା ରୂପାୟନ ହିଁ ଅଧିକ ଗୁରୁତ୍ୱ ରଖେ। ଆଶା ସରକାର ଏ ଦିଗଟିକୁ ଅଧିକ ଗୁରୁତ୍ୱ ଦେବେ।

ଯେତେବେଳେ ପ୍ରତିପତ୍ତି, ବାହୁବଳ ଓ ଅର୍ଥବଳ ଆଗରେ ସରକାରୀ ବ୍ୟବସ୍ଥା ଓ ଆଇନଶୃଙ୍ଖଳା ବିବଶ ହୋଇପଡ଼େ ସେତେବେଳେ ଜନଆକ୍ରୋଶ ଅତିକ୍ରିୟାର ରୂପ ନିଏ ଏବଂ 'ଗଙ୍ଗାଜଲ୍' ଭଳି ଚଳଚ୍ଚିତ୍ର କାହାଣୀର ଆଧାର ପାଲଟିଯାଏ। ଚଳଚ୍ଚିତ୍ରର କାହାଣୀ ଓ ବାସ୍ତବ ଜୀବନ ଭିତରେ ଆକାଶ ପାତାଳ ଫରକ୍ ଅଛି। କିନ୍ତୁ ଏହା ମଧ୍ୟ ଅସ୍ୱୀକାର କରାଯାଇପାରିବ ନାହିଁ ଯେ ପରିସ୍ଥିତି ଚାପରେ ଆକାଶ-ପାତାଳର ଦୂରତ୍ୱ ହ୍ରାସ ଘଟିବାରେ ବିଳମ୍ବ ହେବ ନାହିଁ ଏବଂ ଚଳଚ୍ଚିତ୍ରର କାହାଣୀ ବାସ୍ତବତାରେ ରୂପାୟନ ହେବ ନାହିଁ।

## ଏକ କରୁଣ ଆତ୍ମାହୁତିର ଆହ୍ୱାନ

**ସସ୍ମିତା କର**

ଫକୀର ମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କର ଦୁଃଖଦ ମୃତ୍ୟୁ ସମଗ୍ର ଓଡ଼ିଶାବାସୀଙ୍କୁ ବିଚଳିତ କରିଛି। ଆନ୍ଦୋଳିତ କରିଛି ଓଡ଼ିଶା ବାହାରେ ସଭ୍ୟ ମାନବସମାଜକୁ। ତିନିଦିନ ନ ପୂରୁଣୁ ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟର ଏକ ଛାତ୍ରୀଙ୍କ ଅଭିଯୋଗକ୍ରମେ ଶିକ୍ଷକଙ୍କର ଗିରଫଦାରୀ ଲଜ୍ଜିତ କରିଛି ସମାଜର ପଥପ୍ରଦର୍ଶକ, ପିଲାର ଭାଗ୍ୟନିର୍ମାତା ଗୁରୁସମ ଶିକ୍ଷକ ଗୋଷ୍ଠୀକୁ। ଏକ ଅନୁଧ୍ୟାନ କମିଟି ବସିବ, ଦୋଷୀକୁ କଠୋରରୁ କଠୋରତମ ଶାସ୍ତି ଦିଆଯିବାର ଧାରଣା ଜନମାନସରେ ସୃଷ୍ଟି କରାଯିବ। ଅବଶ୍ୟ ବର୍ତ୍ତମାନ ସୁଦ୍ଧା ଛାତ୍ରୀଙ୍କ ଅଭିଯୋଗ ଭିତ୍ତିରେ ତାଙ୍କୁ ଯୌନ ନିର୍ଯାତନା ଦେଉଥିବା ବିଭାଗୀୟ ମୁଖ୍ୟ ଏବଂ ସବୁ ଜାଣି ନୀରବ ରହିଥିବା ମହାବିଦ୍ୟାଳୟର ଅଧ୍ୟକ୍ଷଙ୍କୁ କାର୍ଯ୍ୟରୁ ନିଲମ୍ବନ କରାଯିବା ସହ ଗିରଫ କରାଯାଇଛି। ତେବେ ଏକ କୋମଳମତି ଛାତ୍ରୀର ଜୀବନ ପ୍ରଦୀପ ଲିଭିଯିବା ପରେ ଏଇସବୁ ଶାସ୍ତି କ'ଣ ଯଥେଷ୍ଟ ?

ଶିକ୍ଷା ବ୍ୟବସ୍ଥାରେ ସୁଧାର ଆଣିବା ପାଇଁ ବିଂଶ ଶତାବ୍ଦୀର ଷାଠିଏ ଦଶକରେ ଗଠିତ କୋଠାରୀ ଆୟୋଗ ତାଙ୍କ ରିପୋର୍ଟରେ ଉଲ୍ଲେଖ କରିଥିଲେ- ଭାରତର ଭାଗ୍ୟ ତା'ର ଶ୍ରେଣୀଗୃହରେ ନିର୍ମିତ ହୋଇଥାଏ (ଦି ଡେଷ୍ଟିନି ଅଫ ଇଣ୍ଡିଆ ଇଜ୍ ଶେପ୍‌ଡ୍ ଇନ୍ ଇଟ୍‌ସ କ୍ଲାସରୁମ୍)। ଅର୍ଥାତ, ଶ୍ରେଣୀରେ ବସିଥିବା ଆଜିର ବିଦ୍ୟାର୍ଥୀ ଭବିଷ୍ୟତରେ ଦେଶର ଶାସନଡୋରି ହାତକୁ ନିଏ, ରାଷ୍ଟ୍ରର ଭାଗ୍ୟ ଲେଖେ। ସେହି ବିଦ୍ୟାର୍ଥୀଙ୍କୁ ସମସ୍ତ ମାନବୀୟ ମୂଲ୍ୟବୋଧରେ ପରିପୂର୍ଣ୍ଣ କରିବାର ଦାୟିତ୍ୱ ହେଉଛି ଶିକ୍ଷକଙ୍କର। ଅତଃ ପ୍ରକୃତ ଅର୍ଥରେ ଶିକ୍ଷକ ହେଉଛନ୍ତି ରାଷ୍ଟ୍ରର ତ୍ରାଣକର୍ତ୍ତା, ଭାଗ୍ୟବିଧାତା। କିନ୍ତୁ ଯଦି ପଥପ୍ରଦର୍ଶକ ସ୍ୱୟଂ ହୁଏ ପଥଭ୍ରଷ୍ଟ, ଯଦି ଭାଗ୍ୟବିଧାତା ନିଜେ କରେ ଦୁର୍ଭାଗ୍ୟପୂର୍ଣ୍ଣ ଆଚରଣ, ତେବେ କ'ଣ ହେବ ଏ ଦେଶର ଭାଗ୍ୟ !

ବି.ଏଡ୍.କରି ହୁଏତ ଗୌରବମୟ ଶିକ୍ଷକ ବୃତ୍ତି ଆପଣେଇବାକୁ ସ୍ୱପ୍ନ ଦେଖୁଥିବା ସୌମ୍ୟାଶ୍ରୀ ନାମକ କଢ଼ିଟିଏ ସେଇ ଶିକ୍ଷକଙ୍କର ଯୌନଲାଳସାରୁ ବର୍ତ୍ତିବାର ସମସ୍ତ ଆଶା ହରାଇବା ପରେ ଜାଳିଦେଲା ନିଜକୁ। ଝଡ଼ିଗଲା ଅର୍ଦ୍ଧପ୍ରସ୍ଫୁଟିତ ଫୁଲଟିଏ ଅକାଳରେ। ସୌମ୍ୟାଶ୍ରୀଙ୍କର ଏହି ବଳିଦାନ ଆମକୁ ଖାଲି ସାମୟିକ ଭାବେ ବ୍ୟଥିତ କଲେ ହେବ ନାହିଁ। ଏମିତି ଅନେକ ସ୍ଥାନରେ ଅନେକ ସୌମ୍ୟାଶ୍ରୀ ଅଛନ୍ତି, ଯେଉଁମାନେ ଭୟ କିମ୍ବା ଲୋକଲଜ୍ଜା କାରଣରୁ ମୁହଁ ଖୋଲି ପାରୁନାହାନ୍ତି। ଯେମିତି ୨୦୦୬ରେ ଆରମ୍ଭ ହୋଇ ୨୦୧୭ରୁ ବିଶେଷଭାବେ ଆବୃତି ଲାଭକରିଥିବା 'ମି ଠୁ ମୁଭମେଣ୍ଟ' ଯେଉଁଠି ଜଣେ ମୁହଁ ଖୋଲିବା ପରେ ଅଗଣିତ ମହିଳା ତାଙ୍କ ଉପରେ ହୋଇଥିବା ଯୌନ ଉତ୍ପୀଡ଼ନର କାହାଣୀକୁ ଲୋକଲୋଚନକୁ ଆଣିଥିଲେ। ତେବେ ସେଇ ୨୦୧୭ରେ ଏବିସି ନିଉଜ୍ ଏବଂ ଦି ୱାସିଂଟନ ପୋଷ୍ଟ ଦ୍ୱାରା କରାଯାଇଥିବା ସର୍ଭେ ୫୪ ପ୍ରତିଶତ ଆମେରିକୀୟ ମହିଳା ଅସ୍ୱାଭାବିକ ବା ଅନିଚ୍ଛାକୃତ ଯୌନ ଲାଳସାର ଶିକାର ହେଉଥିବା ବେଳେ ପ୍ରାୟ ୯୫ ପ୍ରତିଶତ ଦୋଷୀକୁ କୌଣସି ଦଣ୍ଡ ଦିଆଯାଉନଥିବାର ରିପୋର୍ଟ କରିଥିଲେ।

ଏହି ମାମଲାରେ ମଧ୍ୟ ସାହସ ଯୁଟାଇ ଛାତ୍ରୀଜଣକ ସମ୍ପୃକ୍ତ ଅଧ୍ୟାପକଙ୍କ ବିରୁଦ୍ଧରେ ଅଭିଯୋଗ ଆଣିଥିଲେ ଯାହାକୁ ଅଣଦେଖା କରାଯାଇଛି। ଆଭ୍ୟନ୍ତରୀଣ ଅଭିଯୋଗ କମିଟିର ରିପୋର୍ଟ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇନାହିଁ। ଶିକ୍ଷାର ପବିତ୍ର ସ୍ଥଳରେ ସେ ଅଧ୍ୟାପକ କାହିଁକି ଏମିତି ବିବେକଶୂନ୍ୟ କାମ କଲେ? କାହା ଚାପରେ ବା କେଉଁ ପରିସ୍ଥିତିରେ ପଡ଼ି ଅଧ୍ୟକ୍ଷ ଏମିତି ସ୍ପର୍ଶକାତର ଘଟଣାକୁ ଏଡ଼ାଇଗଲେ, ଯେଉଁଥିପାଇଁ ଅସହାୟ ଝିଅଟିଏ ବାପା ମା'ଙ୍କ କୋଳ ଖାଲି କରି ଚାଲିଗଲା ? ସେ କାଲିକୁ ହୁଏତ ଶହଶହ ପିଲାଙ୍କୁ ପାଠପଢ଼ାଇ ମଣିଷ କରିଥା'ନ୍ତା। ଘରସଂସାର ସମ୍ଭାଳିଥା'ନ୍ତା। କାହିଁ କେତେ ଯୁବାଙ୍କୁ ଦେଉଥା'ନ୍ତା ଆତ୍ମରକ୍ଷାର ତାଲିମ୍। କିନ୍ତୁ, ହାୟ ! ଆତ୍ମରକ୍ଷା ପ୍ରଶିକ୍ଷିକା ଜଣକ ଅକଥନୀୟ ନିର୍ଯାତନା ସହିନପାରି ଆତ୍ମାହୁତି ଦେଲା। ତା' ପରିବାରର ତଥା ସମାଜର ଏହି ଅପୂରଣୀୟ କ୍ଷତି କିଏ ଭରଣା କରିପାରିବ ?

ଆତ୍ମାହୁତି ଏକ ସହଜ କଥା ନୁହେଁ। ମନୋବିଜ୍ଞାନ କୁହେ ଅସହନୀୟ ମାନସିକ ଯନ୍ତ୍ରଣା ବହୁ ସମୟରେ ଆତ୍ମହତ୍ୟାକୁ ପ୍ରୋତ୍ସାହିତ କରିଥାଏ। ଅନ୍ୟକୁ ଆମେ ଯେତେ ସହଜରେ ବାଡ଼ାଉ ବା ଚିମୁଟିପାରୁ ନିଜକୁ ସେତେ ସହଜରେ କରିପାରୁନା। ବଞ୍ଚିବାର ସମସ୍ତ ବିକଳ୍ପ ବନ୍ଦ ହେବାପରେ ହିଁ ଜଣେ ଆତ୍ମହତ୍ୟା କଥା ଚିନ୍ତା କରେ। ତେଣୁ ଛାତ୍ରୀ ସୌମ୍ୟାଶ୍ରୀ କ୍ଷେତ୍ରରେ ମଧ୍ୟ ସେଇୟା ଘଟିଥିବା ଅନୁମାନ କରାଯାଏ। ନିଜ ବିଭାଗୀୟ ମୁଖ୍ୟଙ୍କ ଦ୍ୱାରା ଅତ୍ୟାଚାରିତ ହେଲା ପରେ ସେ ଜଣାଇଛନ୍ତି ମହାବିଦ୍ୟାଳୟ ଅଧ୍ୟକ୍ଷଙ୍କୁ, ଗୁହାରି କରିଛନ୍ତି ଅନେକ ପଦାଧିକାରୀଙ୍କୁ। କେଉଁଠୁ କିଛି ସାହାଯ୍ୟ ସହଯୋଗ ନ ପାଇ ଆତ୍ମାହୁତି ପରି ଚରମ ନିଷ୍ପତ୍ତି ତାଙ୍କୁ ନେବାକୁ ପଡ଼ିଛି। ଶେଷରେ ଚିକିତ୍ସାଧୀନ ଅବସ୍ଥାରେ ଏମ୍ସ ପରିସରରେ ତାଙ୍କର ମୃତ୍ୟୁ ଘଟିଛି। ସେ ଚିର ବିଦାୟ ନେଇଛନ୍ତି ତାଙ୍କୁ ଘେରି ରହିଥିବା ଏକ କୁତ୍ସିତ ପରିବେଶରୁ। ଅନ୍ୟାୟ ବିରୁଦ୍ଧରେ ସାହସର ସହ ଲଢ଼ି ଜୀବନ ଯୁଦ୍ଧରେ ହାରି ଯାଇଛନ୍ତି ମେଧାବୀ ଛାତ୍ରୀ ସୌମ୍ୟାଶ୍ରୀ।

ତାଙ୍କର ମୃତ୍ୟୁ ପରେ ସରକାରଙ୍କର ଚେତା ପଶିଚି। ଦୋଷୀକୁ ସାଲିସବିହୀନ ଦଣ୍ଡ ଦିଆଯିବ ବୋଲି ଘୋଷଣା କରାଯାଇଛି। ମୃତ୍ୟୁ ପୂର୍ବରୁ କାହିଁକି ଏହିଭଳି ସମ୍ବେଦନଶୀଳ ପ୍ରସଙ୍ଗକୁ ଗୁରୁତ୍ୱର ସହ ନିଆଗଲା ନାହିଁ ମହାବିଦ୍ୟାଳୟର ଆଭ୍ୟନ୍ତରୀଣ କମିଟି (ଇଂଟରନାଲ କମ୍ପ୍ଲେଟ ସେଲ, ଆଇସିସି) ଏଚ୍‌ଓଡିଙ୍କୁ ପଦରୁ ହଟାଇବା ପାଇଁ ସୁପାରିସ କରିଥିବା ବେଳେ ତାଙ୍କୁ ହଟାଇବାକୁ ତୁରନ୍ତ ପଦକ୍ଷେପ ନିଆଗଲା ନାହିଁ କାହିଁକି ?

ସୌମ୍ୟାଶ୍ରୀ ମୃତ୍ୟୁ ଘଟଣା ପରେ ରାତାରାତି ଉଚ୍ଚଶିକ୍ଷା ବିଭାଗ ଆଇସିସିର କାର୍ଯ୍ୟକାରିତା ସମ୍ବନ୍ଧରେ ଉକ୍ତ ଶିକ୍ଷାନୁଷ୍ଠାନମାନଙ୍କଠାରୁ ଚବିଶଘଣ୍ଟା ମଧ୍ୟରେ ରିପୋର୍ଟ ତଲବ କରିଛନ୍ତି। ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ (ୟୁ.ଜି.ସି.) ୨୦୧୫ରେ ଆଇସିସି ଉପରେ ଦେଇଥିବା ନିର୍ଦ୍ଦେଶାବଳୀକୁ କଡ଼ାକଡ଼ି ଭାବେ ପାଳନ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ଆଇସିସି ସଦସ୍ୟଙ୍କ ନାମ, ଫୋନ୍ ନମ୍ବର ଆଦି ତଥ୍ୟକୁ କ୍ୟାମ୍ପସର ପ୍ରମୁଖ ସ୍ଥାନମାନଙ୍କରେ ପ୍ରଦର୍ଶିତ କରାଯିବା ସହ ସମ୍ବନ୍ଧିତ ତଥ୍ୟ ହାୟର ଏଜୁକେସନ୍ ଆଣ୍ଡ ମ୍ୟାନେଜମେଣ୍ଟ ସିଷ୍ଟମ(ଏଚଇଏମଏସ୍) ପୋର୍ଟାଲରେ ଜିଓଟ୍ୟାଗ୍‌ଡ୍ ଫଟୋ ଅପଲୋଡ୍ କରିବାକୁ ନିର୍ଦ୍ଦେଶ ଜାରି ହୋଇଛି। କର୍ମକ୍ଷେତ୍ରରେ ଯୌନ ନିର୍ଯାତନା ଆଇନ ୨୦୧୩ ସମ୍ପର୍କରେ ସଚେତନତା କାର୍ଯ୍ୟକ୍ରମ, କର୍ମଶାଳା ଆଦି ଆୟୋଜନ କରିବାକୁ ସମସ୍ତ ମହାବିଦ୍ୟାଳୟ ଏବଂ ବିଶ୍ୱବିଦ୍ୟାଳୟ କର୍ମକର୍ତ୍ତାଙ୍କୁ ପରାମର୍ଶ ଦିଆଯାଇଛି। ଫ୍ୟାକ୍ଟ ଫାଇଣ୍ଡିଙ୍ଗ କମିଟି ଗଢ଼ି ସାତଦିନ ଭିତରେ ରିପୋର୍ଟ ଦେବାକୁ ୟୁଜିସି ଆଗ୍ରହ ପ୍ରକାଶ କରିଛି। ଛାତ୍ରୀଙ୍କ ପରିବାରକୁ ସରକାର ସହାୟତା ରାଶି ଘୋଷଣା କରିଛନ୍ତି। ଏ ସବୁ ନିଶ୍ଚିତଭାବେ ସ୍ୱାଗତଯୋଗ୍ୟ ପଦକ୍ଷେପ। କିନ୍ତୁ ବିଡ଼ମ୍ବନାର ବିଷୟ ହେଉଛି ଏ ସମସ୍ତ କ୍ରିୟାନୁଷ୍ଠାନ ମୁଖ୍ୟତଃ ଆରମ୍ଭ ହୋଇଛି ଛାତ୍ରୀଙ୍କର ମୃତ୍ୟୁ ପରେ। ଏଭଳି ତତ୍ପରତା ଆଗରୁ ପ୍ରକାଶ ପାଇଥିଲେ ହୁଏତ ଏ ଅଘଟଣକୁ ରୋକାଯାଇ ପାରିଥା'ନ୍ତା। ନିଜ କଲେଜ କ୍ୟାମ୍ପସରେ ଜଳିଯିବା ଆମ ସମଗ୍ର ଶିକ୍ଷା ବ୍ୟବସ୍ଥାପ୍ରତି ପ୍ରଶ୍ନବାଚୀ ସୃଷ୍ଟି କରୁ ନାହିଁକି ?

ପୁନଶ୍ଚ, ନିଆଁ ଲାଗି ଜୀବନ ବିକଳରେ ଦୌଡୁଥିବା ବେଳେ ଏତେ ବଡ଼ ଅନୁଷ୍ଠାନର ଛାତ୍ରଛାତ୍ରୀ, କର୍ମଚାରୀଗଣ ଯଦି ନିଜର ସାର୍ଟ, ଓଢ଼ଣୀ ଆଦି ଘୋଡ଼ାଇ ଦେଇଥା'ନ୍ତେ ବା ବାଲି ମୁଠାଏ ମୁଠାଏ ଫିଙ୍ଗି ଦେଇଥା'ନ୍ତେ ତା'ହେଲେ ହୁଏତ ପରିସ୍ଥିତି ଆଜି ଭିନ୍ନ ହୋଇଥା'ନ୍ତା। କେବଳ ଜ୍ୟୋତିପ୍ରକାଶ କାହିଁକି? କେଉଁଠି ହଜିଗଲା ଆମ ସମସ୍ତଙ୍କର ନୈତିକତା? ଜଳିଯାଉଥିବା ଝିଅଟିକୁ ଅସହାୟ ଭାବେ ଦେଖିବା, ମାନବିକତାର ସମସ୍ତ ସୀମା ଉଲଂଘନ କରି ତା'ର ଭିଡିଓ ଉତ୍ତୋଳନ କରିବା, ଏଇୟା କ'ଣ ଗୋଟେ ପ୍ରଖ୍ୟାତ ଶିକ୍ଷାନୁଷ୍ଠାନର ମୂଲ୍ୟବୋଧ ?

ସୌମ୍ୟାଶ୍ରୀଙ୍କ ଆତ୍ମଦାହ ଖାଲି ଏକ ଦୁର୍ଘଟଣା ବା ଦୁଃଖଦ ମୃତ୍ୟୁ ନୁହେଁ। ଅନ୍ୟାୟ ବିରୁଦ୍ଧରେ ଲଢ଼ିବାର ସାହସ ରଖୁଥିବା ଏକ ଛାତ୍ରୀର ବଳିଦାନ, ଯାହାର ଦୁଇ ତିନିଦିନ ନ ପୂରୁଣୁ ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟରେ ସେମିତି ଏକ ଘଟଣା ସାମ୍ନାକୁ ଆସିଛି। ସମ୍ପୃକ୍ତ ଅଧ୍ୟାପକ ଗିରଫ ହୋଇଛନ୍ତି। ସୌମ୍ୟାଶ୍ରୀଙ୍କ ଆତ୍ମାହୁତି ହୁଏତ ଏହିପରି ଶୋଷିତ ଛାତ୍ରୀଙ୍କୁ ନିର୍ଭୀକ ହୋଇ ଆଗକୁ ଆସିବାକୁ ସାହସ ଯୋଗାଇବ।

ଶିକ୍ଷା ଅନୁଷ୍ଠାନ ହେଉଛି ଜୀବନ ନିର୍ମାଣର ପବିତ୍ର ଦେବାଳୟ। ସମସ୍ତ ଅନୁଷ୍ଠାନର କର୍ତ୍ତୃପକ୍ଷ, ଶିକ୍ଷକ, ବିଦ୍ୟାର୍ଥୀ ସମସ୍ତେ ଆତ୍ମସମୀକ୍ଷା କରି ନିଜକୁ ଦେଖନ୍ତୁ। କୌଣସି ସମସ୍ୟାରେ ଥିଲେ ବିଦ୍ୟାର୍ଥୀମାନେ ବିଚଳିତ ନ ହୋଇ ସେ ବିଷୟରେ ଅନ୍ୟଙ୍କୁ ଅବଗତ କରାନ୍ତୁ। ପିତାମାତା, ଶିକ୍ଷକ, ସାଙ୍ଗସାଥିର କିଏ ନା କିଏ ତ ସାହାଯ୍ୟ କରିବାକୁ ଆଗେଇ ଆସିବ। ସହଯୋଗର ହାତ ବଢ଼ାଇବ। ସୌମ୍ୟାଶ୍ରୀଙ୍କ ବଳିଦାନ ବ୍ୟର୍ଥ ନ ଯାଉ। ଆଉ କେଉଁ ଅମୂଲ୍ୟ ଜୀବନ ଅକାଳରେ ଝଡ଼ି ନ ଯାଉ।

ଭୁବନେଶ୍ୱର, ମୋ-୬୩୭୦୧୯୮୫୦୮

## ବାସ୍ତବତାର ଦର୍ପଣ

**ପ୍ରଣତି ଆଚାର୍ଯ୍ୟ ମିଶ୍ର**

ସେହି ମୁହୂର୍ତ୍ତ ଗର୍ବିତ ଥିଲା ଯେତେବେଳେ ଚାନ୍ଦ୍ରାୟଣ-୩ ଚନ୍ଦ୍ରପୃଷ୍ଠରେ ଭାରତର ପତାକା ଉଡ଼ାଇ ବିଜ୍ଞାନର ନୂତନ ଶୀର୍ଷ ଛୁଇଁଥିଲା। ଠିକ୍ ସେହି ସମୟରେ ଭାରତର ଏକ ଗାଁରେ କିଛି ଲୋକ ଗୋଟିଏ ପରିବାରର ପାଞ୍ଚ ଜଣ ସଦସ୍ୟଙ୍କୁ ଡାହାଣୀ ଅଭିଯୋଗରେ ଜୀବନ୍ତ ଜାଳି ଦେଇଥିଲେ। ଏହି ଦୁଇଟି ଘଟଣା କୌଣସି କଳ୍ପନାର ନୁହେଁ ବରଂ ଆମ ସମୟ ଏବଂ ସମାଜର ଦୁଇଟି ପରସ୍ପର ବିରୋଧୀ ବାସ୍ତବତାର ଦର୍ପଣ। ଗୋଟିଏ ପଟେ ମହାକାଶରେ ବିଜୟ ଏବଂ ଅନ୍ୟପଟେ ଅନ୍ଧବିଶ୍ୱାସର ଚୁଲିରେ ଜଳୁଥିବା ମାନବତା। ବିହାରର ପୂର୍ଣ୍ଣିଆ ଜିଲ୍ଲାର ତେଟଗାମା ଗାଁରେ ତିନି ଜଣ ମହିଳା ଏବଂ ଦୁଇ ଜଣ ପୁରୁଷଙ୍କୁ ଡାହାଣୀ ସନ୍ଦେହରେ ପିଟି ପିଟି ସେମାନଙ୍କ ଉପରେ ପେଟ୍ରୋଲ ଢାଳି ଜୀବନ୍ତ ଜାଳି ଦିଆଯାଇଥିଲା। ପ୍ରାୟ ୧୫୦ ଜଣ ଏହି ଅମାନବୀୟ କାର୍ଯ୍ୟରେ ସାମିଲ ଥିଲେ। ଏହା କେବଳ ହତ୍ୟା ନଥିଲା ବରଂ ଆମର ସଂସ୍କୃତି ଏବଂ ସମ୍ବିଧାନ ଉଭୟରେ ଥିବା ସେହି ତାର୍କିକ ଚେତନାର ପରାଜୟ।

ଏହା କେବଳ ଗୋଟିଏ ଗାଁ କିମ୍ବା ରାଜ୍ୟର ସମସ୍ୟା ନୁହେଁ। ଓଡ଼ିଶାରେ ମଧ୍ୟ ଏଭଳି ଘଟଣା କମ୍ ନୁହେଁ। ଏହା ସେହି ଚିନ୍ତାଧାରାର ପ୍ରତିଫଳନ, ଯେଉଁଠାରେ ଆମେ ବିଜ୍ଞାନର ଦୀପ ନ ଜାଳି ଆଧୁନିକ ହେବାର ଭ୍ରମ ରଖିଥାଉ। ପ୍ରଯୁକ୍ତିବିଦ୍ୟା ପ୍ରଗତିରୁ ଲାଭ କେବଳ କିଛି ମହାନଗର ଏବଂ ଉଚ୍ଚବର୍ଗ ପର୍ଯ୍ୟନ୍ତ ସୀମିତ ରହିବ କି? ବୈଜ୍ଞାନିକ ଚିନ୍ତାଧାରା, ସମ୍ବେଦନଶୀଳତା ଏବଂ ମାନବାଧିକାର ପ୍ରତି ଚେତନା କ'ଣ ଗାଁ ପର୍ଯ୍ୟନ୍ତ ପହଞ୍ଚିଛି? ନା ଆଧୁନିକତା କେବଳ ମୋବାଇଲ୍ ଏବଂ ଇଣ୍ଟରନେଟ୍ ସୁବିଧା ପର୍ଯ୍ୟନ୍ତ ସୀମିତ? ଏଭଳି ଘଟଣା କେବଳ ମାନବାଧିକାରର ଉଲ୍ଲଂଘନ ନୁହେଁ, ବରଂ ସମ୍ବିଧାନ ଏବଂ ଆଇନର ବିଫଳତା ମଧ୍ୟ। ଯେତେବେଳେ ସମଗ୍ର ଗାଁ ଏକ ଅମାନବୀୟ କାର୍ଯ୍ୟରେ ଜଡ଼ିତ ରହେ ଏବଂ ପୁଲିସ-ପ୍ରଶାସନ ନିଷ୍କ୍ରିୟ ହୁଏ, ସେତେବେଳେ ପ୍ରଶ୍ନ ଉଠେ ଗଣତନ୍ତ୍ରର ସ୍ତମ୍ଭ କେବଳ ନିର୍ବାଚନ ଏବଂ ଭାଷଣରେ ସୀମିତ କି? ପୁଲିସର ନିଷ୍କ୍ରିୟତା ଏବଂ ପ୍ରଶାସନର ଉଦାସୀନତା ଏହି ସମଗ୍ର ବ୍ୟବସ୍ଥା ପାଇଁ ଏକ ଗଭୀର ଆଘାତ। ଏହା ଦର୍ଶାଏ ଯେ ସାମ୍ବିଧାନିକ ଢାଞ୍ଚା ମଧ୍ୟରେ ଅନେକ ଫାଟ ଅଛି, ଯାହାକୁ ପୂରଣ କରିବାର ଦାୟିତ୍ୱ କେବଳ ସରକାରଙ୍କର ନୁହେଁ ବରଂ ସମଗ୍ର ସମାଜର।

ତର୍କ, ବିଜ୍ଞାନ ଏବଂ ଜ୍ଞାନ ଆମ ପୂର୍ବପୁରୁଷଙ୍କ ପରମ୍ପରାରେ ବହୁତ ଗୁରୁତ୍ୱପୂର୍ଣ୍ଣ ଥିଲା। ଆର୍ଯ୍ୟଭଟ୍ଟ, ବରାହମିହିର, ଚରକ, ସୁଶ୍ରୁତ ଭଳି ନାମ କେବଳ ଐତିହାସିକ ନୁହେଁ, ବରଂ ଭାରତୀୟ ବୌଦ୍ଧିକ ପରମ୍ପରାର ମୂଳଦୁଆ। କିନ୍ତୁ ଆଜି କ'ଣ ସେମାନଙ୍କ ଚିନ୍ତାଧାରାର ଛାଇ ଆମ ଗାଁ ଏବଂ ସହର ପର୍ଯ୍ୟନ୍ତ ପହଞ୍ଚିଛି? ଯଦି ଜଣେ ମହିଳା ଅସୁସ୍ଥ ହୋଇ ଡାକ୍ତରଖାନାରେ ଚିକିତ୍ସିତ ହେବା ପରିବର୍ତ୍ତେ ତାଙ୍କୁ ଡାହାଣୀ କହି ପୋଡ଼ି ଦିଆଯାଏ ତେବେ ଏହାର ଅର୍ଥ ହେଉଛି ଆମ ସମାଜ ଅତୀତର କୌଣସି ଏକ ଅନ୍ଧାର କୂଅରେ ପଡ଼ିରହିଛି। ଏହି ସମ୍ପୂର୍ଣ୍ଣ ଆଲୋଚନାରେ ଗଣମାଧ୍ୟମର ଭୂମିକା ମଧ୍ୟ ପରିସରକୁ ଆସେ। ଆଜିର ଗଣମାଧ୍ୟମ କେବଳ ଚାଞ୍ଚଲ୍ୟକର ସମ୍ବାଦ ପରିବେଷଣ ଉପରେ କେନ୍ଦ୍ରିତ। ଘଟଣାର ସମ୍ବେଦନଶୀଳତାକୁ ବୁଝିବା ପରିବର୍ତ୍ତେ ସେମାନେ ତାହାକୁ ଟିଆରପି ଦୌଡ଼ରେ ପରିଣତ କରନ୍ତି। ଅନ୍ଧବିଶ୍ୱାସ, ଅଜ୍ଞତା ଓ କପଟତାର ସମ୍ପୂର୍ଣ୍ଣ ବିନାଶ କରିବା ପାଇଁ ସେମାନେ କେବେ ଚେଷ୍ଟା କରିଛନ୍ତି କି? ସେମାନେ କେବଳ ଘଟଣାର କ୍ଲିପ୍ (ଭିଡିଓ) ତିଆରି କରନ୍ତି। ଭାବପ୍ରବଣତାକୁ ଉତ୍ତେଜିତ କରନ୍ତି। କିନ୍ତୁ କୌଣସି ଆଦର୍ଶଗତ ଆନ୍ଦୋଳନ ଆରମ୍ଭ କରନ୍ତି ନାହିଁ।

ଏପରି ଘଟଣାରେ ଉପସ୍ଥିତ ଜନତାଙ୍କ ସହିତ ଆହୁରି ଅଧିକ ଦାୟୀ ସେହି ଅନୁଷ୍ଠାନଗୁଡ଼ିକ, ଯେଉଁମାନେ ସମାଜକୁ ଦିଗଦର୍ଶନ ଦେବା ପାଇଁ ଉଦ୍ଦିଷ୍ଟ। ସେଗୁଡ଼ିକ ହେଲେ ଶିକ୍ଷାନୁଷ୍ଠାନ, ଧାର୍ମିକ ସଂଗଠନ, ପଞ୍ଚାୟତ ଓ ପ୍ରଶାସନିକ ବ୍ୟବସ୍ଥା। ଟିଭି ଚ୍ୟାନେଲଗୁଡ଼ିକ କେବଳ ଶାଶୂ-ବୋହୂ ନାଟକ ଦେଖାଇବା ପରିବର୍ତ୍ତେ 'ଯାଦୁମନ୍ତ୍ରବିଦ୍ୟା ବନ୍ଦ କର' ଭଳି ଅଭିଯାନକୁ ପ୍ରାଥମିକତା ଦେବା ଉଚିତ। ପ୍ରତି ମାସରେ ପଞ୍ଚାୟତରେ ତର୍କଭିତ୍ତିକ ଆଲୋଚନା ହେବା ଉଚିତ। ସ୍କୁଲଗୁଡ଼ିକରେ ଛାତ୍ରଛାତ୍ରୀମାନଙ୍କୁ ସାମାଜିକ ଚେତନାର ପାଠ ମଧ୍ୟ ପଢ଼ାଯିବା ଉଚିତ।

ସନାତନ ପରମ୍ପରାର ମୌଳିକ ଉପାଦାନଗୁଡ଼ିକ ହେଉଛି କରୁଣା ଓ ଜ୍ଞାନ। ସମାଜରେ ସନାତନର ସେହି ମୂଲ୍ୟବୋଧଗୁଡ଼ିକୁ ପୁନଃସ୍ଥାପିତ କରିବାକୁ ପଡ଼ିବ, ଯାହା ପ୍ରତ୍ୟେକ ଜୀବରେ ଆତ୍ମାକୁ ଦେଖାଏ। ଭାରତ ବୈଷୟିକ ଦକ୍ଷତାର ପ୍ରତୀକ ଚନ୍ଦ୍ରାୟଣ-୩ ଯେତେବେଳେ ଚନ୍ଦ୍ରରେ ଅବତରଣ କରେ ସେତେବେଳେ ଭାରତର ଆତ୍ମା ମଧ୍ୟ ଆକାଶକୁ ସ୍ପର୍ଶ କରିବାକୁ ଆକାଂକ୍ଷା ରଖେ। କିନ୍ତୁ ଯେତେବେଳେ ଜଣେ ମହିଳାଙ୍କୁ ଡାହାଣୀ ଅଭିଯୋଗରେ ଜୀବନ୍ତ ଜଳାଇ ଦିଆଯାଏ ସେହି ଆତ୍ମା ଚିତ୍କାର କରେ। ଏହା ଆମ ସମୟର ବିରୋଧାଭାସ। ଗୋଟିଏ ପଟେ ବିଜ୍ଞାନ ଅନ୍ୟପଟେ ଅନ୍ଧବିଶ୍ୱାସ। ଗୋଟିଏ ପଟେ ମହାକାଶରେ ସଫଳତା ଅନ୍ୟପଟେ ସାମାଜିକ ଅବକ୍ଷୟ। ଭାରତର ଭବିଷ୍ୟତ ସେତେବେଳେ ସୁରକ୍ଷିତ ହେବ, ଯେତେବେଳେ ବିଜ୍ଞାନ ଓ ଜ୍ଞାନର ଆଲୋକ ପ୍ରତ୍ୟେକ ଗାଁ, ଘର ଏବଂ ମନରେ ପହଞ୍ଚିବ। 'ତମସୋ ମା ଜ୍ୟୋତିର୍ଗମୟ' କେବଳ ଏକ ଶ୍ଳୋକ ହେବା ଉଚିତ୍ ନୁହେଁ। ଏହା ଏକ ସାମାଜିକ ଅଭିଯାନ ହେବା ଉଚିତ୍। ଅଜ୍ଞତାରୁ ଜ୍ଞାନ, ଅନ୍ଧାରରୁ ଆଲୋକ, ହିଂସାରୁ କରୁଣା।

ନୟାଗଡ଼, ମୋ: ୯୪୩୭୬୪୨୯୪୭

## ଆମ ବୃକ୍ଷଲତା ଆମ ଜୀବନ

### ଦକ୍ଷିଣ କବାଟ

**ପ୍ରକୃତି-ପରିବେଶ**

**ସୌଭାଗ୍ୟସୁନ୍ଦର**

ଦକ୍ଷିଣ କବାଟ ଏକ ବଡ଼ ପର୍ଣ୍ଣମୋଚୀ ଗଛ, ଯାହା ଭାରତ ଓ ଶ୍ରୀଲଙ୍କାରେ ପ୍ରାୟ ସବୁଠାରେ ଦେଖାଯାଏ। ଏହା ଏକ ବହୁମୁଖୀ ବୃକ୍ଷ। ତେଣୁ ସାଧାରଣତଃ ସ୍ୱର୍ଗର ଉଦ୍ଭିଦ ଭାବରେ ଲୋକକଥା ରହିଛି। କିନ୍ତୁ ତାମିଲରେ ଏହାର ଅପ୍ରୀତିକର ଗନ୍ଧ ଯୋଗୁଁ ଏହାକୁ 'ପାଇ-ନାରି ମାରାମ' ବୋଲି କୁହାଯାଏ। ଏହା ସେହି ଅଞ୍ଚଳରେ ଭଲ ବଢ଼ିଥାଏ, ଯେଉଁଠାରେ ବାର୍ଷିକ ଦିନର ତାପମାତ୍ରା ୨୦ - ୪୦ ଡିଗ୍ରୀ ସେଣ୍ଟିଗ୍ରେଡ ମଧ୍ୟରେ ଥାଏ, ତା'ଠାରୁ କମ୍ ବା ଅଧିକ ଉତ୍ତାପ ସହ୍ୟ କରିପାରେ ନାହିଁ। ସୀମା ଚିହ୍ନିତ କରିବା ଏବଂ ମୃତ୍ତିକା କ୍ଷୟକୁ ରୋକିବା ପାଇଁ 'ଦକ୍ଷିଣ କବାଟ' ଜମି ହିଡ଼ ଏବଂ ନଦୀର ଧାରରେ ଲଗାଯାଏ।

'ଦକ୍ଷିଣ କବାଟ' ପ୍ରାୟ ୧୫ ମିଟର ଉଚ୍ଚତା ପର୍ଯ୍ୟନ୍ତ ବଢ଼ିଥାଏ। ଏହାର ଛାଲି ହାଲୁକା ଧୂସର-ବାଦାମୀ, ତନ୍ତୁମୟ କିମ୍ବା ଗ୍ରନ୍ଥଯୁକ୍ତ, ରୁକ୍ଷ, ଡାଳଗୁଡ଼ିକ ସ୍ଥାୟୀ ପତ୍ର ଦାଗ ସହିତ ଥାଏ। ଗଣ୍ଠିରୁ ଗୋଟିଏ ଲେଖା ପତ୍ର ବିକଳ୍ପ ଦିଗରେ ଉତ୍ପତ୍ତି ହୋଇଥାଏ। ୨୦-୮୦ ସେମି ଲମ୍ବ ବିଶିଷ୍ଟ ପତ୍ରଗୁଡ଼ିକର ଅଂଶର ଧାର ଅନିୟମିତ ଭାବରେ ଦନ୍ତଯୁକ୍ତ। ସବୁଜ-ହଳଦିଆ ରଙ୍ଗର ଫୁଲଗୁଡ଼ିକ ଏକଲିଙ୍ଗୀ, ଆୟତନରେ ଛୋଟ, ଅନେକ ଅକ୍ଷିରୀ କିମ୍ବା ଶେଷ ପ୍ୟାନିକେଲରେ ସଜ୍ଜିତ ଥାଏ, ଦୁର୍ଗନ୍ଧ ନିର୍ଗତ କରେ; ଫୁଲର ବାହ୍ୟ ଆବରଣ ବା ସେପାଲ୍ ୫ଟି ଏବଂ ପାଖୁଡ଼ା ୫ଟି ଲେଖା ଥାଏ। ଜାନୁଆରୀ-ମାର୍ଚ୍ଚ ମାସ ପର୍ଯ୍ୟନ୍ତ ଫୁଲ ଫୁଟିଥାଏ ଏବଂ ଜୁଲାଇ ପର୍ଯ୍ୟନ୍ତ ଫଳ ଦେଇଥାଏ। ଫଳ ଏକବୀଜ ବିଶିଷ୍ଟ ସମାରା, ଚେପଟା, ୫ ସେମି ଲମ୍ବ।

ଆୟୁର୍ବେଦ, ଲୋକାଚାର ଏବଂ ସିଦ୍ଧ ପ୍ରଣାଳୀରେ ଏହା ଏକ ଗୁରୁତ୍ୱପୂର୍ଣ୍ଣ ଔଷଧୀୟ ଉଦ୍ଭିଦ। ଗଛର ଅଠା ଓ ପତ୍ରରେ ପ୍ରାଥମିକତା ଭାବରେ ଆରୋଗ୍ୟ ଗୁଣ ଅଛି। ଗଛର ଛାଲ ତିକ୍ତ, ଆଣ୍ଟିସ୍ପାସ୍ମୋଡିକ୍, ଆଣ୍ଟିହେଲମିନ୍ଥକ, ଆଣ୍ଟିଆମୋଏବିକ୍, ଆଣ୍ଟିପ୍ଲାଜମୋଡିଆଲ୍, ଆଣ୍ଟି-ଇନ୍‌ଫ୍ଲାମେଟରୀ, ଆଣ୍ଟିଡାଇରିଆଲ୍, ଆଣ୍ଟିଫର୍ଟିଲିଟି, ଆଣ୍ଟିଅକ୍ସିଡାଣ୍ଟ ଏବଂ ଆଣ୍ଟିମାଇକ୍ରୋବାୟଲ୍, ଆଣ୍ଟିସେପ୍ଟୋରାଣ୍ଟ ଗୁଣରେ ଭରପୂର। ଛାଲି ଏକ ଜ୍ୱରକ ଭାବରେ କାର୍ଯ୍ୟ କରେ। ବୃକ୍ଷର ବିଭିନ୍ନ ଅଂଶକୁ ଶ୍ୱାସରୋଗ, ପତଳା ଝାଡ଼ା, ପ୍ରସବ ପରବର୍ତ୍ତୀ ଟନିକ୍ ଏବଂ ପରବର୍ତ୍ତୀ ଯନ୍ତ୍ରଣା ଉପଶମ, ମଳକଣ୍ଟକ, ଲ୍ୟୁକୋରିଆ ଆଦିର ଉପଚାରରେ ଫଳପ୍ରଦ ବ୍ୟବହାର କରାଯାଏ। ଏହା ଏକ ଲାର୍ଗାକ୍ଟିର, ଯାହା ସ୍କିଜୋଫ୍ରେନିଆ, ପାରାନୋଇଆ (ଭ୍ରମ ଏବଂ ଅତ୍ୟନ୍ତ ଚିନ୍ତିତ କିମ୍ବା ନର୍ଭସ ଅନୁଭବ କରିବା), ମାନିଆ (ଅତି ସକ୍ରିୟ ଆଚରଣ), ଚିନ୍ତା, ଉତ୍ତେଜନା ଏବଂ ବିପଜ୍ଜନକ ଭାବରେ ଆବେଗପୂର୍ଣ୍ଣ ଆଚରଣ ଆଦି ମାନସିକ ଚିକିତ୍ସା ପାଇଁ ବ୍ୟବହୃତ ହୁଏ। ଏହି ଗଛରେ ପ୍ରୋଟିନ୍, ଫ୍ୟାଟି ଏସିଡ୍ ଓ କାର୍ବୋହାଇଡ୍ରେଟ୍ ବ୍ୟତୀତ ଆଲକାଲଏଡ୍ ଓ ଫ୍ଲାଭୋନଏଡ୍ ଭଳି ଅନେକ ଫାଇଟୋକେମିକାଲ୍ ଥିବା ଜଣାଯାଏ। ଆଇଲାନ୍‌ଠଥଓନ୍, ଗ୍ଲୁକାରୁବିନୋନ୍ ଓ ଗ୍ଲୁକାରୁବୋଲ୍ ୧୫-ଆଇସୋଭାଲେରେଟ୍ ଏବଂ ଡିହାଇଡ୍ରୋଗ୍ଲୁକାରୁବୋଲ୍, ଆଇସୋଭାଲେରେଟ୍‌ର ମିଶ୍ରଣରେ ଭରପୂର ମୂଳ ଛାଲର ନିର୍ଯାସ ଟ୍ୟୁମର ଓ ସାଇଟୋଟକ୍ସିକ କାର୍ଯ୍ୟକଳାପ ପାଇଁ ଦାୟୀ ଯୌଗିକ ଭାବରେ ଦେଖାଯାଏ।

ବାୟୁମଣ୍ଡଳରେ ଝୁଲି ରହୁଥିବା ହାନିକାରକ ପିଏମ୍ କଣିକାକୁ ଧରି ରଖିବାରେ ଦକ୍ଷିଣ କବାଟ ସର୍ବୋତ୍ତମ ଦକ୍ଷ ବୃକ୍ଷ। ତେଣୁ ପ୍ରଦୂଷିତ ଅଞ୍ଚଳମାନଙ୍କରେ ଏହାକୁ ଲଗାଇବା ପାଇଁ ସୁପାରିସ କରାଯାଏ। ଫଳଟି ଖାଦ୍ୟ ଉପଯୋଗୀ ନୁହଁ। ତେଣୁ ଗୋରୁଗାଈ ଏହାକୁ ଖାଆନ୍ତି ନାହିଁ। କିନ୍ତୁ ସବୁଜ ସାର ପାଇଁ ଭଲ। ତେବେ ଏହାର ପତ୍ରଗୁଡ଼ିକ ଗାଈ, ଛେଳି, ମେଣ୍ଢା ଏବଂ ଓଟଙ୍କ ପାଇଁ ବିକଳ୍ପ ଖାଦ୍ୟ ଭାବରେ ବ୍ୟବହୃତ ହୁଏ। ଏହାର କାଠ ନରମ, ଦିଆସିଲି କାଠି ଏବଂ କାଠ ପ୍ୟାକେଜିଂ ବାକ୍ସ ଶିଳ୍ପ, ରାଜସ୍ଥାନୀ କଠଉ ଶିଳ୍ପ ଏବଂ କାଟାମାରାନ୍ (ଡଙ୍ଗା ଏବଂ ଜାହାଜରେ ବ୍ୟବହାର ଉପକରଣ) ନିର୍ମାଣ ପାଇଁ ବ୍ୟବହୃତ ହୁଏ। ଏହାକୁ ସୁରକ୍ଷିତ କୀଟନାଶକ ଭାବରେ ବିବେଚନା କରାଯାଇପାରିବ। ଏହାର ପରାଗରେ ଆଲର୍ଜେନିକ୍ ପ୍ରୋଟିନ୍ ମଧ୍ୟ ଥାଏ ଯାହା ବିଭିନ୍ନ ଶ୍ୱାସକ୍ରିୟା ରୋଗର କାରଣ ହୁଏ।

ଭୁବନେଶ୍ୱର, ମୋ: ୯୪୩୭୧୯୦୪୭୦


ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ପଲ୍ଲୀସଭାରେ ପୁଲିସର ଆକ୍ରମଣକୁ ନିନ୍ଦା

## ଆଦିବାସୀଙ୍କୁ ଦମନ ପାଇଁ ନୂତନ ପୁଲିସ ଜିଲ୍ଲା ଗଠନ: ମାସା



ବାରିପଦା/ରାଇରଙ୍ଗପୁର,୨୦।୭ (ସମିସ): ରାଇରଙ୍ଗପୁର ବ୍ଲକ ଅଧୀନ ପୁରୁଣାପାଣି ପଞ୍ଚାୟତ କଣ୍ଟାବଣୀ ଉଚ୍ଚପ୍ରାଥମିକ ବିଦ୍ୟାଳୟ ପରିସରରେ ଇଡକୋ ନିମନ୍ତେ ଜମି ଅଧିଗ୍ରହଣ ଓ ରୁଙ୍ଗଟା କମ୍ପାନୀର ପ୍ରସ୍ତାବିତ ଇସ୍ପାତ ଶିଳ୍ପ ପ୍ରତିଷ୍ଠା ନେଇ ଜନମତ ସଂଗ୍ରହ ପାଇଁ ଅନୁଷ୍ଠିତ ଗ୍ରାମସଭାରେ ଆଦିବାସୀଙ୍କୁ ପୁଲିସର ଆକ୍ରମଣକୁ ସବୁ ମହଲରେ ନିନ୍ଦା କରାଯାଇଛି। ଏଥିସହ ରାଇରଙ୍ଗପୁରକୁ ନୂତନ ପୁଲିସ ଜିଲ୍ଲା ଘୋଷଣା ଡବଲ ଇଞ୍ଜିନ ସରକାରଙ୍କ ଆଦିବାସୀଙ୍କୁ ଦମନ ଉଦ୍ଦେଶ୍ୟ ବୋଲି 'ମାସା'ର ରାଜ୍ୟ ଅଧକ୍ଷ ସୁକୁଲାଲ ମାରାଣ୍ଡି ଅଭିଯୋଗ କରିଛନ୍ତି। ଶ୍ରୀ ମାରାଣ୍ଡି ରବିବାର ସନ୍ଧ୍ୟାରେ ଆକ୍ରମଣ ଘଟଣାରେ ଜଡ଼ିତ ଅଧିକାରୀ ଓ କର୍ମଚାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବିରେ ଏସ୍‌ପି ବରୁଣ ଗୁଣ୍ଟୁପାଲ୍ଲୀଙ୍କୁ ଅଭିଯୋଗପତ୍ର ପ୍ରଦାନ କରିଛନ୍ତି। ତତ୍‌ସହିତ ଜନମତରେ ଶିଳ୍ପକୁ ବିରୋଧ କରୁଥିବା ଲୋକଙ୍କ ସଂଖ୍ୟା ଅଧିକ ଥିବାରୁ ସରକାର ଜମି ଅଧିଗ୍ରହଣରୁ ନ ଦୂରେଇଲେ ବ୍ୟାପକ ଆନ୍ଦୋଳନ ଚେତାବନୀ ଦେଇଛନ୍ତି ।

ସୂଚନାଯୋଗ୍ୟ, ଜମି ଅଧିଗ୍ରହଣ ଓ ଶିଳ୍ପ ପ୍ରତିଷ୍ଠା ପାଇଁ ପଲ୍ଲୀସଭାରେ ପ୍ରଶାସନ ପକ୍ଷରୁ ପକ୍ଷପାତିତା କରାଯାଉଥିବା ଅଭିଯୋଗରେ ଶନିବାର ସନ୍ଧ୍ୟାରେ ଉପସ୍ଥିତ ଜନସାଧାରଣ ଉତ୍ୟକ୍ତ ହୋଇଥିଲେ। ଅଭିଯୋଗ ଅନୁସାରେ ସପକ୍ଷବାଦୀଙ୍କ ଦସ୍ତଖତ ସଂଗ୍ରହ କରାଯାଇଥିବା ବେଳେ ବିପକ୍ଷବାଦୀଙ୍କ ଦସ୍ତଖତ ଗ୍ରହଣ କରା ନଯାଇ ଗ୍ରାମସଭାସ୍ଥଳରୁ ଜନମତ ସଂଗ୍ରହ ଖାତା ଧରି ରାଇରଙ୍ଗପୁର ବିଡିଓ ଲୁଚି ପଳାଇଥିଲେ। ଫଳରେ କଣ୍ଟାବଣୀ ଗ୍ରାମବାସୀ ବିଡିଓଙ୍କ କାର୍ଯ୍ୟାଳୟରେ ପହଞ୍ଚି ଜନମତ ଖାତା ଦେଖାଇବାକୁ ଅଡ଼ି ବସିଥିଲେ ଏବଂ ଫଳାଫଳ ଜଣାଇବାକୁ ଦାବି କରିଥିଲେ। ଗ୍ରାମସଭା ସକାଳ ୧୦ଟା ସମୟରୁ ଆରମ୍ଭ ହୋଇଥିବା ବେଳେ ରାତି ୮ଟା ପର୍ଯ୍ୟନ୍ତ ଉତ୍ତେଜନା ପୂର୍ଣ୍ଣ ଛକ୍କାପଞ୍ଝା ଚାଲିଥିଲା। ପରେ ପୁଲିସ ପ୍ରଶାସନ ପକ୍ଷରୁ ବ୍ଲକ୍ କାର୍ଯ୍ୟାଳୟ ପରିସରରୁ ଗ୍ରାମବାସୀଙ୍କୁ ବାହାରି ଯିବାକୁ କହିଥିଲେ। ମାତ୍ର ଲୋକେ ଫଳାଫଳ ନଜାଣି ସେଠାରୁ ହଟିବାକୁ ରାଜି ହୋଇ ନଥିଲେ। ଫଳରେ ବ୍ଲକ ପରିସରରୁ ଲାଇଟ୍‌କୁ ବନ୍ଦ କରାଯିବା ସହିତ ସେଠାରେ ଉପସ୍ଥିତ ଥିବା ମହିଳା, ପୁରୁଷମାନଙ୍କୁ ଜବରଦସ୍ତ ଧକ୍କାଦେଇ ବାହାର କରିବାକୁ ଉଦ୍ୟମ କରିଥିଲା ପୁଲିସ୍। ପୁରୁଷ ପୁଲିସମାନେ ମହିଳାମାନଙ୍କୁ ଧକ୍କା ଦେବା ସହ ଦୁର୍ବ୍ୟବହାର ମଧ୍ୟ କରିଥିଲେ।

ଘଟଣାକୁ ସେଠାରେ ଉପସ୍ଥିତ ଥିବା ଟ୍ରାଇବ ଟିଭିର ପ୍ରତିନିଧି ବାରିଆଲ ହେମ୍ବ୍ରମ ଏସବୁ ଦୃଶ୍ୟ ଉତ୍ତୋଳନ କରୁଥିବା ବେଳେ ରାଇରଙ୍ଗପୁର ଏସ୍‌ଡିପିଓଙ୍କ ଆଦେଶ କ୍ରମେ ତାଙ୍କୁ ଟାର୍ଗେଟ କରାଯାଇଥିଲା। ପୁଲିସ କର୍ମଚାରୀଙ୍କ ଦ୍ୱାରା ମୋବାଇଲ ଛଡ଼ାଇ ନେବାକୁ ଉଦ୍ୟମ କରାଯିବା ସହ ତଳେ ପକାଇ ଲାଠିରେ ମାଡ଼ ମରାଯାଇଥିଲା। ଏଥିରେ ତାଙ୍କ ମୁଣ୍ଡ ଫାଟି ପ୍ରବଳ ରକ୍ତସ୍ରାବ ହୋଇଥିଲା। କୌଣସି ମତେ ସେ ସେଠାରୁ ଖସି ପଳାଇବାରେ ସଫଳ ହୋଇଥିବା ବେଳେ ତାଙ୍କୁ ସେଠାରୁ ଉଦ୍ଧାର କରାଯାଇ ରାଇରଙ୍ଗପୁର ଉପଖଣ୍ଡ ଡାକ୍ତରଖାନାକୁ ନିଆଯାଇଥିଲା। ସେଠାରେ ତାଙ୍କୁ ପ୍ରାଥମିକ ଚିକିତ୍ସା ପରେ ବାରିପଦା ପିଆରଏମ୍ ମେଡିକାଲକୁ ସ୍ଥାନାନ୍ତର କରାଯାଇଥିଲା। ଘଟଣାକୁ ରାଇରଙ୍ଗପୁର ଉପଖଣ୍ଡ ସାମ୍ବାଦିକ ପରିବାର ପକ୍ଷରୁ ନିନ୍ଦା କରାଯିବା ସହିତ ତାଙ୍କର ଆଶୁ ଆରୋଗ୍ୟ କାମନା କରାଯାଇଛି। ନିରୀହ ସାଧାରଣ ଲୋକଙ୍କ ଉପରେ ଅତ୍ୟାଚାର କରାଯିବା ଉଦ୍ଦେଶ୍ୟରେ ପୁଲିସ ପ୍ରଶାସନର ଆକ୍ରମଣର କାର୍ଯ୍ୟଧାରାକୁ ନିନ୍ଦା କରାଯାଇଥିଲା। ଚତୁର୍ଥ ସ୍ତମ୍ଭ ଗଣମାଧ୍ୟମ ପ୍ରତିନିଧି ଯଦି ସୁରକ୍ଷିତ ନୁହନ୍ତି ତେବେ ସାଧାରଣ ଜନତା କେତେ ସୁରକ୍ଷିତ ବୋଲି ସମସ୍ତେ ପ୍ରଶ୍ନ କରିଛନ୍ତି।

ସେହିପରି ଅନ୍ତର୍ଜାତୀୟ ମାନବାଧିକାର ରକ୍ଷକ ସଂଗଠନର ବହଳଦା ବ୍ଲକ୍ ସଭାପତି ପିତାମ୍ବର ମୁର୍ମୁ ଓ ମାସା ଆର୍ମୀ ସଂଗଠନର ରାଜ୍ୟ ଅଧକ୍ଷ ସୁକଲାଲ ମାର୍ଣ୍ଡି, ମୟୂରଭଞ୍ଜ ପିଢ ପାରଗାନା ମାହାଲ ସଦସ୍ୟ, ଜିଲ୍ଲା ପରିଷଦ ପରେଶ ଚନ୍ଦ୍ର ମୁଣ୍ଡା, ପଶ୍ଚିମ ମୟୂରଭଞ୍ଜ କଂଗ୍ରେସ ଦଳର ସଭାପତି ଭବନ ବିହାରୀ ସାହୁ, ଓଡ଼ିଶା ଆଦିବାସୀ ମର୍ଚ୍ଚା ସଭାପତି ତଥା କେନ୍ଦୁଝରର ପୂର୍ବତନ ସାଂସଦ ଅନନ୍ତ ନାରାୟଣ ସିଂ ଲାଗୁରୀ, ପୂର୍ବତନ ବିଧାୟକ ପ୍ରହ୍ଲାଦ ପୂର୍ତ୍ତି, କଂଗ୍ରେସ ନେତା ରୂପକ ମହାନ୍ତି, ଲକ୍ଷ୍ମଣ ହେମ୍ବ୍ରମ, ଭାଗବତ ମାଝୀ, ଆଦିବାସୀ ସୋସିଓ ଏଜୁକେଶନର ମାଝୀ ପାରଗାନା ସହିତ ସଭାପତି ଶ୍ରୀ ହେମ୍ବ୍ରମ, ସମ୍ପାଦକ ଜିତେନ୍ଦ୍ର ହାଁସଦାଃ, ସାଲୁ କିସ୍କୁ ଓ ବିଭିନ୍ନ ଦଳର ଅନ୍ୟାନ୍ୟ ସଦସ୍ୟଙ୍କ ସହ ପହଞ୍ଚି ପୁଲିସ୍ ମାଡ଼ରେ ଆହତ ଗଣମାଧ୍ୟମ ପ୍ରତିନିଧି ବାରିଆଲ ହେମ୍ବ୍ରମଙ୍କ ସହ ଘଟଣା ବିଷୟରେ ଆଲୋଚନା କରିବା ସହିତ ଆଶୁ ଆରୋଗ୍ୟ କାମନା କରିଥିଲେ।

ପୁଲିସ୍‌ର ଏହି ବର୍ବର ଆକ୍ରମଣ ଘଟଣାକୁ ନିନ୍ଦା କରିଥିଲେ। ଶିଳ୍ପ ପ୍ରତିଷ୍ଠା ନେଇ ପ୍ରଶାସନ ପକ୍ଷରୁ ନିରପେକ୍ଷ ଭାବେ ଜନମତ ସଂଗ୍ରହ କରାଯିବା ଉଚିତ୍। ତେବେ ସର୍ବ ସମ୍ମୁଖରେ ଶିଳ୍ପପତିଙ୍କ ସପକ୍ଷରେ ଚଞ୍ଚକତା କରାଯିବା ସହିତ ଗ୍ରାମବାସୀଙ୍କ ଉପରେ ଆକ୍ରମଣ କରାଯାଇଥିବା ଘଟଣା ବିରୁଦ୍ଧରେ ସ୍ୱର ଉତ୍ତୋଳନ କରାଯିବ ବୋଲି ପ୍ରକାଶ କରିଥିଲେ। ଘଟଣାରେ ପୁଲିସ ପକ୍ଷରୁ ଗ୍ରାମବାସୀଙ୍କ ବିରୋଧରେ ମାମଲା ରୁଜୁ କରାଯିବାକୁ ମଧ୍ୟ ସମସ୍ତେ ନାପସନ୍ଦ କରିଛନ୍ତି। ଅତିରିକ୍ତ ଏସପି ଯଦୁନାଥ ଯେନାଙ୍କ ନେତୃତ୍ୱରେ ଶାନ୍ତି ବଜାୟ ପାଇଁ ପୁଲିସ ସମ୍ପୃକ୍ତ ଅଞ୍ଚଳରେ ପାଟ୍ରୋଲିଂକୁ ଜୋର୍‌ଦାର କରିଛନ୍ତି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ବିଧାନସଭାରେ ଗେମ୍ ଖେଳିଲେ...

ବସି ମୋବାଇଲ ଗେମ୍ ଖେଳୁଛନ୍ତି। ଏହା ସବୁଠୁ ଘୃଣ୍ୟ କାମ। ସେ ଏହି ପ୍ରସଙ୍ଗରେ ଉପ-ମୁଖ୍ୟମନ୍ତ୍ରୀ ଏକନାଥ ସିନ୍ଦେଙ୍କ ସହ ଆଲୋଚନା କରିବେ ବୋଲି କହିଛନ୍ତି। ଏନସିପି (ଏସପି) ବିଧାୟକ ରୋହିତ ପାୱାର କହିଛନ୍ତି ଯେ ରାଜ୍ୟରେ ଚାଷୀ ଆତ୍ମହତ୍ୟା କରୁଥିବାବେଳେ ସରକାର ଶୋଇଛନ୍ତି। ଫସଲ ବୀମା ସମସ୍ୟା ହେଉ କି ଋଣଛାଡ଼ କିମ୍ବା ଫସଲର ଉଚିତ ଦାମ ଦେବାକୁ ସରକାର ଧ୍ୟାନ ଦେଉନାହାନ୍ତି। କିନ୍ତୁ ସଦନରେ ଗେମ୍ ଖେଳିବାକୁ ମନ୍ତ୍ରୀଙ୍କ ପାଖରେ ସମୟ ଅଛି। କ୍ଷମତାସୀନ ଲୋକ ବିଜେପି ଅନୁମତି ବିନା କୌଣସି ନିଷ୍ପତ୍ତି ନେଇ ପାରୁନାହାନ୍ତି। ମନ୍ତ୍ରୀମାନେ ଚାଷୀଙ୍କ ଦୁଃଖ କେବେ ଶୁଣିବେ?

### ଓଡ଼ିଶା, ବିହାର...

ଗୋପାଳପୁରରେ ଛାତ୍ରୀଙ୍କୁ ଦୁଷ୍କର୍ମ, ବାଲେଶ୍ୱର ଏଫ୍‌ଏମ୍ କଲେଜ ଛାତ୍ରୀଙ୍କ ଆତ୍ମଦାହ ଏବଂ ବଲାଙ୍ଗୀରେ ନାବାଳିକାକୁ ଦୁର୍ବୃତ୍ତ ଜିଅନ୍ତା ଜାଳିଦେବା ଘଟଣା ନେଇ ଓଡ଼ିଶା ଅଶାନ୍ତ ହୋଇପଡ଼ିଛି।

ସଂସଦୀୟ ବ୍ୟାପାର ମନ୍ତ୍ରୀ କିରଣ ରିଜିଜୁ କହିଥିଲେ ଯେ ନିୟମ ଓ ପରମ୍ପରା ଅନୁଯାୟୀ ସରକାର ସମସ୍ତ ପ୍ରସଙ୍ଗ ଉପରେ ଆଲୋଚନା କରିବା ସହିତ ଉତ୍ତର ଦେବାକୁ ବି ପ୍ରସ୍ତୁତ ଅଛନ୍ତି। ଶୃଙ୍ଖଳିତ ଗୃହ ପରିଚାଳନାରେ ସେ ବିରୋଧୀଙ୍କ ସହଯୋଗ ଲୋଡ଼ିବା ସହିତ ସରକାର ଓ ବିରୋଧୀ ଦଳ ମଧ୍ୟରେ ଉପଯୁକ୍ତ ସମନ୍ୱୟ ଉପରେ ଗୁରୁତ୍ୱ ଦେଇଥିଲେ। ସେ କହିଲେ ଯେ କେବଳ ପହଲଗାମ ଓ ଅପରେସନ୍ ସିନ୍ଦୂର ନୁହେଁ, ଅନ୍ୟ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ଉପରେ ମଧ୍ୟ ସରକାର ଆଲୋଚନା ପାଇଁ ପ୍ରସ୍ତୁତ ଅଛନ୍ତି। କିନ୍ତୁ ଏହା ନିୟମ ଓ ପରଂପରା ଅନୁଯାୟୀ ହିଁ ହେବ। ବିହାର ଓ ଟ୍ରମ୍ପ ପ୍ରସଙ୍ଗରେ ପ୍ରଧାନମନ୍ତ୍ରୀ ମୋଦୀ ନିଜେ ସଂସଦ ।।ରେ ଉପସ୍ଥିତ ରହି ଉତ୍ତର ଦିଅନ୍ତୁ ବୋଲି ବିରୋଧୀଙ୍କ ଦାବି ସଂପର୍କରେ ସେ କହିଲେ ଯେ ସମସ୍ତ ଗୁରୁତ୍ୱପୂର୍ଣ୍ଣ ଆଲୋଚନା ବେଳେ ପ୍ରଧାନମନ୍ତ୍ରୀ ଉପସ୍ଥିତ ରୁହନ୍ତି।

ମନ୍ତ୍ରୀ ଆହୁରି କହିଲେ ଯେ ଘରୁ ନଗଦ ଟଙ୍କା ଜବତ ମାମଲାରେ ହାଇକୋର୍ଟ ବିଚାରପତି ଜଷ୍ଟିସ ଯଶବନ୍ତ ବର୍ମାଙ୍କୁ ବହିଷ୍କାର କରିବା ଲାଗି ଚଳିତ ଅଧିବେଶନରେ ମହାଭିଯୋଗ ପ୍ରସ୍ତାବ ଅଣାଯିବ। ଏହି ପ୍ରସଙ୍ଗରେ ସବୁ ଦଳ ଏକମତ ଅଛନ୍ତି। ମହାଭିଯୋଗ ପାଇଁ ଶହେରୁ ଅଧିକ ସାଂସଦ ପ୍ରସ୍ତାବରେ ଦସ୍ତଖତ କରିସାରିଲେଣି। ଏହି ଅଧିବେଶନରେ ୧୭ଟି ବିଲ୍ ଆଗତ କରାଯିବ। ଆଜିର ସର୍ବଦଳୀୟ ବୈଠକରେ ୫୧ଟି ରାଜନୈତିକ ଦଳର ୫୪ ସଭ୍ୟ ଉପସ୍ଥିତ ଥିଲେ ବୋଲି ସେ କହିଛନ୍ତି।

### ଡିଏଫ୍‌ଓ ନା...

କୋର୍ଟରୁ ଅନୁମତି ଆଣି ଆଜି ଭିଜିଲାନ୍ସ ଚଢଉ କରିଛି।

ଭିଜିଲାନ୍ସ ଠାବ କରିଥିବା ୧୧୫ଟି ପ୍ଲଟ୍ ମଧ୍ୟରୁ ୫୩ ପ୍ଲଟ୍ ତାଙ୍କ ନାମରେ ଥିବା ବେଳେ ୪୨ଟି ପ୍ଲଟ୍ ତାଙ୍କ ପତ୍ନୀ ନାମରେ ରହିଛି। ୧୬ଟି ପ୍ଲଟ୍ ତାଙ୍କର ଦୁଇ ପୁଅଙ୍କ ନାମରେ ଏବଂ ୪ଟି ପ୍ଲଟ୍ ତାଙ୍କ ଝିଅ ନାମରେ ରହିଛି। ସବୁ ପ୍ଲଟ୍‌କୁ ଅନୁଗୋଳ ଜିଲ୍ଲା ଛେଣ୍ଡିପଦାରେ କିଣିଛନ୍ତି ଡିଏଫ୍‌ଓ ନିତ୍ୟାନନ୍ଦ। ଅନୁଗୁଳରେ ବାବୁଙ୍କର ଗୋଟିଏ ୪ତାଲା ବହୁତଳ କୋଠା ଠାବ କରାଯାଇଛି। ୧୯୯୨ରେ ରେଞ୍ଜ ଅଫିସର ଭାବେ ସରକାରୀ ଚାକିରି ଆରମ୍ଭ କରିବା ପରଠାରୁ ୨୦୨୪ ମଧ୍ୟରେ ନିତ୍ୟାନନ୍ଦ ଏହି ସବୁ ପ୍ଲଟ୍ କିଣିଛନ୍ତି। ଛେଣ୍ଡିପଦାରେ ୧୯୯୨ରୁ ୨୦୦୬ରେ ରେଞ୍ଜର ଥିବା ବେଳେ ସେ ୨ଟି ପ୍ଲଟ୍ କିଣିଥିଲେ। ୨୦୦୭ରୁ ୨୦୧୫ରେ ନୂଆପଡ଼ା ଡିଭିଜନରେ ରେଞ୍ଜର ଅଫିସର ଥିବା ବେଳେ ୬୪ଟି ପ୍ଲଟ୍ କିଣିଥିଲେ। ୨୦୧୫ରୁ ୨୦୨୨ରେ ରାୟଗଡ଼ା ଫରେଷ୍ଟ ଡିଭିଜନରେ ସହକାରୀ ବନ ସଂରକ୍ଷକ ଥିବା ବେଳେ ୩୯ଟି ପ୍ଲଟ୍ କରିଥିଲେ। ୨୦୨୨ରୁ ୨୦୨୪ରେ ଭୁବନେଶ୍ୱର ପିସିସିଏଫ ଅଫିସରେ ଉପ ବନ ସଂରକ୍ଷକ ଥିବା ବେଳେ ୮ଟି ପ୍ଲଟ୍ କିଣିଛନ୍ତି। ଆହୁରି ମଧ୍ୟ ୨୦୨୪ ଜାନୁୟାରୀ ୨୪ରୁ ବର୍ତ୍ତମାନ ପର୍ଯ୍ୟନ୍ତ ସେ ୨ଟି ପ୍ଲଟ୍ କିଣିଥିବା ଭିଜିଲାନ୍ସ ତଦନ୍ତରୁ ଜାଣିବାକୁ ପାଇଛି। ଠାବ ହୋଇଥିବା ଜମିର ମୂଲ୍ୟ ୨.୫କୋଟି ହେବ ବୋଲି ଭିଜିଲାନ୍ସ କହିଛି। ଏହି ଜମିର ସଠିକ୍‌ମୂଲ୍ୟ ପାଇଁ ଭିଜିଲାନ୍ସର ଟେକ୍ନିକାଲ ଟିମ୍ ଆକଳନ କରୁଛନ୍ତି।

ତାଙ୍କ ଘରୁ ଚଢଉ ସମୟରେ ୧.୫୫ ଲକ୍ଷ ଟଙ୍କା ଜବତ କରାଯାଇଥିବା ବେଳେ ୨୦୦ ଗ୍ରାମ ସୁନା ଅଳଙ୍କାର ଠାବ ହୋଇଛି। ଅନୁଗୋଳର ତୁରଙ୍ଗରେ ଡିଏଫଓଙ୍କ ନାମରେ ଏକ ଚାରି ମହଲା କୋଠା ଅଛି। ପ୍ରାୟ ୯୦୦୦ ବର୍ଗଫୁଟ୍ ଅଞ୍ଚଳରେ ଏହି କୋଠାଟି ତିଆରି ହୋଇଛି। ବଡ଼ କଥା ହେଲା ଚଢଉ ସମୟରେ ଘରେ ଶାଗୁଆନ କାଠରେ ବିଭିନ୍ନ ଠାକୁରଙ୍କ ମୂର୍ତ୍ତି ମିଳିଛି। ଖଟ ଠାରୁ ଆରମ୍ଭ କରି ଘରର କବାଟ, ଚେୟାର, ଘର ଭିତରେ ଏକ ଖମ୍ବ ମଧ୍ୟ ଦାମୀ ଶାଗୁଆନ୍ କାଠରେ ନିର୍ମିତ ହୋଇଛି। ହାତୀ ମୂର୍ତ୍ତି ପଞ୍ଚମୁଖୀ ହନୁମାନ, ଗଣେଶ, ରାଧା କୃଷ୍ଣ ଭଳି ଏକାଧିକ ଭଗବାନଙ୍କ ସୁନ୍ଦର ମୂର୍ତ୍ତି ଏହି ଶାଗୁଆନ କାଠରେ ନିର୍ମିତ ହୋଇଥିବା ଦେଖିବାକୁ ମିଳିଛି। ଆହୁରି ମଧ୍ୟ ଘରୁ ଭିତରେ ଏକ ଛୋଟ ଅସ୍ତ୍ରାଗାର କରିଥିଲେ। ସେଥିରେ ଏକ ଦେଶୀ ବନ୍ଧୁକ, ଧନୁତୀର, ଫାର୍ସା, କୁରାଢ଼ି, ଟାଙ୍ଗିଆ ଆଦି ରଖିଥିଲେ। ଶିକାରୀଙ୍କ ଠାରୁ ଜବତ ହୋଇଥିବା ଏହି ଅସ୍ତ୍ରକୁ ନିତ୍ୟାନନ୍ଦ ଘରକୁ ଆଣି ସାଇତ ରଖୁଥିଲେ। ତାଙ୍କର ବ୍ୟାଙ୍କ୍ ଆକାଉଣ୍ଟ ଏବଂ ଇନ୍ସ୍ୟୁରାନ୍ସରେ କେତେ ଟଙ୍କା ରହିଛି ତାହାକୁ ଭିଜିଲାନ୍ସ ଟିମ୍ ଛନ୍‌ଭିନ୍ କରୁଛି। ଦୁଇଟି ଚାରି ଚକିଆ ଏବଂ ୪ଟି ବାଇକ୍ ରହିଛି। ୧୫ଲକ୍ଷ ଟଙ୍କାର ଘରର ବିଭିନ୍ନ ଆସବାବପତ୍ର ରହିଛି। ଠାବ କରାଯାଇଥିବା ସମ୍ପତ୍ତିର ହିସାବ ମାଗିଥିଲେ ମଧ୍ୟ ଡିଏଫ୍‌ଓ ଦେଇ ପାରିନଥିଲେ। ଭିଜିଲାନ୍ସ ଏନେଇ ଏକ ମାମଲା ରୁଜୁ କରି ତାଙ୍କୁ ଅଟକ ରଖି ପଚରାଉଚରା କରୁଛି।

### ଆସୁଛି ବଡ଼...

ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ, ସୋମବାର ଦକ୍ଷିଣ ଓଡ଼ିଶାର କେତେକ ସ୍ଥାନରେ ଭଲ ବର୍ଷାର ସମ୍ଭାବନା ରହିଛି। ଏଥିପାଇଁ ମାଲକାନଗିରି, କୋରାପୁଟ, ରାୟଗଡ଼ା, ଗଜପତି ଓ ଗଞ୍ଜାମ ଜିଲ୍ଲାକୁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି। ସେହିପରି ନବରଙ୍ଗପୁର, କଳାହାଣ୍ଡି, କନ୍ଧମାଳ, ଢେଙ୍କାନାଳ, ଅନୁଗୋଳ, ବୌଦ୍ଧ, ଦେବଗଡ଼, ସମ୍ବଲପୁର, ସୁନ୍ଦରଗଡ଼, ଝାରସୁଗୁଡ଼ା, ବରଗଡ଼, ସୋନପୁର, ବଲାଙ୍ଗିର, ନୂଆପଡ଼ା, କେନ୍ଦୁଝର ଓ ମୟୂରଭଞ୍ଜ ଜିଲ୍ଲାରେ ବିଜୁଳି ଘଡ଼ଘଡ଼ି ସହ ସ୍ୱଳ୍ପରୁ ହାଲୁକା ବର୍ଷା ନେଇ ମଧ୍ୟ ଆକଳନ କରାଯାଇଛି।

### ୭୫ହଜାର ପରୀକ୍ଷାର୍ଥୀ...

କର୍ତ୍ତୃପକ୍ଷଙ୍କ ଭୂମିକାକୁ ନେଇ ସନ୍ଦେହ ସୃଷ୍ଟି ହୋଇଛି। ଅପରପକ୍ଷେ, ପରୀକ୍ଷା ବାବଦକୁ ଗୋଟିଏ ପେପର୍ ପାଇଁ ୯୦୦ ଓ ଦୁଇଟି ପେପର୍ ପାଇଁ ୧୪୦୦ ଟଙ୍କା ଲେଖାଏଁ ଆବେଦନ ଫି' ନିଆଯାଇଥିଲା। ଏତେ ଟଙ୍କା ଆବେଦନ ଫି' ନେବା ପରେ ମଧ୍ୟ ପରୀକ୍ଷା ପରିଚାଳନା କରିବାରେ ବୋର୍ଡ ବିଫଳ ହୋଇଛି। ପ୍ରଶ୍ନପତ୍ର ଭାଇରାଲ୍ ପଛରେ ବୋର୍ଡ କର୍ତ୍ତୃପକ୍ଷଙ୍କ ପ୍ରତ୍ୟକ୍ଷ ଭୂମିକା ରହିଥିବା ଅଭିଯୋଗ ହୋଇଛି।

ଷ୍ଟୁଡେଣ୍ଟ ଏଗେନଷ୍ଟ କରପସନ୍‌ର ଆବାହକ ବିଭୂତି ଭୂଷଣ ମହାପାତ୍ର କହିଛନ୍ତି ଯେ ପ୍ରଶ୍ନପତ୍ର ସିଲ୍ ଖୋଲା ହୋଇନଥିବା ବେଳେ ଭାଇରାଲ୍ ପ୍ରଶ୍ନପତ୍ର ତା' ସହ ସମାନ ବୋଲି କର୍ତ୍ତୃପକ୍ଷ ଜାଣିଲେ କିପରି? ତେଣୁ ସେମାନଙ୍କ ଜାଣତରେ ପ୍ରଶ୍ନପତ୍ର ବିକ୍ରି ହେଉଛି। ରାଜ୍ୟରେ ପ୍ରଶ୍ନପତ୍ର ବିକ୍ରି ଏକ ଶିଳ୍ପ ହୋଇଥିବା ବେଳେ ସେହି ଶିଳ୍ପପତିଙ୍କୁ ସରକାର ସୁରକ୍ଷା ଦେଉଛନ୍ତି। ଏଣୁ ବାରମ୍ବାର ପ୍ରଶ୍ନପତ୍ର ବିଭ୍ରାଟ ହେଉଛି। ସେହିପରି ସିଲଡ୍ ପ୍ରଶ୍ନପତ୍ର ଆସନ୍ତାକାଲି ଅର୍ଥାତ୍ ୨୧ ତାରଖ ସୁଦ୍ଧା ବୋର୍ଡ ମୁଖ୍ୟାଳୟରେ ଦାଖଲ କରିବାକୁ ବୋର୍ଡ ପକ୍ଷରୁ ନିର୍ଦ୍ଦେଶ ଦିଆଯାଇଛି। ବରିଷ୍ଠ ଅଧିକାରୀମାନେ ମୁହଁ ଖୋଲୁ ନଥିବାବେଳେ ନିଜ ନାମ ଗୋପନ ରଖି ଜଣେ ଅଧିକାରୀ କହିଛନ୍ତି ଯେ ସମସ୍ତ ପ୍ୟାକେଟ୍‌ର ସିଲ୍ ଯାଞ୍ଚ ହେବ। କେଉଁଠାରୁ ଭାଇରାଲ୍ ହୋଇଛି ତାର ତଦନ୍ତ କରାଯିବ।

### ୫ କିଲୋ ମାଗଣା...

ମହିଳା ଓ ରୋଗୀଙ୍କୁ ନେବା ଆଣିବା କଷ୍ଟକର ହୋଇପଡ଼ିଥିବା ବେଳେ ବହୁ ସମୟ ଖଟିଆରେ ବୋହି ୫/୧୦ କିମି ଦୂର ନେବାକୁ ପଡିଥାଏ। ତେଣୁ ଏହି ଗ୍ରାମବାସୀ ଗୁଣ୍ଡୁରୀ ପଞ୍ଚାୟତ କାର୍ଯ୍ୟାଳୟକୁ ଆସିବାକୁ ହେଲେ ୩୦/୩୫ କିମି ଦୂର ଅଟୋ, ଟ୍ରାକ୍ଟର, ପିକ୍‌ଅପ ଭ୍ୟାନ୍ ଭଡାକରି ପିଡ଼ିଏସ୍ ଚାଉଳ ଆଣିବା ପାଇଁ ନର୍ଲା ବ୍ଲକ ଛତିକୁଡ଼ା, ସଦର ବ୍ଲକ୍ ଦେପୁର, ଇଚ୍ଛାପୁର ଦେଇ ଗୁଣ୍ଡୁରୀ ପଞ୍ଚାୟତକୁ ଯିବାକୁ ପଡିଥାଏ। ମାଗଣା ଚାଉଳ ପାଇଁ ୧୦୦ ଟଙ୍କା ଖର୍ଚ୍ଚ ହେଉଥିବା ଏହି ଦୁର୍ଗମ ଅଞ୍ଚଳର ଗାଁ ଲୋକେ କହିଛନ୍ତି। ପଞ୍ଚାୟତ ପକ୍ଷରୁ ହାତୀମୁଣ୍ଡା ଗାଁଠାରେ କ୍ୟାମ୍ପ କରି ବୃଦ୍ଧବୃଦ୍ଧା, ଦିବ୍ୟାଙ୍ଗ, ବିଧବାଙ୍କୁ ଗୁଣ୍ଡରି ପିଇଓ ଭତ୍ତା ଦେଉଥିବା ସୂଚନା ମିଳିଛି। ଅନ୍ୟପକ୍ଷେ ଏମାନଙ୍କ ପାଇଁ ବିଦ୍ୟୁତ୍ ସ୍ୱପ୍ନ ପାଲଟିଛି। ଏହି ପଞ୍ଚାୟତର ସୁସପଦର, ବରିଙ୍ଗପଦର, ଦାରବଙ୍ଗ, କାଟାଙ୍ଗଭଟା, ଗମପେନୁ, ବିଜେପୁର, କନ୍ଧ ସୁସପଦର ଗାଁକୁ ବିଜୁଳି ନାହିଁ। ବାରମ୍ବାର ଅଭିଯୋଗ ପରେ ବି ବିଦ୍ୟୁତ୍ ବିଭାଗ କିମ୍ବା ପ୍ରଶାସନ ଶୁଣୁନି ବୋଲି ଲୋକେ ପ୍ରକାଶ କରିଛନ୍ତି। ଏହି ୧୧ଟି ଗ୍ରାମବାସୀ ରାସ୍ତା ନ ଥିବା ଯୋଗୁଁ ବର୍ଷେ ବର୍ଷେ ଧରି ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ସରଲାଞ୍ଜି ଗାଁଠାରୁ କାବାଗେଞ୍ଜୁ, ଶୋଷପଦର, ବରଙ୍ଗପଦର ଦେଇ ମନସ୍ଥରା ଗାଁ ପର୍ଯ୍ୟନ୍ତ ରାସ୍ତା ପାଇଁ ପଞ୍ଚାୟତବାସୀ ପ୍ରସ୍ତାବ ଦେଇଛନ୍ତି। ଏହି ରାସ୍ତା ନିର୍ମାଣ ହେଲେ ଏହି ୧୧ଟି ଗାଁକୁ ପଞ୍ଚାୟତ ମାତ୍ର ୫ରୁ ୧୫ କିମି ହେବ ବୋଲି ଗ୍ରାମବାସୀ କହିଛନ୍ତି।

## ସ୍ୱତନ୍ତ୍ର ଓଟିଇଟି ପରୀକ୍ଷା ସ୍ଥଗିତ ଘଟଣା

# ତ୍ରୁଟିଶୂନ୍ୟ ପରୀକ୍ଷା କରିବାରେ ରାଜ୍ୟ ସରକାର ସମ୍ପୂର୍ଣ୍ଣ ବିଫଳ: ବିଜେଡି

ଭୁବନେଶ୍ୱର,୨୦।୭ (ସମିସ): ପ୍ରଶ୍ନପତ୍ର ପ୍ରଘଟ ଅଭିଯୋଗ ନେଇ ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ପରିଚାଳିତ ସ୍ୱତନ୍ତ୍ର ଶିକ୍ଷକ ଯୋଗ୍ୟତା ପରୀକ୍ଷା (ଓଟିଇଟି) ସ୍ଥଗିତ ରହିଛି। ଏହି ପରୀକ୍ଷା ସ୍ଥଗିତ ହେବା ପରେ ରାଜ୍ୟ ସରକାରଙ୍କ ଉପରେ ବିଜେଡି ବର୍ଷିଛି। ରାଜ୍ୟ ସରକାରଙ୍କ ଅପାରଗତା ଓ ବାରମ୍ବାର ପରୀକ୍ଷା ପ୍ରଶ୍ନପତ୍ର ପ୍ରଘଟ ଘଟଣାକୁ ନେଇ ସରକାରଙ୍କ ପାରିବାପଣିଆ ଉପରେ ଦଳ ପ୍ରଶ୍ନ ଉଠାଇଛି। ବିରୋଧୀଦଳ ନେତା ନବୀନ ପଟ୍ଟନାୟକଙ୍କ ରାଜନୈତିକ ସଚିବ ସଂତୃପ୍ତ ମିଶ୍ର ଏକ୍ସ ଯୋଗେ ପୋଷ୍ଟ କରି ରାଜ୍ୟ ସରକାରଙ୍କୁ କଡ଼ା ସମାଲୋଚନା କରିଛନ୍ତି। ଶ୍ରୀ ମିଶ୍ର ତାଙ୍କ ପୋଷ୍ଟରେ ଉଲ୍ଲେଖ କରିଛନ୍ତି ଯେ ଓଟିଇଟି ପରୀକ୍ଷା ସ୍ଥଗିତ ରଖିବା ରାଜ୍ୟ ସରକାରଙ୍କ ଆଉ ଏକ ପ୍ରଶାସନିକ ବିଫଳତା। ସ୍ଲୋଗାନ, ଯୋଜନା, ଫଳକ, ସଭା ଏବଂ ଅନ୍ତର୍ଜାତୀୟ ପର୍ଯ୍ୟଟନସ୍ଥଳୀ ନୁହେଁ; ପ୍ରଦର୍ଶନ ହେଉଛି ଶାସନର ଏକମାତ୍ର ପ୍ରମାଣ ବୋଲି ସେ କହିଛନ୍ତି।

ସେହିପରି ଏହି ପ୍ରସଙ୍ଗରେ ଶଙ୍ଖ ଭବନଠାରେ ଏକ ସାମ୍ବାଦିକ ସମ୍ମିଳନୀରେ ଦଳର ମୁଖପାତ୍ର ତଥା ମିଡ଼ିଆ ସଂଯୋଜକ ଡଃ ଲେନିନ ମହାନ୍ତି ମଧ୍ୟ ରାଜ୍ୟ ସରକାରଙ୍କ ଉପରେ ବର୍ଷିଛନ୍ତି। ସେ କହିଛନ୍ତି ଯେ ରାଜ୍ୟ ବିଜେପି ସରକାର ସୁଶାସନର ଡିଣ୍ଡିମ ପିଟୁଥିବା ବେଳେ ଗୋଟିଏ ସାଧାରଣ ପରୀକ୍ଷା ସୁରୁଖୁରୁରେ କରାଇବାରେ ସକ୍ଷମ ହୋଇପାରୁ ନାହାନ୍ତି। ପ୍ରଶ୍ନପତ୍ର ପ୍ରଘଟ ଯୋଗୁଁ ପରୀକ୍ଷାକୁ ଶେଷ ମୁହୂର୍ତ୍ତରେ ବାତିଲ କରାଗଲା ବୋଲି କୁହାଯାଉଥିଲେ ମଧ୍ୟ ପ୍ରକୃତରେ ପ୍ରଶ୍ନପତ୍ରକୁ ବିକ୍ରି କରାଯାଇଛି ବୋଲି ଡଃ ମହାନ୍ତି ଅଭିଯୋଗ କରିଛନ୍ତି।

■ ୧୨ ମାସରେ ୧୨ ଥର ପ୍ରଶ୍ନପତ୍ର ପ୍ରଘଟ ପାଇଁ ପରୀକ୍ଷା ବାତିଲ୍
■ ବିଜେପି ସରକାରରେ ଭୁଲ୍ ପ୍ରଶ୍ନପତ୍ର ବଣ୍ଟନ ନିୟମିତ ବ୍ୟାପାର

ଏହି ପ୍ରଶ୍ନପତ୍ର ପ୍ରଘଟ ବା ପ୍ରଶ୍ନପତ୍ର ବିକ୍ରି ସରକାରଙ୍କ ପାରିବାପଣିଆ ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଥିବା ବେଳେ ଏଥିରେ ପରୀକ୍ଷା ଦେବାକୁ ଥିବା ପ୍ରାୟ ୭୫ ହଜାର ଶିକ୍ଷକ ହତାଶ ହୋଇଛନ୍ତି। ଗତ ଏକ ବର୍ଷର ବିଜେପି ଶାସନରେ ଏଭଳି ଅନେକ ପରୀକ୍ଷା ବାତିଲ ହୋଇଛି ଓ ସୁଶାସନ ଦାବି କରି କ୍ଷମତାକୁ ଆସିଥିବା ରାଜ୍ୟ ବିଜେପି ସରକାର ପରୀକ୍ଷାଟିଏ ସୁରୁଖୁରୁରେ ଆୟୋଜିତ କରିବାରେ ସକ୍ଷମ ହୋଇନାହାନ୍ତି। ଗତ ଏକ ବର୍ଷ ଭିତରେ, ରାଜ୍ୟରେ ପ୍ରାୟ ୧୨ଟି ପରୀକ୍ଷାକୁ ବିଭିନ୍ନ କାରଣରୁ ଘୁଞ୍ଚାଯାଇଛି। କେଉଁଠି ପ୍ରଶ୍ନପତ୍ର ପ୍ରଘଟ, କେଉଁଠି ଭୁଲ୍ ପ୍ରଶ୍ନପତ୍ର ବଣ୍ଟନ ଯୋଗୁଁ ପରୀକ୍ଷା ଘୁଞ୍ଚାଯାଉଛି। ତ୍ରୁଟିଶୂନ୍ୟ ଭାବେ ପରୀକ୍ଷାଟିଏ କରାଇବାରେ ସରକାର ସମ୍ପୂର୍ଣ୍ଣ ବିଫଳ ହୋଇଛନ୍ତି ବୋଲି ଡଃ ମହାନ୍ତି କହିଛନ୍ତି।

ଏହାଛଡ଼ା, ଏଭଳି ପ୍ରଶ୍ନପତ୍ର ପ୍ରଘଟ କାର୍ଯ୍ୟରେ ସମ୍ପୃକ୍ତ ଥିବା ଲୋକଙ୍କୁ ଆଇନ ଅନୁଯାୟୀ ଦଣ୍ଡ ଦେବାର ବ୍ୟବସ୍ଥା ଓଡ଼ିଶା ପବ୍ଲିକ ସର୍ଭିସ ପରୀକ୍ଷା ବିଲ୍ ୨୦୨୪ରେ କରାଯାଇଛି। ଏହି ବିଲ୍ ଅନୁଯାୟୀ ଏଥିରେ ସମ୍ପୃକ୍ତ ବ୍ୟକ୍ତିଙ୍କୁ ଜେଲ୍ ଦଣ୍ଡ ସହ ୧ କୋଟି ଟଙ୍କା ପର୍ଯ୍ୟନ୍ତ ଜୋରିମାନା ବ୍ୟବସ୍ଥା ରହିଛି। ବିଜେପି ସରକାରରେ ପ୍ରଶ୍ନପତ୍ର ପ୍ରଘଟ ଘଟଣା ଏକ ନିୟମିତ ବ୍ୟାପାର ହୋଇଥିଲେ ମଧ୍ୟ ଏହି ଆଇନ ଅନୁଯାୟୀ କୌଣସି ବ୍ୟକ୍ତି ଦଣ୍ଡିତ ହୋଇନାହାନ୍ତି। ଏହି ଆଇନକୁ କାର୍ଯ୍ୟକାରୀ ନ କରିବା ସରକାର ଦୋଷୀଙ୍କୁ ଘଣ୍ଟ ଘୋଡ଼ାଇବା ସଦୃଶ୍ୟ ହୋଇଛି ବୋଲି ଡଃ ମହାନ୍ତି କହିଛନ୍ତି।

■ ଫକୀରମୋହନ ମହାବିଦ୍ୟାଳୟ ଛାତ୍ରୀ ସୌମ୍ୟାଶ୍ରୀ ଆତ୍ମଦାହ ଘଟଣା

# କଲେଜରେ କ୍ରାଇମବ୍ରାଞ୍ଚ ଡିଜିଙ୍କ ତଦନ୍ତ

ବାଲେଶ୍ୱର, ୨୦।୭ (ସମିସ): ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟ ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଆତ୍ମାହୁତି ଘଟଣାରେ ୩ଟି ତଦନ୍ତକାରୀ ଟିମ୍ କଲେଜରେ ଖୋଳତାଡ଼ କରିଛନ୍ତି। ଉଚ୍ଚଶିକ୍ଷା ବିଭାଗ, ୟୁଜିସି ଏବଂ କ୍ରାଇମ୍‌ବ୍ରାଞ୍ଚ ପକ୍ଷରୁ ବିଭିନ୍ନ ଦିଗରୁ ତଦନ୍ତ ଚାଲୁ ରହିଛି। ଏହି ପରିପ୍ରେକ୍ଷୀରେ ରବିବାର କ୍ରାଇମବ୍ରାଞ୍ଚ ଡିଜି ବିନୟତୋଷ ମିଶ୍ର ଫକୀରମୋହନ କଲେଜରେ ପହଞ୍ଚି ପାଖାପାଖି ୩ଘଣ୍ଟା ଧରି ତଦନ୍ତ କରିଥିଲେ।

ପରେ ଆଇଜିଙ୍କ କାର୍ଯ୍ୟାଳୟରେ ଏକ ସାମ୍ବଦିକ ସମ୍ମିଳନୀରେ ସେ କହିଛନ୍ତି, ଘଟଣାର ତଦନ୍ତ ସମୟରେ ଅନେକ ସାମଗ୍ରୀ ହସ୍ତଗତ ହୋଇଛି। ସେସବୁକୁ ରାଜ୍ୟ ଅପରାଧ ବିଧି ବିଜ୍ଞାନାଗାରକୁ ପଠାଯାଇଛି। କ୍ରାଇମବ୍ରାଞ୍ଚ ଆଇଜି ଏସ୍. ସାଇନିଙ୍କ ନେତୃତ୍ୱରେ ଘଟଣାର ତଦନ୍ତ ଜାରି ରହିଛି। ତଦନ୍ତ ସମୟରେ ଆସିଥିବା ବୟାନ ଏବଂ ଏସଏଫଏସଏଲ୍ ରିପୋର୍ଟକୁ ତର୍ଜମା କରାଯାଉଛି। ଏହି ମାମଲାରେ ସାକ୍ଷୀଙ୍କ ସଂଖ୍ୟା ଅଧିକ ରହିଛି। ଗତ ୩୦ ତାରିଖରେ ଯେତେବେଳେ ପୀଡ଼ିତାଜଣକ ଅଭିଯୋଗ କରିଥିଲେ, ସେତେବେଳେ କଲେଜ କର୍ତ୍ତୃପକ୍ଷ କୌଣସି ପଦକ୍ଷେପ ଗ୍ରହଣ କରିନଥିଲେ। ସୌମ୍ୟାଶ୍ରୀଙ୍କ ସପକ୍ଷରେ ଆଇସିସି ତଦନ୍ତ ରିପୋର୍ଟ ନଆସିବାରୁ ସେ ଆତ୍ମହତ୍ୟା ଭଳି ଚରମ ପଦକ୍ଷେପ ନେଇଥିଲେ। ଘଟଣାରେ ଜଡ଼ିତ ପ୍ରତ୍ୟେକ ଲୋକଙ୍କ ବୟାନ ରେକର୍ଡ କ୍ରାଇମବ୍ରାଞ୍ଚ କରୁଛି। ପୀଡ଼ିତାଙ୍କ ପରିବାର, ହଷ୍ଟେଲ ଅନ୍ତେବାସୀ ଓ କଲେଜ ଛାତ୍ରଛାତ୍ରୀଙ୍କ ମଧ୍ୟ ବୟାନ ରେକର୍ଡ କରାଯାଉଛି। କଲେଜର ସିସିଟିଭି ଫୁଟେଜ ସଂଗ୍ରହ କରାଯାଇଛି।

# ୫ମ ଶ୍ରେଣୀ ଛାତ୍ରୀଙ୍କୁ ଦୁଷ୍କର୍ମ; ଦୋକାନୀ ଗିରଫ

ସାକ୍ଷୀଗୋପାଳ, ୨୦।୭ (ସମିସ): ଗତ ଶନିବାର ସତ୍ୟବାଦୀ ଥାନା ଅନ୍ତର୍ଗତ ଏକ ଗ୍ରାମରେ ଏକ ଲଜ୍ଜାଜନକ ଘଟଣା ଘଟିଛି। ଜଣେ ପଞ୍ଚମ ଶ୍ରେଣୀ ଛାତ୍ରୀକୁ ଉକ୍ତ ଗ୍ରାମର ୫୩ ବର୍ଷୀୟ ବ୍ୟକ୍ତି ଦୁଷ୍କର୍ମ କରିଥିବା ସଙ୍ଗିନ ଅଭିଯୋଗ ହୋଇଛି। ଏନେଇ ସତ୍ୟବାଦୀ ଥାନାରେ ଅଭିଯୋଗ ହେବା ପରେ ପୁଲିସ ଏକ ମାମଲା ରୁଜୁ କରି ସମ୍ପୃକ୍ତ ବ୍ୟକ୍ତିଙ୍କୁ ଗିରଫ କରିଛି। ଶନିବାର ଦିନ ପ୍ରାୟ ୧୨ଟାରେ ଜଣେ ୫ମ ଶ୍ରେଣୀ ଛାତ୍ରୀ(୧୦) ରୋଷେଇ ନିମନ୍ତେ ମସଲା ଆଣିବାକୁ ନିକଟସ୍ଥ ଦୋକାନକୁ ଯାଇଥିଲା। ୫୩ବର୍ଷ ବୟସ୍କ ଦୋକାନୀଜଣଙ୍କ ନାବାଳିକାକୁ କୌଶଳ କ୍ରମେ ୨ ପ୍ୟାକେଟ୍ କୁର୍‌କୁରେ ଦେଇ ଦୋକାନ ଭିତରକୁ ଡାକି ନେଇ ଦୁଷ୍କର୍ମ କରିଥିଲେ। ନାବାଳିକାଜଣଙ୍କ ଘରକୁ ଯାଇ ଏ ସମ୍ପର୍କରେ ତାଙ୍କ ମାଆଙ୍କୁ ଜଣାଇଥିଲା। ପୀଡ଼ିତା ନାବାଳିକାର ମାଆ ରବିବାର ଏ ସମ୍ପର୍କରେ ସତ୍ୟବାଦୀ ଥାନାରେ ଅଭିଯୋଗ କରିଛନ୍ତି। ସତ୍ୟବାଦୀ ପୁଲିସ୍ ସଦଳବଳେ ଚଢ଼ଉ କରି ସମ୍ପୃକ୍ତ ଦୋକାନୀଙ୍କୁ ଗିରଫ କରିଛନ୍ତି। ଗିରଫ ପରେ ପୀଡ଼ିତା ଓ ଅଭିଯୁକ୍ତଙ୍କ ଡାକ୍ତରୀମାଇନା କରାଯାଇଥିଲା। ସତ୍ୟବାଦୀ ପୁଲିସ ପୋକ୍ସୋ ଆକ୍ଟରେ ଏକ ମାମଲା ରୁଜୁ କରିଛି।

**AFFIDAVIT**

By virtue of an affidavit before the Notary Public, Jeypore, Koraput. I NABANEETA PANDA, W/o Subrat Kumar Panda, resident of K B S D Road, Near Jagannath Temple, Po/PS - Jeypore, Dt-Koraput, Odisha -764001 declare by this Affidavit No.564, Dated - 20/07/2025,that now onwards I shall be known as **NABANITA PANDA** for all future purpose.

**AFFIDAVIT**

By virtue of an affidavit before the Notary Public, Jeypore, Koraput. I, PAILU JAGADISHWAR, S/o PAILU NEELAKANTHA, resident of Pailu Sarbeswar Marg, Po/ PS -Borigumma, Dt-Koraput -764 056, Odisha declare by this Affidavit No.3184, Dated - 16/07/2025,that now onwards I shall be known as **P.JAGADISWAR** for all future purpose.

**AFFIDAVIT**

I declare that my name is **Mumtaz Khatoon**, D/o-Mohiuddin Khan, resident of Vill- Manapur, Po- Bisanpur, Ps- Jkrushnanandapur, Dist-Jagatsinghpur, Odisha my actually DOB is **07.11.2002,** but wrongly in my Aadhaar Card No- 9317 1877 1508, my name is written as **Mamataj Beggum**, D/o- Mohiuddin and my DOB is **2003.** Henceforth, I shall be known as **Mumtaz Khatoon**, D/o- Mohiuddin Khan and **DOB- 07.11.2002** in all and everywhere in this name from now.

"ମା ଙ୍କ ନାମରେ ଗଛଟିଏ"

୨୦୨୫ ବର୍ଷ ପାଇଁ ବଣାଇଁ ବନଖଣ୍ଡ ତରଫରୁ ଚାରା ବଣ୍ଟନ ବିଜ୍ଞପ୍ତି / ସୂଚନା

ମାଙ୍କ ନାମରେ ଗଛଟିଏ ଲଗାଇବା ପାଇଁ ଭାରତ ସରକାର ସର୍ବସାଧାରଣଙ୍କୁ ଅନୁରୋଧ କରିଛନ୍ତି, ଏଣୁ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି କି, ବଣାଇଁ ବନଖଣ୍ଡ ଅଧିନରେ ନିମ୍ନଲିଖିତ ୧୮ (ଅଠର) ଗୋଟି ଚାରା ଉତ୍ପାଦନ କେନ୍ଦ୍ରରେ ଉନ୍ନତ ମାନର ଶାଗୁଆନ, ଗମ୍ଭାରୀ, ବିଜା, ଜାମୁ, ଆମ୍ବ, ନିମ୍ବ, କରଞ୍ଜ, ଅର୍ଜୁନ, ପଣସ, ଅଁଳା, ହରିଡ଼ା, ବାହାଡ଼ା ଇତ୍ୟାଦି ଚାରା ଉପଲବ୍ଧ ଅଛି। ଆଗ୍ରହୀ ବ୍ୟକ୍ତି / ଅନୁଷ୍ଠାନ ଗୁଡ଼ିକ ନିମ୍ନ ସରକାରୀ ନିର୍ଦ୍ଧାରିତ ମୂଲ୍ୟରେ ଚାରା ବିକ୍ରୟ କେନ୍ଦ୍ରମାନଙ୍କରୁ ଚାରା ନେଇପାରିବେ। ଜଣପିଛା ସହରାଞ୍ଚଳରେ ସର୍ବାଧିକ ୫ (ପାଞ୍ଚ) ଗୋଟି ଓ ଗ୍ରାମାଞ୍ଚଳରେ ସର୍ବାଧିକ ୧୦ (ଦଶ) ଗୋଟି ଚାରା ଦିଆଯିବ। ଅନୁଷ୍ଠାନମାନଙ୍କ ପାଇଁ ୧୫୦ ରୁ ୨୦୦ ଗୋଟି ଚାରା ଦିଆଯିବ। ଜଣେ ବ୍ୟକ୍ତି ବିଶେଷଙ୍କୁ ବିତରଣ ଖାତାରେ ନାମ ଲେଖାଇବାକୁ ଯେକୌଣସି ବୈଧ ପରିଚୟ ପତ୍ର (ଆଧାର/ଭୋଟ ପରିଚୟ ପତ୍ର, ଗାଡ଼ି ଚାଳନା ପରିଚୟ ପତ୍ର) କିମ୍ବା ମୋବାଇଲ ନଂ ଯାଞ୍ଚ ନିମନ୍ତେ ଦବାକୁ ପଡ଼ିବ। ଏତଦ୍ ବ୍ୟତିତ ଅନ୍ୟମାନଙ୍କୁ ଏକ ସାଦା କାଗଜରେ ନିଜର ସମସ୍ତ ବିବରଣି ଯଥା ଚାରା ରୋପଣର ସ୍ଥାନ ଏବଂ ଯୋଗାଯୋଗ ପାଇଁ ମୋବାଇଲ ନଂ ସହିତ ଦରଖାସ୍ତ କରିବାକୁ ପଡିବ। ନିମ୍ନରେ ଉଲ୍ଲେଖ କରାଯାଇଥିବା ଚାରା ବିକ୍ରୟ କେନ୍ଦ୍ର ପରିଚାଳକ ମାନଙ୍କୁ ଫୋନ ଦ୍ୱାରା ଯୋଗାଯୋଗ କରିପାରିବେ।

ବି.ଦ୍ର:- (୧) ସର୍ବସାଧାରଣଙ୍କ ପାଇଁ ଚାରା ପ୍ରତି ଟ.୧/- ଧାର୍ଯ୍ୟ ହୋଇଛି।
(୨) ସରକାରୀ ଅନୁଷ୍ଠାନ ଗୁଡିକୁ ବିନା ମୂଲ୍ୟରେ ଚାରା ପ୍ରଦାନ କରାଯିବ।

| ନଂ. | ବନାଞ୍ଚଳ (ରେଞ୍ଜ) | ଚାରା ବିକ୍ରୟ କେନ୍ଦ୍ରର ନାମ | ଉପଲବ୍ଧ (ପରିମାଣ) | କେନ୍ଦ୍ର ପରିଚାଳକଙ୍କ ନାମ | ଦୂରଭାଷ ନମ୍ବର |
|---|---|---|---|---|---|
| ୧ | ବଣାଇଁ | ଧରଣିଧରପାଲି | ୨୨୬୪୮ | ଶ୍ରୀ ତାପସ କୁମାର ଶତପଥି, ବନପାଳ | ୯୪୩୮୪୯୦୬୬୨ |
| ୨ | ବଣାଇଁ | ବ୍ରାହ୍ମଣୀ | ୮୮୮୫୧ | ଶ୍ରୀ ଜ୍ଞାନ ରଞ୍ଜନ ମହାନ୍ତି, ବନପାଳ | ୭୦୭୭୭୭୮୪୦୨ |
| ୩ | ବଣାଇଁ | ଟିକାୟତପାଲି | ୫୭୫୪୦ | ଶ୍ରୀ ଗଗନ କୁମାର ତ୍ରିପାଠୀ, ବନପାଳ | ୮୮୪୭୭୨୫୭୪୯ |
| ୪ | ବଣାଇଁ | ସ. ବଲାଙ୍ଗ | ୪୭୯୨୦ | ଶ୍ରୀ ସଦାସିବ ପାତ୍ର, ବନପାଳ | ୮୨୪୯୮୬୧୦୮୭ |
| ୫ | କୁଳିପୋଷ | ଗଡ଼ରୁଆଁ | ୧୨୨୬୩୪ | ଶ୍ରୀ ପ୍ରଦୀପ କୁମାର ଭୋଇ, ବନପାଳ | ୬୩୭୦୨୬୩୬୧୯ |
| ୬ | କୁଳିପୋଷ | ଡ଼ଲେଇସରା | ୩୦୧୦୮ | ଶ୍ରୀମତୀ ସରିତା ମହାନ୍ତ, ବନପାଳ | ୬୩୭୧୯୪୬୩୨୯ |
| ୭ | ତାମଡା | ବନେଇକେଲା | ୪୧୩୦୮ | ଶ୍ରୀ ସେନାପତି ପାତ୍ର, ବନପାଳ | ୮୮୯୫୪୭୭୨୮୨ |
| ୮ | ତାମଡା | ଧାଡ୍ କିପୋଷ | ୩୯୭୫୦ | ଶ୍ରୀମତୀ କ୍ଷୀରେଶ୍ୱରୀ ବେହେରା, ବନପାଳ | ୯୪୩୭୪୫୯୫୫୮ |
| ୯ | ତାମଡା | ତାମଡା | ୨୦୦୦୦ | ଶ୍ରୀ ଚାରୁଆ ଓରାମ, ବନରକ୍ଷୀ | ୭୮୪୯୦୭୩୨୩୧ |
| ୧୦ | ଜର୍ଡା | ବାଦିବାହାଲ | ୨୦୦୦୦ | ଶ୍ରୀ ମୋନେସ କୁମାର ସାହୁ, ବନପାଳ | ୯୪୩୮୫୨୧୨୬୧ |
| ୧୧ | ଜର୍ଡା | କଂସର | ୪୪୭୪୦ | ଶ୍ରୀ ଚୈତନ୍ୟ ଭୂମିଜ, ବନପାଳ | ୯୩୪୮୬୧୨୮୪୨ |
| ୧୨ | ଜର୍ଡା | କୁଣ୍ଡେଇଡିହା | ୩୫୦୦୦ | ଶ୍ରୀ ଇଶ୍ୱର ଚନ୍ଦ୍ର କାଲୋ, ବନପାଳ | ୬୩୭୧୬୨୯୨୪୩ |
| ୧୩ | ଜର୍ଡା | କାଉଁସୀ ବାହାଳ | ୧୫୦୦୦ | ଶ୍ରୀ ପ୍ରତାପ ସାହୁ, ବନପାଳ | ୭୯୭୮୯୦୬୮୩୪ |
| ୧୪ | ସୋଲ | ଠାକୁରପାଲି | ୨୦୬୫୨ | ଶ୍ରୀ ଭୁବନେଶ୍ୱର ରାଏ, ବନପାଳ | ୯୫୫୬୧୬୫୦୦୧ |
| ୧୫ | ସୋଲ | ମହୁଲ ଡିହି | ୬୮୩୨ | ଶ୍ରୀ ଅମିତ କୁମାର ଜେନା, ବନପାଳ | ୮୪୫୭୮୯୨୧୫୬ |
| ୧୬ | ବରସୁଁଆ | ତେଲ୍କୁଲା | ୫୧୭୫ | ଶ୍ରୀମତୀ ସରିତା ମହାନ୍ତ, ବନପାଳ | ୮୭୬୩୫୩୯୦୯୦ |
| ୧୭ | କୋଇଡା | ତେହେରାଇ | ୮୪୩୬ | ଶ୍ରୀ ବାବୁଲି ପ୍ରଧାନ, ବନରକ୍ଷୀ | ୯୪୩୮୦୪୩୪୦୯ |
| ୧୮ | କୋଇଡା | କାମଡିହି | ୮୭୬୮ | ଶ୍ରୀମତୀ ସସ୍ମିତା ମହାକୁଡ, ବନରକ୍ଷୀ | ୭୮୫୫୦୩୮୭୪୪ |
| | | ସମୁଦାୟ :- | ୭୨୯୧୫୨ | ବନଖଣ୍ଡ କାର୍ଯ୍ୟାଳୟ (କଣ୍ଟ୍ରୋଲ ରୁମ୍) | ୮୨୬୦୯୪୯୬୧୩ |

ସ୍ୱା/- ବନଖଣ୍ଡ ଅଧିକାରୀ
ବଣାଇଁ ବନଖଣ୍ଡ, ବଣାଇଁଗଡ଼

ସକାଳ THE SAKALA



ଭଟାଙ୍ଗପଦର ଉଚ୍ଚ ବିଦ୍ୟାଳୟ ଉନ୍ନୀତ ହୋଇ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ହେଲା

# ଏଥର ବି ବାଦ ପଡ଼ିଲା ବେନଗାଁ, ମୂଷାନାଳ, ମଧୁପୁର, କାଉଗୁଡ଼ା

**ଭବାନୀପାଟଣା, ୨୦।୭ (ସମିସ)**

ରାଜ୍ୟ ସରକାରଙ୍କ ଓଡ଼ିଶା ସ୍କୁଲ ଶିକ୍ଷା କାର୍ଯ୍ୟକ୍ରମ (ଓସେପା) ତଥା ସମଗ୍ର ଶିକ୍ଷା ଯୋଜନା ଦ୍ୱାରା ପ୍ରସ୍ତାବିତ ଓ କେନ୍ଦ୍ର ସରକାରଙ୍କ ଶିକ୍ଷା ମନ୍ତ୍ରଣାଳୟ ଅଧୀନ ପ୍ରକଳ୍ପ ଅନୁମୋଦନ ବୋର୍ଡ ଦ୍ୱାରା ରାଜ୍ୟର ୩୦ଟି ଜିଲ୍ଲାର ୧୦୪ଟି ହାଇସ୍କୁଲ ଅନୁମୋଦିତ ହୋଇଛି। ଏହିସବୁ ହାଇସ୍କୁଲଗୁଡ଼ିକ ଏବେ ଅପଗ୍ରେଡେଡ୍ ହେବା ସହ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ମାନ୍ୟତା ପାଇଛି। ଏହିସବୁ ଉନ୍ନୀତ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଭିତ୍ତିଭୂମି ଓ ଅନ୍ୟାନ୍ୟ ଆନୁସଙ୍ଗିକ ବ୍ୟୟ ଅଟକଳ ପାଇଁ ୨୮୩୫୯.୫୩ ଲକ୍ଷ ଟଙ୍କା ମଞ୍ଜୁର ହୋଇଛି। ଏହିକ୍ରମରେ କଳାହାଣ୍ଡି ଜିଲ୍ଲାର ୧୨ଟି ହାଇସ୍କୁଲ ଏଥିରେ ସାମିଲ ହେବ ବୋଲି ଘୋଷଣା କରାଯାଇଛି। ସେଥିମଧ୍ୟରୁ ଜିଲ୍ଲାର ଜୟପାଟଣା ବ୍ଲକର ବଡ଼ କର୍ଲାକୋଟ, କେସିଙ୍ଗା ବ୍ଲକର ତୁଣ୍ଡଲା, ଉକ୍ରେଲା, ଧର୍ମଗଡ଼ ବ୍ଲକର ପର୍ଲା ଓ ବୃନ୍ଦାବାହାଲ ହାଇସ୍କୁଲ ଉନ୍ନୀତ ହେବା ସହ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ମାନ୍ୟତା ପାଇଛି। ଏହି ୫ଟି ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ବିଜ୍ଞାନ ବିଷୟରେ ପାଠ ପଢ଼ାଯିବ। ସେହିପରି ଜିଲ୍ଲାର ଭବାନୀପାଟଣା ସଦର ବ୍ଲକର ଥୁଆପଦର, ଶଗଡ଼ା, ଜୟପାଟଣା ବ୍ଲକର ଅଁଳାଭଟା, ମ.ରାମପୁର ବ୍ଲକର ଅଲାତରା, ଥୁଆମୂଳ ରାମପୁର ବ୍ଲକର ସିରମସ୍କା, କେସିଙ୍ଗା ବ୍ଲକର କାଣ୍ଡେଲ ଓ ଲାଞ୍ଜିଗଡ଼ ବ୍ଲକର ଏକମାତ୍ର ସ୍କୁଲ ଭାବେ ଭଟାଙ୍ଗପଦର ହାଇସ୍କୁଲ ଉନ୍ନୀତ ହେବା ସହ କଳା ବିଭାଗରେ ଏକାଦଶ ଶ୍ରେଣୀରେ ନାମ ଲେଖାଯିବ। ତେବେ ଲାଞ୍ଜିଗଡ଼ ବ୍ଲକକୁ ଲଗାତାର ଅଣଦେଖା କରାଯାଉଛି। ପୂର୍ବରୁ ଜିଲ୍ଲାର ଅନ୍ୟ ୧୨ଗୋଟି ବ୍ଲକକୁ ପ୍ରାଧାନ୍ୟ ଦିଆଯାଇ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ଘୋଷଣା କରାଯାଇଥିଲା; କିନ୍ତୁ ଅନେକ ଦାବି ଓ ଅଭିଯୋଗ ସତ୍ତ୍ୱେ ଲାଞ୍ଜିଗଡ଼ ବ୍ଲକ ସମ୍ପୂର୍ଣ୍ଣ ଭାବେ ବାଦ ପଡ଼ିଥିଲା। ଲାଞ୍ଜିଗଡ଼ ବ୍ଲକକୁ ନେଇ ସରକାରଙ୍କ ଆଭିମୁଖ୍ୟ ବଦଳିନି। ଏହାର କାରଣ ଦୀର୍ଘ ବର୍ଷ ହେଲା ଲାଞ୍ଜିଗଡ଼ ବ୍ଲକର ବେନଗାଁ, ମୂଷାନାଳ, ମଧୁପୁର, କାଉଗୁଡା ହାଇସ୍କୁଲକୁ ଉନ୍ନୀତ କରାଯିବାକୁ ଦାବି ହୋଇ ଆସୁଛି; ହେଲେ ସରକାର ଓ ରାଜ୍ୟ ଶିକ୍ଷା ବିଭାଗ ଏଥିପ୍ରତି ଆଦୌ ଦୃଷ୍ଟି ଦେଇନାହାନ୍ତି। ବ୍ଲକର ଗୋଟିଏ ମାତ୍ର ସ୍କୁଲ ଉନ୍ନୀତ ହୋଇଛି। ବ୍ଲକର ବେନଗାଁ, ମୂଷାନାଳ, ମଧୁପୁର ଓ କାଉଗୁଡା ହାଇସ୍କୁଲକୁ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ପରିଣତ କରାଯିବାକୁ ଦାବି ହେଉଛି। ଏପରିକି ବେନଗାଁ, ମଧୁପୁର ଓ କାଉଗୁଡା ସ୍କୁଲ ଅନୁସୂଚିତ ଜାତି ଓ ଜନଜାତି ବିଭାଗ ଦ୍ୱାରା ପରିଚାଳିତ। ମଧୁପୁରକୁ ବାଳିକା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ କରାଯିବା ସହ ଅନ୍ୟ ସ୍କୁଲଗୁଡିକୁ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ପରିଣତ କରାଯିବାକୁ ଦାବି ହେଉଛି। ଏନେଇ ଯୁବ ସାମ୍ବାଦିକ ସୁଶୀଲ ବାଗ ମୁଖ୍ୟମନ୍ତ୍ରୀ, ଗଣଶିକ୍ଷା ମନ୍ତ୍ରୀ, ଓସେପା, ସମଗ୍ର ଶିକ୍ଷା କର୍ତ୍ତୃପକ୍ଷ, ରାଜ୍ୟ ଅନୁସୂଚିତ ଜାତି ଓ ଜନଜାତି ବିଭାଗକୁ ଚିଠି ଲେଖି ଦାବି ଜଣାଇଛନ୍ତି। ସେହିପରି ବିଶ୍ୱନାଥପୁର ଓ ଲାଞ୍ଜିଗଡ଼ ରୋଡ଼ ହାଇସ୍କୁଲକୁ ଉନ୍ନୀତ କରିବା ସହ ବିଜ୍ଞାନ ବିଷୟରେ ଶିକ୍ଷାଦାନ ପାଇଁ ଶ୍ରୀ ବାଗ ଦୃଷ୍ଟି ଆକର୍ଷଣ କରିଛନ୍ତି।

**ଲାଞ୍ଜିଗଡ଼ ରୋଡ଼, ବିଶ୍ୱନାଥପୁରକୁ ସାମିଲ କରିବାକୁ ଦାବି**

# ହରିହର ଜୋର ଠେଙ୍ଗୋ ଡ୍ୟାମ୍‌ରୁ ପ୍ରଥମ ବନ୍ୟାଜଳ ନିଷ୍କାସନ



**ସୁବଳୟା, ୨୦।୭ (ସମିସ):** ସୁବର୍ଣ୍ଣପୁର ଜିଲ୍ଲା ବୀରମହାରାଜପୁର ଉପଖଣ୍ଡର ହିରହର ଜୋର ଠେଙ୍ଗୋ ଡ୍ୟାମରୁ ପ୍ରଥମ ବନ୍ୟାଜଳ ରବିବାର ନିଷ୍କାସିତ ହୋଇଛି। ସକାଳୁ ପୂଜାର୍ଚ୍ଚନା ପରେ ଡ୍ୟାମର ୫ନମ୍ବର ଫାଟକ ଦେଇ ବନ୍ୟାଜଳ ଛଡାଯାଇଛି। ଚଳିତ ବର୍ଷ ଲଗାଣ ବର୍ଷା ଯୋଗୁଁ ଜୁଲାଇ ମାସରେ ରହିଥିବା ଜଳଧାରଣ କ୍ଷମତାଠାରୁ ଅଧିକ ହୋଇଯାଇଥିବାରୁ ବନ୍ୟାଜଳକୁ ନିଷ୍କାସନ କରାଯାଇଛି। ଏନେଇ ପ୍ରଶାସନ ପକ୍ଷରୁ ତଳ ମୁଣ୍ଡରେ ଥିବା ଗ୍ରାମଗୁଡିକୁ ଡାକବାଜି ଯନ୍ତ୍ର ସାହାଯ୍ୟରେ ସର୍ତକ କରାଯାଇଛି। ଏହି ଡ୍ୟାମ୍‌ର ଜଳଧାରଣ କ୍ଷମତା ୫୮୬.୮୮ ହେକ୍ଟର ମିଟର ରହିଥାଏ। ତେବେ ଜୁଲାଇ ମାସରେ ଏହାର ୭୦ ପ୍ରତିଶତ ଜଳ ଡ୍ୟାମରେ ରଖାଯାଏ। ଲଗାଣ ବର୍ଷା ଯୋଗୁଁ ତାହା ୮୯.୮୮ ପ୍ରତିଶତକୁ ବୃଦ୍ଧି ପାଇସାରିଛି। ଏଣୁ ଅଧିକ ରହିଥିବା ୧୯.୮୮ ପ୍ରତିଶତ ଜଳରାଶିକୁ ୭୦ ପ୍ରତିଶତ ହେବା ପର୍ଯ୍ୟନ୍ତ ଛଡାଯିବ। ଡ୍ୟାମ୍‌ରେ ମୋଟ ୯ଟି ସ୍ପିଲ୍ ଗେଟ ରହିଛି। ଏହି ବନ୍ୟାଜଳ ନିଷ୍କାସନ ସମୟରେ ନିର୍ବାହୀ ଯନ୍ତ୍ରୀ ନରେଶ ବାରିକ, ସହକାରୀ ନିର୍ବାହୀ ଯନ୍ତ୍ରୀ କୃଷ୍ଣଚନ୍ଦ୍ର ଜେନା ଏବଂ ସହକାରୀ ଯନ୍ତ୍ରୀ ଶମୀରକାନ୍ତ ସିଂ ପ୍ରମୁଖ ଉପସ୍ଥିତ ଥିଲେ। ତେବେ ଡ୍ୟାମରେ ଅଧିକ ଥିବା ଜଳରାଶି ୭୦ ପ୍ରତିଶତକୁ ଖସିଲା ପରେ ପୁନର୍ବାର ଖୋଲାଯାଇଥିବା ଗେଟ୍‌କୁ ବନ୍ଦ କରିଦିଆଯିବ ବୋଲି ସହକାରୀ ଯନ୍ତ୍ରୀ ସମୀରକାନ୍ତ ସିଂ ପ୍ରକାଶ କରିଛନ୍ତି।

## ୩୦ ମିଟରରେ ୨ଟି ବସ୍‌ଷ୍ଟପ୍; କେବେ କିନ୍ତୁ ବସ୍ ରହେନି

**ନୂଆପଡ଼ା/କୋମନା, ୨୦।୭ (ସମିସ):** କୋମନା ବ୍ଲକ ସଦର ମହକୁମାରେ ମାତ୍ର ୩୦ ମିଟର ମଧ୍ୟରେ ଦୁଇଟି ବସ୍ ଷ୍ଟପ୍ ନିର୍ମାଣ ହୋଇଛି; ହେଲେ ଏଯାଏଁ କେବେ ବି ଏଠି କୌଣସି ସରକାରୀ କି ବେସରକାରୀ ବସ ରହେ ନାହିଁ। ବର୍ଷକ ତଳେ ନୂଆପଡ଼ା ଜିଲ୍ଲା କୋମନା ମିଶନ ଶକ୍ତି କାଫେ ନିକଟରେ ୫ ଲକ୍ଷ ଟଙ୍କା ବ୍ୟୟରେ ଯାତ୍ରୀ ବିଶ୍ରାମାଗାର ନିର୍ମାଣ ହୋଇଥିଲା; ହେଲେ କେବେ ବି ନା ସେଠାରେ ଯାତ୍ରୀ ରହନ୍ତି, ନା କୌଣସି ସରକାରୀ କି ବେସରକାରୀ ବସ୍ ଅଟକେ। ନିର୍ମାଣ ସମୟରେ ସ୍ଥାନୀୟ ଲୋକେ ଏହି ସ୍ଥାନରେ ଯାତ୍ରୀ ବିଶ୍ରାମାଗାର ନିର୍ମାଣକୁ ବିରୋଧ କରିଥିଲେ; କିନ୍ତୁ ପ୍ରଶାସନିକ ଅଧିକାରୀମାନେ ଲୋକଙ୍କ ବାରଣ ସତ୍ତ୍ୱେ ଯାତ୍ରୀ ବିଶ୍ରାମାଗାର ନିର୍ମାଣ କଲେ। କୋମନାରେ ଅନେକ ଉପଯୋଗୀ ସ୍ଥାନ ଥିବା ସତ୍ତ୍ୱେ ଏହି ସ୍ଥାନରେ ୬ ଲକ୍ଷ ଟଙ୍କା ବ୍ୟୟରେ ପୁଣି ଏକ ବସ୍ ଷ୍ଟପ ନିର୍ମାଣ କରାଯାଇଥିଲା। ଏବେ ପ୍ରଶାସନର ଦୂର ଦୃଷ୍ଟିର ଅଭାବ ଯୋଗୁଁ ୧୧ ଲକ୍ଷ ଟଙ୍କା ମୂଲ୍ୟରେ ନିର୍ମିତ ଦୁଇଟି ବସ ଷ୍ଟପ କାର୍ଯ୍ୟରେ ଆସୁ ନାହିଁ। ପ୍ରଥମେ ଏକ ଅନୁପଯୁକ୍ତ ସ୍ଥାନରେ ଯାତ୍ରୀ ବିଶ୍ରାମାଗାର ନିର୍ମାଣ କରାଗଲା। ପୁଣି ତାହାର ୩୦ ମିଟର ଦୂରରେ କୋମନା ବସ୍ ଷ୍ଟପ୍ ନିର୍ମିତ ହୋଇଛି।

## ନାବାଳିକାଙ୍କୁ ଦୁଷ୍କର୍ମ ଅଭିଯୋଗରେ ଯୁବକ ଅଟକ

**କୋକସରା, ୨୦।୭ (ସମିସ):** କଳାହାଣ୍ଡି ଜିଲ୍ଲା କୋକସରା ବ୍ଲକ ଆମପାଣି ଥାନା ଅଞ୍ଚଳର ଜଣେ ନାବାଳିକାଙ୍କୁ ଦୁଷ୍କର୍ମ ହୋଇଥିବା ଅଭିଯୋଗ ହୋଇଛି। ଏନେଇ ପୀଡିତାଙ୍କ ପରିବାର ଥାନାରେ ଅଭିଯୋଗ କରିଛନ୍ତି। ପୁଲିସ ସମ୍ପୃକ୍ତ ଯୁବକଙ୍କୁ ଥାନାରେ ଅଟକ ରଖିଛି। ୧୨ ବର୍ଷର ଏହି ନାବାଳିକା ଗାଁ ନିକଟସ୍ଥ ଝରଣାକୁ ଗାଧୋଇବାକୁ ଯାଇଥିଲେ। ଏହି ସମୟରେ କୁଟୁରୁ ବାଘଝରଣ ଗାଁର ନକୁଳ ବେହେରା (୨୨) ତାଙ୍କୁ ଏକୁଟିଆ ଦେଖି ଦୁଷ୍କର୍ମ କରିଥିବା ପରିବାର ପକ୍ଷରୁ ଥାନାରେ ଅଭିଯୋଗ ହୋଇଛି। ନାବାଳିକାଙ୍କୁ ପୁଲିସ ଡାକ୍ତରୀମାଇନା କରାଯାଇଛି। ଏକ ମାମଲା ରୁଜୁ ହୋଇଛି। ଅଧିକ ତଦନ୍ତ ଚାଲିଥିବା ଥାନା ଅଧିକାରୀ ଜେ.ପି ହୋତା ସୂଚନା ଦେଇଛନ୍ତି।

## ୨ସପ୍ତାହ ହେଲା ନଳକୂପ ଅଚଳ

**ଶଗଡ଼ା, ୨୦।୭ (ସମିସ):** ବୌଦ୍ଧ ଜିଲ୍ଲା କଣ୍ଟାମାଳ ବ୍ଲକ ଯୋଗିନ୍ଦ୍ରପୁର ପଞ୍ଚାୟତ ବାନ୍ଧନ୍ ଝୁଲି ଗାଁ ମଝିରେ ଥିବା ନଳକୂପଟି ୧୫ ଦିନ ହେବ ଅଚଳ ହୋଇପଡ଼ିଛି। ଗାଁର ୪୦ ପରିବାର ୧୮୦ ଜଣ ଲୋକ ବସବାସ କରୁଥିବା ବେଳେ ପାଣି ପାଇଁ ବହୁତ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଅଚଳ ନଳକୂପକୁ ମରାମତି କରିବାକୁ ଗ୍ରାମବାସୀ ସ୍ଥାନୀୟ ଜନପ୍ରତିନିଧିଙ୍କଠାରୁ ଆରମ୍ଭ କରି ବିଭାଗୀୟ ଅଧିକାରୀଙ୍କ ନିକଟରେ ଅଭିଯୋଗ କଲେ ମଧ୍ୟ ଏହାର କୌଣସି ସମାଧାନ ହୋଇ ନ ଥିବା ଅଭିଯୋଗ ହୋଇଛି। ବିଭାଗୀୟ ଅଧିକାରୀଙ୍କ ଖାମଖିଆଲି ମନୋଭାବ ଯୋଗୁଁ ୧୫ ଦିନ ହେବ ନଳକୂପ ମରାମତି ହୋଇ ପାରି ନ ଥିବା ଦୁଃଖର ବିଷୟ ବୋଲି ଗ୍ରାମବାସୀ କହିଛନ୍ତି। ଏଣୁ ବିଭାଗୀୟ ଅଧିକାରୀଙ୍କ କାର୍ଯ୍ୟଦକ୍ଷତାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହେଇଛି। ପିଇବା ପାଣି ଭଳି ଅତ୍ୟାବଶ୍ୟକୀୟ ସାମଗ୍ରୀର ଆବଶ୍ୟକତା ସହ ଲୋକଙ୍କ ସୁବିଧାକୁ ଆଖି ଆଗରେ ରଖି ଅଚଳ ନଳକୂପ ତୁରନ୍ତ ମରାମତି କରି ଲୋକଙ୍କ ପାଣି ସମସ୍ୟା ଦୂର କରିବାକୁ ଗ୍ରାମବାସୀ ଦାବି କରିଛନ୍ତି।



# ଭାଲିଆପଦର-ମାନସରମୁଣ୍ଡା ରାସ୍ତା କାଦୁଅ ପଚ ପଚ



**ଶଗଡ଼ା, ୨୦।୭ (ସମିସ):** ବୌଦ୍ଧ ଜିଲ୍ଲା ସଦର ବ୍ଲକ ଉପାନ୍ତ ଶଗଡ଼ା ପଞ୍ଚାୟତ ଭାଲିଆପଦରଠାରୁ ମାନସରମୁଣ୍ଡା ପଡ଼ା ପର୍ଯ୍ୟନ୍ତ ଯାଇଥିବା ରାସ୍ତା ଅତ୍ୟନ୍ତ ଶୋଚନୀୟ ହୋଇପଡ଼ିଛି। ଗ୍ରାମବାସୀ ରାସ୍ତା ପାଇଁ ବହୁତ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ବର୍ଷା ଦିନ ହେଲେ ପାଣି କାଦୁଅରେ ରାସ୍ତାଟି ପରିପୂର୍ଣ୍ଣ ହୋଇ ଯାଉଛି। ଏହାଯାହା ଫଳରେ ଲୋକମାନ ଯାତାୟାତ ପାଇଁ ବହୁତ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଏହି ରାସ୍ତାରେ ବର୍ଷା ଦିନରେ ଚାଲି ଚାଲି ଯିବା ମଧ୍ୟ ସମ୍ଭବ ହୋଇ ନ ଥାଏ। ଏହା ସତ୍ତ୍ୱେ କାଦୁଅ ଭର୍ତ୍ତି ରାସ୍ତାରେ ଛାତ୍ରଛାତ୍ରୀଙ୍କ ସହ ଲୋକେ ବିପଦପୂର୍ଣ୍ଣ ଭାବେ ଯାଇଥାନ୍ତି। ଅସାବଧାନତା ବଶତଃ ଅନେକ ଲୋକ ଯିବା ସମୟରେ ପଡ଼ି ଆହତ ହୋଇଥିବା ନଜିର ରହିଛି।

# ବୋଲବମ୍ ଭକ୍ତଙ୍କ ନିଆରା ଯାତ୍ରା



**ଧର୍ମଗଡ଼, ୨୦।୭ (ସମିସ):** ଶ୍ରାବଣ ମାସ ଚାଲିଛି। ସବୁଆଡେ କାଉଡ଼ିଆଙ୍କ ଭିଡ଼। ଏହିକ୍ରମରେ ପ୍ରଭୁ ଭୋଳାନାଥଙ୍କ ନିକଟରେ ଜଳଲାଗି ପାଇଁ ଜଣେ ଯୁବକଙ୍କ ନିଆରା ବୋଲବମ୍ ଯାତ୍ରା ଦେଖିବାକୁ ମିଳିଛି। କାନ୍ଧରେ ବାହୁଙ୍ଗୀ ପରିବର୍ତ୍ତେ ହାତରେ ନଡ଼ିଆ ଓ ଜଳ ଧରି ଗୁରୁଣ୍ଡି ଗୁରୁଣ୍ଡି ସେ ୧୦୦କିମି ଯାତ୍ରା କରୁଛନ୍ତି। ଗୋଲାମୁଣ୍ଡା ବ୍ଲକ ବୃନ୍ଦାବାହାଲଠାରେ ଏଭଳି ଏକ ଘଟଣା ଦେଖିବାକୁ ମିଳିଛି। ପଡୋଶୀ ନୂଆପଡ଼ା ଜିଲ୍ଲା ଘଣ୍ଟିଗୁଡା ଗ୍ରାମର ଯୁବକ ସୋମନାଥ ବାବା ଦୀର୍ଘ ୧୦ଦିନ ହେବ ପ୍ରଭୁ ଭୋଳାନାଥଙ୍କଠାରେ ଜଳ ଲାଗି ପାଇଁ ହାତରେ ନଡ଼ିଆ ଓ ଜଳ ଧରି ଗୁରୁଣ୍ଡି ଗୁରୁଣ୍ଡି ଦୀର୍ଘ ୧୦୦କିମି ଯାତ୍ରା କରୁଥିବା କହିଛନ୍ତି। କଳାହାଣ୍ଡି ଜିଲ୍ଲାର ପର୍ଯ୍ୟଟନ ସ୍ଥଳ ଡୋକରିଚଞ୍ଚରାରୁ ଜଳ ଉଠାଇ ଘଣ୍ଟିଗୁଡାର ଶୈବ ପୀଠରେ ସେ ଜଳଲାଗି କରିବେ। ଏଥବଲାଗି ୧୦ ତାରିଖରୁ ଯାତ୍ରା ଆରମ୍ଭ କରିଛନ୍ତି। ବର୍ତ୍ତମାନସୁଦ୍ଧା ୬୦କିମି ଯାତ୍ରା କରିଛନ୍ତି। ଏହି ଯାତ୍ରା ସେ ୨୧ଦିନ ମଧ୍ୟରେ ଶେଷ କରିବାର ଲକ୍ଷ୍ୟ ରଖିଛନ୍ତି। ତାଙ୍କୁ ଭାଗରଥୀ ଦାଶ, ସଞ୍ଜୟ ଦାଶ, ପରୀକ୍ଷିତ ନାଏକ, ସଚିନ୍ଦ୍ର କଟା, ଯୁଗସନ ମେହେର ପ୍ରମୁଖ ସହଯୋଗ କରୁଛନ୍ତି।

କର୍ଲାମୁଣ୍ଡା ବ୍ଲକ କାର୍ଯ୍ୟାଳୟ

# ଅନେକ ପଦବୀ ଖାଲି; ସରକାରୀ କାର୍ଯ୍ୟ ପ୍ରଭାବିତ

**ଭବାନୀପାଟଣା, ୨୦।୭ (ସମିସ):** କଳାହାଣ୍ଡି ଜିଲା କର୍ଲାମୁଣ୍ଡା ବ୍ଲକ ଅବ୍ୟବସ୍ଥା ଘେରରେ ରହୁଥିବାରୁ ଲୋକେ ଉପଯୁକ୍ତ ସମୟରେ ସରକାରୀ ସେବାଗୁଡ଼ିକ ଠିକ୍ ଭାବେ ପାଇପାରୁ ନ ଥିବା ଅଭିଯୋଗ ହେଉଛି। ୧୨ଟି ପଞ୍ଚାୟତକୁ ନେଇ ଗଠିତ ଏହି ବ୍ଲକରେ ଅନେକଗୁଡ଼ିଏ ପଦବୀ ଖାଲି ରହିଥିବା ବେଳେ ନର୍ଲା ଏବିଡିଓ ଦେବେନ୍ଦ୍ର ସାମଲଙ୍କୁ ଗତ ଜାନୁଆରୀରୁ ବିଡିଓ ଭାବେ ନିଯୁକ୍ତି ଦିଆଯାଇଛି। ଏଥିସହ ଅନ୍ୟ ବ୍ଲକର ଅଧିକାରୀଙ୍କୁ ଏଠି ଅତିରିକ୍ତ ଦାୟିତ୍ୱ ଦିଆଯାଇଛି। ବ୍ଲକର ୧୨ଟି ପଞ୍ଚାୟତର ଉନ୍ନୟନ କାର୍ଯ୍ୟର ତଦାରଖ ପାଇଁ ଜଣେ କାର୍ଯ୍ୟନିର୍ବାହୀ ଯନ୍ତ୍ରୀ (ଏଇ) ଓ ୩ ଜଣ କନିଷ୍ଠ ଯନ୍ତ୍ରୀ ରହିଛନ୍ତି। ଠିକ୍ ସେହିପରି ବ୍ଲକରେ ୧୨ଟି ପଞ୍ଚାୟତକୁ ୯ ଜଣ ପଞ୍ଚାୟତ କାର୍ଯ୍ୟ ନିର୍ବାହୀ ଅଧିକାରୀ ଓ ୭ ଜଣ ଆକାଉଣ୍ଟାଣ୍ଟ କମ୍ ଡିଇଓ, ଜଣେ ଗ୍ରାମ ରୋଜଗାର ସେବକ ରହିଛନ୍ତି। ଅନ୍ୟ ପଟେ ବ୍ଲକରେ କେସିଙ୍ଗା ଡବ୍ଲ୍ୟୁଇଓ, ମ.ରାମପୁର ଖାଉଟି ଯୋଗାଣ ଅଧିକାରୀଙ୍କୁ ଏହି ବ୍ଲକରେ ଅତିରିକ୍ତ ଦାୟିତ୍ୱ ଦିଆଯାଇଛି। ଏହାଫଳରେ ଏହି ଅଧିକାରୀମାନେ ନିୟମିତ ଭାବେ ଆସୁ ନ ଥିବାରୁ ସାଧାରଣ ଲୋକ ହଇରାଣ ହେଉଥିବା ଜଣାପଡ଼ିଛି। ଏହି ବ୍ଲକରେ ଏବେ କିଛି ଦିନ ପୂର୍ବରୁ ବ୍ଲକ ସାମାଜିକ ସମ୍ପ୍ରସାରଣ ଅଧିକାରୀଙ୍କ ପଦୋନ୍ନତି ପାଇ ବଦଳି ହେବା ପରେ କିରାଣି ପ୍ରଦୀପ ମାଝୀଙ୍କୁ ଅତିରିକ୍ତ ଦାୟିତ୍ୱ ଦିଆଯାଇଛି। ଅନ୍ୟ ପଟେ ପଞ୍ଚାୟତ ଉନ୍ନୟନ ଅଧିକାରୀଙ୍କ ଚଳିତ ମାସରେ ଅନ୍ୟତ୍ର ବଦଳି ହେବା ପରେ ଏହି ପଦବୀ ପୂରଣ ହୋଇପାରିନାହିଁ। ପିଏ, ଏବିଡିଓ, କିରାଣି ଓ ଚତୁର୍ଥ ଶ୍ରେଣୀ କର୍ମଚାରୀ ପଦବୀଗୁଡିକ ଦୀର୍ଘଦିନରୁ ଖାଲି ପଡ଼ିଥିବାରୁ ସାଧାରଣ ଲୋକଙ୍କ ସମସ୍ୟା ସମାଧାନ ହୋଇପାରିନି।

# ମାସେ ହେଲା ଉଠାଜଳସେଚନ ପଏଣ୍ଟ ଟ୍ରାନ୍ସଫର୍ମର ଅଚଳ

**ଶଗଡ଼ା, ୨୦।୭ (ସମିସ):** ବୌଦ୍ଧ ଜିଲ୍ଲା ସଦର ବ୍ଲକ ମନୁପାଲି ପଞ୍ଚାୟ ଡିଗୀ ଗ୍ରାମର ଚାଷୀଙ୍କ ଉଠାଜଳସେଚନ ପଏଣ୍ଟକୁ ଯାଇଥିବା ବିଦ୍ୟୁତ୍ ଟ୍ରାନ୍ସଫର୍ମର ଏକ ମାସରୁ ଅଧିକ ହେଲା ଅଚଳ ହୋଇ ପଡ଼ି ରହିଛି। ଏହି ଟ୍ରାନ୍ସଫର୍ମରକୁ ସଜାଡିବା ପାଇଁ ଚାଷୀ ବାରମ୍ବାର କାର୍ଯ୍ୟାଳୟକୁ ଯାଇ ବିଦ୍ୟୁତ୍ ବିଭାଗ ଯନ୍ତ୍ରୀଙ୍କ ସହ କର୍ମଚାରୀଙ୍କୁ ଅଭିଯୋଗ କରି ଆସୁଛନ୍ତି; ହେଲେ ଆଜି କରିବା, କାଲି କରିବା କହି ବିଦ୍ୟୁତ୍ ବିଭାଗ ଦିନ ଗଡ଼ାଉଥିବା ଚାଷୀ କହିଛନ୍ତି। ଟ୍ରାନ୍ସଫର୍ମର ଅଚଳ ହେବା ଫଳରେ ପମ୍ପ ଚାଲି ପାରୁନାହିଁ। ପାଣି ଅଭାବରୁ ଅନେକ ଚାଷୀଙ୍କ ଶହ ଶହ ଏକର ଧାନ ଫସଲ ନଷ୍ଟ ହେବାକୁ ବସିଲାଣି। ବିଭାଗୀୟ ଯନ୍ତ୍ରୀଙ୍କ ଚରମ ଅବହେଳା ଯୋଗୁଁ ଚାଷୀ ଚାଷ କାର୍ଯ୍ୟ କରି ପାରୁ ନାହାନ୍ତି। ଚାଷୀଙ୍କ ହିତକୁ ଦୃଷ୍ଟିରେ ରଖି ବିଭାଗୀୟ ଉଚ୍ଚ କର୍ତ୍ତୃପକ୍ଷ ଏ ଦିଗରେ ଦୃଷ୍ଟି ଦେଇ ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବାକୁ ଚାଷୀ ଦାବି କରିଛନ୍ତି।

**ଅଭିଯୋଗ ଶୁଣୁ ନାହାନ୍ତି ଅଧିକାରୀ, ନଷ୍ଟ ହେବାକୁ ବସିଲାଣି ଧାନ ଚାଷ**

# ୨ ବାଲି ବୋଝେଇ ଟ୍ରାକ୍ଟର ଜବତ

**ସୁବଳୟା, ୨୦।୭ (ସମିସ):** ସୁବର୍ଣ୍ଣପୁର ଜିଲ୍ଲା ବୀରମହାରାଜପୁର ବ୍ଲକ ଜଟେସିଂହା ହରିହର ଜୋର ନିଲାମ ବାଲିଘାଟରୁ ବେଆଇନ ଭାବେ ଚୋରାଚାଲାଣ କରୁଥିବା ୨ଟି ଟ୍ରାକ୍ଟରକୁ ପୁଲିସ ଜବତ କରି ଥାନାରେ ଅଟକ ରଖିଛି। ପୋଲ ପାଖରୁ ବାଲି ଉଠାଇବା ପାଇଁ କଟକଣା ହୋଇଥିବା ବେଳେ ବହୁ ଟ୍ରାକ୍ଟର ଦିନ ଦ୍ୱିପ୍ରହରରେ ବେଆଇନ ଭାବେ ବାଲି ଚୋରାଚାଲାଣ କରୁଥିବା ଅଭିଯୋଗ ହୋଇଥିଲା। ଜିଲ୍ଲା ଖଣି ଅଧିକାରୀଙ୍କ ନେତୃତ୍ୱରେ ଚଢଉ କରି ଟ୍ରାକ୍ଟର ଜବତ କରାଯାଇଛି। ତେବେ ଅନ୍ୟ ଟ୍ରାକ୍ଟରଗୁଡ଼ିକ ଖବର ପାଇ ଫେରାର ହୋଇଯାଇଥିଲେ। ସେହିପରି ହରିହର ଜୋରସ୍ଥିତ କୃଷ୍ଣପାଲି ଚୋରାବାଲି ଘାଟରୁ ଦିନରାତି ଟ୍ରାକ୍ଟର ଯୋଗେ ବାଲି ଚୋରାଚାଲାଣ ହେଉଥିବା ବେଳେ ରାତିରେ ବଡବଡ ଗାଡ଼ିରେ ବାଲି ଚୋରାଚାଲାଣ ହେଉଥିବା ନଜର ରହିଛି। ବାଗବର ବାବା ମଠସ୍ଥିତ ଚୋରାବାଲି ବାଲି ଘାଟରୁ ବହୁ ଟ୍ରାକ୍ଟର ଯୋଗେ ବାଲି ଉଠାଉଥିବା ଯୋଗୁଁ ନୂତନ ଭାବେ ନିର୍ମାଣ ହେଉଥିବା ପୋଲ ଭୁଶୁଡି ପଡ଼ିବାର ଆଶଙ୍କା ରହିଛି।



# ୧ କୁଇଣ୍ଟାଲ ୩୨ କେଜି ଗଞ୍ଜେଇ ଜବତ



**ଶଗଡ଼ା, ୨୦।୭ (ସମିସ):** ବୌଦ୍ଧ ଜିଲ୍ଲା କଣ୍ଟାମାଳ ଥାନା ବରଗାଁ ପଞ୍ଚାୟତ ବୁଢୀମାଲ ଗ୍ରାମ ନିକଟରେ ଅବକାରୀ ବିଭାଗ ୧ କୁଇଣ୍ଟାଲ ୩୨ କେଜି ଗଞ୍ଜେଇ ଜବତ କରିଛି। ଜଙ୍ଗଲରେ ଗଞ୍ଜେଇ ଚୋରା ଚାଲାଣ ହେଉଥିବା କଣ୍ଟାମାଳ ଅବକାରୀ ବିଭାଗ ବିଶ୍ୱସ୍ତ ସୂତ୍ରରୁ ଖବର ପାଇଥିଲା। ଏହାପରେ ଅଧିକାରୀ ସତ୍ୟନାରାୟଣ ପ୍ରଧାନଙ୍କ ନେତୃତ୍ୱରେ ଏକ ଟିମ୍ ଚଢ଼ଉ କରିଥିଲା। ତେବେ ଅବକାରୀ କର୍ମଚାରୀଙ୍କୁ ଦେଖି ମାଫିଆ ଘଟଣା ସ୍ଥଳରୁ ଫେରାର ମାରିଥିଲେ। ଅବକାରୀ କର୍ମଚାରୀ ଗଞ୍ଜେଇ ଜବତ କରି ଘଟଣାସ୍ଥଳରୁ ଫେରିଥିଲେ। ଏ ନେଇ କଣ୍ଟାମାଳ ଅବକାରୀ ବିଭାଗ ପକ୍ଷରୁ ଏକ ମାମଲା ରୁଜୁ କରାଯାଇଛି।

**ଖସିଗଲେ ମାଫିଆ**

# ମଣ୍ଡି ହେମାଲମାନଙ୍କ ବର୍ଦ୍ଧିତ ବାକେୟା ପାଇଁ ଦାବିପତ୍ର



**କେସିଙ୍ଗା, ୨୦।୭ (ସମିସ):** ଭାରତୀୟ ମଜଦୂର ସଂଘ ସହିତ ଅନୁବନ୍ଧିତ ଓଡ଼ିଶା କୃଷି ଏବଂ ଗ୍ରାମୀଣ ମଜଦୂର ସଂଘ ଜିଲ୍ଲାର ବିଭିନ୍ନ ମଣ୍ଡିରେ କାମ କରୁଥିବା ହେମାଲମାନଙ୍କ ବାକେୟା ବର୍ଦ୍ଧିତ ପଇସା ପ୍ରଦାନ ଦାବିରେ ସ୍ଥାନୀୟ ତହସିଲଦାରଙ୍କ ଜରିଆରେ ଓଡ଼ିଶା ସମବାୟ ସେମିତିର ଉପ ନିବନ୍ଧକଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ପ୍ରଦାନ କରିଛି। ରାଜ୍ୟ ସରକାର ମଜୁରୀ ବାବଦକୁ କ୍ୱିଣ୍ଟାଲ ପିଛା ୮.୪୭ ପଇସାରୁ ୧୩.୧୪ ପଇସାକୁ ବୃଦ୍ଧି କରିଥିଲେ। ୨୦୨୨ ମସିହା ଖରିଫ ଋତୁରୁ ଲାଗୁ ହୋଇଥିଲା। ମଣ୍ଡିରେ କାର୍ଯ୍ୟରତ ହେମାଲମାନେ କେବଳ ୨୦୨୩ ମସିହାର ଖରିଫ ଋତୁରେ ବର୍ଦ୍ଧିତ ମୂଲ୍ୟ ପାଇଛନ୍ତି। ୨୦୨୨ ମସିହାର ଖରିଫ ଋତୁ ବର୍ଦ୍ଧିତ ଟଙ୍କା ଓ ୨୦୨୩ ମସିହାର ରବି ଋତୁର ବର୍ଦ୍ଧିତ ଟଙ୍କା ଅଧିକାରୀମାନଙ୍କ ଉଦାସୀନତା ଯୋଗୁଁ ପାଇନାହାନ୍ତି। ଧର୍ମଗଡ଼ ସବ୍‌ଡିଭିଜନର ପେକ୍ସ ଓଏସଏଚଜି ଗ୍ରୁପରୁ ହେମାଲ୍‌ମାନେ ବର୍ଦ୍ଧିତ ବାକେୟା କେତେକାଂଶରେ ପାଇ ସାରିଥିବା ବେଳେ ଭବାନୀପାଟଣା ସବ୍‌ଡ଼ିଭିଜନରେ ହେମାଲମାନେ ବାକେୟା ଅଦ୍ୟାବଧି ପାଇନାହାନ୍ତି। ଏ ବିଷୟରେ ପ୍ୟାକ୍ସ ଅଧିକାରୀମାନଙ୍କୁ ପଚାରିଲେ ଅଦ୍ୟାବଧି ସରକାରଙ୍କ ପକ୍ଷରୁ କୌଣସି ଚିଠି ଆସିନି କି ବୋଲି କହିଛନ୍ତି। ଏହାର ସତ୍ୟା ସତ୍ୟ ଅନୁଧ୍ୟାନକାରୀ ଶ୍ରମିକମାନଙ୍କୁ ତାଙ୍କର ବକେୟା ପ୍ରଦାନ କରିବା ପାଇଁ ସଂଘ ପକ୍ଷରୁ ଦାବିପତ୍ର ପ୍ରଦାନ କରାଯାଇଛି। ଦାବିପତ୍ର ପ୍ରଦାନ ସମୟରେ ସଂଘର ଜିଲ୍ଲା ସଭାପତି ଲୋଚନ ସାହୁ, ଜିଲ୍ଲା ମଣ୍ଡି ହେମାଲ ସଭାପତି ସୁରେନ୍ଦ୍ର ମୋହନ କର ଓ କେସିଙ୍ଗା ମଣ୍ଡି ହେମାଲ ସଂଘ ସଭାପତି ପ୍ରମୁଖ ଉପସ୍ଥିତ ଥିଲେ।

ଶୋଇଛି ମନମୁଣ୍ଡା ପୁଲିସ

# ଆଇନ ଶୃଙ୍ଖଳା ବିପର୍ଯ୍ୟସ୍ତ, ପାଟ୍ରୋଲିଂ ହେଉନି

**ଶଗଡ଼ା, ୨୦।୭ (ସମିସ)**

ବୌଦ୍ଧ ଜିଲ୍ଲା ମନମୁଣ୍ଡା ଥାନା ଅଞ୍ଚଳରେ ଦିନକୁ ଦିନ ଚୋରି, ଡକାୟତି ଆଦି ଅପରାଧିକ କାର୍ଯ୍ୟକଳାପ ବଢ଼ିବାରେ ଲାଗିଛି। ଏହାକୁ ନେଇ ଅଞ୍ଚଳବାସୀ ଅନେକ ଭୟ ଓ ଆଶଙ୍କାରେ ଯାତାୟାତ କରୁଛନ୍ତି। ପୁଲିସ ପାଟ୍ରୋଲିଂର ଅଭାବ ଯୋଗୁଁ ଏଭଳି ଅପରାଧ ଘଟୁଥିବା ସାଧାରଣରେ ଚର୍ଚ୍ଚା ହେଉଛି। ଗତ କିଛି ମାସ ହେବ ମନମୁଣ୍ଡା ଥାନାର ବିଭିନ୍ନ ଅଞ୍ଚଳରେ ଅନେକ ଚୋରି, ଡକାୟତି, ଅପରାଧିକ କାର୍ଯ୍ୟ ବଢ଼ିବାରେ ଲାଗିଛି। ପୁଲିସ ପାଟ୍ରୋଲିଂ କରୁନି। ଅପରାଧ ରୋକିବା ପାଇଁ ପଦକ୍ଷେପ ଗ୍ରହଣ କରାଯାଉ ନାହିଁ। ପୁଲିସର ନିଷ୍କ୍ରିୟତା ଯୋଗୁଁ ଅପରାଧୀ ସକ୍ରିୟ ହୋଇ ପଡ଼ିଛନ୍ତି। ଏଣୁ ସେମାନେ ଗୋଟିଏ ପରେ ଗୋଟିଏ ଅପରାଧ ଘଟାଇବାକୁ ପଛାଉ ନାହାନ୍ତି। ମନମୁଣ୍ଡା ଥାନା ଅଞ୍ଚଳର ଖଟଖଟିଆ ମେଟାକାନି ଛକ, ଜାଲପାଲି ଛକ, ଦମାମୁଣ୍ଡା ଛକ, ଯୋଗୀନ୍ଦ୍ର ପୁର ଚାରିଛକ, ମନମୁଣ୍ଡା ବାଇପାସ, ରେଲୱେ ବାଇପାସ, ମସିଣା ପଡ଼ା ବ୍ରିଜ ବୁଲାଣି ଆଦି ସ୍ଥାନରେ ପ୍ରତ୍ୟେକ ଦିନ କିଛି ନା କିଛି ଅପରାଧିକ କାର୍ଯ୍ୟକଳାପ ଘଟୁଛି। ଏହି ସବୁ ସ୍ଥାନରେ ପୁଲିସ ପକ୍ଷରୁ ପାଟ୍ରୋଲିଂ କରିବାକୁ ଦାବି ହୋଇ ଆସୁଛି ପୁଲିସ; କିନ୍ତୁ ଏ ଦିଗରେ କୌଣସି ପଦକ୍ଷେପ ଗ୍ରହଣ କରୁ ନାହିଁ। ପାଟ୍ରୋଲିଂ ନ ହେବା ଫଳରେ ଏହି ସବୁ ସ୍ଥାନରେ ମାରଣାସ୍ତ୍ର ଦେଖାଇ ଚୋରି, ଡକାୟତି ଭଳି ଅନେକ ଅପରାଧିକ କାର୍ଯ୍ୟକଳାପ ବୃଦ୍ଧି ପାଉଛି। ଅନ୍ୟପକ୍ଷେ ମନମୁଣ୍ଡା ଥାନା ଅଞ୍ଚଳ ଗଞ୍ଜେଇ ଚୋରା ଚାଲାଣକାରୀ ସହ ଅପରାଧୀମାନଙ୍କ ପାଇଁ ଏକ ନିର୍ଭୟ ଆଶ୍ରୟ ସ୍ଥଳ ପାଲଟିଛି। ଅନେକ ସମୟରେ ଗାଡି ସହ ବ୍ୟାପକ ଗଞ୍ଜେଇ ଜବତ ହେଉଥିବା ବେଳେ ଅଭିଯୁକ୍ତ କିନ୍ତୁ ନିରାପଦରେ ଖସି ଯିବାକୁ ସକ୍ଷମ ହେଉଛି। ଅନେକ ଡକାୟତି ଘଟଣାରେ ମଧ୍ୟ ଦୁର୍ବୃତ୍ତଙ୍କୁ ପୁଲିସ ଧରିବାରେ ବିଫଳ ହୋଇଥିବା ନଜିର ରହିଛି। ସେହିଭଳି ଗତ କିଛି ଦିନ ପୂର୍ବେ ଦମାମୁଣ୍ଡା ଛକ ନିକଟରୁ ଏକ ଦାମୀ କାର, ଗଞ୍ଜେଇ ସହ ପୁଲିସ ୩ ଅଭିଯୁକ୍ତଙ୍କୁ ଗିରଫ କରିଥିଲା; ହେଲେ ତାଙ୍କୁ ନିକଟରେ ଥିବା ମନମୁଣ୍ଡା ଥାନାକୁ ଆଣିବା ପରିବର୍ତ୍ତେ ପୁଲିସ ପଲସାଗୋରା ବିଟ୍ ହାଉସକୁ ନେଇ କିଛି ଘଣ୍ଟା ରଖିବା ପରେ ପୁଣି ମନମୁଣ୍ଡା ଥାନାକୁ ଆଣିଥିଲା। ପୁଲିସର ଏଭଳି କାର୍ଯ୍ୟଶୈଳୀକୁ ନେଇ ସାଧାରଣରେ ଅନେକ ଚର୍ଚ୍ଚା ହୋଇଥିଲା। ଏଭଳି ଘଟଣା ଗୁଡିକୁ ତର୍ଜମା କଲେ ମନମୁଣ୍ଡା ପୋଲିସ ଆଇନ ଶୃଙ୍ଖଳା ରୋକିବାରେ ସମ୍ପୂର୍ଣ୍ଣ ବିଫଳ ହୋଇ ଥିବା ସାଧାରଣରେ ଆଲୋଚନା ହେଉଛି। ଅପରାଧିକ କାର୍ଯ୍ୟକଳାପ ରୋକିବାକୁ ପୁଲିସ ପକ୍ଷରୁ ପାଟ୍ରୋଲିଂ କଡାକଡି କରାଯାଉନି। ମନମୁଣ୍ଡା ପୁଲିସ ସତେ ଯେମିତି ନାହିରେ ତେଲ ପକେଇ ଶୋଇଛି।

# ସୂଚନାଫଳକରେ ସୀମିତ ଖଇରଟିକିରା ରାସ୍ତା

ତରଭା, ୨୦।୭ (ସମିସ)





ସୋନପୁର ଜିଲ୍ଲା ତରଭା ବ୍ଲକ ମରାଡୁଗୁଚ୍ଛା ପଞ୍ଚାୟତର ଖଇରଟିକିରା ଗ୍ରାମକୁ ସଂଯୋଗ କରୁଥିବା ରାସ୍ତାଟି ମରଣଯନ୍ତାରେ ପରିଣତ ହୋଇଛି। ଏହି ରାସ୍ତାର ଶୋଚନୀୟ ଅବସ୍ଥା ଯୋଗୁଁ ଜନସାଧାରଣ ନାହିଁ ନ ଥିବା ଅସୁବିଧା ଭୋଗ କରୁଛନ୍ତି। ଗାଁକୁ ଆମ୍ବୁଲାନ୍ସ ଆସିପାରୁନି। ରୋଗୀ, ବୟସ୍କଙ୍କୁ ବୋହି ବୋହି ନେବାକୁ ପଡୁଛି। ଅସରାଏ ବର୍ଷାରେ ରାସ୍ତା ବେହାଲ ହୋଇପଡୁଛି। ଆଣ୍ଠୁଏ କାଦୁଅରେ ପଚ ପଚ ହେଉଛି। ଖାଲଖମାରେ ବର୍ଷା ପାଣି ଭର୍ତ୍ତି ହୋଇରହିଛି। ଏହି ଗାଁକୁ ଅନ୍ୟ କୌଣସି ବିକଳ୍ପ ରାସ୍ତା ନାହିଁ। କହାର ସ୍ୱାସ୍ଥ୍ୟ ଖରାପ ହେଲେ ଆମ୍ବୁଲାନ୍ସ ଆସି ଫେରି ଯାଉଛି। ବୃଦ୍ଧବୃଦ୍ଧା ଓ ଗର୍ଭବତୀଙ୍କ ପାଇଁ ରାସ୍ତା କାଳ ସାଜିଛି। ରାସ୍ତା ପାଇଁ ବାରମ୍ବାର ଦାବି କରି ଆସୁଥିବା ବେଳେ କେହି କର୍ଣ୍ଣପାତ କରୁ ନ ଥିବା ଅଞ୍ଚଳବାସୀ ଅଭିଯୋଗ କରିଛନ୍ତି। ବର୍ଷାଦିନେ ଏହି ଗ୍ରାମବାସୀ ଦୁର୍ବିସହ ଜୀବନ ଯାପନ କରୁଛନ୍ତି। ଗାଁକୁ ପକ୍କା ରାସ୍ତା ସାତ ସପନ ପାଲଟିଛି। ଏହି ରାସ୍ତାରେ ବାଇକ, ସାଇକଲ ଏପରିକି ପାଦରେ ଚାଲି ଚାଲି ଯିବା ସମ୍ଭବ ହୋଇପାରୁନି। କାଦୁଅ ହେତୁ ଚାରିଚକିଆ ଗାଡ଼ି ମଧ ନେବାକୁ ଲୋକେ ଭୟ କରୁଛନ୍ତି। ଏହି ରାସ୍ତା ଉପରେ ନିର୍ଭର କରୁଥିବା ଗ୍ରାମବାସୀ ବାରମ୍ବାର ସ୍ଥାନୀୟ ସରପଞ୍ଚଙ୍କଠାରୁ ଆରମ୍ଭ କରି ବ୍ଲକ ପ୍ରଶାସନ, ଜିଲ୍ଲାପାଳଙ୍କୁ ଲିଖିତ ଅଭିଯୋଗ କରିଥିଲେ ସୁଦ୍ଧା କୌଣସି ପଦକ୍ଷେପ ଗ୍ରହଣ କରାଯାଉନାହିଁ। ବାରମ୍ବାର ଜନସାଧାରଣଙ୍କ ଦାବି ପରେ ଗତ ବର୍ଷ ମହାତ୍ମାଗାନ୍ଧୀ ଜାତୀୟ ନିଶ୍ଚିତ କର୍ମ ନିଯୁକ୍ତି ଯୋଜନାରୁ ୧୦ ଲକ୍ଷ ଟଙ୍କା ମଞ୍ଜୁର କରି ଫଳକ ମଧ ଲଗାଯାଇଛି। ଏହି ସୂଚନାଫଳକରେ ହିଁ ଖଇରଟିକିରା ଗାଁ ରାସ୍ତା କାମ ସୀମିତ ରହି ଯାଇଛି। ଯୁଦ୍ଧକାଳୀନ ଭିତ୍ତିରେ ରାସ୍ତା ନିର୍ମାଣ ଲାଗି ପଦକ୍ଷେପ ନ ନେଲେ ଅଞ୍ଚଳବାସୀ ରାଜରାସ୍ତାକୁ ଓହ୍ଲାଇବେ ବୋଲି ୱାର୍ଡସଭ୍ୟ ଶିବ ଘିବେଲା, ନବୀନ ଘିବେଲା, ଚନ୍ଦ୍ର ମଲ୍ଲିକଙ୍କ ସମେତ ଗ୍ରାମବାସୀ ଚେତାବନୀ ଦେଇଛନ୍ତି।

## ସାଲୁଙ୍କି ଜଳ ସେଚନ ପ୍ରକଳ୍ପରୁ ଖରିଫ ଚାଷ ପାଇଁ ଜଳ ଯୋଗାଣ

**ବୌଦ୍ଧ, ୨୦।୭ (ସମିସ):** ବୌଦ୍ଧ ଜଳ ସେଚନ ବିଭାଗର ସାଲୁଙ୍କି ଜଳ ସେଚନ ପ୍ରକଳ୍ପରୁ ଚଳିତ ବର୍ଷ ଖରିଫ ବର୍ଷ ଖରିପ ଚାଷ ପାଇଁ ସମସ୍ତ ଗେଟ ଖୋଲାଯାଇଛି। ମୁଖ୍ୟ କେନାଲ ଓ ଶାଖା କେନାଲ ମାଧ୍ୟମରେ ଜଳ ଯୋଗାଣ କରାଯାଇଛି। ସାଲୁଙ୍କି ଜଳ ସେଚନ ପ୍ରକଳ୍ପ ଅଧୀନରେ ୧୮ ୭ ୯୩ ହେକ୍ଟର ଚାଷ ଜମି ଜଳ ସେଚିତ ହୋଇଥାଏ। ଏହି ପ୍ରକଳ୍ପ ଦ୍ୱାର ବୌଦ୍ଧର ବାଉଁଶୁଣି ସହିତ ହରଭଙ୍ଗା ବ୍ଲକର ୮ ଟି ପଞ୍ଚାୟତର ଚାଷୀ ଉପକୃତ ହୋଇଥାନ୍ତି। ଏହି ପ୍ରକଳ୍ପ ଦ୍ୱାରା ବହୁ ଚାଷୀ ଚାଷ କାର୍ଯ୍ୟ ଉପରେ ନିର୍ଭର କରିଥାନ୍ତି। ପୂଜାର୍ଚ୍ଚନା କରାଯାଇଥିଲା। ବୌଦ୍ଧ ଜଳସେଚନ ବିଭାଗର ନିର୍ବାହୀ ଯନ୍ତ୍ରୀ ଇଂ. ନରେଶ ବାରିକ, ସହକାରୀ ନିର୍ବାହୀ ଯନ୍ତ୍ରୀ କେଶୁରୁ ମୁର୍ମୁ, ସହକାରୀ ନିର୍ବାହୀ ଯନ୍ତ୍ରୀ ବିଷ୍ଣୁପ୍ରିୟା ଦେହୁରୀ, ସହକାରୀ ଯନ୍ତ୍ରୀ ବସନ୍ତ ମହାକୁଡ଼, ସୁବ୍ରତ ମଳିକ, ଶତ୍ରୁଘନ ଡିଗାଲ, ସଞ୍ଜୟ ମହାନ୍ତି, ଭିଜିଲ ଏକ୍କା ପ୍ରମୁଖ ବରିଷ୍ଠ ଅଧିକାରୀମାନଙ୍କ ଦ୍ୱାରା ଜଳ ଯୋଗାଣ ପାଇଁ ଗେଟ୍ ଖୋଲା ଯାଇଥିଲା। ତେବେ ଜହ୍ନାପଙ୍କ, ବୁରକଟା, ଖୁଣ୍ଟବନ୍ଧ, ତେଲିବନ୍ଧ ଓ ସାହାଯପାଲ ଶାଖା କେନାଲ ସଫା ହୋଇ ନ ଥିବାରୁ ତଳ ମୁଣ୍ଡକୁ ପାଣି ପହଞ୍ଚିବା ନେଇ ଚାଷୀଙ୍କ ମଧ୍ୟରେ ଆଶଙ୍କା ପ୍ରକାଶ ପାଇଛି।

## କାଉଡ଼ିଆଙ୍କୁ ପ୍ରସାଦ ବଣ୍ଟନ

**ବୌଦ୍ଧ, ୨୦।୭ (ସମିସ):** ବୌଦ୍ଧ ଜିଲ୍ଲା ଔଷଧ ବ୍ୟବସାୟୀ ସଂଘ ଆନୁକୂଲ୍ୟରେ ରବିବାର ସନ୍ଧ୍ୟାରେ ବୌଦ୍ଧ ବ୍ଲକ ଖୁଣ୍ଟବନ୍ଧ ପଞ୍ଚାୟତ ଜହ୍ନାପଙ୍କ ବସଷ୍ଟାଣ୍ଡରେ ବିଭିନ୍ନ ସ୍ଥାନରୁ ଆସିଥିବା କାଉଡିଆଙ୍କୁ ପ୍ରସାଦ ବଣ୍ଟନ କରାଯାଇଥିଲା। ଶ୍ରାବଣ ମାସର ଦ୍ୱିତୀୟ ସୋମବାର ଲାଗି ଐତିହାସିକ ଚାରିଶମ୍ଭୁ ପୀଠରେ ଜଳ ଲାଗି ସହ ସହ କାଉଡିଆଙ୍କ ସମାଗମ ହୋଇଛି। ସଂଘର ସଭାପତି ଗିରିଧାରୀ ଲାଲ ଅଗ୍ରୱାଲ, ସମ୍ପାଦକ ପ୍ରାଣବନ୍ଧୁ ପ୍ରଧାନଙ୍କ ତତ୍ତ୍ୱାବଧାନରେ ପ୍ରମୋଦ ସାହୁ, ପ୍ରଶାନ୍ତ ଜେନା, ସତ୍ୟ ପାଣିଗ୍ରାହୀ, ଦେବ ନାରାୟଣ ପ୍ରଧାନ, ସତରାମ ଜେନା, ସୁନିତ ସାହୁ, ଶାନ୍ତନୁ ଜେନା, ସୁଜିତ ବେହେରା, ନାରାୟଣ ମେହେର, ଶୁଚିସ୍ମିତା ସାହୁ, ସୁରଜ ଅଗ୍ରୱାଲ, କୃଷ୍ଣ ମୋହନ ସାହୁ, ମନରଞ୍ଜନ ପୁରୋହିତ ପ୍ରମୁଖ ସହଯୋଗ କରିଥିଲେ। ପ୍ରସାଦ ବଣ୍ଟନ ସହ ପ୍ରାଥମିକ ଚିକିତ୍ସାର ସୁବିଧା କରାଯାଇଥିଲା।

## ଗୌରଚରଣ ପଣ୍ଡାଙ୍କ ଶ୍ରାଦ୍ଧ ବାର୍ଷିକୀ ଉପଲକ୍ଷେ କବିତା ପାଠ

**ବୀରମହାରାଜପୁର, ୨୦।୭ (ସମିସ):** ସପ୍ତଦୀପା ସାହିତ୍ୟ ସଂସଦର ବରିଷ୍ଠ ସଦସ୍ୟ ସ୍ୱର୍ଗତ ଗୌର ଚରଣ ପଣ୍ଡାଙ୍କ ବାର୍ଷିକ ଶ୍ରାଦ୍ଧ ଦିବସ ଉପଲକ୍ଷେ ତାଙ୍କ ଗ୍ରାମ ଜଗନ୍ନାଥ ପାଲିଠାରେ ସଂସଦର ୧୨୧ତମ ସାରସ୍ୱତ ଆସର ରବିବାର ଅନୁଷ୍ଠିତ ହୋଇଯାଇଛି। ଏହି ସମାବେଶରେ ପୁସ୍ତକ ପ୍ରକାଶକ ନନ୍ଦକାହ୍ନା ପୁଝାରୀ, ଶୁଭେନ୍ଦୁ ମେହେର, ବିଶ୍ୱଭୂଷଣ ହୋତା ପ୍ରମୁଖ ଅତିଥି ଭାବରେ ଯୋଗ ଦେଇଥିଲେ। କବୟିତ୍ରୀ ନିବେଦିତା ପାଢ଼ୀ ସ୍ୱାଗତ ଜଣାଇବା ସହିତ ସ୍ୱର୍ଗତ ପଣ୍ଡାଙ୍କ ସ୍ମୃତି ଚାରଣ କରିଥିଲେ। ଅନିରୁଦ୍ଧ କୁରୁକୁରିଆଙ୍କ ସଂଯୋଜନାରେ ଶ୍ୟାମ ଗୋପାଳ ହୋତା, ଅଦିତି ପୁରୋହିତ, ବଳରାମ ଦାସ, ସୁନନ୍ଦା ରାଣୀ ପଣ୍ଡା, ଗିରିବାଳା ଚାନ୍ଦ, ଅନିତା ପୁରୋହିତ, ଝିଲି ରାଣୀ ପାଢ଼ୀ, ବୈଜୟନ୍ତୀ ପୁରୋହିତ ପ୍ରମୁଖ କବିତା ଆବୃତ୍ତି କରିଥିଲେ। ଶତରୂପା ପୁଝାରୀ, ସୁଧାଂଶୁ ପାଢ଼ୀ, ଅମିତ୍ ପୁରୋହିତ, ମାଧବୀ ପଣ୍ଡା, ଆଦିତ୍ୟ ପୁରୋହିତ ପ୍ରମୁଖ ସହଯୋଗ କରିଥିଲେ।

## ନୂଆପଡ଼ା ଜିଲ୍ଲାର ୧୦ହାଇସ୍କୁଲ କଲେଜକୁ ଉନ୍ନୀତ

**ନୂଆପଡ଼ା, ୨୦।୭ (ସମିସ):** ଉଚ୍ଚ ମାଧ୍ୟମିକ ଶିକ୍ଷା ବିଭାଗ ଅନୁମୋଦନ କ୍ରମେ ନୂଆପଡ଼ା ଜିଲ୍ଲାର ୧୦ଟି ହାଇସ୍କୁଲ କଲେଜ (ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ) କୁ ଉନ୍ନୀତ ହୋଇଛି। ନୂଆପଡ଼ା ବ୍ଲକର ସାରାବଙ୍ଗ, କୋମନା ବ୍ଲକର ଭେଲା, ଛତା, ସଲଙ୍ଗୀପଡ଼ା ଏବଂ ବାଞ୍ଜିବାହାଲ ହାଇସ୍କୁଲ କଲେଜକୁ ଉନ୍ନୀତ ହୋଇଛି। ସେହିଭଳି ଖଡ଼ିଆଳ ବ୍ଲକର ଲାଞ୍ଜି, ବୋଡେନ ବ୍ଲକର ଲର୍କା, ସିନାପାଲି ବ୍ଲକର ସିଙ୍ଗଝର, ନୀଳଜି, ପଟେଲପଡ଼ା ହାଇସ୍କୁଲ ମଧ କଲେଜକୁ ଉନ୍ନୀତ ହୋଇଛି।

### ସ୍ତ୍ରୀକୁ ଗୁଳି ମାରିବା ଘଟଣା

## ଅଭିଯୁକ୍ତ ସ୍ୱାମୀ କୋର୍ଟ ଚାଲାଣ; ବେଆଇନ ବନ୍ଧୁକ ରଖିଥିବା ବ୍ୟକ୍ତିକୁ ଛାଡ଼ିଦେଲା ପୁଲିସ



**ପାଟଣାଗଡ଼, ୨୦।୭ (ସମିସ):** ବଲାଙ୍ଗିର ଜିଲ୍ଲା ପାଟଣାଗଡ଼ ଥାନା ଚୁଲାଦୋରୋ ଗାଁରେ ଶନିବାର ପ୍ରହଲ୍ଲାଦ ମଲ୍ଲିକ ସାମାନ୍ୟ ବଚସାକୁ ନେଇ ତାଙ୍କ ସ୍ତ୍ରୀ ନିର ମଲ୍ଲିକକୁ ଗୁଳି ମାରିବା ଘଟଣାରେ ହଇଚଇ ସୃଷ୍ଟି କରିଛି। ଏହି ଗଟଣାରେ ପାଟଣାଗଡ଼ ପୁଲିସ ହତ୍ୟା ଉଦ୍ୟମ ଓ ବେଆଇନ ବନ୍ଧୁକ ରଖିବା ଅଭିଯୋଗ ରେ ଏକ ମାମଲା ରୁଜୁକରି ରବିବାର ଅଭିଯୁକ୍ତ ପ୍ରହଲ୍ଲାଦ ମଲ୍ଲିକକୁ କୋର୍ଟ ଚାଲାଣ କରିଛି। ଜାମିନ ନାମଞ୍ଜୁର ହେବାରୁ ଅଭିଯୁକ୍ତକୁ ବିଚାର ବିଭାଗୀୟ ହାଜତକୁ ପଠାଇ ଦିଆଯାଇଥିବା ଜଣାପଡ଼ିଛି। ତେବେ ଏହି ଘଟଣାରେ ପ୍ରହଲ୍ଲାଦ ଗାଁର ଶତ୍ରୁଘନ ବରିହାଠାରୁ ବନ୍ଧୁକ ଆଣିଥିବା ଅଭିଯୋଗ ହୋଇଥିଲା। କିନ୍ତୁ ପୁଲିସ କେବଳ ସ୍ୱାମୀ ପ୍ରହଲ୍ଲାଦକୁ ଗିରଫ କରିଥିବାବେଳେ ବନ୍ଧୁକଟି ଗାଁର ଶତ୍ରୁଘନ ବରିହାର ହୋଇଥିବାବେଳେ ତାଙ୍କୁ ତଦନ୍ତ ପରିସରଭୁକ୍ତ ମଧ କରାଯାଇନାହିଁ। ଏଥିରେ ପୁଲିସର ଭୂମିକାକୁ ନେଇ ସନ୍ଦେହ ସୃଷ୍ଟି ପ୍ରକାଶ ପାଇଛି। ସୂଚନାନୁସାରେ ପାଟଣାଗଡ଼ ଥାନା ବାଲିପଟା ପଞ୍ଚାୟତ ଚୁଲାଦୋରୋ ଗାଁର ପ୍ରହଲ୍ଲାଦ ମଲ୍ଲିକ (୩୬) ଶନିବାର ବାଲିପଟା ସ୍ଥିତ ଚାଷ ଜମିରେ ପଲ୍ହା ଜଗାଇବା କାମ କରିଥିଲେ। ସେଠାରେ ଜଣେ ଶ୍ରମିକଙ୍କ ସହ ମଦ୍ୟପାନ କରିଥିଲେ। ପରେ କାମ ସାରି ଅଘରକୁ ଫେରିଥିଲେ। ସ୍ତ୍ରୀ ନିର ମଲ୍ଲିକ (୩୧) କୁ ଖାଇବାକୁ ଦେବା ପାଇଁ କହିଥିଲେ। ସ୍ତ୍ରୀ ନିର ଭାତ ସହ ତିଅଣ ଖାଇବାକୁ ଦେଇଥିଲେ। ସ୍ୱାମୀ ହଠାତ ତିଅଣ କୁ ଦେଖି ରାଗିଯାଇଥିଲେ। ଏଭଳି ତିଅଣ କରିଛୁ କହି ଗାଳିଗୁଲଜ କରିଥିଲେ। ପରେ ବଚସା ବଢ଼ିଯାଇଥିଲା। ହଠାତ ସ୍ୱଘରେ ଥିବା ଏକ ବନ୍ଧୁକ ଆଣି ସ୍ତ୍ରୀର ଛାତିକୁ ଗୁଳି ମାରିଦେଇଥିଲେ। ସ୍ତ୍ରୀ ଚିତ୍କାର କରିବାରୁ ପଡୋଶୀ ଆସି ସଙ୍ଗେ ସଙ୍ଗେ ପାଟଣାଗଡ଼ ଡାକ୍ତରଖାନାରେ ଭର୍ତ୍ତି କରିଥିଲେ।

## ଅତିରିକ୍ତ ଜିଲ୍ଲାପାଳ, ଉପ ଜିଲ୍ଲାପାଳଙ୍କ ବିଭିନ୍ନ ବୁଥ୍ ପରିଦର୍ଶନ



**ବୌଦ୍ଧ, ୨୦।୭ (ସମିସ):** ଅତିରିକ୍ତ ଜିଲ୍ଲା ନିର୍ବାଚନ ଅଧିକାରୀ ତଥା ଅତିରିକ୍ତ ଜିଲ୍ଲାପାଳ ଅନିରୁଦ୍ଧ ପଧାନ ଏବଂ ବୌଦ୍ଧ ନିର୍ବାଚନ ମଣ୍ଡଳୀର ରିଟର୍ଣ୍ଣି ଅଫସର ତଥା ଉପ ଜିଲ୍ଲାପାଳ ପ୍ରବୀଣ ବାଣୁଆ ବୌଦ୍ଧ ନିର୍ବାଚନ ମଣ୍ଡଳୀର ବିଭିନ୍ନ ବୁଥ୍ ପରିଦର୍ଶନ କରିଛନ୍ତି। ଉଭୟ ଅଧିକାରୀ ବୌଦ୍ଧ ଏନଏସି ଅଧୀନ ଖଲିଆ ବଗିଚା, ହରଭଙ୍ଗା ବ୍ଲକର ବାମଣ୍ଡା, ମଥୁରା, ରାଧନଗର, ପିପଲକଟା, ରତନପୁର୍ ଏବଂ ବୌଦ୍ଧ ବ୍ଲକର ଖୁଣ୍ଟବନ୍ଧ, ବୁରକଟା, ଲକ୍ଷ୍ମୀପ୍ରସାଦ ଆଦି ବୁଥ୍ ପରିଦର୍ଶନ କରିଛନ୍ତି।

## ଦୁର୍ଘଟଣାରେ ମୃତକଙ୍କ ପରିବାରକୁ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ୮ ଲକ୍ଷ ଟଙ୍କାର ସହାୟତା

**ବୌଦ୍ଧ, ୨୦।୭ (ସମିସ):** ବୌଦ୍ଧ ଜିଲା ବଘିଆପଡ଼ା ଫାଣ୍ଡି ଅଧୀନ ଗଣ୍ଡିସର (ବାରପୁଡା ଛକ) ରେ ଗତ ମଇ ୨୭ ତାରିଖ ଦୁଇ ବାଇକ ମଧ୍ୟରେ ମୁହାଁମୁହିଁ ଧକ୍କା ଫଳରେ ଏକ ଆଦିବାସୀ ପରିବାରର ବାପ ଝିଅଙ୍କ ମୃତ୍ୟୁ ଘଟିଛି। ଟିକରପଡ଼ା ପଞ୍ଚାୟତର ଚରିଆପାଲି ଗ୍ରାମର ଗଜେନ୍ଦ୍ର ମଲିକ (୩୨) ତାଙ୍କ ପତ୍ନୀ ଓ ଛୋଟ ଛୋଟ ୩ ଝିଅକୁ ନେଇ ଶଳା ବାହାଘର ସାରି ନିଜ ଘରକୁ ବାଇକ ଯୋଗେ ଫେରୁଥିଲେ। ବାରପୁଡାଛକଠାରେ ସାମ୍ନାରୁ ଆସୁଥିବା ଏକ ବାଇକ ସହ ମୁହାଁମୁହଁ ଧକ୍କା ହୋଇଥିଲା। ଘଟଣା ସ୍ଥଳରେ ଗଜେନ୍ଦ୍ର ଓ ତାଙ୍କ ୬ ବର୍ଷର ଝିଅ ଲିପସାର ମୃତ୍ୟୁ ଘଟିଥିଲା। ଏହି ଘଟଣାରେ ପରିବାରକୁ ୪ ଲକ୍ଷ ଟଙ୍କା ଲେଖାଏଁ ସହାୟତା ପ୍ରଦାନ କରିବାକୁ ଘୋଷଣା କରାଯାଇଥିଲା। ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ଏହି ସହାୟତା ପ୍ରଦାନ କରାଯାଇଛି। ଉପଜିଲ୍ଲାପାଳ ପ୍ରବୀଣ ବାଣୁଆ, ଅତିରିକ୍ତ ତହସିଲଦାର ମହମ୍ମଦ ରାଜେ ରସୁଲ ଓ କୁମଦଚନ୍ଦ୍ର ଦଳବେହେରା ଚରିଆପାଲିରେ ପହଞ୍ଚି ଏହି ସହାୟତା ରାଶିର ଚେକ୍ ପ୍ରଦାନ କରିଛନ୍ତି।

## ପ୍ରଶାସନିକ ବ୍ୟାଡମିଣ୍ଟନ ପ୍ରତିଯୋଗିତା

**ନୂଆପଡ଼ା, ୨୦।୭ (ସମିସ):** ନୂଆପଡ଼ା ଇନଡୋର ଷ୍ଟାଡିୟମରେ ପ୍ରଶାସନିକ ବ୍ୟାଡମିଣ୍ଟନ ପ୍ରତିଯୋଗିତା ଆୟୋଜିତ ହୋଇଯାଇଛି। ଏହି ପ୍ରତିଯୋଗିତାକୁ ଜିଲ୍ଲାପାଳମଧୁସୂଦନଦାଶ ଏବଂ ଏସପିଜି.ଆର.ରାଘବେନ୍ଦ୍ର ଉଦଘାଟନ କରିଥିଲେ। ଡବଲ୍ସରେ ୧୬ ପ୍ରଶାସନିକ ଅଧିକାରୀ ଦଳ ଭାଗ ନେଇଥିଲେ। ଫାଇନାଲରେ ଜିଲ୍ଲାପାଳ, ଆରକ୍ଷୀ ଅଧିକ୍ଷକ ଏବଂ ଲୋୟର ଇନ୍ଦ୍ର ଜଳ ସେଚନ ପ୍ରକଳ୍ପ ଅଧିକାରୀ ତଥା ସହଯୋଗୀ ଖେଳାଳିଙ୍କ ଦଳ ଫାଇନାଲକୁ ପ୍ରବେଶ କରିଥିଲେ। ଫାଇନାଲ ଲୋୟର ଇନ୍ଦ୍ର ଜଳ ସେଚନ ପ୍ରକଳ୍ପ ଅଧିକାରୀ ସୌମ୍ୟ କିଶୋର ଜୟପୁରିଆ ଓ ଆଲୋକ ପାତ୍ର ବିଜେତା ହୋଇଥିଲେ। ଜିଲ୍ଲାପାଳ ଓ ଆରକ୍ଷୀ ଅଧିକ୍ଷକଙ୍କ ଦଳ ଉପବିଜେତା ହୋଇଥିଲେ। ମିକ୍ସଡ ଡବଲ୍ସରେ ୬ ଜିଲ୍ଲାସ୍ତରୀୟ ପ୍ରଶାସନିକ ଦଳ ଭାଗ ନେଇଥିଲେ। ଫାଇନାଲରେ ଆରକ୍ଷୀ ଅଧିକ୍ଷକ ଜି. ଆର. ରାଘବେନ୍ଦ୍ର ଓ ଗୋଷ୍ଠୀ ଉନ୍ନୟନ ଅଧିକାରୀ ସିନାପାଲି କର୍ମୀ ଓରାମ ବିଜେତା ହୋଇଥିଲେ। ଜିଲ୍ଲା କ୍ରୀଡ଼ା ଅଧିକାରୀ ରାଜେନ୍ଦ୍ର ପ୍ରସାଦ ବଡ଼ାଇ ଓ ଅତିରିକ୍ତ କୋଷାଗାର ଅଧିକାରୀ ମଧୁସ୍ମିତା ପରିଜା ଉପ ବିଜେତା ହୋଇଥିଲେ। କୃତୀ ପ୍ରତିଯୋଗୀଙ୍କୁ ଜିଲ୍ଲାପାଳ ମଧୁସୂଦନ ଦାଶ, ଆରକ୍ଷୀ ଅଧିକ୍ଷକ ଜି. ଆର. ରାଘବେନ୍ଦ୍ର, ମୁଖ୍ୟ ଉନ୍ନୟନ ଅଧିକାରୀ ଲମ୍ବୋଦର ଧରୁଆ, ଉପ ଜିଲ୍ଲାପାଳ ରମି ସୋରେନ ପ୍ରମୁଖ ପୁରସ୍କୃତ କରିଥିଲେ। ଶିବପ୍ରସାଦ ସ୍ୱାଇଁ ଧନ୍ୟବାଦ ଅର୍ପଣ କରିଥିଲେ।

### ବୌଦ୍ଧ-ନୟାଗଡ଼ ଜିଲ୍ଲାକୁ ସଂଯୋଗ କରୁଥିବା ରାସ୍ତା ମରଣଯନ୍ତା

## ବିକାଶର ଗତି ତଳମୁହାଁ

**ବୌଦ୍ଧ, ୨୦।୭ (ସମିସ):** ବିକାଶରେ ବଣପାହାଡ଼ ସହ ରାସ୍ତା ବାଧକ ସାଜିଛି। ବୌଦ୍ଧ ଜିଲ୍ଲା ହରଭଙ୍ଗା ବ୍ଲକ ଉପାନ୍ତ ଭାବପୁର ଛକଠାରୁ ଗେରିଡି ସାହି ପ୍ରାୟ ୧୦ କିଲୋମିଟର ରାସ୍ତା ଏବେ ମରଣ ଯନ୍ତା ପାଲଟିଛି।





ଏହି ରାସ୍ତା ଖାଲଖମା ସହ କାଦୁଅ ପଚ ପଚ ରାସ୍ତା। ଏଣୁ ଚାଲି ଚାଲି ଯିବା ମଧ ଅସମ୍ଭବ। ଏହି ରାସ୍ତା ଉପରେ ବୌଦ୍ଧ ଜିଲ୍ଲା ହରଭଙ୍ଗା ବ୍ଲକର ୧୪ଖଣ୍ଡ ଗ୍ରାମର ଜଙ୍ଗଲ ଅଧିବାସୀ ନିର୍ଭର କରନ୍ତି। ପ୍ରତ୍ୟକ ଦିନ କୁସଙ୍ଗ ବଜାରକୁ ଏହି ରାସ୍ତା ଦେଇ ଲୋକେ ନିତ୍ୟ ବ୍ୟବହାର୍ଯ୍ୟ ଚାଉଳ, ଡାଲି, ଲୁଣ, ତେଲ ପାଇଁ ଯାଇଥାନ୍ତି। ଏହାସହ ବ୍ୟାଙ୍କ, ସ୍କୁଲକଲେଜ ସହ ପଞ୍ଚାୟତ, ଚାରିଛକ ବ୍ଲକ, ଥାନାକୁ ଯିବାକୁ ଏହି ରାସ୍ତା ମାଧ୍ୟମ। ଅବଶ୍ୟ ନୂତନ ସରକାର ଆସିଲା ପରେ ଏହିରାସ୍ତା କୁଜି ନେତା ମାନଙ୍କ ଭାତ ହାଣ୍ଡି ସାଜିଛି। ତେବେ ଏହି ରାସ୍ତା ବୌଦ୍ଧ ଜିଲ୍ଲାରୁ ନୟାଗଡ଼ ଜିଲ୍ଲାକୁ ସଂଯୋଗ କରୁଛି। ଏଣୁ ଏହାର ଢେର ଗୁରୁତ୍ୱ ରହିଛି। ପ୍ରତିଦିନ ଶହ ଶହ ଗାଡି ଏହି ରାସ୍ତା ଦେଇ ଯିବା ଆସିବା କରୁଛି। ଆଜି ପର୍ଯ୍ୟନ୍ତ କିନ୍ତୁ ରାସ୍ତା ଅବସ୍ଥା ସୁଧୁରିଲାନି। ଅନ୍ୟପଟେ ଏହିରାସ୍ତା

### ସୁଧୁରୁନି ବନବାସୀଙ୍କ ସମସ୍ୟା

ଦେଇ ବ୍ଲକର ଭାବପୁର, ମୁତୁରି ବଣିଆଁ, ହାତୀଗଡ଼, ଘୁଙ୍ଗୁରୁପଡ଼ା, ନୂଆପଡ଼ା, ସେମିଗୁଡା, ପଦ୍ମତୋଳା, ଧୂବାସାହି, ଶ୍ରୀପାଜୁ, ତଇଲା ସାହି, ଗେରିଡିସାହି, ବାଙ୍କଝରି, ଦୁଇସିଙ୍ଗ ଭଳି ଗ୍ରାମବାସୀ ଚଳ ପ୍ରଚଳ କରୁଛନ୍ତି। ସ୍ୱାଧୀନତାର ୭୬ ବର୍ଷ ପରେ ବି ରାସ୍ତା ସମସ୍ୟା ସୁଧୁରୁନାହିଁ ବୋଲି ଭାବିଲେ ଆଶ୍ଚର୍ଯ୍ୟ ଲାଗୁଛି। ତୁରନ୍ତ ରାସ୍ତା ସମସ୍ୟା ସମାଧାନ ନ କଲେ ରାସ୍ତାରୋକ କରିବା ପାଇଁ ଗୋରେଖ ବେହେରା, ପ୍ରଦୀପ ଗୁରୁ, ବସନ୍ତ କହ୍ନର, ସୁଧୀର ସାମଲ, ଜୟନ୍ତ ଦେହୁରୀ, ନାରଣ ଦେହୁରୀ, ଜନକ ବେହେରା, ରାଜୀବ ଧଳ ପ୍ରଦୀପ ସାହୁ, ସୁମନ୍ତ ସାହୁ ପ୍ରମୁଖ ଚେତାବନୀ ଦେଇଛନ୍ତି। ତେବେ ଏହି ରାସ୍ତା ଭଳି ହରଭଙ୍ଗା ବ୍ଲକର ଅଧିକାଂଶ ଗ୍ରାମରେ ରାସ୍ତା ସମସ୍ୟା ଲାଗି ରହିଛି। ବର୍ଷାଦିନ ଆସିଲେ ଲୋକଙ୍କ ସମସ୍ୟା ବଢ଼ିଯାଉଛି। କାଦୁଅ ପଚ ପଚ ଯୋଗୁଁ ଯିବା ଆସିବା ପାଇଁ ଲୋକେ ବହୁତ ସମସ୍ୟାରେ ପଡୁଛନ୍ତି। ଧର୍ମନଗର, ବିଶିପାଲି, ବାଲିପଟା ସାହି, ସୁରୁଣ୍ଡୀ ସାହି ରାସ୍ତା ସମତେ ୫୦ରୁ ଅଧିକ ଗାଁର ରାସ୍ତା ଅତି ଦୟନୀୟ ଅବସ୍ଥାରେ ଅଛି। ତେବେ ଏ ବାବଦରେ ହରଭଙ୍ଗା ବିଡିଓ ଶରଚ୍ଚନ୍ଦ୍ର ସେଠିଙ୍କୁ ପଚାରିବାରୁ ଏ ବାବଦରେ ପ୍ରଶାସନ ଅବଗତ ଅଛି। ଖୁବ ଶୀଘ୍ର ଏ ଦିଗରେ ପଦକ୍ଷେପ ନିଆଯିବ ବୋଲି କହିଛନ୍ତି।

### ସାହାଣି କପ୍ ଫୁଟ୍‌ବଲ୍ ପଞ୍ଚମ ଦିନ

# ବଲାଙ୍ଗୀର ବିଜୟୀ: ବୌଦ୍ଧ-କନ୍ଧମାଳ ମ୍ୟାଚ୍ ଡ୍ର



ବୌଦ୍ଧ, ୨୦।୭ (ସମିସ)

ବୌଦ୍ଧ ଜୋନ୍‌ସ୍ତରୀୟ ୬୪ତମ ଆନ୍ତଃ ଜିଲ୍ଲା ସାହାଣି କପ୍ ଫୁଟବଲ୍ ଟୁର୍ଣ୍ଣାମେଣ୍ଟ ପଞ୍ଚମ ଦିନରେ ଗ୍ରୁପ 'ବି'ର ପ୍ରଥମ ମ୍ୟାଚ ନୂଆପଡ଼ା ଓ ବଲାଙ୍ଗୀର ମଧ୍ୟରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ବଲାଙ୍ଗୀର ଦଳ ୩-୧ ଗୋଲ୍‌ରେ ବିଜୟୀ ହୋଇଛି। ପ୍ରଥମାର୍ଦ୍ଧରେ ଖେଳ ଆରମ୍ଭର ୨ମିନିଟରେ ବଲାଙ୍ଗୀରର ପ୍ରଭାକର ମାଝୀ ଗୋଟିଏ ଓ ନୂଆପଡ଼ାର ବଳଭଦ୍ର ମାଝୀ ୪୦ ମିନିଟରେ ଗୋଟିଏ ଗୋଲ୍ ଦେଇ ଖେଳକୁ ସମାନ୍ତର ରଖିଥିଲେ। ଦ୍ୱିତୀୟାର୍ଦ୍ଧରେ ଖେଳର ୯୦ ମିନିଟରେ ବଲାଙ୍ଗୀରର ସମ୍ବିତ ନାଏକ ଗୋଟିଏ ଓ ନରେଶ ଧାନ୍ ଗୋଟିଏ ଗୋଲ୍ କରି ଦଳକୁ ବିଜୟୀ କରିଥିଲେ। ପ୍ରଥମ ମ୍ୟାଚରେ ମୁଖ୍ୟ ରେଫରୀ ଭାବେ ସଲୀଳ ବେହେରା ମ୍ୟାଚ ପରିଚାଳନା କରିଥିବା ବେଳେ ଲାଇନରେ ସୂର୍ଯ୍ୟ ନାରାୟଣ ମିର୍ଦ୍ଧା ଓ ଅମିତ ନାଏକ ସହାୟତା କରିଥିଲେ। ଚତୁର୍ଥ ରେଫରୀ ଭାବେ ଜିତେନ୍ଦ୍ରୀୟ ଥନାପତି ଦାୟିତ୍ୱ ତୁଲାଇଥିଲେ। ବଲାଙ୍ଗୀର ଦଳର ସମ୍ବିତ ନାୟକଙ୍କୁ ମ୍ୟାନ ଅଫ୍ ଦି ମ୍ୟାଚ ଟ୍ରଫି ପ୍ରଦାନ କରାଯାଇଥିଲା। ସେହିପରି ଦ୍ୱିତୀୟ ମ୍ୟାଚ ବୌଦ୍ଧ ଓ କନ୍ଧମାଳ ମଧ୍ୟରେ ଅନୁଷ୍ଠିତ ହୋଇଥିଲା। ମ୍ୟାଚ ସଂଘର୍ଷପୂର୍ଣ୍ଣ ଥିବାବେଳେ ଖେଳ ଶେଷସୁଦ୍ଧା କେହି କାହାରିକୁ ଗୋଲ୍ ଦେଇ ନ ଥିଲେ। ଏହା ଫଳରେ ଉଭୟ ଦଳକୁ ୧-୧ ପଏଣ୍ଟ ଦିଆଯାଇଥିଲା। ଦ୍ୱିତୀୟ ମ୍ୟାଚରେ ଅତିଥି ଭାବେ ଚାଟାର୍ଡ ଆକାଉଣ୍ଟାଣ୍ଟ ସୁନ୍ଦର ପ୍ରକାଶ ଅଗ୍ରୱାଲ, ଜିଲ୍ଲା ଉନ୍ନୟନ ପରିଷଦର ସଭାପତି ଚିତ୍ତ ରଞ୍ଜନ ଦାଶ, କନ୍ଧମାଳ ଜିଲ୍ଲା ଆଥ୍‌ଲେଟିକ ଆସୋସିଏସନ ସମ୍ପାଦକ ଶିବ ପ୍ରାସାଦ ତ୍ରିପାଠୀ, ଡେପୁଟି କଲେକ୍ଟର ଶୁଭେନ୍ଦୁ ଜେନା ଯୋଗ ଦେଇଥିଲେ। ଦ୍ୱିତୀୟ ମ୍ୟାଚକୁ ମୁଖ୍ୟ ରେଫରୀ ଭାବେ ମନୋଜ ନାଏକ ପରିଚାଳନା କରିଥିବା ବେଳେ ଲାଇନରେ ସୋମନାଥ ମୁର୍ମୁ ଓ ଧନେଶ୍ୱର ସର୍ଦ୍ଦାର ସହାୟତା କରିଥିଲେ। ସେହିପରି ଚତୁର୍ଥ ରେଫରୀ ଭାବେ ସଞ୍ଜନ କୁଦେଇ ଦାୟିତ୍ୱ ତୁଲାଇଥିଲେ। ମ୍ୟାନ ଅଫ୍ ଦି ମ୍ୟାଚ ଭାବେ କନ୍ଧମାଳର ହରିଶଙ୍କର ନାଏକଙ୍କୁ ଟ୍ରଫି ପ୍ରଦାନ କରାଯାଇଥିଲା। ଉଭୟ ମ୍ୟାଚକୁ ମ୍ୟାଚ କମିଶନର ଭାବେ ଦୁର୍ଗାମାଧବ ନାୟକ ପରିଚାଳନା କରିଥିଲେ।

## ୭୫ ଚେସ୍ ଖେଳାଳି ସମ୍ବର୍ଦ୍ଧିତ



**ବୌଦ୍ଧ, ୨୦।୭ (ସମିସ):** ବୌଦ୍ଧ ସେଣ୍ଟ ଜାଭିଅର ପବ୍ଲିକ ସ୍କୁଲରେ ଅନ୍ତର୍ଜାତୀୟ ଚେସ୍ ଦିବସ ପାଳିତ ହୋଇଛି। ବୌଦ୍ଧ ଜିଲ୍ଲା ଚେସ ଆସୋସିଏସନ ଆନୁକୂଲ୍ୟରେ ଏହି କାର୍ଯ୍ୟକ୍ରମ ଅଲ ଓଡ଼ିଶା ଚେସ ଆସୋସିଏସନ ଉପ ସଭାପତି ତଥା ବୌଦ୍ଧ ଜିଲ୍ଲା ଚେସ ଆସୋସିଏସନ ସମ୍ପାଦକ ଶଙ୍କର ପ୍ରସାଦ ମିଶ୍ରଙ୍କ ପୌରାହିତ୍ୟରେ ପାଳିତ ହୋଇଥିଲା। ଏହି ଅବସରରେ ଚଳିତ ମାସ ୧୫ରୁ ବୌଦ୍ଧ ସେଣ୍ଟ ଜାଭିଅର ପବ୍ଲିକ ସ୍କୁଲରେ ଆୟୋଜିତ ହୋଇଥିବା ଚେସ୍ କୋଚିଂ କ୍ୟାମ୍ପ ସମାପନ ହୋଇଛି। କ୍ୟାମ୍ପରେ ଭାଗ ନେଇଥିବା ବିଦ୍ୟାଳୟର ୪୦ ଜଣ ଛାତ୍ରୀ ଏବଂ ୩୫ ଜଣ ଛାତ୍ରଙ୍କୁ ମାନପତ୍ର ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା। ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ରିତାକାନ୍ତି ବଳିୟାର ସିଂହ, ଦୈନିକ ହୀରାଞ୍ଚଳର ସମ୍ପାଦକ ଯୁଗଳ କିଶୋର ସାମଲ, ସହକାରୀ ଜିଲ୍ଲା ସଂସ୍କୃତି ଅଧିକାରୀ ଅକ୍ରୁର ଯାନୀ, ସେଣ୍ଟ ଜାଭିୟର ପବ୍ଲିକ ସ୍କୁଲର ଅଧ୍ୟକ୍ଷା ସସ୍ମିତା ସେନାପତି, ବୌଦ୍ଧ ଜିଲ୍ଲା ଚେସ ଆସୋସିଏସନର ସଭାପତି ରଜନୀକାନ୍ତ ଦାଶ, ବୌଦ୍ଧ ଜିଲ୍ଲା ଚେସ ଆସୋସିଏସନ କୋଷାଧକ୍ଷ ନିରୋଜ ମେହେର ଯୋଗ ଦେଇଥିଲେ। ସେଣ୍ଟ ଜାଭିଅର ପବ୍ଲିକ ସ୍କୁଲ ଶିକ୍ଷୟିତ୍ରୀ ଅନିଶା ମାଝୀ ସ୍ୱାଗତ ଭାଷଣ ପ୍ରଦାନ କରିଥିଥିଲେ। ଆୟୁଷ ଅଙ୍କିତ ଦାନୀ ସହଯୋଗ କରିଥିଲେ। ପୂର୍ବତନ ଚେସ ଖେଳାଳି ରଜନୀକାନ୍ତ ଦାଶ ଏବଂ ଚେସ କୋଚ ସନ୍ତୋଷ ସାହୁଙ୍କୁ ମଧ ସମ୍ବର୍ଦ୍ଧିତ କରାଯାଇଥିଲା। ଅଗଷ୍ଟ ୧୪ରୁ ୧୮ ତାରିଖ ପର୍ଯ୍ୟନ୍ତ ବୌଦ୍ଧ ସେଣ୍ଟ ଜାଭିଅର ପବ୍ଲିକ ସ୍କୁଲରେ ୬୫ ତମ ଷ୍ଟେଟ ସିନିଅର ଫିଡେ ରେଟିଂ ଚେସ ଚାମ୍ପିୟନସିପ-୨୦୨୫ ଅନୁଷ୍ଠିତ ହେବ ବୋଲି ରାଜ୍ୟ ଉପ ସଭାପତି ଶଙ୍କର ପ୍ରସାଦ ମିଶ୍ର ସୂଚନା ଦେଇଛନ୍ତି; ଯେଉଁଥିରେ ୧ ଲକ୍ଷ ଟଙ୍କା ପୁରସ୍କାର ରାଶି ପ୍ରଦାନ କରାଯିବ।

ସକାଳ
THE SAKALA



## ନାବାଳିକାଙ୍କୁ ଜିଅନ୍ତା ଜାଳିଦେବା ଘଟଣା

# ବଲଙ୍ଗା ଥାନା ଘେରିଲା ବିଜେଡି




ବଲଙ୍ଗା, ୨୦।୭ (ସମିସ): ବଲଙ୍ଗା ଥାନା ଅଞ୍ଚଳର ଜଣେ ନାବାଳିକାଙ୍କ ଦେହରେ ୩ ଦୁର୍ବୃତ୍ତ ନିଆଁ ଲଗାଇଦେବା ଘଟଣାରେ ଆଜି ବିଜେଡି ବଲଙ୍ଗା ଥାନା ଘେରାଉ କରିଛି। ବିଜେଡିର ପୁରୀ ଜିଲ୍ଲା ସଭାପତି ଉମାକାନ୍ତ ସାମନ୍ତରାୟ, ବିଜେଡି ନେତା ପ୍ରଦୀପ ମାଝୀ, ନିମାପଡ଼ା ବିଜେଡି ବିଧାୟକ ପ୍ରାର୍ଥୀ ଦିଲ୍ଲୀପ ନାୟକ, ସୁବ୍ରତ ଛାଟୋଇ, ରୁଦ୍ରପ୍ରସାଦ ମହାରଥୀ, ଟୁକୁନୀ ସାହୁ, ଲେଖାଶ୍ରୀ ସାମନ୍ତରାୟ, ରାଜଶ୍ରୀ ମଲ୍ଲିକ ପ୍ରମୁଖଙ୍କ ନେତୃତ୍ୱରେ ୧ ହଜାରରୁ ଊର୍ଦ୍ଧ୍ୱ କର୍ମୀ ବଲଙ୍ଗା ଥାନାକୁ ଘେରାଉ କରିଥିଲେ। କିଛି ବିଜେଡି ନେତା ଓ କର୍ମୀ ଥାନା ଭିତରକୁ ଧସେଇ ପଶିବାକୁ ଉଦ୍ୟମ କରିବାରୁ ପୁଲିସ୍ ସହ ସେମାନଙ୍କ ଧସ୍ତାଧସ୍ତି ହୋଇଥିଲା। ପୁଲିସ୍ ଥାନା ଗେଟ୍‌କୁ ତାଲା ପକାଇ ଦେବାରୁ ନେତା ଓ କର୍ମୀମାନେ ଥାନା ବାହାରେ ଧାରଣା ଦେଇଥିଲେ। ପରେ ବିଜେଡି କର୍ମୀମାନେ ବିଜେପି ସରକାରଙ୍କ ବିରୋଧରେ ନାରାବାଜି କରିବା ସହ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଓ ଉଚ୍ଚଶିକ୍ଷା ମନ୍ତ୍ରୀ ସୂରଜ ସୂର୍ଯ୍ୟବଂଶୀଙ୍କ ଇସ୍ତଫା ଦାବି କରି ଥାନା ଆଗରେ ସେମାନଙ୍କ କୁଶପୁତ୍ତଳିକା ଦାହ କରିଥିଲେ।

■ ମୁଖ୍ୟମନ୍ତ୍ରୀ, ଉପମୁଖ୍ୟମନ୍ତ୍ରୀ ଓ ଉଚ୍ଚଶିକ୍ଷା ମନ୍ତ୍ରୀଙ୍କ ଇସ୍ତଫା ଦାବି ଓ କୁଶପୁତ୍ତଳିକା ଦାହ
■ ବିଜେଡି କର୍ମୀ ଓ ପୁଲିସ ମୁହାଁମୁହିଁ

ସୂଚନାନୁଯାୟୀ, କର୍ମୀମାନେ ବଲଙ୍ଗା ବଜାରରୁ ଏକ ରାଲିରେ ଥାନା ନିକଟକୁ ଯାଇଥିଲେ। ଏହି ଅବସରରେ ଦଳ ପକ୍ଷରୁ ଅଭିଯୋଗ କରାଯାଇଥିଲା ଯେ ଘଟଣାକୁ ୨୪ଘଣ୍ଟାରୁ ଊର୍ଦ୍ଧ୍ୱ ସମୟ ବିତିଥିଲେ ହେଁ ପୁଲିସ୍ ଏ ପର୍ଯ୍ୟନ୍ତ କାହାରିକୁ ଗିରଫ କରିବା ତ ଦୂରର କଥା, ଅଭିଯୁକ୍ତମାନଙ୍କୁ ଚିହ୍ନଟ କରିପାରିନାହିଁ। ପୁଲିସ୍ ଖାଲି ଅନ୍ଧାରରେ ବାଡ଼ି ବୁଲାଉଛି। ବିଜେଡି ନେତ୍ରୀ ଲେଖାଶ୍ରୀ ସାମନ୍ତସିଂହାର କହିଥିଲେ ଯେ ରାଜ୍ୟରେ ବିଜେପି ସରକାରର ଅପାରଗତା ଯୋଗୁଁ ଗତ ୧ ବର୍ଷ ମଧ୍ୟରେ ୩ ହଜାରରୁ ଊର୍ଦ୍ଧ୍ୱ ମହିଳା ନିର୍ଯାତନାର ଶିକାର ହୋଇ ପ୍ରାଣ ହରାଇଲେଣି। ପ୍ରତିଦିନ ନାରୀ ଅତ୍ୟାଚାରର ଶିକାର ହେଉଛି। ବିଜେଡି ନେତା ପ୍ରଦୀପ ମାଝୀ କହିଛନ୍ତି, ବାଲେଶ୍ୱର ଏଫ୍‌ଏମ୍ ଛାତ୍ରୀ ଆତ୍ମାହୁତି ଘଟଣାକୁ ଦିନ କେଇଟା ବିତିନଥିବା ବେଳେ ବଲଙ୍ଗାରେ ଏଭଳି ଅଭାବନୀୟ ଘଟଣା ପାଇଁ ରାଜ୍ୟ ସରକାର ସମ୍ପୂର୍ଣ୍ଣ ରୂପେ ଦାୟୀ। ଆସନ୍ତା ୪୮ ଘଣ୍ଟା ମଧ୍ୟରେ ପୁଲିସ୍ ଅଭିଯୁକ୍ତମାନଙ୍କୁ ନ ଧରିଲେ, ଭୁବନେଶ୍ୱରରେ ରାଜରାସ୍ତାକୁ ଅଚଳ କରାଯିବ ବୋଲି ଦଳ ଚେତାବନୀ ଦେଇଛି।

ଅପରପକ୍ଷେ, ଏହି ଘଟଣାରେ ବଲଙ୍ଗା ପୁଲିସ ସନ୍ଦେହରେ ୩ ଜଣଙ୍କୁ ଥାନାକୁ ଉଠାଇ ଆଣି ପଚରାଉଚରା କରୁଛି।

## ବଲଙ୍ଗା ଥାନାରେ ପିସିସି ପ୍ରତିନିଧି ଦଳ

ବଲଙ୍ଗା, ୨୦।୭ (ସମିସ): ବଲଙ୍ଗା ନାବାଳିକାକୁ ଜାଳିଦେବା ଘଟଣାକୁ ୨୪ ଘଣ୍ଟା ବିତିଯାଇଥିଲେ ମଧ୍ୟ ଅପରାଧୀଙ୍କ କୌଣସି ସୁରାକ୍ ମିଳି ନଥିବାରୁ କଂଗ୍ରେସ ଉଦ୍‌ବେଗ ପ୍ରକାଶ କରିଛି। ଏହି ପରିପ୍ରେକ୍ଷୀରେ ଆଜି ପ୍ରଦେଶ କଂଗ୍ରେସ କମିଟି (ପିସିସି)ର ଏକ ପ୍ରତିନିଧି ଦଳ ବଲଙ୍ଗା ଥାନା ପରିଦର୍ଶନ କରି ତଦନ୍ତର ଅଗ୍ରଗତି ସଂପର୍କରେ ପଚାରି ବୁଝିଛନ୍ତି। ଏହାସହ ଅଭିଯୁକ୍ତମାନଙ୍କୁ ଶୀଘ୍ର ଧରିବା ସହ ତ୍ୱରିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି କରିଛନ୍ତି। ଏହି ପ୍ରତିନିଧି ଦଳରେ ପିସିସି ମୁଖପାତ୍ର ନିଶିକାନ୍ତ ମିଶ୍ରଙ୍କ ନେତୃତ୍ୱରେ ସଂଖ୍ୟାଲଘୁ ରାଜ୍ୟ ସାଧାରଣ ସମ୍ପାଦକ ସେକ୍ ମେହେବୁବା, ପିପିଲି ବ୍ଲକ୍ କଂଗ୍ରେସ ସଭାପତି ବିଶ୍ୱରଞ୍ଜନ ମିଶ୍ର ପ୍ରମୁଖ ସାମିଲ ଥିଲେ। ଅପରପକ୍ଷେ, ଖୁବ୍‌ଶୀଘ୍ର ପିସିସି ସଭାପତି ବଲଙ୍ଗା ଆସିବେ ବୋଲି ଶ୍ରୀ ମିଶ୍ର ଏକ ପ୍ରେସ୍ ବିଜ୍ଞପ୍ତିରେ ସୂଚନା ଦେଇଛନ୍ତି।

■ ବିଜେଡି ପ୍ରତିନିଧିଙ୍କୁ ଫେରାଦ ହେଲେ ମହିଳା

## ‘ମୋ ଝିଅ ୪୫ ଦିନ ହେଲା ନିଖୋଜ ଅଛି’

ପୁରୀ, ୨୦।୭ (ସମିସ): ବଲଙ୍ଗାରେ ପୁଣି ଜଣେ ମହିଳା ନ୍ୟାୟ ପାଇଁ ଗୁହାରି ହୋଇଛନ୍ତି। ରବିବାର ବିଜେଡି ପ୍ରତିନିଧି ଦଳ ପୀଡ଼ିତା ନାବାଳିକାଙ୍କୁ ଜାଳିଦେବାକୁ ଉଦ୍ୟମ କରିଥିବା ଅଭିଯୁକ୍ତଙ୍କୁ ଗିରଫ ଦାବିରେ ବଲଙ୍ଗା ଥାନା ଆଗରେ ବିକ୍ଷୋଭ କରିଥିଲେ। ଏହି ସମୟରେ ସମ୍ପୃକ୍ତା ମହିଳା ବିଜେଡି ମହିଳା ପ୍ରତିନିଧିଙ୍କୁ ତାଙ୍କ ଝିଅକୁ ଫେରାଇ ଆଣିବା ଲାଗି ବ୍ୟବସ୍ଥା କରିବା ପାଇଁ ଗୁହାରି କରିଥିଲେ। ୪୫ଦିନ ହେଲାଣି ତାଙ୍କର ୧୭ବର୍ଷୀୟା ଝିଅ କେଉଁଆଡ଼େ ନିଖୋଜ ହୋଇଯାଇଛି। ଏନେଇ ବଲଙ୍ଗା ଥାନାରେ ସେମାନେ ଲିଖିତ ଭାବେ ଜଣାଇଥିଲେ। ପୁଲିସ ଆଶ୍ୱାସନା ଦେଉଥିଲେ ହେଁ ଏ ପର୍ଯ୍ୟନ୍ତ ତାଙ୍କ ଝିଅ ଫେରିନାହିଁ। ପୁଲିସ ତାଙ୍କ କଥା ଶୁଣୁନଥିବା ମହିଳା ଅଭିଯୋଗ କରିଛନ୍ତି।

# ସ୍ଥିତି ସମୀକ୍ଷା କଲେ ପୁଲିସ୍ ଡିଜି

## ପୀଡ଼ିତାଙ୍କ ଘର ଓ ଘଟଣାସ୍ଥଳ ପରିଦର୍ଶନ କଲେ



■ ଦୁଃଖୀଶ୍ୟାମଙ୍କ ସମେତ ଅନ୍ୟମାନଙ୍କୁ ପଚାରି ବୁଝିଲେ
■ ବଲଙ୍ଗା ଥାନାରେ ୨ ଘଣ୍ଟାରୁ ଊର୍ଦ୍ଧ୍ୱ ରୁଦ୍ଧଦ୍ୱାର ବୈଠକ

ବଲଙ୍ଗା/ପୁରୀ, ୨୦।୭(ସମିସ): ପୁଲିସ ମହାନିର୍ଦ୍ଦେଶକ ୱାଇ.ବି. ଖୁରାନିଆ ଆଜି ବଲଙ୍ଗା ଗସ୍ତ କରି ପୀଡ଼ିତାଙ୍କ ଘର ଓ ଘଟଣାସ୍ଥଳ ପରିଦର୍ଶନ କରିଛନ୍ତି। ସେଦିନ ପୀଡ଼ିତା କେଉଁ ରାସ୍ତା ଦେଇ ଯାଇଥିଲା, କେଉଁଠାରେ ଏହି ଅଘଟଣ ଘଟିଥିଲା ଏବଂ ନିଆଁ ଲାଗିବା ପରେ ସେ କେଉଁ ରାସ୍ତା ଦେଇ ଯାଇଥିଲା, ତାହାର ଛାନ୍‌ଭିନ୍ କରିଛନ୍ତି।

ନାବାଳିକାକୁ ପ୍ରଥମେ ଅର୍ଦ୍ଧଦଗ୍ଧ ଅବସ୍ଥାରେ ଉଦ୍ଧାର କରିଥିବା ଦୁଃଖୀଶ୍ୟାମ ସେନାପତିଙ୍କ ଘରକୁ ମଧ୍ୟ ଡିଜି ଯାଇ ତାଙ୍କଠାରୁ ତଥ୍ୟ ସଂଗ୍ରହ କରିଥିଲେ। ପରେ ଡିଜି ପୀଡ଼ିତାଙ୍କ ଘରକୁ ଯାଇଥିଲେ। ସେଠାରେ ତାଙ୍କ ପଡ଼ୋଶୀଙ୍କୁ ମଧ୍ୟ ପଚରାଉଚରା କରିଥିଲେ। କେବଳ ସେତିକି ନୁହେଁ, ବରଂ ତଦନ୍ତ ପ୍ରକ୍ରିୟା କେତେ ବାଟ ଯାଇଛି ଓ ଆଉ କ’ଣ କରାଯିବ ଏବଂ ଅଭିଯୁକ୍ତଙ୍କୁ କିପରି ଧରାଯିବ; ସେ ନେଇ ବଲଙ୍ଗା ଥାନାରେ ପ୍ରାୟ ୨ ଘଣ୍ଟାରୁ ଊର୍ଦ୍ଧ୍ୱ ରୁଦ୍ଧଦ୍ୱାର ବୈଠକ କରିଥିଲେ।

ପରେ ଗଣମାଧ୍ୟମ ସମ୍ମୁଖରେ ପ୍ରତିକ୍ରିୟା ରଖି ପୁଲିସ ଡିଜି ଶ୍ରୀ ଖୁରାନିଆ କହିଥିଲେ, ରବିବାର ଷ୍ଟେଟ୍ ଫରେନ୍‌ସିକ୍ ସାଇନ୍ସ ଟିମ୍ ଏବଂ ଏମ୍ସର ଫରେନ୍‌ସିକ୍ ମେଡିସିନ ଟିମ୍ ଘଟଣାସ୍ଥଳ ପରିଦର୍ଶନ କରିଛନ୍ତି। ସେମାନେ ଘଟଣାର ପୁଙ୍ଖାନୁପୁଙ୍ଖ ଭାବେ ଅନୁଧ୍ୟାନ କରିଛନ୍ତି। ପୁଲିସ ପାଖରେ କିଛି ତଥ୍ୟ ପହଞ୍ଚିଛି। ଅଧିକ ତଥ୍ୟ ସଂଗ୍ରହ କରାଯାଉଛି। ତଦନ୍ତ ଏକ ସମ୍ବେଦନଶୀଳସ୍ତରରେ ପହଞ୍ଚିଛି। ତେଣୁ ଅଧିକ କିଛି କହିବା ଏବେ ଠିକ୍ ନୁହେଁ। ଯଦି କିଛି ସର୍ବସାଧାରଣରେ କହିବାର ଥିବ, ନିଶ୍ଚିତ ପୁଲିସ ଜଣାଇବ ବୋଲି କହିଛନ୍ତି। ଏହି ସମସ୍ତ କାର୍ଯ୍ୟକ୍ରମରେ ଡିଜିପିଙ୍କ ସହ କେନ୍ଦ୍ରାଞ୍ଚଳ ଆଇଜି ପ୍ରବୀଣ କୁମାର, ପୁରୀ ଏସ୍‌ପି ପିନାକ ମିଶ୍ର, ଅତିକ୍ତ ଏସ୍‌ପି, ପିପିଲି ଡିଏସ୍‌ପି ଓ ପୁରୀ ଜିଲ୍ଲାର ବିଭିନ୍ନ ଥାନାର ଅଧିକାରୀ ଉପସ୍ଥିତ ରହିଥିଲେ।

## ଆଜିଠୁ ସଂସଦର ମୌସୁମୀ ଅଧିବେଶନ

# ଏକାଧିକ ରାଜ୍ୟସ୍ୱାର୍ଥ ପ୍ରସଙ୍ଗ ଉତ୍ଥାପନ କରିବ ବିଜେଡି

ଭୁବନେଶ୍ୱର,୨୦।୭ (ସମିସ): ଆସନ୍ତାକାଲିଠାରୁ ସଂସଦର ମୌସୁମୀ ଅଧିବେଶନ ଆରମ୍ଭ ହେବାକୁ ଯାଉଛି। ଅଧିବେଶନରେ ରାଜ୍ୟସ୍ୱାର୍ଥ ସମ୍ବଳିତ ଏକାଧିକ ପ୍ରସଙ୍ଗକୁ ଦୃଢ଼ ଭାବେ ଉତ୍ଥାପନ କରିବାକୁ ବିଜେଡି ନିଷ୍ପତ୍ତି ନେଇଛି। ବିଶେଷକରି ରାଜ୍ୟରେ ବର୍ତ୍ତମାନ ନାରୀ ଏବଂ ଶିଶୁ ଉତ୍ପୀଡ଼ନ, ନିର୍ଯାତନା ପ୍ରମୁଖ ପ୍ରସଙ୍ଗ ପାଲଟିଥିବା ବେଳେ ଏହାକୁ ବିଜେଡି ମୁଖ୍ୟ ପ୍ରସଙ୍ଗ କରିବ। ଡବଲ ଇଞ୍ଜିନ ସରକାରରେ ରାଜ୍ୟରେ ଦୁଷ୍କର୍ମ ମାମଲାରେ ବୃଦ୍ଧି ରାଜ୍ୟ ପାଇଁ ଲଜ୍ଜା ଆଣୁଥିବା ବେଳେ ଏନେଇ ଦଳ ନିଜ ସ୍ୱରକୁ ଶାଣିତ କରିବ। ଏହାବ୍ୟତୀତ ଓଡ଼ିଶାକୁ ସ୍ୱତନ୍ତ୍ର ରାଜ୍ୟ ପାହ୍ୟା ମାନ୍ୟତା, ମହାନଦୀ ଓ ପୋଲାଭରମ୍ ବିବାଦ, ଉପକୂଳ ରାଜପଥ, କୋଇଲା ରାଜଭାଗ ବୃଦ୍ଧି ଦାବି, ରେଳ, ମୋବାଇଲ ଏବଂ ବ୍ୟାଙ୍କିଙ୍ଗ ସୁବିଧା ବୃଦ୍ଧି ସହ ଚାଷୀଙ୍କୁ ମିଳୁଥିବା ଏମ୍‌ଏସ୍‌ପିକୁ ଦୁଇଗୁଣା କରିବାକୁ ଦଳ ଦାବି କରିବ ବୋଲି ରାଜ୍ୟସଭାରେ ବିଜେଡି ସଂସଦୀୟ ଦଳ ନେତା ଡ. ସସ୍ମିତ ପାତ୍ର ସୂଚନା ଦେଇଛନ୍ତି।

ଡ. ପାତ୍ର କହିଛନ୍ତି ଯେ ଆସନ୍ତା ମୌସୁମୀ ଅଧିବେଶନରେ ରାଜ୍ୟରେ ବିଗୁଡୁଥିବା ଆଇନଶୃଙ୍ଖଳା ସ୍ଥିତି ପ୍ରମୁଖ ପ୍ରସଙ୍ଗ ପାଲଟିବ। ବିଜେପି ସରକାରରେ ଆଇନଶୃଙ୍ଖଳା ସ୍ଥିତି ଭୁଶୁଡ଼ି ପଡ଼ିଥିବା ବେଳେ ମହିଳା ଓ ଶିଶୁଙ୍କ ବିରୋଧରେ ଜଘନ୍ୟ ଅପରାଧର ସଂଖ୍ୟା ଦିନକୁ ଦିନ ବୃଦ୍ଧି ପାଉଛି। ନିକଟରେ ବାଲେଶ୍ୱରରେ ଜଣେ ଛାତ୍ରୀ ପ୍ରଶାସନ, ସରକାରଙ୍କ ପାଖରୁ ନ୍ୟାୟ ନ ପାଇ ନିଜକୁ ଜାଳିଦେବା ସାରା ଦେଶରେ ଆଲୋଡ଼ନ ସୃଷ୍ଟି କରିଛି। ଛାତ୍ରୀଜଣକ ଏବିଭିପିର ସକ୍ରିୟ ସଦସ୍ୟ ହୋଇଥିଲେ ହେଁ ତାଙ୍କୁ କୌଣସି ନ୍ୟାୟ ମିଳିଲା ନାହିଁ। କେବଳ ଏତିକି ନୁହେଁ; ଶୁକ୍ରବାର ପୁରୀ ଜିଲ୍ଲା ବଲଙ୍ଗା ଅଞ୍ଚଳରେ ଜଣେ ୧୫ ବର୍ଷୀୟ ନାବାଳିକାକୁ ମଧ୍ୟ କେତେକ ଦୁର୍ବୃତ୍ତ କିରୋସିନ ଢାଳି ଜାଳି ଦେବାକୁ ଉଦ୍ୟମ କରିଛନ୍ତି। ୨୦ ଦିନ ପୂର୍ବେ ଗୋପାଳପୁର ବେଳାଭୂମିରେ ମଧ ଜଣେ ଛାତ୍ରୀଙ୍କୁ ଗଣଦୁଷ୍କର୍ମ ଘଟଣା ସାରା ଦେଶରେ ଆଲୋଡ଼ନ ସୃଷ୍ଟି କରିଥିଲା। ଏସବୁ ଘଟଣା ରାଜ୍ୟର ଗୁରୁତର ଆଇନଶୃଙ୍ଖଳା ସ୍ଥିତିକୁ ଦର୍ଶାଉଛି। ଏସବୁ ପ୍ରସଙ୍ଗକୁ ଦଳ ସଂସଦରେ ଦୃଢ଼ ସ୍ୱରରେ ଉତ୍ଥାପନ କରିବ ବୋଲି ଡ. ପାତ୍ର କହିଛନ୍ତି।

■ ରାଜ୍ୟରେ ମହିଳା ଓ ଶିଶୁଙ୍କ ଉତ୍ପୀଡ଼ନକୁ ପ୍ରମୁଖ ପ୍ରସଙ୍ଗ କରିବ ଦଳ
■ କୋଇଲା ରାଜଭାଗ ବୃଦ୍ଧି, ସ୍ୱତନ୍ତ୍ର ପାହ୍ୟା ରାଜ୍ୟ ଦାବି ଦୋହରାଇବ
■ ଉପକୂଳ ରାଜପଥ ସମ୍ପର୍କରେ ସ୍ୱର ଶାଣିତ କରିବେ ଦଳୀୟ ସାଂସଦ

ଏହାବ୍ୟତୀତ ଓଡ଼ିଶା ଦୀର୍ଘ ବର୍ଷ ଧରି କୋଇଲା ରାଜଭାଗ ବୃଦ୍ଧି ଦାବି କରି ଆସୁଛି। ମାତ୍ର କେନ୍ଦ୍ର ସରକାର ଓଡ଼ିଶାର ଏହି ନ୍ୟାଯ୍ୟ ଦାବି ପ୍ରତି ଆଖିବୁଜି ଦେଇଛନ୍ତି। ସେହିପରି ମହାନଦୀ, ପୋଲାଭରମ୍ ଘଟଣାରେ ଓଡ଼ିଶାର ସ୍ୱାର୍ଥ ଗୁରୁତର ଭାବେ ପ୍ରଭାବିତ ହେବାକୁ ଥିବାବେଳେ ଏନେଇ ବିଜେଡି ଲଗାତାର ଭାବେ ନିଜ ସ୍ୱର ଉତ୍ତୋଳନ କରି ଆସିଛି। ମୌସୁମୀ ଅଧିବେଶନରେ ଦଳର ସାଂସଦ ଏସବୁ ପ୍ରସଙ୍ଗକୁ ନେଇ ଗୃହରେ ନିଜର ପକ୍ଷ ଦୃଢ଼ ଭାବରେ ଉପସ୍ଥାପନ କରିବେ। ସେହିପରି ରାଜ୍ୟରେ ରେଳସେବାଠାରୁ ଆରମ୍ଭ କରି ମୋବାଇଲ ନେଟ୍‌ୱାର୍କ, ବ୍ୟାଙ୍କିଙ୍ଗ ସେବା ପରିସର ବୃଦ୍ଧି ଦାବି ନେଇ ଦଳ ସ୍ୱର ଶାଣିତ କରିବ ବୋଲି ଡ. ପାତ୍ର ସୂଚନା ଦେଇଛନ୍ତି।

## ଯୁବୋଦୟ ଆଚିଭର୍ସ ମିଟ୍‌ରେ ପ୍ରତିଭା ସମ୍ମାନ

# ସମର୍ପଣ ଭାବ ନେଇ ରାଷ୍ଟ୍ର ନିର୍ମାଣରେ ବ୍ରତୀ ହୁଅନ୍ତୁ ଯୁବ ପ୍ରତିଭା



ବଲାଙ୍ଗିର,୨୦।୭(ସମିସ): ଆଜି ସମୟ ଆସିଛି ନିଜର ମେଧା, ପ୍ରତିଭା ଓ ଉଦ୍‌ଯୋଗକୁ ଦେଶଗଠନ ଓ ରାଷ୍ଟ୍ର ନିର୍ମାଣରେ ବିନିଯୋଗ କରି ଏକ ଜାତୀୟ କର୍ତ୍ତବ୍ୟର ସମ୍ପାଦନ କରିବା। ପ୍ରତିଭାଦୀପ୍ତ ତରୁଣ ଓ ଯୁବବର୍ଗଙ୍କ ସମର୍ପଣ ଭାରତକୁ ବିଶ୍ୱର ଅଦ୍ୱିତୀୟ ରାଷ୍ଟ୍ରରେ ରୂପାନ୍ତରିତ କରିବ ବୋଲି ଯୁବୋଦୟ ପକ୍ଷରୁ ଆୟୋଜିତ ଆଚିଭର୍ସ ମିଟ୍ ସମାବେଶରେ ଅତିଥିମାନେ ଯୋଗଦେଇ ମତବ୍ୟକ୍ତ କରିଥିଲେ। ରାଜ୍ୟର ପ୍ରତିଭା ସୃଷ୍ଟିକାରୀ ବିଶ୍ୱସନୀୟ ଶିକ୍ଷାନୁଷ୍ଠାନ ଯୁବୋଦୟ ଆନୁକୂଲ୍ୟରେ ନିଟ୍ ଓ ଜେଇଇ - ୨୦୨୫ର ସଫଳ ଛାତ୍ରଛାତ୍ରୀମାନଙ୍କୁ ସମ୍ବର୍ଦ୍ଧନା ପ୍ରଦାନ ଉଦ୍ଦେଶ୍ୟରେ ଏହି କାର୍ଯ୍ୟକ୍ରମ ଭୁବନେଶ୍ୱରସ୍ଥିତ ସୋଆ ବିଶ୍ୱବିଦ୍ୟାଳୟ ପରିସରରେ ଆୟୋଜିତ ହୋଇଥିଲା। ଯୁବୋଦୟରେ ପ୍ରଶିକ୍ଷଣ ନେଇ ଆଶାତୀତ ସଫଳତା ହାସଲ କରିଥିବା କୃତୀ ଶିକ୍ଷାର୍ଥୀମାନଙ୍କୁ ଚଳିତବର୍ଷ ସର୍ବଭାରତୀୟ ପ୍ରବେଶିକା ପରୀକ୍ଷା ନିଟ୍ ଓ ଜେଇଇ -୨୦୨୫ରେ କୃତୀତ୍ୱ ପାଇଁ ଏହି ସମ୍ବର୍ଦ୍ଧନା ପ୍ରଦାନ କରାଯାଇଥିଲା। ଯୁବୋଦୟର ଅଧ୍ୟକ୍ଷ ତଥା ସମାଜସେବୀ ଓ ସାରସ୍ୱତ ସାଧକ ଅଭିରାମ ଦାଶଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଜାତୀୟ ମାନବାଧିକାର ଆୟୋଗର ସଭ୍ୟ ନ୍ୟାୟମୂର୍ତ୍ତି ଡ. ବିଦ୍ୟୁତ ରଞ୍ଜନ ଷଡ଼ଙ୍ଗୀ, ଆର୍ନ୍ତଜାତୀୟ ସ୍ନାୟୁ ଶୈଲ୍ୟ ବିଶେଷଜ୍ଞ ପ୍ରଫେସର ଡ. ଅଶୋକ ମହାପାତ୍ର, ହୃଦ୍‌ରୋଗ ବିଶେଷଜ୍ଞ ପ୍ରଫେସର ଡ. ଶିଶୁଶଙ୍କର ମିଶ୍ର, ପୂର୍ବତନ ରାଷ୍ଟ୍ରଦୂତ ସଞ୍ଜୟ ପଣ୍ଡା ପ୍ରମୁଖ ଅତିଥି ଭାବେ ଯୋଗଦେଇଥିଲେ। ଯୁବୋଦୟ ନିର୍ଦ୍ଦେଶକ ତଥା ବିଶିଷ୍ଟ ଶିକ୍ଷା ଉଦ୍ୟୋଗୀ ଅମ୍ବରିଶ ଦାଶ ସ୍ୱାଗତଭାଷଣ ଦେଇ ଯୁବୋଦୟର କାର୍ଯ୍ୟଧାରା ଓ ନିଷ୍ଠାପର ଶିକ୍ଷା ସେବା ସମ୍ବନ୍ଧରେ ସୂଚନା ଦେଇଥିଲେ। ଚଳିତବର୍ଷ ନିଟ୍ ଓ ଜେଇଇ ପ୍ରବେଶିକା ପରୀକ୍ଷାରେ ଆଶାତୀତ ସଫଳତା ପାଇଥିବା ଛାତ୍ରଛାତ୍ରୀଙ୍କୁ ସେମାନଙ୍କ ଅଭିଭାବକଙ୍କ ସହ ସମ୍ବର୍ଦ୍ଧିତ କରାଯାଇଥିଲା। ପରେ ପରେ ବିଗତ ବର୍ଷରେ ମେଡିକାଲ ପ୍ରବେଶିକା ପରୀକ୍ଷାରେ କୃତୀତ୍ୱ ଅର୍ଜନ କରି ସଂପ୍ରତି ଦେଶର ବିଭିନ୍ନ ମେଡିକାଲ କଲେଜରେ ଅଧ୍ୟୟନ କରୁଥିବା ପୁରାତନ ଛାତ୍ରଛାତ୍ରୀଙ୍କୁ ମଧ୍ୟ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଥିଲା। ଡାକ୍ତରୀ ଶିକ୍ଷା, ଇଞ୍ଜିନିୟରିଂ ଅଧ୍ୟୟନ ଓ ବୈଷୟିକ ଶିକ୍ଷା ପାଇଁ ଯୁବୋଦୟ ଏକ ପ୍ରୟୋଗଶାଳା ବୋଲି ଅଭିହିତ କରି ଅତିଥିମାନେ ନିର୍ଦ୍ଦେଶକ ଶ୍ରୀ ଦାସଙ୍କୁ ପ୍ରଶଂସା କରିଥିଲେ। ଅଧ୍ୟାପକ ଡ. ମୃତ୍ୟୁଞ୍ଜୟ ରଥ ମଞ୍ଚ ପରିଚାଳନା ସହ ଧନ୍ୟବାଦ ଦେଇଥିଲେ। ଅତିଥି ଓ ବିଭିନ୍ନ ବର୍ଗର ବ୍ୟକ୍ତିମାନେ ଯୋଗଦେଇ ଯୁବୋଦୟର ପୁରାତନ ଛାତ୍ରଛାତ୍ରୀ ଆଚିଭର୍ସମାନଙ୍କ ସହ ଭାବ ବିନିମୟ କରିଥିଲେ।

# ଟାଟା ପାୱାର ପାଇଁ ବଢ଼ିଲା ଅଡୁଆ

## ସେବାର ମାନ ନେଇ ସାଧାରଣ ଲୋକଙ୍କଠାରୁ ମତାମତ ଲୋଡ଼ିଲେ କମିଶନ

ଭୁବନେଶ୍ୱର,୨୦।୭ (ସମିସ): ରାଜ୍ୟରେ ବିଜୁଳି ବିତରଣ ଦାୟିତ୍ୱରେ ଥିବା ଟାଟା ପାୱାରର ୪ଟି ବିତରକ କମ୍ପାନୀର ଅଡୁଆ ଆଗାମୀ ଦିନରେ ବଢ଼ିପାରେ। ଗତ ୧୫ ତାରିଖରେ ଓଇଆରସି(ଓଡ଼ିଶା ବିଦ୍ୟୁତ୍ ନିୟାମକ ଆୟୋଗ)ରେ ବିତରକ କମ୍ପାନୀର ସେବାର ମାନକୁ ନେଇ ହୋଇଥିବା ଏକ ଶୁଣାଣିରେ ଏକ ଗୁରୁତ୍ୱପୂର୍ଣ୍ଣ ମଧ୍ୟବର୍ତ୍ତୀକାଳୀନ ରାୟ ଶୁଣାଇଛନ୍ତି କମିଶନ। ରାଜ୍ୟବ୍ୟାପୀ ଟାଟା ପାୱାରର ୪ ବିତରକ କମ୍ପାନୀ କିପରି ସେବା ପ୍ରଦାନ କରୁଛନ୍ତି ଏବଂ ଏହାର ମାନ କିପରି ରହିଛି ସେନେଇ କମିଶନ ସାଧାରଣ ଲୋକ, ସଂସ୍ଥା ଏବଂ ଅଂଶୀଦାରଙ୍କ ନିକଟରୁ ମତାମତ ଆହ୍ୱାନ କରିଛନ୍ତି। ଏନେଇ କମିଶନଙ୍କ କାର୍ଯ୍ୟାଳୟ ପକ୍ଷରୁ ବିଧିବଦ୍ଧ ଭାବେ ନୋଟିସ୍ ମଧ୍ୟ ଜାରି କରାଯାଇଛି। ଆସନ୍ତା ଅଗଷ୍ଟ ୧୬ ତାରିଖ ମଧ୍ୟରେ ଇଚ୍ଛୁକ ଲୋକ ନିଜର ମତାମତ ଦାଖଲ କରିପାରିବେ ବୋଲି କମିଶନଙ୍କ କାର୍ଯ୍ୟାଳୟ ପକ୍ଷରୁ କୁହାଯାଇଛି। ରାଜ୍ୟବ୍ୟାପୀ ଟାଟା ପାୱାରର ବିଦ୍ୟୁତ୍ ବିତରଣ ସେବାକୁ ନେଇ ବିଭିନ୍ନ ସମୟରେ ଅସନ୍ତୋଷ ପ୍ରକାଶ ପାଉଥିବା ବେଳେ କମିଶନଙ୍କ ଉପରୋକ୍ତ ରାୟ ଗୁରୁତ୍ୱପୂର୍ଣ୍ଣ ବୋଲି କୁହାଯାଉଛି।

ସୂଚନାଯୋଗ୍ୟ ଯେ ରାଜ୍ୟର ବିଭିନ୍ନ ସ୍ଥାନରେ ଲୋ-ଭୋଲଟେଜ ସମସ୍ୟା, ବିଦ୍ୟୁତ୍ କାଟ୍, ଗ୍ରାହକଙ୍କଠାରୁ ଅତିରିକ୍ତ ଶୁଳ୍କ ଆଦାୟ ପରି ଅଭିଯୋଗ ନିୟମିତ ଭାବେ କମିଶନଙ୍କ ହସ୍ତଗତ ହୋଇଥିଲା। ଏହାକୁ ଗୁରୁତର ଭାବେ ନେଇ ଓଇଆରସି ନିଜ ଆଡୁ ଏକ ମାମଲା ରୁଜୁ କରିଥିଲା। ଇଲେକ୍ଟ୍ରିସିଟି ଆକ୍ଟ, ୨୦୦୩ ସହ ଅନ୍ୟ କେତେକ ଆଇନର ଉଲ୍ଲଂଘନ ଆଧାରରେ ଏହି ମାମଲା ରୁଜୁ ହୋଇଥିବା ବେଳେ ଗତ ୧୫ ତାରିଖରେ ଏହାର ଶୁଣାଣି ମଧ୍ୟ ହୋଇଥିଲା। ଶୁଣାଣିରେ ମୋଟ ୮ଟି ଅଭିଯୋଗ ହୋଇଥିବା ବେଳେ ଟାଟା ପାୱାରର ୪ଟି ବିତରକ କମ୍ପାନୀ ଯଥା ଟିପିସିଓଡିଏଲ, ଟିପିଏନଓଡିଏଲ, ଟିପିଏସଓଡିଏଲ ଏବଂ ଟିପିଡବ୍ଲ୍ୟୁଡିଏଲ ନିଜ ନିଜର ଉତ୍ତର ରଖିଥିଲେ। ଶୁଣାଣି ପରେ ନିଜ ମଧ୍ୟବର୍ତ୍ତୀକାଳୀନ ରାୟରେ ସାଧାରଣ ଲୋକଙ୍କଠାରୁ ମତାମତ ଲୋଡ଼ିଛନ୍ତି ଆୟୋଗ। ଅଭିଯୋଗକାରୀ ନିଜ ଅଭିଯୋଗ ସହ ନିଜର ହ୍ୱାଟ୍ସଆପ୍ ନମ୍ବର, ଇମେଲ ଠିକଣା ପ୍ରଦାନ କରିବାକୁ ଏଥିରେ କୁହାଯାଇଛି। ଆସନ୍ତା ଅଗଷ୍ଟ ୨୯ ତାରିଖରେ ଓଇଆରସି କାର୍ଯ୍ୟାଳୟରେ ଶୁଣାଣି ପାଇଁ ତାରିଖ ଧାର୍ଯ୍ୟ ହୋଇଥିବା ବେଳେ ସମସ୍ତ ଅଭିଯୋଗକାରୀଙ୍କୁ ଭିସି ଯୋଗେଁ ଯୋଡ଼ିହେବା ପାଇଁ ଲିଙ୍କ୍ ପଠାଯିବ।

ସୂଚନାଯୋଗ୍ୟ ଯେ ବିଦ୍ୟୁତ୍ ବିତରଣ ଦାୟିତ୍ୱରେ ଥିବା ୪ଟି ବିତରକ କମ୍ପାନୀର କାର୍ଯ୍ୟଦକ୍ଷତାକୁ ନେଇ ବିଭିନ୍ନ ସମୟରେ ପ୍ରଶ୍ନବାଚୀ ସୃଷ୍ଟି ହେଉଛି। ବିଶେଷକରି ଲୋ-ଭୋଲ୍‌ଟେଜ୍, ଅଘୋଷିତ ବିଦ୍ୟୁତ୍ କାଟ୍, ସ୍ମାର୍ଟ ମିଟର ଏବଂ ଅତିରିକ୍ତ ଶୁଳ୍କ ଆଦାୟକୁ ନେଇ ଗ୍ରାହକମାନେ ଅଭିଯୋଗ କରି ଆସୁଛନ୍ତି। ବିଶେଷକରି କମ୍ପାନୀ ଇଲେକ୍ଟ୍ରିସିଟି ଆକ୍ଟ- ୨୦୦୩ର ଧାରା ୪୩ର ଉଲ୍ଲଂଘନ କରୁଥିବା ଓଇଆର୍‌ସି ନଜରକୁ ଆସିଛି। ଏନେଇ ମାଳମାଳ ଅଭିଯୋଗ ହସ୍ତଗତ ହେବା ପରେ କମିଶନ ଏହାକୁ ଗୁରୁତ୍ୱର ସହ ନେଇଥିବା ଜଣାପଡ଼ିଛି। କେବଳ କାର୍ଯ୍ୟଦକ୍ଷତା ନୁହେଁ; ନିକଟରେ ବିଦ୍ୟୁତ୍ ବିତରକ ଟ୍ରାନ୍ସଫର୍ମର ଏବଂ ଫିଡର୍ ଲାଇନ୍‌ଗୁଡ଼ିକର ମିଟରିଂକୁ ପ୍ରାଥମିକତା ଦେବାକୁ ଟାଟା ପାୱାରର ୪ଟି ଯାକ ବିତରକ କମ୍ପାନୀକୁ ନିର୍ଦ୍ଦେଶ ଦେଇଥିଲେ। ଏକ୍ଷେତ୍ରରେ ଟାଟା ପାୱାରର ପ୍ରଦର୍ଶନକୁ ନେଇ କମିଶନ ଅସନ୍ତୋଷ ପ୍ରକାଶ କରିଥିବା ଜଣାପଡ଼ିଛି।

## ଦୁଷ୍କର୍ମ ଉଦ୍ୟମ: ଅତିରିକ୍ତ ଅଗ୍ନିଶମ ଅଧିକାରୀ ଗିରଫ

ରାୟଗଡ଼ା,୨୦।୭ (ସମିସ): ଏକ ଦୁଷ୍କର୍ମ ମାମଲାରେ ରାୟଗଡ଼ା ଦମକଳ କେନ୍ଦ୍ରର ଅତିରିକ୍ତ ଅଗ୍ନିଶମ ଅଧିକାରୀ ରମେଶ ଚନ୍ଦ୍ର ବେହେରାଙ୍କୁ ରାୟଗଡ଼ା ପୁଲିସ୍ ଗିରଫ କରିଛି। ଜଣେ ମହିଳାଙ୍କ ଅଭିଯୋଗକୁ ଆଧାର କରି



ପୁଲିସ ଏହି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି। ଅଭିଯୋଗ ଅନୁଯାୟୀ, ଦୁଇ ବର୍ଷ ହେଲା ଅତିରିକ୍ତ ଅଗ୍ନିଶମ ଅଧିକାରୀ ଶ୍ରୀ ବେହେରା ଜଣେ ବିବାହିତ ମହିଳାଙ୍କ ସହ ଶାରୀରିକ ସମ୍ପର୍କ ରଖିଥିଲେ ଏବଂ ପରେ ତାଙ୍କୁ ନିର୍ଯାତନା ଦେଇଥିଲେ। ମହିଳାଜଣଙ୍କ ଦୁଇଟି ସନ୍ତାନର ମାଆ। ତେବେ ପୂର୍ବରୁ ଉଭୟଙ୍କ ମଧ୍ୟରେ ବିବାଦ ଲାଗି ରହିଥିବା ବେଳେ ଏନେଇ ମହିଳା ଜଣକ ରବିବାର ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଡାକ୍ତରୀମାଇନା କରାଯାଇ ତାଙ୍କୁ କୋର୍ଟ ଚାଲାଣ କରାଯିବ ବୋଲି ଆଇଆଇସି ପ୍ରସନ୍ନ କୁମାର ବେହେରା କହିଛନ୍ତି।

# ପ୍ରଦୂଷଣର ପେଣ୍ଠ: ସାହାଜବାହାଲ ଜେଏସ୍‌ଡବ୍ଲ୍ୟୁ କାରଖାନା

ଇବ୍‌ଥର୍ମାଲ,୨୦।୭ (ସମିସ)

ଝାରସୁଗୁଡ଼ା ଜିଲ୍ଲା ଲଖନପୁର ବ୍ଲକ୍ କୁମ୍ଭାରବନ୍ଧ ପଞ୍ଚାୟତ ସାହାଜବାହାଲ ସ୍ଥିତ ଜେଏସ୍‌ଡବ୍ଲ୍ୟୁ ଘରୋଇ ପାୱାରପ୍ଲାଣ୍ଟ ଏବେ ଲୋକଙ୍କ ପାଇଁ ଅଭିଶାପ ପାଲଟିଛି। ଏଠାରେ ଇଣ୍ଡ ବରାଥ୍ ଉତ୍କଳ ଏନର୍ଜି ସହିତ ଏଏମ୍‌ୟୁ ସ୍ୱାକ୍ଷରିତ ହୋଇ ଇଣ୍ଡ ବରାଥ୍‌କୁ ଶାଗମାଛ ଦରରେ ଜମି ପ୍ରଦାନ କରାଗଲା। କମ୍ପାନୀ ଲୋକଙ୍କୁ ଦେଇଥିବା ପ୍ରତିଶ୍ରୁତି ପାଣି ଫୋଟକା ହେଇଥିଲା। ପରେ ଇଣ୍ଡ ବରାଥ୍ ଉତ୍କଳ ଏନର୍ଜି ଦେବାଳିଆ ଘୋଷିତ ହେବାପରେ ଜେଏସ୍‌ଡବ୍ଲ୍ୟୁ ଅଧିଗ୍ରହଣ କରିଥିଲା। କିନ୍ତୁ ଏହାପରେ ଅଞ୍ଚଳବାସୀଙ୍କ ସମସ୍ୟା ଦୂର ହେବା ପରିବର୍ତ୍ତେ ସେମାନଙ୍କ ଦୁର୍ଦ୍ଦଶା ବଢ଼ିଲା। ଏବେ ସ୍ଥାନୀୟ ଅଞ୍ଚଳରେ ନିଯୁକ୍ତି ଓ ବିକାଶ ଘର ଶୂନ ହୋଇଛି। ପ୍ଲାଣ୍ଟ ଚାଲିବା ଦିନଠାରୁ ଜେଏସ୍‌ଡବ୍ଲ୍ୟୁ ଅଞ୍ଚଳବାସୀଙ୍କୁ କେବଳ ପ୍ରଦୂଷଣ ଛଡ଼ା ଆଉ କିଛି ଦେଇନାହିଁ।

ପ୍ଲାଣ୍ଟ ଚିମିନିରୁ ପାଉଁଶ ବର୍ଷା ହେବା, ବେଆଇନ ଭାବେ ପାଉଁଶ ପରିବହନ କରିବା, ସମସ୍ୟା ନେଇ ଅଭିଯୋଗ କଲେ ପୁଲିସ ସହାୟତାରେ ଲୋକଙ୍କୁ ନାଲିଆଖି ଦେଖାଇବା, ରାସ୍ତାଘାଟରେ ପାଉଁଶ ଗଦେଇବା ଆଦି ଜେଏସ୍‌ଡବ୍ଲ୍ୟୁର ନିତିଦିନିଆଁ କାମ ହୋଇଛି। ଯୁଏସ୍‌ପି ନ ଥାଇ ପ୍ଲାଣ୍ଟ ବେଆଇନ ଭାବେ ଚିମିନି ଚଳାଉଛି। ସେହିପରି ପ୍ରଦୂଷଣ ନିୟନ୍ତ୍ରଣର ବୋର୍ଡ ନିୟମ ଅନୁସାରେ ପାଉଁଶର ସୁପରିଚାଳନା ସକାଶେ ନିଜସ୍ୱ ଆସ୍‌ପଣ୍ଡ ବା ପାଉଁଶ ପୋଖରୀ ମଧ୍ୟ କରିନାହିଁ ବରଂ ଭାରିଯାନ ଯୋଗେ ଅହରହ ବେଆଇନ ଆସ୍ ପରିବହନ କରୁଛି। ଏହାଦ୍ୱାରା ରାସ୍ତାରେ ପାଉଁଶ ପଡି ପ୍ରଦୂଷଣ ବଢ଼ିବଢ଼ି ଚାଲିଛି। ଏହି ପାଉଁଶ ପ୍ରଦୂଷଣ ଯୋଗୁ ତିଲିଆ, ରମ୍ପେଲା, କୁମ୍ଭାରବନ୍ଧ ଓ ପିପିଲିକାନି ପଞ୍ଚାୟତ ଲୋକେ ବିଶେଷ ଭାବେ ପ୍ରଭାବିତ ହେବାସହ ଚର୍ମରୋଗ, କିଡନୀ ରୋଗରେ ଆକ୍ରାନ୍ତ ହେଉଛନ୍ତି। ପ୍ଲାଣ୍ଟର ପ୍ରଦୂଷିତ ଜଳକୁ ରିସାଇକ୍ଲିଂ ନ କରି ସିଧାସଳଖ ଛାଡିଦେବା ଫଳରେ ତାହା ଯାଇ ହୀରାକୁଦ ନଦୀବନ୍ଧରେ ମିଶୁଛି। ପୁଣି ରାସ୍ତାଘାଟରେ ଗଦା ହୋଇଥିବା ପାଉଁଶ ବର୍ଷାଜଳରେ ଭାସି ଚାଷ ଜମି ନଷ୍ଟ କରିବା ସହ ଇବ ନଦୀରେ ସିଧାସଳଖ ମିଶୁଛି। ଏହିପରି ପ୍ଲାଣ୍ଟ ଦ୍ୱାରା ବାୟୁ, ଜଳ, ଜମି ଜଙ୍ଗଲ ବିଷ ବଳୟରେ ପରିଣତ ହୋଇଛି। ମଣିଷ ସହିତ ଜଳଚର ଓ ସ୍ଥଳଚର ଅନ୍ୟ ଜୀବ ମଧ୍ୟ ଏହାର କୁପରିଣାମ ଭୋଗୁଛନ୍ତି। ଏ ସଂକ୍ରାନ୍ତରେ ଅଞ୍ଚଳବାସୀ ତଥା ଆଞ୍ଚଳିକ ପରିବେଶ ସୁରକ୍ଷା କମିଟି ମୁଖ୍ୟମନ୍ତ୍ରୀଙ୍କଠାରୁ ଝାରସୁଗୁଡା ଜିଲ୍ଲାପାଳଙ୍କ ପର୍ଯ୍ୟନ୍ତ ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ହେଲେ ଜେଏସ୍‌ଡବ୍ଲ୍ୟୁ ସାହାଜବାହାଲର ମେରିରାୟ ପଲିସି ଯୋଗୁ କୌଣସି ସୁଫଳ ମିଳିନଥିବା ଅଭିଯୋଗ ହୋଇଛି। ଜିଲ୍ଲା ପ୍ରଶାସନ ଏଦିଗରେ ଦୃଷ୍ଟି ନ ଦେଲେ ଆଗାମୀ ଦିନରେ ବଡ଼ ଆନ୍ଦୋଳନ କରିବାକୁ ଅଞ୍ଚଳବାସୀ ଚେତାବନୀ ଦେଇଛନ୍ତି।

**ପାଉଁଶର ବିଷ ବଳୟ ଲୋକଙ୍କ ପାଇଁ କାଳ**
**ସ୍ଥାନୀୟ ଲୋକଙ୍କ ଆନ୍ଦୋଳନ ଚେତାବନୀ**



## ଆଜିର ରାଶିଫଳ

**ମେଷ:** ବ୍ୟବସାୟ ଆଗକୁ ବଢ଼ାଇବାକୁ ପ୍ରୟାସ କରିବେ। ପରିବାର ସଦସ୍ୟଙ୍କ ସହ ଉତ୍ତମ ବୁଝାମଣା ରହିବ। ଘରକୁ ଅତିଥି ଆସିବେ। ପୁରୁଣା ବନ୍ଧୁଙ୍କ ସହ ଦେଖାସାକ୍ଷାତ ହେବ। ଆର୍ଥିକ ସମସ୍ୟା ଦେଖା ଦେବ।

**ବୃଷ:** ଘରକୁ ନୂଆ ଜିନିଷ ଆଣିବେ। ଭାବିଚିନ୍ତି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେବେ। ଗୁରୁଜନଙ୍କ ଆଶୀର୍ବାଦ ନେବେ। ଆର୍ଥିକ କାରବାରରେ ଲାଭ ମିଳିବ। ଦୀର୍ଘଦିନର ସମସ୍ୟା ସମାଧାନ ହେବ।

**ମିଥୁନ:** ଆତ୍ମବିଶ୍ୱାସର ସହ ସମସ୍ତ କାର୍ଯ୍ୟ କରିବେ। ପରିଶ୍ରମ ଅନୁସାରେ ଫଳ ମିଳିବ। ବାଦବିବାଦରୁ ଦୂରେଇ ରହିବେ। ପ୍ରତିଯୋଗିତାମୂଳକ ପରୀକ୍ଷା ପାଇଁ ପରିଶ୍ରମ କରିବେ। ଜୀବନସାଥୀଙ୍କୁ ସମୟ ଦେବେ।

**କର୍କଟ:** ମାଂସପେଶୀ ଯନ୍ତ୍ରଣା ଅନୁଭବ କରିବେ। ଇଷ୍ଟ ଦେବଙ୍କୁ ସ୍ମରଣ କରିବେ। ସୃଜନାତ୍ମକ କାର୍ଯ୍ୟରେ ସମୟ ଅତିବାହିତ କରିବେ। କାର୍ଯ୍ୟକ୍ଷେତ୍ରରେ ସଫଳ ହେବେ। ଜମି କିଣିବା ଯୋଗ ଅଛି।

**ସିଂହ:** ଦିନଟି ହସଖୁସିରେ କଟିବ। ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦେବେ। ପ୍ରେମ ମାମଲାରେ ଦିନଟି ଭଲ। ବନ୍ଧୁଙ୍କ କଥା ଆଘାତ ଦେବ। ଗରିବ ଲୋକଙ୍କୁ ସାମର୍ଥ୍ୟ ମୁତାବକ ସାହାଯ୍ୟ କରିବେ।

**କନ୍ୟା:** ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ। ରୋଗମୁକ୍ତ ହେବେ। ପରିବାର ସଦସ୍ୟଙ୍କ ମନ ଜିଣିବେ। ନିଯୁକ୍ତିକୁ ନେଇ ଖୁସି ଖବର ମିଳିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ବ୍ୟବସାୟରେ ଲାଭ ହେବ। ପାରିବାରିକ ବିବାଦ ଦେଖା ଦେବ। ଜୀବନସାଥୀଙ୍କ ସହ ନୂଆ ସ୍ଥାନ ବୁଲିବାକୁ ଯିବେ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ। ଯାତ୍ରା ଲାଭଦାୟକ ହେବ।

**ବିଛା:** ବ୍ୟବସାୟ ବୃଦ୍ଧି ପାଇଁ ନୂଆ ଯୋଜନା କରିବେ। ସନ୍ତାନଙ୍କ ସହ ବୁଲିବାକୁ ଯିବେ। ସ୍ୱାଦିଷ୍ଟ ଖାଦ୍ୟ ଖାଇବେ। ବନ୍ଧୁମିଳନ ଯୋଗ ଅଛି। ମାଲିମକଦ୍ଦମା ଲାଗି ସମୟ ଅନୁକୂଳ ନୁହେଁ।

**ଧନୁ:** ଯୋଜନାମୁତାବକ ସମସ୍ତ କାର୍ଯ୍ୟ କରିବେ। ଚିନ୍ତାଗ୍ରସ୍ତ ରହିବେ। ଛାତ୍ରଛାତ୍ରୀ ସ୍ୱାସ୍ଥ୍ୟ ପାଇଁ ଯତ୍ନବାନ ହେବେ। ବିରୋଧୀଙ୍କଠାରୁ ଦୂରେଇ ରହିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ତିକ୍ତତା ଦେଖା ଦେବ।

**ମକର:** ଆଣ୍ଠୁଗଣ୍ଠି ସମସ୍ୟା ଦେଖା ଦେବ। ସମୟର ସଠିକ ଉପଯୋଗ କରିବେ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଉତ୍ତମ। ଯାନବାହନ ଚଳାଇବା ବେଳେ ସତର୍କତା ଅବଲମ୍ବନ କରିବେ।

**କୁମ୍ଭ:** ଭଗବାନ ଶିବଙ୍କୁ ବେଲପତ୍ର ଅର୍ପଣ କରିବେ। ପରିବାର ସଦସ୍ୟଙ୍କ ସ୍ୱାସ୍ଥ୍ୟକୁ ନେଇ ଚିନ୍ତାରେ ରହିବେ। ଅଫିସ୍‌ରେ କାର୍ଯ୍ୟଭାର କମ୍ ହେବ। ବୈବାହିକ ଜୀବନ ମଜଭୁତ୍ ହେବ।

**ମୀନ:** ଇଞ୍ଜିନିୟରିଂ କ୍ଷେତ୍ରରେ ସଫଳତା ମିଳିବ। ବନ୍ଧୁ ମିଳନ ଯୋଗ ଅଛି। ଭାଇଭଉଣୀଙ୍କ ମଧ୍ୟରେ ଝଗଡ଼ା ହେବ। ଛାତ୍ରଛାତ୍ରୀ ମନୋରଞ୍ଜନ କାର୍ଯ୍ୟରେ ସମୟ ଅତିବାହିତ କରିବେ। ଅଧିକ ଖର୍ଚ୍ଚାନ୍ତ ହେବେ।

## ଆଜିର ଇତିହାସ

- ୧୮୮୪- ପ୍ରଥମ ଟେଷ୍ଟ କ୍ରିକେଟ୍ ମ୍ୟାଚ୍ ଇଂଲଣ୍ଡର ଲର୍ଡସ୍ ମୈଦାନରେ ଖେଳାଗଲା।
- ୧୯୩୦- ବଲିଉଡ୍‌ର ଜଣାଶୁଣା ଗୀତିକାର ଆନନ୍ଦ ବକ୍ସିଙ୍କ ଜନ୍ମ।
- ୧୯୪୭- ଇଣ୍ଡୋନେସିଆରେ ପ୍ରଥମ ନିର୍ବାଚନ ଆରମ୍ଭ ହେଲା।
- ୧୯୬୩- କାଶୀ ବିଦ୍ୟାପୀଠକୁ ବିଶ୍ୱବିଦ୍ୟାଳୟର ମାନ୍ୟତା ଦିଆଗଲା।
- ୧୯୮୮- ଭାରତୀୟ ଉପଗ୍ରହ ଇନ୍‌ସ୍ୟାଟ୍-୧ସିକୁ ପ୍ରକ୍ଷେପଣ କରାଗଲା।
- ୨୦୦୭- ପ୍ରତିଭା ପାଟିଲ୍ ଭାରତର ପ୍ରଥମ ମହିଳା ରାଷ୍ଟ୍ରପତି ହେଲେ।

# ଡିଗ୍ରୀ ପିଏଚ୍‌ଡି କାମ ଫୁଡ୍ ଡେଲିଭରି

ଚୀନ୍‌ର ୩୯ ବର୍ଷୀୟ ଡିଙ୍ଗ ୟୁଆନଝାଓ ସାମାଜିକ ଗଣମାଧ୍ୟମରେ ଏବେ ଚର୍ଚ୍ଚା ସାଉଁଟୁଛନ୍ତି। ତାଙ୍କୁ ଏବେ ସବୁଠୁ ଶିକ୍ଷିତ ଡେଲିଭରି ବଏ ବୋଲି କୁହାଯାଉଛି। ସେ ଏକ ପ୍ରତିଷ୍ଠିତ ଶିକ୍ଷାନୁଷ୍ଠାନରୁ ପାଠପଢ଼ିବା ସତ୍ତ୍ୱେ ତାଙ୍କୁ ଭଲ ଚାକିରିଟିଏ ମିଳିଲା ନାହିଁ। ଫଳରେ ସେ ଏବେ ଫୁଡ୍ ଡେଲିଭରି ବଏର କାମ କରୁଛନ୍ତି। ଫିଂଘୁଆ ବିଶ୍ୱବିଦ୍ୟାଳୟରୁ ସେ ରସାୟନ ବିଜ୍ଞାନରେ ସ୍ନାତକ କରିଛନ୍ତି। ପୋକିଙ୍ଗ ବିଶ୍ୱବିଦ୍ୟାଳୟରୁ ଏନର୍ଜି ଇଞ୍ଜିନିୟରିଂରେ ମାଷ୍ଟର ଡିଗ୍ରୀ ହାସଲ କରିଛନ୍ତି। କେବଳ ସେତିକି ନୁହେଁ, ସିଙ୍ଗାପୁରର ନାନୟାଙ୍ଗ ଟେକ୍ନୋଲଜିକାଲ ୟୁନିଭର୍ସିଟିରୁ ଜୀବବିଜ୍ଞାନରେ ପିଏଚ୍‌ଡି କରିଥିବା ବେଳେ ଅକ୍ସଫୋର୍ଡ ବିଶ୍ୱବିଦ୍ୟାଳୟରୁ ସେ ଜୈବ ବିବିଧତାରେ ମଧ୍ୟ ଡିଗ୍ରୀ ହାସଲ କରିଛନ୍ତି। ଡିଙ୍ଗଙ୍କର ଏତେଗୁଡ଼ିଏ ଶିକ୍ଷାଗତ ଯୋଗ୍ୟତା ଥାଇ ମଧ୍ୟ ତାଙ୍କୁ ମନପସନ୍ଦର ଚାକିରିଟିଏ ମିଳିପାରିଲା ନାହିଁ। ସେ ଅନେକ କମ୍ପାନିକୁ ବାୟୋଡାଟା ପଠାଇ ଥିବା ବେଳେ ୧୦ରୁ ଅଧିକ ସାକ୍ଷାତକାର ମଧ୍ୟ ଦେଇଥିଲେ। ଏହାପରେ ବି ଚାକିରିରେ ତାଙ୍କୁ ସଫଳତା ମିଳିପାରିନି। ତେବେ ଡିଙ୍ଗ ସିଙ୍ଗାପୁରର ନ୍ୟାସନାଲ ୟୁନିଭର୍ସିଟିରେ କିଛି ଦିନ ପୋଷ୍ଟ ଡକ୍ଟରାଲ ଗବେଷକ ଭାବେ ମଧ୍ୟ କାମ କରିଥିଲେ। ଚୁକ୍ତିଭିତ୍ତିକ ଭାବେ ଏଥିରେ କାମ କରିବା ପରେ ଏହାର ସମୟ ଶେଷ ହୋଇଥିଲା। ସେଇଠୁ ଡିଙ୍ଗଙ୍କୁ ଶେଷରେ ଫୁଡ୍ ଡେଲିଭରିରେ କାମ କରିବାକୁ ହେଲା। ଡିଙ୍ଗ ବିଶ୍ୱାସ କରନ୍ତି ଯେ, ଚାକିରି କାହାର କେବେ ଶିକ୍ଷାଗତ ଯୋଗ୍ୟତା ଅନୁସାରେ ହୋଇ ନଥାଏ। ସେହିପରି ସେ ଫୁଡ୍ ଡେଲିଭରିକୁ ଏକ ସ୍ଥିର ଚାକିରି ବୋଲି କହିଛନ୍ତି। ଏଥିରେ ସେ ତାଙ୍କ ପରିବାର ଚଳାଇ ପାରୁଥିବା କହିଛନ୍ତି। ତାଙ୍କ ମତରେ ଏଥିରେ ପରିଶ୍ରମ କଲେ ଭଲ ରୋଜଗାର କରିବା ସମ୍ଭବ। ତା'ସହ ଏହାଦ୍ୱାରା ତାଙ୍କର ଏକପ୍ରକାର ବ୍ୟାୟାମ ବି ହୋଇଯାଉଛି। ସେ ମେଳାପି ସ୍ୱଭାବର ହୋଇ ନ ଥିବାରୁ ଟ୍ୟୁସନ୍ ମଧ୍ୟ କରିପାରିବେ ନାହିଁ ବୋଲି କହିଛନ୍ତି। ଅନ୍ୟପଟେ ଡିଙ୍ଗଙ୍କ ଏହି କାର୍ଯ୍ୟକୁ ନେଇ ସାମାଜିକ ଗଣମାଧ୍ୟମରେ ମିଶ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। କେହି କେହି ତାଙ୍କ କାର୍ଯ୍ୟକୁ ପ୍ରଶଂସା କରିଥିବାବେଳେ ଆଉ କେତେଜଣ ଯଦି ଚାକିରି ନ ମିଳୁଛି ଏତେ ପାଠ ପଢ଼ି ଲାଭ କ'ଣ ବୋଲି ପ୍ରଶ୍ନ କରିଛନ୍ତି।





## 'ଲଭ୍ ଆଣ୍ଡ ୱାର୍'
# ରଣବୀର ଓ ଭିକିଙ୍କ ମଧ୍ୟରେ ମହା ମୁକାବିଲା

ସଞ୍ଜୟ ଲୀଳା ଭଁସାଲିଙ୍କ ଡ୍ରିମ୍ ପ୍ରୋଜେକ୍ଟ 'ଲଭ୍ ଆଣ୍ଡ ୱାର୍'ରେ ରଣବୀର କପୁର, ଭିକି କୌଶଲ ଓ ଆଲିଆ ଭଟ୍ଟ ଲିଡ୍ ରୋଲରେ ଦେଖାଯିବେ। ତ୍ରିକୋଣୀୟ ପ୍ରେମ କାହାଣୀ ଉପରେ ଏହା ଆଧାରିତ ହେବ। ଏହି ଫିଲ୍ମରେ ଏକ ଜବରଦସ୍ତ ଆକ୍ସନ୍ ସିନ୍ ରହିଛି। ଏଥିରେ ଭିକି ଓ ରଣବୀର ପରସ୍ପର ସହ ଲଢୁଥିବାର ଦେଖାଯିବେ। ରଣବୀର ଓ ଭିକିଙ୍କ ମଧ୍ୟରେ ଏହି ମୁକାବିଲା ହିଁ ଫିଲ୍ମର ଆକର୍ଷଣ ସାଜିବ ବୋଲି କୁହାଯାଉଛି। ତେବେ ଏହି ସିନ୍‌କୁ ଏକ ଅଜ୍ଞାତ ସ୍ଥାନରେ ସୁଟ୍ କରାଯିବ। ଏହି ସିନ୍ ସୁଟ୍ ପାଇଁ ସେଟ୍‌କୁ ଏକ ବଡ଼ ସିନେମା ଇଭେଣ୍ଟ ଭଳି ଡିଜାଇନ୍ କରାଯିବ। ଏହାର ସୁଟିଂ ପାଇଁ ପ୍ରସ୍ତୁତି ମଧ୍ୟ ଆରମ୍ଭ ହୋଇଗଲାଣି। ଜାନୁଆରୀ, ୨୦୨୪ରେ ସଞ୍ଜୟ 'ଲଭ୍ ଆଣ୍ଡ ୱାର୍' ଫିଲ୍ମ କଥା ଘୋଷଣା କରିଥିଲେ। ଏହା ମାର୍ଚ୍ଚ ୨୦୨୬ରେ ପରଦାକୁ ଆସିବ। ତେବେ ସଞ୍ଜୟ ତାଙ୍କ ଆଗ ଫିଲ୍ମଗୁଡ଼ିକ ଭଳି ଏହି ଫିଲ୍ମକୁ ବ୍ଲକ୍‌ବଷ୍ଟର୍ କରିପାରୁଛନ୍ତି କି ନାହିଁ ତାହା ଦେଖିବାକୁ ବାକି ରହିଲା।

## ପେଟ ଭିତରେ ଜିଅନ୍ତା ମାଛ

ଚୀନ୍‌ରୁ ଏକ ଅଜବ ତଥା ସମ୍ପୂର୍ଣ୍ଣ ଦୁର୍ଲଭ ଘଟଣା ସାମ୍ନାକୁ ଆସିଛି। ହୁନାନ ଅଞ୍ଚଳର ଜଣେ ୩୩ ବର୍ଷୀୟ ବ୍ୟକ୍ତିଙ୍କର ଅସହ୍ୟ ପେଟ ଯନ୍ତ୍ରଣା ହେବାରୁ ସେ ହସ୍‌ପିଟାଲ ଗଲେ। ସେଠାରେ ଡାକ୍ତର ତାଙ୍କର ପରୀକ୍ଷା କରିବାରୁ ଫୁଟେ ଲମ୍ବାର ଏକ ଜିଅନ୍ତା ମାଛ ତାଙ୍କ ପେଟ ଭିତରେ ଥିବାର ଜଣାପଡ଼ିଲା। ଏହି ଘଟଣାରେ କେବଳ ସାଧାରଣ ଲୋକ ନୁହଁନ୍ତି, ବରଂ ଡାକ୍ତରମାନେ ବି ବିସ୍ମିତ ହୋଇଛନ୍ତି। ତାଙ୍କ ପେଟର ସିଟି ସ୍କାନ କରାଯିବାରୁ ଏକ ବଡ଼ ଲମ୍ବା ବସ୍ତୁ ପେଟ ଭିତରେ ଭାସୁଥିବାର ଦେଖାଗଲା। ତେଣୁ ଡାକ୍ତରମାନେ ତାଙ୍କର ଅସ୍ତ୍ରୋପଚାର କରିବା ନିଷ୍ପତ୍ତି ନେଲେ। ଏହି ସମୟରେ ଡାକ୍ତରମାନେ ତାଙ୍କ ପେଟ ଭିତରେ ଜିଅନ୍ତା ଇଲ୍ ମାଛ ଭାସୁଥିବାର ଦେଖି ଆଶ୍ଚର୍ଯ୍ୟ ହୋଇଯାଇଥିଲେ। ଅସ୍ତ୍ରୋପଚାର ସମୟରେ ଜଣାପଡ଼ିଲା ଇଲ୍‌ଟି ତାଙ୍କ ଅନ୍ତନଳୀକୁ ସମ୍ପୂର୍ଣ୍ଣ ଛେଦ କରି ପେଟ ଭିତରେ ପହଁଚୁଛି। ଏହାପରେ ଡାକ୍ତରମାନେ ଅସ୍ତ୍ରୋପଚାର ମାଧ୍ୟମରେ ମାଛଟିକୁ ବାହାର କରି ଦେଇଥିଲେ। ସର୍ଜରୀ ପରେ ଏହି ବ୍ୟକ୍ତି ଜଣକ ଏବେ ସୁସ୍ଥ ଅଛନ୍ତି। ତେବେ ଏହି ବ୍ୟକ୍ତି ଜଣକ ପେଟକୁ କିପରି ଜିଅଁନ୍ତା ମାଛ ଆସିଲା ତାହା ଜଣାପଡ଼ିନାହିଁ।





## ଷୋଳ ସୋମବାର ବ୍ରତର ଲାଭ

ହିନ୍ଦୁ ଶାସ୍ତ୍ରରେ ସୋମବାର ଅତ୍ୟନ୍ତ ସ୍ୱତନ୍ତ୍ର ବିବେଚନା କରାଯାଏ। ଏହା ପଛର କାରଣ ହେଉଛି ଏହି ଦିନ ଭଗବାନ ଶିବଙ୍କୁ ସମର୍ପିତ। ଦେବ ଦେବ ମହାଦେବଙ୍କୁ ପ୍ରସନ୍ନ କରିବା ଏବଂ ତାଙ୍କ ଆଶୀର୍ବାଦ ଲାଭ କରିବା ପାଇଁ ଶ୍ରଦ୍ଧାଳୁମାନେ ଷୋଳ ସୋମବାର ବ୍ରତ ପାଳନ କରିଥାନ୍ତି। କୁହାଯାଏ, ଏହି ବ୍ରତକୁ ପୂରା ଶ୍ରଦ୍ଧା ଓ ବିଧିବିଧାନ ସହିତ ପାଳନ କରିବା ଦ୍ୱାରା ସମସ୍ତ ମନସ୍କାମନା ପୂରଣ ହୁଏ। ଏହି ବ୍ରତ ଅବିବାହିତ ଝିଅଙ୍କ ପାଇଁ ଫଳଦାୟୀ। ମାତା ପାର୍ବତୀ ଭଗବାନ ଶିବଙ୍କୁ ନିଜ ସ୍ୱାମୀ ଭାବେ ପାଇବା ପାଇଁ ଏହି ବ୍ରତ ରଖିଥିଲେ ବୋଲି କୁହାଯାଏ। ବିବାହିତ ମହିଳା ବୈବାହିକ ଜୀବନରେ ସୁଖ, ଶାନ୍ତି ଏବଂ ସମୃଦ୍ଧି ପାଇଁ ଏହି ବ୍ରତ ରଖନ୍ତି। ଏହା ଦ୍ୱାରା ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ପ୍ରେମ ଓ ବୁଝାମଣା ବଢ଼ିଥାଏ ଏବଂ ଘର ପରିବାରରେ ଖୁସି ଆସେ। ସନ୍ତାନ ସୁଖ କାମନା ଲାଗି ଷୋଳ ସୋମବାର ବ୍ରତ କରିବା ଶୁଭଙ୍କର। ଏହି ବ୍ରତ କରିବା ଦ୍ୱାରା ଅଜାଣତରେ କରାଯାଇଥିବା ପାପ ନାଶ ହୁଏ ଏବଂ ଜୀବନର ବାଧା ବିଘ୍ନ ଦୂର ହୁଏ। ଜାତକରେ ଅଶୁଭ ଗ୍ରହ ଥିଲେ ଏହି ବ୍ରତ ଦ୍ୱାରା ନକାରାତ୍ମକ ପ୍ରଭାବ କମ୍ ହୁଏ। ଜୀବନରେ ସୁଖ ଶାନ୍ତି ଆସେ। ଏହି ବ୍ରତ ରଖିବା ଦ୍ୱାରା ଘରେ ଧନ ବୃଦ୍ଧି ହୁଏ। ଆର୍ଥିକ ସ୍ଥିତି ମଜଭୁତ ହୁଏ।

## ସ୍ୱସ୍ତି

# ବୋଲବମ୍ ଯାତ୍ରାର ମହତ୍ତ୍ୱ

**ଶ୍ରାବଣ ମାସରେ ବୋଲବମ୍ ଯାତ୍ରାର ବିଶେଷ ମହତ୍ତ୍ୱ ଅଛି। ଦେବଦେବ ମହାଦେବଙ୍କୁ ସମର୍ପିତ ଏହି ପବିତ୍ର ମାସରେ ଭକ୍ତମାନେ ଭଗବାନ ଶିବଙ୍କୁ ଜଳାଭିଷେକ କରିଥାନ୍ତି। ସେଥିପାଇଁ ସେମାନେ ବୋଲବମ୍ ଯାତ୍ରା କରିଥାନ୍ତି। ଶିବଭକ୍ତମାନେ ଗେରୁଆ ବସ୍ତ୍ର ପରିଧାନ ସହ ବାହୁଙ୍ଗିରେ ପବିତ୍ର କଳସ ଜଳକୁ ବହନ କରି ଖାଲି ପାଦରେ ଚାଲିଥାନ୍ତି।**

**ପର୍ଶୁରାମଙ୍କଠୁ ଆରମ୍ଭ:** ହିନ୍ଦୁ ଧର୍ମ ଅନୁସାରେ, ଭଗବାନ ଶିବ ଭକ୍ତ ପର୍ଶୁରାମ ସର୍ବପ୍ରଥମେ ଶ୍ରାବଣ ମାସରେ ବୋଲବମ୍ ଯାତ୍ରାରେ ବାହାରି ଥିଲେ। ସେ ଗଙ୍ଗାଜଳ ଶିବଲିଙ୍ଗ ଉପରେ ଲାଗି କରିଥିଲେ। ସେବେଠୁ ଶିବଭକ୍ତମାନେ ଏହି ପରମ୍ପରା ପାଳନ କରି ଆସୁଛନ୍ତି। ଶ୍ରାବଣ ମାସରେ ଶିବଭକ୍ତ ପବିତ୍ର ନଦୀରୁ ଜଳ ଆଣିବା ଯାତ୍ରାକୁ ବୋଲବମ୍ ବା କାଉଡ଼ି ଯାତ୍ରା କୁହାଯାଏ। ଭକ୍ତମାନେ ନଦୀରୁ ଜଳ ଆଣି ମହାଦେବଙ୍କଠାରେ ଜଳାଭିଷେକ କରନ୍ତି।

**ଖାଲିପାଦରେ ଚାଲନ୍ତି ଶିବଭକ୍ତ:** ଶିବଙ୍କୁ ଆରାଧନା ଓ ଉପାସନା ପାଇଁ ସମର୍ପିତ ଏହି ମାସ। ମାନ୍ୟତା ଅଛି, ଶ୍ରାବଣ ମାସ ଯାକ ମହାଦେବ ହରିଦ୍ୱାରରେ ନିବାସ କରିଥାନ୍ତି। ସେହିପରି ଏହି ମାସରେ ବିଷ୍ଣୁ ଶୟନ ମୁଦ୍ରାରେ ରହୁଥିବାରୁ ତିନି ଲୋକର କଥା ବୁଝନ୍ତି ସ୍ୱୟଂ ମହାଦେବ। ଏହି କାରଣ ଯୋଗୁଁ ବୋଲବମ୍ ଯାତ୍ରୀ ଗଙ୍ଗାଜଳ ପାଇଁ ହରିଦ୍ୱାର ଆସନ୍ତି। ଏହି ଯାତ୍ରା ସମୟରେ ଭକ୍ତମାନେ ଖାଲିପାଦରେ ଚାଲନ୍ତି। ଅନ୍ୟପଟେ ଏବେ ବୋଲବମ୍ ଯାତ୍ରାରେ କେବଳ ପୁରୁଷ ନୁହଁନ୍ତି, ମହିଳା ଓ ଛୋଟପିଲାମାନେ ମଧ୍ୟ ସାମିଲ ହେଉଥିବା ଦେଖିବାକୁ ମିଳୁଛି।



# କାଉଡ଼ିଆ କଥା

**ସମ୍ପ୍ରତି ବୋଲବମ୍ ଯାତ୍ରାରେ ଆସ୍ଥାର ଅଲଗା ଦୃଶ୍ୟ ନଜର ଆସୁଛି। ଏହି କ୍ରମରେ ଉତ୍ତର ପ୍ରଦେଶ ମୁଜାଫରନଗରରୁ ଏକ ହୃଦୟସ୍ପର୍ଶୀ ଘଟଣା ସାମ୍ନାକୁ ଆସିଛି। ଏଠାରେ ୧୦ ବର୍ଷ ବୟସର ଜଣେ ବାଳକ ଦଣ୍ଡବତ କାଉଡ଼ି ଯାତ୍ରାରେ ବାହାରିଛନ୍ତି।**



ଶାମଲି ଜନପଦରେ ରହୁଥିବା ୧୭ ବର୍ଷୀୟା ଶିବମ୍ କର୍କଟ ରୋଗରେ ପୀଡ଼ିତ ଥିଲେ। ପରିବାର ଲୋକେ ଯେତେବେଳେ ଶିବମ୍‌ଙ୍କ ଚିକିତ୍ସାରେ ବ୍ୟସ୍ତ ଥିଲେ, ସେତିକି ବେଳେ ତାଙ୍କ ୧୦ ବର୍ଷ ବୟସର ସାନ ଭାଇ ଭଗବାନ ଶିବଙ୍କ ପାଖରେ ମନସ୍କାମନା କଲେ। ସେ କହିଥିଲେ, ତାଙ୍କ ଭାଇ ସୁସ୍ଥ ହୋଇଗଲେ, ସେ ଦଣ୍ଡବତ କାଉଡ଼ି ଯାତ୍ରା କରିବେ। ଶିବମ୍‌ଙ୍କ ସ୍ୱାସ୍ଥ୍ୟବସ୍ଥା ଏବେ ସୁସ୍ଥ ଅଛନ୍ତି। ତେଣୁ କୃଷ୍ଣା ତାଙ୍କ କଥା ରଖି ହରିଦ୍ୱାରରୁ ଦଣ୍ଡବତ କାଉଡ଼ି ଯାତ୍ରାରେ ବାହାରିଛନ୍ତି। ହରିଦ୍ୱାରରୁ ଗଙ୍ଗା ଜଳ ଉଠାଇଛନ୍ତି ଏବଂ ସେ ନିତିଦିନ ୧୦ କିମି ଦଣ୍ଡବତ ଯାତ୍ରା କରୁଛନ୍ତି। ଅର୍ଥାତ୍ ସେ ତଳେ ସାଷ୍ଟାଙ୍ଗ ଦଣ୍ଡବତ ପ୍ରଣାମ କରି ଯାତ୍ରା କରୁଥିବା ଦେଖା ଯାଇଛି। ସେହିପରି ତାଙ୍କ ସହିତ ତାଙ୍କ ବଡ଼ ଭାଇ ଶିବମ୍ ଏବଂ ପରିବାର ଲୋକ ବି ପଦଯାତ୍ରା କରୁଛନ୍ତି। ଶେଷରେ ସେମାନେ ଶାମଲିରେ ଜଳାଭିଷେକ କରିବେ। କୃଷ୍ଣା କହନ୍ତି, ଥକ୍କା ଲାଗିଲେ, ରାସ୍ତାରେ ବିଶ୍ରାମ ନିଅନ୍ତି। ରାସ୍ତାରେ କୃଷ୍ଣାଙ୍କ ଭକ୍ତିଭାବକୁ ଦେଖି ଲୋକେ ଭାବବିହ୍ୱଳ ହେଉଛନ୍ତି। ଏହାସହ ତାଙ୍କୁ କେହି ପାଣି ପିଇବାକୁ ଦେଉଥିବା ବେଳେ ଆଉ କିଏ ଖାଦ୍ୟ ପ୍ରଦାନ କରୁଛନ୍ତି। ଅନ୍ୟପଟେ କୃଷ୍ଣାଙ୍କର ଏହି ଯାତ୍ରା ଭାଇଚାରା, ଆସ୍ଥା ଏବଂ ଦୃଢ଼ ସଂକଳ୍ପର ଏକ ପ୍ରେରଣାଦାୟୀ ମିଶାଲ ସୃଷ୍ଟି କରିଛି।

## ଆଂଶିକ ଉପବାସ

**ବିଭିନ୍ନ ପର୍ବ ତଥା ଓଷାବ୍ରତରେ ଲୋକେ ଉପବାସ ରଖନ୍ତି। କିଏ ନିର୍ଜଳା ଉପବାସ ରଖନ୍ତି ତ ଆଉ କିଏ କେବଳ ଫଳ ଖାଇ ଉପବାସ ପାଳନ କରିଥାନ୍ତି। ସେହିପରି କେହି କେହି ଆଂଶିକ ଉପବାସ ବି କରନ୍ତି। ତେବେ ଏ ଆଂଶିକ ଉପବାସ କ'ଣ, ସେ ସମ୍ପର୍କରେ ଜାଣିବା।**

- ଏହି ଉପବାସରେ କେବଳ ଥରୁଟିଏ ଭୋଜନ କରିବାକୁ ହୋଇଥାଏ।
- ଭୋଜନରେ ପିଆଜ, ରସୁଣ ଏବଂ ଆମିଷ ଖାଇବା ମନା।
- ଏଥିରେ ଫଳ, ଶାଗୁ, କ୍ଷୀର ଆଦି ଥରେ ଖିଆଯାଏ।
- ଜଣେ ନିଜ ସମୟ ଓ ସୁବିଧାରେ ଏହି ଉପବାସ ପାଳନ କରିପାରିବେ।
- ଆଂଶିକ ଉପବାସର ମୁଖ୍ୟ ଉଦ୍ଦେଶ୍ୟ ହେଉଛି ଶରୀରକୁ ଆଦୌ ଭୋକିଲା ନ ରଖି ମନ ଓ ଇନ୍ଦ୍ରିୟକୁ ନିୟନ୍ତ୍ରଣରେ ରଖିବା।
- ତେବେ ଏହି ଉପବାସ ଏକାଦଶୀ ଏବଂ ନବରାତ୍ରୀରେ ଅଧିକ ପ୍ରଚଳିତ।



## ଇସିବିକୁ ୨୦୩୧ ପର୍ଯ୍ୟନ୍ତ ଡବ୍ଲ୍ୟୁଟିସି ଫାଇନାଲ ଆୟୋଜନ ଅଧିକାର


**ସିଙ୍ଗାପୁର, ୨୦।୭ (ଏଜେନ୍ସି):** ଅନ୍ତର୍ଜାତୀୟ କ୍ରିକେଟ୍ ପରିଷଦ (ଆଇସିସି) ପକ୍ଷରୁ ରବିବାର ଏକ ବଡ଼ ନିଷ୍ପତ୍ତି ନିଆଯାଇଛି । ବିଶ୍ୱ ଟେଷ୍ଟ ଚାମ୍ପିଅନସିପ୍ (ଡବ୍ଲ୍ୟୁଟିସି)ର ଆଗାମୀ ୩ଟି ସଂସ୍କରଣର ଫାଇନାଲ ମ୍ୟାଚ୍ ଆୟୋଜନ ଅଧିକାର ଇଂଲଣ୍ଡ ଆଣ୍ଡ ୱେଲ୍ସ କ୍ରିକେଟ୍ ବୋର୍ଡ (ଇସିବି)କୁ ମିଳିଛି । ପୂର୍ବରୁ ଇଂଲଣ୍ଡରେ ଡବ୍ଲ୍ୟୁଟିସିର ପ୍ରଥମ ୩ଟି ସଂସ୍କରଣ ୨୦୨୧, ୨୦୨୩ ଓ ୨୦୨୫ର ଫାଇନାଲ ମ୍ୟାଚ୍ ଖେଳାଯାଇଥିଲା । ଏଥିରେ ଯଥାକ୍ରମେ ନ୍ୟୁଜିଲାଣ୍ଡ, ଅଷ୍ଟ୍ରେଲିଆ ଓ ଦକ୍ଷିଣ ଆଫ୍ରିକା ଚାମ୍ପିଅନ ହୋଇଥିଲେ । ଆଇସିସିର ସଦ୍ୟ ନିଷ୍ପତ୍ତି ମୁତାବକ ୨୦୨୭, ୨୦୨୯ ଓ ୨୦୩୧ ସଂସ୍କରଣର ଡବ୍ଲ୍ୟୁଟିସି ଫାଇନାଲ ମଧ୍ୟ ଇଂଲଣ୍ଡରେ ଆୟୋଜନ ହେବ । ପ୍ରଥମ ୩ଟି ସଂସ୍କରଣର ଫାଇନାଲକୁ ସଫଳତାର ସହ ଆୟୋଜନ କରିଥିବାରୁ ଇଂଲଣ୍ଡକୁ ଆଗାମୀ ୩ଟି ଫାଇନାଲ ଆୟୋଜନ ଅଧିକାର ପ୍ରଦାନ କରାଯାଇଛି ବୋଲି ସିଙ୍ଗାପୁରରେ ଅନୁଷ୍ଠିତ ଆଇସିସିର ବାର୍ଷିକ ସାଧାରଣ ପରିଷଦ ବୈଠକ (ଏଜିଏମ୍)ରେ କୁହାଯାଇଛି । ଆଇସିସିର ଏହି ନିଷ୍ପତ୍ତି ଫଳରେ ବିଶ୍ୱର ସବୁଠୁ ଧନୀ କ୍ରିକେଟ୍ ବୋର୍ଡ ବିସିସିଆଇକୁ ଝଟ୍କା ଲାଗିଛି । ନିକଟରେ ବିସିସିଆଇ ଡବ୍ଲ୍ୟୁଟିସିର ଆଗାମୀ ଫାଇନାଲ ଆୟୋଜନ ନେଇ ଆଗ୍ରହ ପ୍ରକାଶ କରିଥିଲା ।

## ୧୧୦ରେ ପହଞ୍ଚିଲା ଆଇସିସି ସଦସ୍ୟ ସଂଖ୍ୟା

**ସିଙ୍ଗାପୁର, ୨୦।୭ (ଏଜେନ୍ସି):** ଆଫ୍ରିକୀୟ ରାଷ୍ଟ୍ର ଜାମ୍ବିଆ ଓ ଏସୀୟ ରାଷ୍ଟ୍ର ତିମୋର-ଲେଷ୍ଟେ ଅନ୍ତର୍ଜାତୀୟ କ୍ରିକେଟ୍ ପରିଷଦ (ଆଇସିସି)ର ନୂଆ ସଦସ୍ୟତା ଲାଭ କରିଛନ୍ତି । ଫଳରେ କ୍ରିକେଟ୍ର ସର୍ବୋଚ୍ଚ ସଂସ୍ଥା ଆଇସିସିର ସଦସ୍ୟ ସଂଖ୍ୟା ୧୧୦ରେ ପହଞ୍ଚିଛି । 'ଆଇସିସି ପରିବାରରେ ୨ଟି ନୂଆ ସଦସ୍ୟ ଯୋଡ଼ି ହୋଇଛନ୍ତି । ଜାମ୍ବିଆ କ୍ରିକେଟ୍ ୟୁନିୟନ ଓ ତିମୋର-ଲେଷ୍ଟେ କ୍ରିକେଟ ମହାସଂଘ ଆନୁଷ୍ଠାନିକ ଭାବେ ଆଇସିସି ସହଯୋଗୀ ସଦସ୍ୟତା ଲାଭ କରିଛନ୍ତି । ଆଇସିସି ସଦସ୍ୟ ରାଷ୍ଟ୍ର ସଂଖ୍ୟା ଏଥିସହ ୧୧୦ରେ ପହଞ୍ଚିଛି' ବୋଲି ଆଇସିସି ପକ୍ଷରୁ ଏକ ବିବୃତିରେ କୁହାଯାଇଛି । ଆଫ୍ରିକା ମହାଦେଶର ୨୨ତମ ଦେଶ ଭାବେ ଜାମ୍ବିଆ ଆଇସିସିରେ ସାମିଲ ହୋଇଛି । ସେହିଭଳି ତିମୋର-ଲେଷ୍ଟେ ପୂର୍ବ ଏସିଆର ୧୦ମ ରାଷ୍ଟ୍ର ଭାବେ ବିଶ୍ୱ କ୍ରିକେଟ୍ ବୋର୍ଡର ସଦସ୍ୟତା ହାସଲ କରିଛି ।

## ଜିମ୍ବାୱେର ହ୍ୟାଟ୍ରିକ୍ ପରାଜୟ

**ହରାରେ, ୨୦।୭ (ଏଜେନ୍ସି):** ଆୟୋଜକ ଜିମ୍ବାୱେ ଏଠାରେ ଚାଲିଥିବା ତ୍ରି-ରାଷ୍ଟ୍ରୀୟ ଟି-୨୦ ସିରିଜରେ ହ୍ୟାଟ୍ରିକ ପରାଜୟବରଣ କରିଛି । ରବିବାର ଏକ ମ୍ୟାଚରେ ଦକ୍ଷିଣ ଆଫ୍ରିକା ୭ ୱିକେଟ୍ରେ ଘରୋଇ ଜିମ୍ବାୱେକୁ ହରାଇଛି । ପ୍ରଥମେ ବ୍ୟାଟିଂ କରି ଜିମ୍ବାୱେ ୬ ୱିକେଟ୍ରେ ୧୪୪ ରନ କରିଥିଲା । ଜବାବରେ ଦକ୍ଷିଣ ଆଫ୍ରିକା ୧୭.୨ ଓଭରରେ ୩ ୱିକେଟ୍ ହରାଇ ବିଜୟୀ ହୋଇଥିଲା ।



## ୧୭ ବର୍ଷର ଜାତୀୟ ରେକର୍ଡ ଭାଙ୍ଗିଲେ ନଟରାଜ

**ବର୍ଲିନ, ୨୦।୭ (ଏଜେନ୍ସି):** ଜର୍ମାନୀରେ ଚାଲିଥିବା ବିଶ୍ୱ ବିଶ୍ୱବିଦ୍ୟାଳୟ କ୍ରୀଡ଼ାରେ ଭାରତର ଅଲିମ୍ପିଆନ ସନ୍ତରଣକାରୀ ଶ୍ରୀହରି ନଟରାଜ ଆଉ ୨ଟି ଇଭେଣ୍ଟରେ ସେମିଫାଇନାଲରେ ପ୍ରବେଶ କରିଛନ୍ତି । ପୁରୁଷ ୧୦୦ ମିଟର ଫ୍ରିଷ୍ଟାଇଲ୍ ଓ ୫୦ ମିଟର୍ ବ୍ୟାକ୍ଷ୍ଟୋକରେ ଶ୍ରୀହରି ସେମିକୁ ଉଠିଛନ୍ତି । ୧୦୦ ମିଟର୍ ଫ୍ରିଷ୍ଟାଇଲ୍ ରେସକୁ ସେ ୪୯.୪୬ ସେକେଣ୍ଡରେ ଫିନିଶ୍ କରି ୧୭ ବର୍ଷ ତଳର ଜାତୀୟ ରେକର୍ଡ ଭାଙ୍ଗିଛନ୍ତି । ୨୦୦୮ରେ ବିର୍ଦ୍ଧାୱାଲ୍ ଖାଡେ ୪୯.୪୭ ସେକେଣ୍ଡରେ ରେସ୍ ଶେଷ କରି ଜାତୀୟ ରେକର୍ଡର ଅଧିକାରୀ ରହିଥିଲେ । ପୂର୍ବରୁ ଶ୍ରୀହରି ଏହି ବିଶ୍ୱବିଦ୍ୟାଳୟ କ୍ରୀଡ଼ାରେ ୨୦୦ ମିଟର୍ ଫ୍ରିଷ୍ଟାଇଲ୍ରେ ଜାତୀୟ ରେକର୍ଡ ଭଙ୍ଗକରି ମଧ୍ୟ ସେମିରେ ପ୍ରବେଶ କରିଥିଲେ ।

## ପ୍ରଥମ ଟି-୨୦: ବାଂଲାଦେଶଠୁ ୭ ୱିକେଟ୍ରେ ହାରିଲା ପାକିସ୍ତାନ

**ଢାକା, ୨୦।୭ (ଏଜେନ୍ସି):** ଏଠାରେ ଅନୁଷ୍ଠିତ ପ୍ରଥମ ଟି-୨୦ ମ୍ୟାଚରେ ଘରୋଇ ବାଂଲାଦେଶ ୭ ୱିକେଟ୍ରେ ପାକିସ୍ତାନକୁ ପରାସ୍ତ କରିଛି । ଫକର୍ ଜମାନଙ୍କ ୪୪ ରନ ବଳରେ ପ୍ରଥମେ ବ୍ୟାଟିଂ କରି ପାକିସ୍ତାନ ୧୯.୩ ଓଭରରେ ୧୦୯ ରନରେ ଅଲ୍ଆଉଟ୍ ହୋଇଥିଲା । ଜବାବରେ ବାଂଲାଦେଶ ପରଭେଜ ହୋସେନ ଏମନଙ୍କ ଅପରାଜିତ ୫୬ ରନ ସହାୟତାରେ ୧୫.୩ ଓଭରରେ ୩ ୱିକେଟ୍ ବିନିମୟରେ ବିଜୟୀ ହୋଇଥିଲା । ଟି-୨୦ କ୍ରିକେଟ୍ରେ ପାକିସ୍ତାନ ବିପକ୍ଷରେ ବାଂଲାଦେଶର ଏହା ୪ର୍ଥ ବିଜୟ । ସିରିଜର ୨ୟ ମ୍ୟାଚ୍ ମଙ୍ଗଳବାର ଖେଳାଯିବ ।

### ଚତୁର୍ଥ ଟେଷ୍ଟ ପୂର୍ବରୁ ଭାରତର ଅଡୁଆ ବଢ଼ିଲା

# ଦୀପ୍, ଅର୍ଶଦୀପ୍ ଆହତ; କାମ୍ବୋଜ ସାମିଲ

ଲଣ୍ଡନ,୨୦।୭ (ଏଜେନ୍ସି)

ଭାରତ ଓ ଇଂଲଣ୍ଡ ମଧ୍ୟରେ ମାଞ୍ଚେଷ୍ଟରର ଓଲ୍ଡ ଟ୍ରାଫୋର୍ଡରେ ଆଣ୍ଡରସନ-ତେନ୍ଦୁଲକର ଟ୍ରଫିର ଚତୁର୍ଥ ମ୍ୟାଚ୍ ଖେଳାଯିବ । ଏହି ମ୍ୟାଚ୍ଟି ଜୁଲାଇ ୨୩ରୁ ଆରମ୍ଭ ହେବାର କାର୍ଯ୍ୟକ୍ରମ ରହିଛି । ଚତୁର୍ଥ ଟେଷ୍ଟ ମ୍ୟାଚ୍ ଆରମ୍ଭ ହେବା ପୂର୍ବରୁ ଭାରତର ଦୁଇ ଫାଷ୍ଟ ବୋଲର ଆକାଶ ଦୀପ୍ ଓ ଏହି ଟେଷ୍ଟରେ ଡେବ୍ୟୁ କରିବାର ଯଥେଷ୍ଟ ସମ୍ଭାବନା ଥିବା ବାମହାତୀ ଫାଷ୍ଟ ବୋଲର ଅର୍ଶଦୀପ ସିଂହ ଆହତ ହୋଇଛନ୍ତି । ଉଭୟ ବୋଲର ଓଲ୍ଡ ଟ୍ରାଫୋର୍ଡ୍ରେ ଖେଳିବାର ସମ୍ଭାବନା କମ୍ । ଦଳରେ ଯଶପ୍ରୀତ୍ ବୁମ୍ରା ଓ ମହମ୍ମଦ୍ ସିରାଜ ଏବେ ଫିଟ୍ ବୋଲର ଭାବେ ଖେଳୁଛନ୍ତି । ଆଉ ଦୁଇ ଫାଷ୍ଟ ବୋଲର ପ୍ରସିଦ୍ଧ କ୍ରିଷ୍ଣା ଓ ଶାର୍ଦ୍ଦୁଳ ଠାକୁର ଥିଲେ ମଧ୍ୟ ଚୟନକର୍ତ୍ତାମାନେ ହରିୟାଣାର ଫାଷ୍ଟ ବୋଲର ଅଂଶୁଲ କାମ୍ବୋଜଙ୍କୁ ଦଳରେ ସାମିଲ କରିଛନ୍ତି । ନିକଟରେ ଭାରତ-ଏ' ଦଳ ପକ୍ଷରୁ କାମ୍ବୋଜ୍ ଇଂଲଣ୍ଡ ଲାୟନ୍ସ ବିପକ୍ଷରେ ୨ଟି ଯାକ ଅନ୍ ଅଫିସିଆଲ ଟେଷ୍ଟ ଖେଳି ୫ଟି ୱିକେଟ ଅକ୍ତିଆର କରିଥିଲେ । ତାଙ୍କ ବୋଲିଂ କଞ୍ଜୁସ ହୋଇଥିଲା । ଦ୍ୱିତୀୟ ଟେଷ୍ଟରେ ତନୁଷ କୋଟିଆନ୍ଙ୍କ ସହ ୧୦ମ ୱିକେଟ ଯୋଡିରେ ସେ ୧୪୯ ରନ୍ର ଭାଗିଦାରୀ କରିଥିଲେ । ୫୧ ରନ୍ କରିଥିବା କାମ୍ବୋଜଙ୍କୁ ଜଣେ ବୋଲିଂ ଅଲରାଉଣ୍ଡର ଭାବେ ବିବେଚନା କରାଯାଉଛି । ଉପରୋକ୍ତ ଦୁଇ ଖେଳାଳି ଅନ୍ଫିଟ୍ ହେଲେ ଓ ବୁମ୍ରାଙ୍କୁ ବିଶ୍ରାମ ଦେବାକୁ ଟିମ୍ ମ୍ୟାନେଜମେଣ୍ଟ ନିଷ୍ପତ୍ତି ନେଲେ କାମ୍ବୋଜ ଓଲ୍ଡ ଟ୍ରାଫୋର୍ଡରେ ଟେଷ୍ଟ ଡେବ୍ୟୁ କରିବାର ଯଥେଷ୍ଟ ସମ୍ଭାବନା ରହିଛି । ଅନ୍ୟ ପକ୍ଷରେ ୱିକେଟ ରକ୍ଷକ ଋଷଭ ପନ୍ତ୍ ଆହତ ସମସ୍ୟାରୁ ମୁକୁଳିନାହାନ୍ତି । ଆଜି ନୀତୀଶ ରେଡ୍ଡୀ ଟ୍ରେନିଂ ବେଳେ ଆହତ ହେବା ପରେ ଭାରତ ଏବେ ଚତୁର୍ଥ ଟେଷ୍ଟ ଖେଳିବା ପୂର୍ବରୁ ଅଡୁଆରେ ପଡ଼ିଯାଇଛି ।



ମାଞ୍ଚେଷ୍ଟରରେ ଖେଳାଯିବାକୁ ଥିବା ଚତୁର୍ଥ ଟେଷ୍ଟର ଫଳାଫଳ ଭାରତ ସପକ୍ଷରେ ଗଲେ ସିରିଜ୍ ବରାବର ସ୍ଥିତିକୁ ଆସିବ । କିନ୍ତୁ ଇଂଲଣ୍ଡ ସପକ୍ଷରେ ଗଲେ ଭାରତ ଆଣ୍ଡରସନ-ତେନ୍ଦୁଲକର ଟ୍ରଫିରେ ପରାଜିତ ହେବ । ଏଭଳି ସ୍ଥିତିରେ କି ପ୍ରକାର ନିଷ୍ପତ୍ତି ନେବାକୁ ପଡ଼ିବ, କିଏ ଦଳରେ ରହିବେ ଓ କିଏ ଦଳରୁ ବାଦ୍ ପଡ଼ିବେ ତାହାକୁ ନେଇ ଭାରତୀୟ ଟିମ୍ ମ୍ୟାନେଜମେଣ୍ଟ ଅଡୁଆ ସ୍ଥିତିରେ ପଡ଼ିବା ସ୍ୱାଭାବିକ୍ । ଏହା ମଧ୍ୟରେ ଟିମ୍ ମ୍ୟାନେଜମେଣ୍ଟ ନିକଟରେ ଦୁଇଟି ନିଷ୍ପତ୍ତି ନେବାକୁ ବାଧ୍ୟ ହୋଇପାରେ ବୋଲି କୁହାଯାଇଛି । ପ୍ରଥମଟି ହେଉଛି ଚତୁର୍ଥ ଟେଷ୍ଟରେ ବୁମ୍ରାଙ୍କୁ ଖେଳାଇବା । ସେହିପରି ଦ୍ୱିତୀୟଟି ହେଉଛି ଋଷଭ ପନ୍ତ୍ଙ୍କୁ ଜଣେ ସ୍ପେଶାଲିଷ୍ଟ ବ୍ୟାଟର ଭାବେ ଓ ଧ୍ରୁବ ଜୁରେଲଙ୍କୁ ୱିକେଟ କିପର ଭାବେ ଖେଳାଇବା । ଏହା ଫଳରେ ନଂ-୩ରେ କରୁନ ନାୟାରଙ୍କୁ ନେଇ ଯେଉଁ ଦ୍ୱନ୍ଦ୍ୱ ସୃଷ୍ଟି ହୋଇଛି ତାହା ମଧ୍ୟ ଦୂର ହୋଇପାରିବ । ପନ୍ତ୍ କିମ୍ବା ଜୁରେଲଙ୍କ ମଧ୍ୟରୁ ଜଣେ ଏହି ପୋଜିସନରେ ଖେଳିପାରିବେ ।

ଲର୍ଡ୍ସରେ ତୃତୀୟ ଟେଷ୍ଟ ଖେଳିବାବେଳେ ଆକାଶ ଦୀପ୍ ଆହତ ହୋଇଥିଲେ । ଦ୍ୱିତୀୟ ଟେଷ୍ଟରେ ସେ ୧୦ଟି ୱିକେଟ ନେଇ ଭାରତକୁ ଜିତାଇଥିଲାବେଳେ ତୃତୀୟ ଟେଷ୍ଟରେ ସେପରି କିଛି ପ୍ରଭାବ ପକାଇ ପାରି ନ ଥିଲେ । ଏପରିକି ସେ ତାଙ୍କ ବୋଲିଂ ରିଦିମ୍ରେ ଖେଳିପାରି ନ ଥିଲେ । ହ୍ୟାରୀ ବ୍ରୁକ୍ଙ୍କ ସହ ଧକ୍କା ଖାଇବା ପରେ ତୃତୀୟ ଟେଷ୍ଟରେ ତାଙ୍କର ଭୂମିକା କମିଯାଇଥିଲା । ତୃତୀୟ ଦିନ ନାଇଟ୍ୱାଚ୍ମ୍ୟାନ୍ ଭାବେ ବ୍ୟାଟିଂ କରିବାକୁ ଆସି ଆଉଟ ହୋଇଥିଲେ । ଚତୁର୍ଥ ଦିନ ପରଠାରୁ ସେ ପଡ଼ିଆ ଛାଡ଼ିବା ପରେ ଆଉ ଖେଳିବାକୁ ଆସି ନ ଥିଲେ । ଏବେ ସେ ଟିମ୍ ସହ ଅଭ୍ୟାସ ଲାଗି ଆଦୌ ଆସି ନ ଥିଲେ । କିନ୍ତୁ ଫିଜିଓଙ୍କ ସେ ଫିଟ୍ନେସ ଟ୍ରେନିଂ କରୁଥିବା ଦେଖାଯାଇଥିଲା । ଅନ୍ୟପକ୍ଷରେ ଅର୍ଶଦୀପ୍ ଜୋରଦାର ଅଭ୍ୟାସ କରୁଥିଲେ । କିନ୍ତୁ ବୋଲିଂ କଲାବେଳେ ଫଲୋ ଥ୍ରୁ'ରେ ଫିଲ୍ଡିଂ କରିବାକୁ ଯାଇ ସେ ତାଙ୍କ ବୋଲିଂ କରୁଥିବା ବାମହାତରେ ଆହତ ପାଇଥିଲେ । ଏହା ପରେ ସେ ହାତ ବ୍ୟାଣ୍ଡେଜ୍ କରି ବସିରହିଥିଲେ । ଏଣୁ ତାଙ୍କର ଖେଳିବା ନେଇ ଆଶଙ୍କା ସୃଷ୍ଟି ହୋଇଛି । ଆକାଶ ଦୀପ୍ ଫିଟ୍ ହୋଇ ନ ଥିଲେ ଅର୍ଶଦୀପ ତାଙ୍କ ସ୍ଥାନରେ ଚତୁର୍ଥ ଟେଷ୍ଟରେ ନିଶ୍ଚିତ ଖେଳିଥାନ୍ତେ । କିନ୍ତୁ ଏବେ ଉଭୟ ଖେଳାଳିଙ୍କ ଖେଳିବା ନେଇ ଆଶଙ୍କା ପ୍ରକାଶ ପାଇବା ପରେ ଭାରତର ଟିମ୍ ମ୍ୟାନେଜ୍ମେଣ୍ଟ ଅଡୁଆ ପରିସ୍ଥିତିରେ ପଡ଼ିଛି ।

## ପାକିସ୍ତାନ ସହ ଖେଳିବାକୁ ମନାକଲେ ଭାରତୀୟ ଖେଳାଳି

**ଲଣ୍ଡନ,୨୦।୭ (ଏଜେନ୍ସି):** ଇଂଲଣ୍ଡ କ୍ରିକେଟ ବୋର୍ଡ ଦ୍ୱାରା ସ୍ୱୀକୃତିପ୍ରାପ୍ତ ୱାର୍ଲ୍ଡ ଚାମ୍ପିଅନ୍ସ ଲିଗ୍ରେ ପାକିସ୍ତାନ ସହ ଖେଳିବାକୁ ଭାରତର ୬ଜଣ ଖେଳାଳି ମନା କରିବା ଫଳରେ ଉଭୟ ଦେଶ ମଧ୍ୟରେ ହେବାକୁ ଥିବା ମୁକାବିଲାକୁ ବାତିଲ କରିଦିଆଯାଇଛି । ରବିବାର ଏହି ମ୍ୟାଚ୍ ବର୍ମିଂହାମ୍ରେ ଖେଳାଯିବାର ଥିଲା । କିନ୍ତୁ ଭାରତୀୟ ଦଳରେ ସାମିଲ ହୋଇଥିବା ଯୁବରାଜ ସିଂହ, ସୁରେଶ ରାଇନା, ହରଭଜନ ସିଂହ, ଇର୍ଫାନ ପଠାନ ଓ ଶିଖର ଧାୱନ ପାକିସ୍ତାନ ସହ ଖେଳିବାକୁ ମନା କରିବାରୁ ଏହି ମ୍ୟାଚ୍କୁ ବାତିଲ କରିବାକୁ ପଡ଼ିଛି ।

## କର୍ଣ୍ଣାଟକକୁ ଫେରିଲେ କରୁନ୍

**ନୂଆଦିଲ୍ଲୀ,୨୦।୭ (ଏଜେନ୍ସି):** ଭାରତ ପକ୍ଷରୁ ଇଂଲଣ୍ଡରେ ଟେଷ୍ଟ ଖେଳୁଥିବା ବ୍ୟାଟର କରୁନ ନାୟାର ଚଳିତ କ୍ରିକେଟ ଋତୁରେ ନିଜ ରାଜ୍ୟ କର୍ଣ୍ଣାଟକ ପକ୍ଷରୁ ଖେଳିବେ । ସେ ଗତ ଦୁଇବର୍ଷ ହେଲା ବିଦର୍ଭ ପକ୍ଷରୁ ଖେଳିଆସୁଛନ୍ତି । ଅନ୍ୟପକ୍ଷରେ କର୍ଣ୍ଣାଟକର ୩୨ ବର୍ଷୀୟ ଫାଷ୍ଟ ବୋଲର ବାସୁକି କୌଶିକ୍ ଏବର୍ଷ ଗୋଆ ପକ୍ଷରୁ ଖେଳିବାକୁ ଚୁକ୍ତିବଦ୍ଧ ହୋଇଛନ୍ତି । ମୁମ୍ବଇର ଯଶସ୍ୱୀ ଜୟସ୍ୱାଲ ଗୋଆରୁ ଖେଳିବାକୁ ରାଜି ହୋଇଥିଲେ ମଧ୍ୟ ପରେ ମନା କରିଦେଇଛନ୍ତି । ଏହା ମଧ୍ୟରେ ମହମ୍ମଦ୍ ସାମି ବେଙ୍ଗଲ ରଣଜୀ ସମ୍ଭାବ୍ୟ ଦଳରେ ସ୍ଥାନ ପାଇଛନ୍ତି ।



## ବିସି ରାୟ ଟ୍ରଫିରେ ଓଡ଼ିଶା ପରାସ୍ତ

**କଟକ,୨୦।୭ (ସମିସ):** ପଞ୍ଜାବର ଅମୃତସରରେ କନିଷ୍ଠ ବାଳକ ଜାତୀୟ ଫୁଟବଲ ଚାମ୍ପିଅନସିପ୍ ଡଃ ବି.ସି ରାୟ ଟ୍ରଫି ଆଜିଠାରୁ ଆରମ୍ଭ ହୋଇଛି । ଗ୍ରୁପ-ସିରେ ସ୍ଥାନ ପାଇଥିବା ଓଡ଼ିଶା ପ୍ରଥମ ମୁକାବିଲାରେ ପରାଜୟର ସମ୍ମୁଖୀନ ହୋଇଛି । ଜିଏନଡିୟୁ ସ୍ପୋର୍ଟସ କମ୍ପ୍ଲେକ୍ସରେ କର୍ଣ୍ଣାଟକ ୩-୧ ଗୋଲରେ ବିଜୟ ହାସଲ କରିଛି । ୬ଷ୍ଠ ମିନିଟରେ ଓଡ଼ିଶା ଫରୱାର୍ଡ ଇଶାନ୍ତ କୁମାର ଦଳ ନିମନ୍ତେ ଗୋଲ ଖାତା ଖୋଲିଥିଲେ । ୭ମ ମିନିଟରେ କର୍ଣ୍ଣାଟକର ହୃଷିକେଶ ଚରଣ ଗୋଲ ଦେଇ ସ୍ଥିତି ବରାବର କରିଥିଲେ । ୧୭ତମ ମିନିଟରେ ପଭିଶ କୁମାର ଏବଂ ଅତିରିକ୍ତ ୪୮ତମ ମିନିଟରେ ହୃଷିକେଶଙ୍କ ବ୍ୟକ୍ତିଗତ ଦ୍ୱିତୀୟ ଗୋଲ ଯୋଗୁଁ କର୍ଣ୍ଣାଟକ ୩-୧ରେ ଆଗୁଆ ରହିଥିଲା । ଦ୍ୱିତୀୟାର୍ଦ୍ଧର ଖେଳ ଗୋଲ ଶୂନ୍ୟ ରହିବା ସହ କର୍ଣ୍ଣାଟକ ବିଜୟୀ ହୋଇଥିଲା । ବିବି ରନ୍ଧି ସ୍ପୋର୍ଟସ ଷ୍ଟାଡିୟମରେ ୨୨ ତାରିଖରେ ଓଡ଼ିଶା ମଣିପୁର ବିପକ୍ଷରେ ଦ୍ୱିତୀୟ ଲିଗ୍ ମ୍ୟାଚ୍ ଖେଳିବ ।



ପ୍ରସିଦ୍ଧ ମାଞ୍ଚେଷ୍ଟର ୟୁନାଇଟେଡ୍ ଖେଳାଳିଙ୍କ ସହ ଭାରତୀୟ କ୍ରିକେଟ ଦଳର ସଦସ୍ୟମାନେ

## ବ୍ୟାଡ୍ମିଣ୍ଟନରେ ଭାରତକୁ ଐତିହାସିକ କାଂସ୍ୟ

**ଭୁବନେଶ୍ୱର, ୨୦।୭ (ସମିସ):** ଜର୍ମାନୀରେ ଚାଲିଥିବା ବିଶ୍ୱ ବିଶ୍ୱବିଦ୍ୟାଳୟ କ୍ରୀଡ଼ାର ବ୍ୟାଡ୍ମିଣ୍ଟନରେ ଭାରତ ଐତିହାସିକ କାଂସ୍ୟ ପଦକ ବିଜୟୀ ହୋଇଛି । ରବିବାର ଅନୁଷ୍ଠିତ ମିକ୍ସଡ୍ ଟିମ୍ ସେମିଫାଇନାଲରେ ଭାରତ ୨-୩ରେ ଚାଇନିଜ ତାଇପେଇ ନିକଟରୁ ହାରି କାଂସ୍ୟ ପଦକରେ ସନ୍ତୁଷ୍ଟ ରହିଥିଲା । ଏହି ସମ୍ମାନଜନକ କ୍ରୀଡ଼ା ଇତିହାସରରେ ବ୍ୟାଡ୍ମିଣ୍ଟନରୁ ଭାରତ ପ୍ରଥମ ପଦକ ବିଜୟୀ ହୋଇଛି । କାଂସ୍ୟ ବିଜୟୀ ଭାରତୀୟ ଦଳର ଅଧିକାଂଶ ବ୍ୟାଡ୍ମିଣ୍ଟନ ଖେଳାଳି କିଟ୍ ବିଶ୍ୱବିଦ୍ୟାଳୟରେ ଅନୁଷ୍ଠିତ ପ୍ରଶିକ୍ଷଣ ଶିବିରରେ ଅଂଶଗ୍ରହଣ କରିଥିଲେ । ଏହି ସଫଳତା ଲାଗି କିଟ୍ ଓ କିସ୍ର ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତ ସମସ୍ତ ଖେଳାଳିଙ୍କୁ ଅଭିନନ୍ଦନ ଜଣାଇଛନ୍ତି । କିଟ୍ରେ ଅଧ୍ୟୟନ କରୁଥିବା ଅନିମେଶ କୁଜୁରଙ୍କ ଉପରେ ଏବେ ସମସ୍ତଙ୍କ ନଜର ରହିଛି । ଅନିମେଶ ୧୦୦, ୨୦୦ ଓ ୪ଗୁଣା ୧୦୦ ମିଟର ରିଲେ ରେସରେ ଭାଗନେବେ ।

ବିଶ୍ୱ ବିଶ୍ୱବିଦ୍ୟାଳୟ କ୍ରୀଡ଼ା

## ଆନ୍ଧ୍ରପ୍ରଦେଶରେ ଓଡ଼ିଶା ଦଳର ଫିଟ୍ନେସ୍ ଶିବିର

**କଟକ,୨୦।୭ (ସମିସ):** ଆନ୍ଧ୍ରପ୍ରଦେଶର ଅନନ୍ତପୁରରେ ଓଡ଼ିଶା କ୍ରିକେଟ ଦଳର ୨୦ ଦିନିଆ ଫିଟ୍ନେସ୍ ଓ କୌଶଳ ବିକାଶ ଶିବିର ଅନୁଷ୍ଠିତ ହେବ । ଏଥି ନିମନ୍ତେ ୨୭ଜଣିଆ ଦଳ ଆନ୍ଧ୍ରପ୍ରଦେଶ ଯାତ୍ରା କରିଛି । ବିସିସିଆଇର ଆଗାମୀ ଘରୋଇ ସିଜନକୁ ଦୃଷ୍ଟିରେ ରଖି ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ଏଭଳି ପଦକ୍ଷେପ ନେଇଛି । ୨୭ଜଣିଆ ଦଳରେ ବରିଷ୍ଠ ବର୍ଗର ଖେଳାଳିଙ୍କ ସମେତ ୨୩ବର୍ଷରୁ କମ୍ ଏବଂ ୧୯ ବର୍ଷରୁ କମ୍ ବୟସ ବର୍ଗର ଖେଳାଳି ମଧ୍ୟ ରହିଛନ୍ତି । ରାଜ୍ୟ ବରିଷ୍ଠ ଦଳର ମୁଖ୍ୟ କୋଚ୍ ସୁରେନ୍ଦ୍ର ଭାବେ, ସହକାରୀ କୋଚ୍ ସୌରଭ ସେହଗଲ୍, ଫିଜିଓଥେରାପିଷ୍ଟ ରୋନି ଚାଟାର୍ଜୀ, ଗୌରବ କୌଶିକସହ ରତ୍ନାକର ବେହେରା ଦଳ ସହ ଯାତ୍ରା କରିଛନ୍ତି ।

## ଏସ୍ଆର୍ ରାଜ୍ୟସ୍ତରୀୟ ସ୍କୁଲ ଚେସ୍ ଉଦ୍ଯାପିତ

# ଟାଇଟଲ ଜିତିଲେ ଶ୍ରଦ୍ଧାସ୍ମରଣିକା

ଭୁବନେଶ୍ୱର,୨୦।୭ (ସମିସ)]

କଟକର ଶ୍ରଦ୍ଧା ସ୍ମରଣିକା ନନ୍ଦ ଏସ୍ଆର୍ ରାଜ୍ୟସ୍ତରୀୟ ସ୍କୁଲ ଓପନ ଚେସ୍ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି । ପ୍ରତିଯୋଗିତା ଶେଷରେ ଶ୍ରଦ୍ଧା ଓ ଚନ୍ଦ୍ରଶେଖରପୁର ଡିଏଭି ସ୍କୁଲ୍ର ଓମ୍ ସ୍ୱରୂପ ପାଢ଼ୀ ସମାନ ୬.୫ ପଏଣ୍ଟ ଲେଖାଏଁ ସଂଗ୍ରହ କରିଥିଲେ । କିନ୍ତୁ ବୁକୋଲ୍ଜ୍ରେ ଶ୍ରଦ୍ଧା ପ୍ରଥମ ଓ ଓମ୍ ରନର୍ସ ଅପ୍ ହୋଇଥିଲେ । ଓଡିଏମ୍ ପବ୍ଲିକ୍ ସ୍କୁଲ୍ର ସାୟାଂଶ ଦାସ ତୃତୀୟ, ଆୟେଷା ମହାନ୍ତି ଚତୁର୍ଥ, ଡିପିଏସ୍ କଳିଙ୍ଗାର ଆଦଭିକ୍ ଅଦ୍ୱୈତ ସ୍ୱାଇଁ ୫ମ, ମଦର୍ସର ସତ୍ୟମ ସ୍ୱରୂପ ସାହୁ ୬ଷ୍ଠ, ଲଳିତ ରଞ୍ଜନ ସାହୁ ୭ମ, ରୋହିତ ମଲ୍ଲିକ ୮ମ, ସନ୍ ପବ୍ଲିକ୍ର ଶିବାଦିତ୍ୟ ଦାସ ୯ମ ଓ ବଲାଙ୍ଗୀର ଓଏଭିର ଦେବାଂଶ ନାଏକ ୧୦ମ ସ୍ଥାନ ଅଧିକାର କରିଛନ୍ତି ।

ଓଡ଼ିଶାର ପ୍ରମୁଖ ଚେସ୍ ପ୍ରଶିକ୍ଷଣ କେନ୍ଦ୍ର ଏସ୍ଆର୍ ଚେସ ସେଣ୍ଟର ଓ ଡି ୱେଟରବିୱେର୍ବର ମିଳିତ ସହଯୋଗରେ ଏହି ପ୍ରତିଯୋଗିତା ଅନ୍ତର୍ଜାତୀୟ ଚେସ୍ ଦିବସ ପାଳନ ଅବସରରେ ଆଜି କଟକ ତ୍ରିଶୁଳିଆସ୍ଥିତ ସେରେମୋନିୟମ ମଣ୍ଡପ ପରିସରରେ ଆୟୋଜିତ ହୋଇଥିଲା । ଏଥିରେ ସମଗ୍ର ରାଜ୍ୟରୁ ୧୭୦ ଜଣ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲେ । ଚାମ୍ପିଅନ୍ ଶ୍ରଦ୍ଧାଙ୍କୁ ଟ୍ରଫି ସହ ୫,୦୦୦ ଟଙ୍କା ପ୍ରଦାନ କରାଯାଇଥିଲା । ମୋଟରେ ୨୦,୦୦୦ ଟଙ୍କାର ପୁରସ୍କାର ଦିଆଯାଇଥିଲା ବୋଲି ଆୟୋଜକ ଏସ୍ଆର ଚେସ ସେଣ୍ଟରର ସମ୍ପାଦକ ସତ୍ୟରଞ୍ଜନ ପଟ୍ଟନାୟକ ଓ ସଭାପତି ଶୁଭାଶିଷ ପଟ୍ଟନାୟକ ଜଣାଇଛନ୍ତି ।



## ଉଦୟକାନ୍ତ ଜିତିଲେ ରାଜ୍ୟ ସ୍କୁଲ ଓପନ ଚେସ୍

**ଭୁବନେଶ୍ୱର,୨୦।୭ (ସମିସ):** ଉଦୟକାନ୍ତ ନାୟକ ଓଡ଼ିଶା ରାଜ୍ୟ ଚେସ ସଂଘ ଆନୁକୂଲ୍ୟରେ ଆୟୋଜିତ ରାଜ୍ୟ ସ୍କୁଲ ଓପନ ଚେସ୍ରେ ଟାଇଟଲ ବିଜୟୀ ହୋଇଛନ୍ତି । ଭୁବନେଶ୍ୱର ଶାନ୍ତନୁ ଇଂଲିଶ ମିଡିୟମ୍ ସ୍କୁଲ୍ର ଛାତ୍ର ଶାନ୍ତନୁ ୫ରାଉଣ୍ଡରୁ ୫ ପଏଣ୍ଟ ପାଇ ପ୍ରଥମ ସ୍ଥାନରେ ରହିଥିଲେ । ଚନ୍ଦ୍ରଶେଖରପୁର ଡିଏଭି ପବ୍ଲିକ୍ ସ୍କୁଲ୍ର ସାତ୍ତ୍ୱିକ ସ୍ୱାଇଁ ରନର୍ସ ଅପ୍, ଲୋୟଲା ସ୍କୁଲ୍ର ମନୀଷ ମିଶ୍ର ତୃତୀୟ ଓ ସୁମନ ପ୍ରତୀକ ମିଶ୍ର ଚତୁର୍ଥ, ସାଇ ଇଣ୍ଟରନ୍ୟାସନାଲ ସ୍କୁଲ୍ର ଏଏ ଦାସ ପଞ୍ଚମ ସ୍ଥାନ ଅଧିକାର କରିଛନ୍ତି । ଖେଳ ଶେଷରେ ଦେବାଶିଷ ପାଣିଗ୍ରାହୀ, ସୁଦେଷ୍ଣା ନନ୍ଦ ଓ ବିରଞ୍ଚି ପାଣିଗ୍ରାହୀ ଅତିଥିଭାବେ ଯୋଗଦେଇ ପୁରସ୍କାର ପ୍ରଦାନ କରିଥିଲେ । ଚାମ୍ପିଅନଙ୍କୁ ଟ୍ରଫି ସହ ୧୦,୦୦୦ ଟଙ୍କା ଓ ରନର୍ସ ଅପ୍ ସାତ୍ତ୍ୱିକଙ୍କ ଟ୍ରଫି ସହ ୭,୦୦୦ ଟଙ୍କା ପୁରସ୍କାର ପ୍ରଦାନ କରାଯାଇଥିଲା ।



## ସୌମ୍ୟଙ୍କୁ ୮୪ତମ ଟାଇଟଲ

**ଭୁବନେଶ୍ୱର,୨୦।୭ (ସମିସ):** ଅନ୍ତର୍ଜାତୀୟ ଚେସ ଦିବସ ଅବସରରେ ନେକ୍ସସ ଏସ୍ପ୍ଲାନେଡ୍ ମଲ ପରିସରରେ ରବିବାର ଆୟୋଜିତ ଟୁର୍ଣ୍ଣାମେଣ୍ଟରେ ଫିଡେ ମାଷ୍ଟର ସୌମ୍ୟରଞ୍ଜନ ମିଶ୍ର ଚାମ୍ପିଅନ ହୋଇଛନ୍ତି । ସୌମ୍ୟଙ୍କର ଏହା ୮୪ତମ ଟାଇଟଲ । ଏହି ଟୁର୍ଣ୍ଣାମେଣ୍ଟରେ ତପନ ବଡମୁଣ୍ଡି, ଫକିର ମାଝୀ, କୌସ୍ତୁଭ ଦାଶ, ମନୀନ୍ଦ୍ର କାର୍ଜୀ ଯଥାକ୍ରମେ ଦ୍ୱିତୀୟରୁ ପଞ୍ଚମ ସ୍ଥାନ ଅଧିକାର କରିଛନ୍ତି ।






ଅନ୍ତର୍ଜାତୀୟ ଚେସ ଦିବସ ଅବସରରରେ ଭୁବନେଶ୍ୱର ପ୍ରୋଚେସ୍ଟା ଆନୁକୂଲ୍ୟରେ ଆୟୋଜିତ ଟୁର୍ଣ୍ଣାମେଣ୍ଟକୁ ଉଦ୍ଘାଟନ କରୁଛନ୍ତି ଅଲିମ୍ପିଆନ ଅନୁରାଧା ବିଶ୍ୱାଳ

### ସାହାଣୀ କପ୍-୨୦୨୫

## ଗଜପତିକୁ ହରାଇଲା ଭୁବନେଶ୍ୱର



**କଟକ,୨୦।୭ (ସମିସ):** ଫୁଟବଲ ଆସୋସିଏସନ ଅଫ୍ ଓଡ଼ିଶା(ଫାଓ) ଏବଂ ରାଜ୍ୟ କ୍ରୀଡ଼ା ବିଭାଗ ମିଳିତ ଆନୁକୂଲ୍ୟରେ ୬୪ତମ ବରିଷ୍ଠ ପୁରୁଷ ଆନ୍ତଃଜିଲ୍ଲା ଫୁଟବଲ ଚାମ୍ପିଅନସିପ୍ ସାହାଣୀ କପ୍ ରାଜ୍ୟର ୪ଟି ଜୋନ୍ରେ ଖେଳାଯାଉଛି । ରବିବାର ବ୍ରହ୍ମପୁର ଜୋନରେ ଅନୁଷ୍ଠିତ ଏକ ମ୍ୟାଚରେ ଭୁବନେଶ୍ୱର ୩-୨ ଗୋଲରେ ଗଜପତିକୁ ପରାସ୍ତ କରିଥିଲା । ଖେଳର ଦ୍ୱିତୀୟ ଏବଂ ୩ୟ ମିନିଟରେ ଲଗାତର ଦୁଇଟି ଗୋଲ ସ୍କୋର କରି ଭୁବନେଶ୍ୱର ଆରମ୍ଭରୁ ପ୍ରାଧାନ୍ୟ ବିସ୍ତାର କରି ରଖିଥିଲା । ଗୁଲସନ ଡିଗଲ ଏବଂ ବିଘ୍ନେଶ ସାମଲ ପ୍ରଥମ ଦୁଇ ଗୋଲ ଦେଇଥିଲେ । ୨୯ତମ ମିନିଟରେ ଅସୀମ ଡୁଙ୍ଗଡୁଙ୍ଗ'ଙ୍କ ଗୋଲ ସହାୟତାରେ ଭୁବନେଶ୍ୱର ମ୍ୟାଚ୍ରେ ସ୍ଥିତିକୁ ସୁଦୃଢ଼ କରିଥିଲା । ତେବେ ଏହାର ଦୁଇ ମିନିଟ ପରେ ଗଜପତି ଗୋଟିଏ ଗୋଲ୍ ସୁଝାଇବାରେ ସକ୍ଷମ ହୋଇଥିଲା । ଖୁଡିଆ ହାଁସଦା ଏହି ଗୋଲ ସ୍କୋର କରିଥିଲେ । ୩-୧ ସ୍ଥିତିରେ ପ୍ରଥମାର୍ଦ୍ଧର ଖେଳ ସମାପ୍ତ ହୋଇଥିଲା । ପଛୁଆ ଥିବା ଗଜପତି ୬୬ତମ ମିନିଟରେ ଦ୍ୱିତୀୟ ଗୋଲ୍ ଦେଇ ମ୍ୟାଚ୍କୁ ପ୍ରତ୍ୟାବର୍ତ୍ତନର ବାଟ ଫିଟାଇଥିଲା । ଖୁଡିଆ ଦଳ ନିମନ୍ତେ ଦ୍ୱିତୀୟ ଗୋଲ୍ ମଧ୍ୟ ଦେଇଥିଲେ । ତେବେ ଅବଶିଷ୍ଟ ସମୟରେ କୌଣସି ଗୋଲ ନହେବା ଯୋଗୁଁ ଭୁବନେଶ୍ୱର ବିଜୟ ପଏଣ୍ଟ ହାତେଇଥିଲା । ଏହି ଜୋନରେ ଅନୁଷ୍ଠିତ ଅନ୍ୟ ଏକ ମ୍ୟାଚ୍ରେ ନବରଙ୍ଗପୁର ୨-୧ ଗୋଲରେ ଗଞ୍ଜାମକୁ ହରାଇଛି । କେନ୍ଦୁଝର ଜୋନରେ ଅନୁଗୋଳ ୪-୩ ଗୋଲରେ ଯାଜପୁରକୁ, ରାଉରକେଲା ଷ୍ଟିଲ ପ୍ଲାଣ୍ଟ ୧-୦ ଗୋଲରେ କେନ୍ଦୁଝରକୁ, କେନ୍ଦ୍ରାପଡ଼ା ଜୋନରେ କେନ୍ଦ୍ରାପଡ଼ା ୧-୦ ଗୋଲରେ ଜଗତସିଂହପୁରକୁ, ଝାରସୁଗୁଡା ୫-୩ ଗୋଲରେ ଭଦ୍ରକକୁ, ବୌଦ୍ଧ ଜୋନରେ ବଲାଙ୍ଗିର ୩-୧ ଗୋଲରେ ନୂଆପଡାକୁ ହରାଇଥିବା ବେଳେ ବୌଦ୍ଧ ଏବଂ କନ୍ଧମାଳ ବିପକ୍ଷ ମ୍ୟାଚ୍ ଗୋଲ୍ଶୂନ୍ୟ ଭାବେ ଶେଷ ହୋଇଥିଲା ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, DENGSARGI, BAREIPALI-768006, DIST: SAMBALPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS